
ତୀରନ୍ଦାଜ ଜ୍ୟୋତିଙ୍କୁ ଡବଲ୍ ସ୍ୱର୍ଣ୍ଣ
▸ପୃଷ୍ଠା ୧୨ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-138 ♦FRIDAY ♦14 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୩୮ ♦ଶୁକ୍ରବାର ♦୧୪ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ଦିଲ୍ଲୀରେ ସିରିଜ୍ ବିସ୍ଫୋରଣ ପାଇଁ ଚାଲିଥିଲା ଷଡ଼ଯନ୍ତ୍ର

# ୪ ସ୍ଥାନ, ୩୨ ଗାଡ଼ି, ୮ ଆତଙ୍କୀ

■ ନୂଆଦିଲ୍ଲୀ, ୧୩।୧୧ (ଏଜେନ୍ସି): ଗତ ୧୦ ତାରିଖରେ ଦିଲ୍ଲୀ ଲାଲ୍‌କିଲ୍ଲା ହୋଇଥିବା କାର ବିସ୍ଫୋରଣର ତନାଘନା ଚଳାଇଛନ୍ତି ତଦନ୍ତକାରୀ ସଂସ୍ଥା। ଦିଲ୍ଲୀ, ହରିଆଣା ସମେତ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଉଛି। ଦିଲ୍ଲୀ ବିସ୍ଫୋରଣ ସହ ସଂପର୍କ ସନ୍ଦେହରେ ଗିରଫ ଓ ଅଟକ ଲୋକଙ୍କୁ ପଚରାଉଚରା କରାଯାଉଛି। ଜେରା ଓ ଯାଞ୍ଚ ବେଳେ ତଦନ୍ତକାରୀ ସଂସ୍ଥା ହାତରେ ଲାଗି ଭୟଙ୍କର ତଥ୍ୟ। ଡିସେମ୍ବର ୬ରେ ବାବରୀ ମସ୍‌ଜିଦ୍ ଭଙ୍ଗାଯିବା ଘଟଣାର ବାର୍ଷିକୀରେ ସେମାନେ ଦିଲ୍ଲୀ ଓ ଆଖାପାଖ ଅଞ୍ଚଳରେ ବଡ଼ ଧରଣର ବିସ୍ଫୋରଣ ଘଟାଇବାକୁ ଯୋଜନା କରିଥିଲେ। ତୁର୍କୀରେ ଥିବା ପାକିସ୍ତାନୀ ଆତଙ୍କବାଦୀ ସଂଗଠନ କର୍ମକର୍ତ୍ତାର ନିର୍ଦ୍ଦେଶ ଅନୁସାରେ ସେମାନେ କାମ କରୁଥିଲେ। ଏହି ଆତଙ୍କବାଦୀ ଆକ୍ରମଣ ଯୋଜନାରେ ସାମିଲ ଥିବା ୨୨ ଜଣଙ୍କୁ ଚିହ୍ନଟ କରାଯାଇଛି। ସେମାନଙ୍କ ବିରୋଧରେ ଲୁକ୍ ଆଉଟ୍ ନୋଟିସ ଜାରି କରାଯାଇଛି। ସୀମା ଏବଂ ବିମାନବନ୍ଦରଗୁଡ଼ିକୁ ସତର୍କ କରାଯାଇଛି।




### ୨୨ ସନ୍ଦିଗ୍ଧ ଚିହ୍ନଟ, ଲୁକ୍ ଆଉଟ୍ ନୋଟିସ ଜାରି
### ବାବରୀ ମସ୍‌ଜିଦର ପ୍ରତିଶୋଧ ନେବାକୁ ଚାହୁଁଥିଲେ
### ତୁର୍କୀରୁ ପାକିସ୍ତାନୀ ଆତଙ୍କୀ ଦେଉଥିଲା ନିର୍ଦ୍ଦେଶ

ପୁଲିସ ସୂତ୍ରରୁ ପ୍ରକାଶ, ଡିସେମ୍ବର ୬ରେ ବାବରୀ ମସ୍‌ଜିଦ୍ ଭଙ୍ଗାଯିବା ଘଟଣାର ବାର୍ଷିକୀରେ ଆତଙ୍କବାଦୀମାନେ ପ୍ରତିଶୋଧ ନେବାକୁ ଯୋଜନା ରଖିଥିଲେ। ଏହି ଅବସରରେ ଦିଲ୍ଲୀର ବିଭିନ୍ନ ସ୍ଥାନରେ ବଡ଼ ଧରଣର ବିସ୍ଫୋରଣ ଘଟାଇବାକୁ ଯୋଜନା ହୋଇଥିଲା। ଏଥିପାଇଁ ୪ଟି ସ୍ଥାନ ଚୟନ କରାଯାଇଥିଲା। ଏହି ୪ଟି ସ୍ଥାନରେ ୩୨ଟି କାର ବିସ୍ଫୋରଣ ହୋଇଥାଆନ୍ତା। ଏହିସବୁ ସ୍ଥାନର ଦାୟିତ୍ୱ ଆଠ ଜଣଙ୍କୁ ଦିଆଯାଇଥିଲା। ଷଡ଼ଯନ୍ତ୍ର କାର୍ଯ୍ୟକାରୀ କରିବା ଲାଗି ସେମାନେ ଜୋରସୋରରେ ପ୍ରସ୍ତୁତ ଚଳାଇଥିଲେ। ସେମାନେ ୩୨ଟି ଗାଡ଼ି ପ୍ରସ୍ତୁତ କରିଥିଲେ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି। ଏହି କାର୍‌ଗୁଡ଼ିକ ମଧ୍ୟରେ ବ୍ରେଜା, ସ୍ୱିଫ୍ଟ ଡିଜାୟାର, ଇକୋସ୍ପୋର୍ଟ୍ସ ଓ ଆଇ-୨୦ ଭଳି କାର ସାମିଲ ଥିଲା। ସେଥିମଧ୍ୟରୁ ଗୋଟିଏ ଆଇ୨୦ କାର ଲାଲକିଲ୍ଲାରେ ବିସ୍ଫୋରଣ ହୋଇଥିବା ବେଳେ ଆଉ ୪ଟି କାର୍‌କୁ ତଦନ୍ତକାରୀ ସଂସ୍ଥା ଜବତ କରିଛି। ତେବେ ଆଉ ୨୭ଟି କାର କେଉଁଠି ରହିଛି, ତାହାର ଖୋଜା ଚାଲିଛି।

ପୁଲିସ ସୂତ୍ରରୁ ପ୍ରକାଶ ଯେ ଏହି ଗାଡ଼ିଗୁଡ଼ିକରେ ବିସ୍ଫୋରକ ଲଗାଇ ବଡ଼ ଧରଣର ବିପର୍ଯ୍ୟୟ ଘଟାଇବାକୁ ଯୋଜନା କରାଯାଉଥିଲା। ଏଥିପାଇଁ ସେମାନେ ୩୨ଟି ପୁରୁଣା ଗାଡ଼ି ବ୍ୟବହାର କରିବାକୁ ଯୋଜନା କରୁଥିଲେ। ପୁରୁଣା ଗାଡ଼ିଗୁଡ଼ିକ ଏକାଧିକ ବାର ବିକ୍ରି ହୋଇଥିବାରୁ ପ୍ରକୃତ ମାଲିକଙ୍କୁ ଧରିବା ତଦନ୍ତକାରୀ ସଂସ୍ଥା ପାଇଁ ସହଜ ହେବନାହିଁ ବୋଲି ସେମାନେ ଭାବିଥିଲେ। ପୁଣି ଏହି ପୁରୁଣା ଗାଡ଼ିର ରଙ୍ଗ ଓ ଚେହେରା ବଦଳାଇବାକୁ ମଧ୍ୟ ଉଦ୍ୟମ ଚାଲିଥିଲା। ଗୋଟିଏ ସମୟରେ ବିସ୍ଫୋରଣ ଘଟାଇବା ପାଇଁ ଅଭିଯୁକ୍ତମାନେ ବିସ୍ଫାରକ ନେଇ ଯିବାକୁ ଯୋଜନା କରିଥିଲେ । ଏହି ୮ ସନ୍ଦିଗ୍ଧଙ୍କ ମଧ୍ୟରେ ଅଛନ୍ତି ଡା. ମୁଜାମ୍ମିଲ, ଡା. ଆଦିଲ, ଡା. ଉମର ଓ ଡା. ଶାହିନ।

ଦିଲ୍ଲୀ ବିସ୍ଫୋରଣର ଯୋଜନା ଗତ ଜାନୁଆରୀରୁ ହୋଇଥିଲା। ଗିରଫ ହୋଇଥିବା ଅଭିଯୁକ୍ତଙ୍କ ମୋବାଇଲ ଫୋନ୍‌ରୁ ମିଳିଥିବା ବିଭିନ୍ନ ତଥ୍ୟ ଜଣାପଡ଼ିଛି। ଗତ ଜାନୁଆରୀରେ ଏମାନେ ଲାଲ୍‌କିଲ୍ଲାର ରେକି କରିଥିଲେ। ଡା. ମୁଜାମ୍ମିଲ ଗନି ▸ପୃଷ୍ଠା-୭

## ପୁଣେରେ ଭୟଙ୍କର ଦୁର୍ଘଟଣା

# ଜିଅନ୍ତା ଜଳିଗଲେ ୯



■ ପୁଣେ, ୧୩।୧୧ (ଏଜେନ୍ସି): ମହାରାଷ୍ଟ୍ରର ପୁଣେ ସହରର ଉପକଣ୍ଠରେ ଥିବା ନାଭେଲ ବ୍ରିଜ୍ ନିକଟରେ ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଗୁରୁବାର ସନ୍ଧ୍ୟାରେ ଏକ ଟ୍ରକ୍‌ର ବ୍ରେକ୍ ଫେଲ୍ ହେବା କାରଣରୁ ୨୦ରୁ ୨୫ଟି ଗାଡ଼ି ପରସ୍ପରକୁ ଧକ୍କା ଦେଇଥିଲେ। ଏହି ଟ୍ରକ୍ ଓ ଏକ କଣ୍ଟେନର ମଧ୍ୟରେ ଫସିଯାଇଥିବା ଏକ କାର୍‌ରେ ନିଆଁ ଲାଗି ଯାଇଥିଲା। ଫଳରେ ୯ ଜଣ ଲୋକ ଜିଅନ୍ତା ଜଳିଯାଇଥିଲେ। କାର୍‌ରେ ବସିଥିବା ୫ ଜଣ ଲୋକ ଜଳିଯାଇଥିଲେ। ସେହିପରି ଟ୍ରକ୍ ଓ କାର୍‌ର ଡ୍ରାଇଭର ମଧ୍ୟ ମୃତ୍ୟୁବରଣ କରିଥିଲେ। ମୃତକଙ୍କ ସଂଖ୍ୟା ବୃଦ୍ଧିପାଇବ ବୋଲି ଆଶଙ୍କା କରାଯାଉଛି। ପୁଣେ ଓ ନାସିକ ହାଇୱେ ଉପରେ ଭୋରଗାଁଓ ନିକଟରେ ଏହି ଦୁର୍ଘଟଣା ଘଟିଥିଲା ବୋଲି ପୁଲିସ କହିଛି। ଟ୍ରକ୍ ଏତେ ଜୋରରେ ଧକ୍କା ଦେଇଥିଲା ଯେ, କାର କଣ୍ଟେନର ତଳେ ପଶିଯାଇଥିଲା ଓ ସଙ୍ଗେ ସଙ୍ଗେ ନିଆଁ ଲାଗିଥିଲା। କାର୍‌ରେ ଥିବା ଲୋକେ ବାହାରକୁ ବାହରିବା ପାଇଁ ସୁଯୋଗ ପାଇ ନଥିଲେ। ଏଥିପାଇଁ ହାଇୱେ ଉପରେ ପାଖାପାଖି ଏକ ଘଣ୍ଟା ଟ୍ରାଫିକ ଜାମ୍ ହୋଇଥିଲା। ମୃତକଙ୍କୁ ଚିହ୍ନଟ କରାଯାଉଛି। ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭିସ୍ ମୃତକଙ୍କ ପରିବାରକୁ ସମବେଦନା ଜଣାଇବା ସହ ୫ ଲକ୍ଷ ଟଙ୍କା ଲେଖାଏ ଅନୁକମ୍ପାମୂଳକ ରାଶି ଦେବାକୁ ଘୋଷଣା କରିଛନ୍ତି। ସୂଚନା ମିଳିବା ମାତ୍ରେ ହିଁ ପୁଲିସ ଓ ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚିଥିଲେ ଓ ନିଆଁ ଲିଭାଇଥିଲେ। ଆହତଙ୍କୁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଛି।

## ଶ୍ରେୟା ଘୋଷାଲ୍‌ଙ୍କ କାର୍ଯ୍ୟକ୍ରମରେ ଅବ୍ୟବସ୍ଥା

# ବାଲିଯାତ୍ରାରେ ଭିଡ଼ ଅଣାୟତ୍ତ

## ବ୍ୟାରିକେଡ୍‌ରେ ଚାପି ହୋଇ ୨ ଦର୍ଶକ ଅଚେତ




■ କଟକ, ୧୩।୧୧ (ସମିସ): ଐତିହାସିକ ବାଲିଯାତ୍ରାର ଉଦ୍‌ଯାପନୀ ତଥା ଶେଷ ସନ୍ଧ୍ୟାରେ ବୈଷ୍ଣବ ପାଣି ମଞ୍ଚ ସମ୍ମୁଖରେ ଅଘଟଣ ଘଟିଛି। ବଲିଉଡର ଲୋକପ୍ରିୟ କଣ୍ଠଶିଳ୍ପୀ ଶ୍ରେୟା ଘୋଷାଲଙ୍କ ସାଂସ୍କୃତିକ କାର୍ଯ୍ୟକ୍ରମ ଚାଲିଥିବା ବେଳେ ବ୍ୟାପକ ଭିଡ଼ ଯୋଗୁଁ ସ୍ଥିତି ନିୟନ୍ତ୍ରଣ ବାହାରକୁ ଚାଲିଯାଇଥିଲା। ଅସମ୍ଭାଳ ଭିଡ଼ ଯୋଗୁଁ ଦର୍ଶକଙ୍କ ମଧ୍ୟରେ ଠେଲାପେଲା ହେବା ଫଳରେ ୨ ଜଣ ବ୍ୟକ୍ତି ବ୍ୟାରିକେଡ୍ ଭିତରେ ଚାପି ହୋଇ ଅଚେତ ହୋଇପଡ଼ିଥିଲେ। ଖବର ପାଇ ପୁଲିସ ଫୋର୍ସ ତୁରନ୍ତ ଅଚେତ ହୋଇପଡ଼ିଥିବା ବ୍ୟକ୍ତଦ୍ୱୟଙ୍କୁ ଉଦ୍ଧାର କରିଥିଲେ। ସେମାନଙ୍କୁ ଆମ୍ବୁଲାନ୍ସ ସହାୟତାରେ ନିଆଯାଇ ଏସ୍‌ସିବିରେ ଭର୍ତ୍ତି କରାଯାଇଛି। ସେମାନଙ୍କର ସ୍ୱାସ୍ଥ୍ୟାବସ୍ଥା ସ୍ଥିର ଥିବା ଜଣାପଡ଼ିଛି।

### ପୁଲିସର ଲାଠିଚାର୍ଜ

ସୂଚନା ପାଇ ତୁରନ୍ତ କମିଶନରେଟ୍ ପୁଲିସର ଅତିରିକ୍ତ ସିପି ଘଟଣାସ୍ଥଳରେ ପହଞ୍ଚିଥିଲେ। ଭିଡ଼କୁ ନିୟନ୍ତ୍ରଣକୁ ଆଣିବା ପାଇଁ ପୁଲିସ ଲାଠିଚାର୍ଜ କରିଥିଲା। ଲାଠିଚାର୍ଜ ପରେ ଦର୍ଶକମାନେ ଏଣେତେଣେ ଦୌଡ଼ିବାକୁ ଲାଗିଥିଲେ। ହଜାର ହଜାର ଦର୍ଶକଙ୍କ ସମାଗମକୁ ଦୃଷ୍ଟିରେ ରଖି ପ୍ରଶାସନ ତରଫରୁ ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଥିଲା। ତଥାପି ଶେଷ ଦିନରେ ଲୋକପ୍ରିୟ ▸ପୃଷ୍ଠା-୭

## ଓଡ଼ିଶାରେ ପୁଲିସ ଚାକିରି ବେପାର

# ମାମଲା ରୁଜୁ କଲା ସିବିଆଇ

### ତଦନ୍ତ ଭାର ସମ୍ଭାଳିଲେ ଅତିରିକ୍ତ ଏସ୍‌ପି ବି.ସାମଲ
### ମାନବ ସମ୍ବଳ ଯୋଗାଇ ଦେବାକୁ ମୁଖ୍ୟାଳୟକୁ ଚିଠି
### ବିଶ୍ୱରଞ୍ଜନ ଓ ତଫିମଙ୍କ ଜାମିନ ଖାରଜ, ୨ଜଣଙ୍କୁ ମିଳିଲା ଜାମିନ
### ୨୦ରେ ଶଙ୍କର, ଅରବିନ୍ଦ ଓ ସୁରେଶଙ୍କ ଜାମିନ ଆବେଦନର ଶୁଣାଣି

■ ଭୁବନେଶ୍ୱର/ବ୍ରହ୍ମପୁର, ୧୩।୧୧ (ସମିସ): ରାଜ୍ୟରେ ଏସ୍‌ଆଇ ଚାକିରି ବିକ୍ରି ଘଟଣାରେ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଗୁରୁବାର ମାମଲା ରୁଜୁ କରିଛି। ଅଭିଯୁକ୍ତଙ୍କ ବିରୋଧରେ ଭାରତୀୟ ନ୍ୟାୟ ସଂହିତାର ଧାରା ୩୧୮(୪), ୩୧୯(୨), ୩୩୮, ୩୩୬(୩), ୩୪୦(୨), ୧୧୧, ୬୧(୨) ଏବଂ ୩(୫) ଲଗାଯାଇଛି। ସିବିଆଇ ଅତିରିକ୍ତ ଏସ୍‌ପି ବି. ସାମଲଙ୍କୁ ଏହାର ତଦନ୍ତ ଭାର ଦିଆଯାଇଛି। ତଦନ୍ତ ପାଇଁ ସିବିଆଇ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରିଛି। ଏହି ଟିମ୍‌ରେ ଅତିରିକ୍ତ ଏସ୍‌ପିଙ୍କ ସମେତ ଏକାଧିକ ଇନ୍‌ସ୍ପେକ୍ଟର ରହିଛନ୍ତି। ଏସ୍‌ଆଇ ସ୍କାମ୍‌ର ଚେର ବିହାର, ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ, ଛତିଶିଗଡ଼ ଏବଂ ଆନ୍ଧ୍ର ପ୍ରଦେଶ ପର୍ଯ୍ୟନ୍ତ ଲମ୍ବିଛି। ଏଣୁ ଏହି ରାଜ୍ୟ ଗୁଡ଼ିକରେ ମାମଲାର ଯାଞ୍ଚ ଏବଂ ଅଭିଯୁକ୍ତଙ୍କୁ ▸ପୃଷ୍ଠା-୭

# ଆଜି ବିହାର, ନୂଆପଡ଼ା ଫଳ

## ଶେଷ ପର୍ଯ୍ୟାୟରେ ଭୋଟ୍ ହାର ବୃଦ୍ଧିକୁ ନେଇ ପ୍ରଶ୍ନ ଉଠାଇଲେ ବିରୋଧୀ

■ ପାଟନା, ୧୩।୧୧ (ଏଜେନ୍ସି): ବିହାରରେ ସର୍ବାଧିକ ଦିନ ଧରି ମୁଖ୍ୟମନ୍ତ୍ରୀ ପଦରେ ରହିଥିବା ନୀତୀଶ କୁମାରଙ୍କୁ ପୁଣି ସୁଯୋଗ ମିଳିବ କି? ତାଙ୍କୁ ରାଜ୍ୟର ଭୋଟରମାନେ ଏହି ସୁଯୋଗ ଦେଇଛନ୍ତି କି ନାହିଁ? ଏହି ପ୍ରଶ୍ନର ଉତ୍ତର ଆସନ୍ତାକାଲି ମିଳିବାକୁ ଯାଉଛି। ରାଜ୍ୟ ବିଧାନସଭାର ୨୪୩ଟି ଆସନରେ ଆସନ୍ତାକାଲି ମତଗଣନା ହେବା ପରେ ସବୁକିଛି ସ୍ପଷ୍ଟ ହୋଇଯିବ। ମତଦାନ ପରେ ବୁଥବାହୁଡା ମତ କରାଇଥିବା ପ୍ରାୟ ସମସ୍ତ ସଂସ୍ଥା ନୀତୀଶଙ୍କ ଏନ୍‌ଡିଏ ଜିତିବ ବୋଲି ଆକଳନ କରିଛନ୍ତି। ଅଧିକାଂଶ ସଂସ୍ଥାଙ୍କ ଆକଳନ ଅନୁଯାୟୀ ୨୪୩ ଆସନ ମଧ୍ୟରୁ ନୀତୀଶଙ୍କ ନେତୃତ୍ୱାଧୀନ ଏନ୍‌ଡିଏକୁ ୧୫୦ରୁ ୧୭୦ ପର୍ଯ୍ୟନ୍ତ ଆସନ ମିଳିପାରେ। ଏହାକୁ ନେଇ ଶାସକ ଦଳ ମଧ୍ୟରେ ଉତ୍ସାହ ରହିଛି। ତଥାପି ନେତାମାନେ ଆତଙ୍କିତ ଅବସ୍ଥାରେ ରହିଛନ୍ତି। ଏହାର ମୁଖ୍ୟ କାରଣ ▸ପୃଷ୍ଠା-୭



### ୫ମ ଥର ପାଇଁ ନୀତୀଶଙ୍କୁ ମିଳିବ କି ସୁଯୋଗ?

## ୨୬ ରାଉଣ୍ଡରେ ନୂଆପଡ଼ା ଗଣତି

■ ନୂଆପଡ଼ା, ୧୩।୧୧ (ସମିସ): ନୂଆପଡ଼ା ଉପ ନିର୍ବାଚନରେ ଭୋଟ ଗଣତି ନେଇ ଗୁରବାର ଗଣମାଧ୍ୟମକୁ ଜିଲ୍ଲାପାଳ ମଧୁସୂଦନ ଦାଶ ବିସ୍ତୃତ ସୂଚନା ଦେଇଛନ୍ତି। ମୋଟ ୧୪ଟି ଟେବୁଲରେ ୨୬ ରାଉଣ୍ଡରେ ଭୋଟ ଗଣତି ହେବ। ପ୍ରତି ଟେବୁଲରେ ୩ ଜଣ କର୍ମଚାରୀ ରହିବେ। ପ୍ରଥମେ ପୋଷ୍ଟାଲ ବାଲାଟ ଗଣତି ହେବାକୁ ଥିବାବେଳେ ସକାଳ ୮ ସମୟରେ ଇଭିଏମ ଭୋଟ ଗଣତି ଆରମ୍ଭ ହେବ। ଗଣତି କେନ୍ଦ୍ରରେ କେବଳ ଅଧିକୃତ ଲୋକମାନଙ୍କୁ ପ୍ରବେଶ ଅନୁମତି ଦିଆଯିବ ବୋଲି ଶ୍ରୀ ଦାଶ କହିଛନ୍ତି।

# ୨୦ରୁ ଖରିଫ ଧାନକିଣା ଆରମ୍ଭ

### କଟ୍‌ନୀଛଟ୍‌ନୀକୁ ନେଇ ପୁଣି ଆଶଙ୍କାରେ ଚାଷୀ
### ଗତବର୍ଷ ପୂରଣ ହୋଇ ନ ଥିଲା ଧାନ କ୍ରୟ ଲକ୍ଷ୍ୟ

■ ଭୁବନେଶ୍ୱର, ୧୩।୧୧ (ସମିସ): ଆସନ୍ତା ୨୦ ତାରିଖରୁ ରାଜ୍ୟରେ ଆରମ୍ଭ ହେବ ଖରିଫ ଧାନ କିଣା। ବରଗଡ଼ ଜିଲ୍ଲାରେ ପ୍ରଥମେ ଧାନମଣ୍ଡି ଖୋଲିବ। ସମବାୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତଙ୍କ ଏହି ସୂଚନା ଚାଷୀଙ୍କ ମଧ୍ୟରେ ଉତ୍ସାହ ଅପେକ୍ଷା ଅଧିକ ଆଶଙ୍କା ସୃଷ୍ଟି କରିଛି। ଗତବର୍ଷ ଖରିଫ ଧାନ କିଣା ବେଳେ ମିଲରଙ୍କ ମନମାନି, କଟନୀଛଟନୀ, ଧାନର ଏଫଏକ୍ୟୁ ମାନକୁ ନେଇ ଚାଷୀ ବେଶ ହନ୍ତସନ୍ତ ହୋଇଥିଲେ। ଅତ୍ୟଧିକ କଟନୀଛଟନୀ ସହ ଟୋକନ୍ ଅବ୍ୟବସ୍ଥା ଓ ମଣ୍ଡିରେ ଧାନ ନଉଠିବା କାରଣରୁ ଚାଷୀ ବାଧ ହୋଇ କମ୍ ଦରରେ ଧାନ ବିକ୍ରି କରିଥିଲେ। ଯାହାକୁ ନେଇ ରାଜ୍ୟବ୍ୟାପୀ ଚାଷୀ ଆନ୍ଦୋଳନ ମୁଣ୍ଡ ଟେକିଥିଲା। ▸ପୃଷ୍ଠା-୭

# ୭ ଡିଗ୍ରୀକୁ ଖସିଲା ପାରଦ

## ରାଜଧାନୀରେ ୧୪ଡିଗ୍ରୀ ପାରଦ

### ୧୦ ଡିଗ୍ରୀ ତଳେ ରାଜ୍ୟର ୪ ସହର
### ସପ୍ତାହେ ପର୍ଯ୍ୟନ୍ତ ଜାରି ରହିବ ଶୀତ

■ ଭୁବନେଶ୍ୱର, ୧୩।୧୧ (ସମିସ): ସଞ୍ଜ ନଇଁଲେ ମାଡ଼ି ଆସୁଛି ଥଣ୍ଡା। ଦୁଇ ଦିନ ହେବ ରାତି ଭଳି ଦିନରେ ମଧ୍ୟ ଥଣ୍ଡା ଅନୁଭୂତ ହେଉଛି। ରାଜ୍ୟର ପୂର୍ବରୁ ପଶ୍ଚିମ-ଉତ୍ତରରୁ ଦକ୍ଷିଣ ସବୁଠି ଶୀତର ପ୍ରଭାବ ଅନୁଭୂତ ହେଉଛି। ଉତ୍ତର-ପଶ୍ଚିମ ଦିଗରୁ ଓଡ଼ିଶା ମଧ୍ୟକୁ କ୍ରମାଗତ ଭାବେ ଶୁଷ୍କ ଥଣ୍ଡା ବାୟୁ ପ୍ରବାହ ହେଉଥିବାରୁ ଶୀତ ବଢ଼ି ଚାଲିଛି। ଏଭଳି ସ୍ଥିତିରେ ଆସନ୍ତା ସପ୍ତାହେ ମଧ୍ୟରେ ବିଶେଷ ପରିବର୍ତ୍ତନ ନଥିବାରୁ ଶୀତ ପ୍ରାୟ ଜାରି ରହିବାର ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ଏକାଧିକ ସ୍ଥାନରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରହିଥିବା ବେଳେ ବହୁ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ▸ପୃଷ୍ଠା-୭









# ଆତଙ୍କବାଦୀଙ୍କ ଠିକଣା: କୋଠା ନଂ-୧୭, ରୁମ୍ ନଂ-୧୩

## ଅଲ୍ ଫଲାହ ବିଶ୍ୱବିଦ୍ୟାଳୟକୁ କାରଣ ଦର୍ଶାଅ ନୋଟିସ; ପଶିଲା ଇଡି




ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବିସ୍ଫୋରଣ ପରେ ହରିୟାଣାର ଫରିଦାବାଦସ୍ଥିତ ଅଲ ଫଲାହ ବିଶ୍ୱବିଦ୍ୟାଳୟ ସନ୍ଦେହ ପରିସରକୁ ଆସିଛି । ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି ଯେ ବିଶ୍ୱିବଦ୍ୟାଳୟର କୋଠା ନମ୍ବର ୧୭ ଏବଂ ରୁମ୍ ନମ୍ବର ୩ରେ ଦିଲ୍ଲୀ ବିସ୍ଫୋରଣ ପାଇଁ ଷଡ଼ଯନ୍ତ୍ର ରଚନା କରାଯାଇଥିଲା । ଏହି ବିଲ୍ଡିଂ ଓ ରୁମରେ ଅଭିଯୁକ୍ତ ଡାକ୍ତର ମୁଜାମ୍ମିଲ, ଡ. ଉମର, ଡ. ଆଦିଲ ଓ ଡ. ସୟିଦ ରହୁଥିଲେ । ସେମାନେ ପାକିସ୍ତାନୀ ଆତଙ୍କବାଦୀ ସଂଗଠନ ଜୈସ-ଇ- ମହମ୍ମଦ ସହିତ ଯୋଗାଯୋଗ କରି ବିସ୍ଫୋରଣ ଷଡ଼ଯନ୍ତ୍ର କରିଥିଲେ । ଏହି କାରଣରୁ ବର୍ତ୍ତମାନ ଅଲ ଫଲାହ ବିଶ୍ୱବିଦ୍ୟାଳୟ ଚର୍ଚ୍ଚାରେ ରହିଛି । ତଦନ୍ତକାରୀ ସଂସ୍ଥା ଏବେ ଏହି ୪ ଡାକ୍ତରଙ୍କ ଉପରେ ଫୋକସ କରି ତଦନ୍ତ ଚଳାଇଛନ୍ତି । ବିସ୍ଫୋରଣରେ ଉମରର ମୃତ୍ୟୁ ଘଟିଥିବା ବେଳେ ଅନ୍ୟମାନେ ପୁଲିସ ହାଜତରେ ଅଛନ୍ତି । ଏହି ଘଟଣାରେ ସେମାନଙ୍କ ଠାରୁ ଅନେକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିବ ବୋଲି ଅନୁମାନ କରାଯାଉଛି ।

ଇତିମଧ୍ୟରେ ଏହି ବିଶ୍ୱବିଦ୍ୟାଳୟକୁ କାରଣ ଦର୍ଶାଅ ନୋଟିସ ଜାରି କରାଯାଇଛି । ନ୍ୟାସନାଲ ଆସେସମେଣ୍ଟ ଆଣ୍ଡ ଆକ୍ରିଡେସନ କାଉନସିଲ (ଏନ୍‌ଏସି) ଏହି ପଦକ୍ଷେପ ଗ୍ରହଣ କରିଛି । ଦିଲ୍ଲୀ ବିସ୍ଫୋରଣ ମାମଲାରେ ଫରିଦାବାଦ ଟେରର ମଡ୍ୟୁଲ୍‌ରେ ଗିରଫ ହୋଇଥିବା ଡାକ୍ତରମାନେ ଅଲ ଫଲ୍‌ହା ବିଶ୍ୱବିଦ୍ୟାଳୟ ସହ ଜଡିତ ଥିବାର ପ୍ରମାଣ ମଳିବା ପରେ ଏହି ନୋଟିସ ଜାରି କରାଯାଇଛି । ବିଶ୍ୱବିଦ୍ୟାଳୟର ୱେବ୍‌ସାଇଟ୍‌କୁ ମଧ୍ୟ ବନ୍ଦ କରିଦିଆଯାଇଛି । ଗୋଟିଏ ଦିନ ପୂର୍ବରୁ ଏହି ବିଶ୍ୱବିଦ୍ୟାଳୟର ୱେବ୍‌ସାଇଟ୍ ହ୍ୟାକ୍ ହୋଇଥିଲା । ଜାଲ୍ ସ୍ୱୀକୃତି ପାଇଥିବା ଅଭିଯୋଗରେ ନୋଟିସ ଜାରି କରାଯାଇଛି ବୋଲି କୁହାଯାଇଛି । ଏହି ବିଶ୍ୱବିଦ୍ୟାଳୟ ଏ ଆଣ୍ଡ ଏ ଓ ସାଇକଲ-୧ ପାଇଁ ମାନ୍ୟତା ହାସଲ କରିନାହିଁ । ନିଜ ୱେବସାଇଟ୍‌ରେ ଅଲ ଫଲାହ ବିଶ୍ୱବିଦ୍ୟାଳୟ ଅଲ ଫଲାହ ଚାରିଟେବୁଲ ଟ୍ରଷ୍ଟ ଅଧୀନରେ ଥିବା ବୋଲି ଉଲ୍ଲେଖ କରାଯାଇଛି । ଏହାର ପରିସରରେ ୩ଟି କଲେଜ ରହିଛି । ଏହା ପୂରାପୂରି ଭୁଲ ଓ ଜନତାଙ୍କୁ ଭ୍ରମିତ କରାଯାଇଛି ବୋଲି ଏନ୍‌ଏସି ତରଫରୁ କୁହାଯାଇଛି । ନୋଟିସର ଜବାବ ଦେବାକୁ ୭ ଦିନ ସମୟ ଦିଆଯାଇଛି । ଏହି ଅନୁଷ୍ଠାନ କେଉଁଠୁ ପାଣ୍ଠି ସଂଗ୍ରହ କରୁଥିଲା, ତାହାର ଯାଞ୍ଚ କରାଯିବ । ଏଥିପାଇଁ ଏହି ବିଶ୍ୱବିଦ୍ୟାଳୟରେ ଆଜି ଇଡି ଚଢ଼ାଉ କରିଛି । ଇତିମଧ୍ୟରେ କେନ୍ଦ୍ର ଗୃହମନ୍ତ୍ରଣାଳୟ ବିଶ୍ୱବିଦ୍ୟାଳୟର ସବୁ ରେକର୍ଡର ଫରେନସିକ୍ ଯାଞ୍ଚ୍ ପାଇଁ ଆଦେଶ ଦେଇଛି ।

ଦିଲ୍ଲୀ ଲାଲକିଲ୍ଲା ବିସ୍ଫୋରଣ ଘଟଣାରେ ମୃତ୍ୟୁସଂଖ୍ୟା ୧୩କୁ ବୃଦ୍ଧି ପାଇଛି । ଆଜି ଆଉ ଜଣେ ଆହତ ବ୍ୟକ୍ତିଙ୍କର ମେଡିକାଲରେ ମୃତ୍ୟୁ ଘଟିଛି । ମେଡିକଲରେ ଏବେ ବି ଆଉ ୨୦ ଜଣ ଗୁରୁତର ଅବସ୍ଥାରେ ଚିକିତ୍ସିତ ହେଉଛନ୍ତି ।

## ୨୬ ଲକ୍ଷ ଟଙ୍କା ଯୋଗାଡ଼ କରିଥିଲେ ଅଭିଯୁକ୍ତ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ବିଭିନ୍ନ ସ୍ଥାନରେ ବିସ୍ଫୋରଣ ପାଇଁ ସନ୍ଦିଗ୍ଧ ଡାକ୍ତରମାନେ ବିସ୍ଫୋରକ ଓ ଅନ୍ୟ ଜିନିଷ କିଣିବାକୁ ଟଙ୍କା ଯୋଗାଡ଼ କରୁଥିଲେ । ସେମାନେ ୨୬ ଲକ୍ଷ ଟଙ୍କା ସଂଗ୍ରହ କରିସାରିଥିଲେ । ଏହି ଅର୍ଥକୁ ଡା. ଉମରକୁ ଦିଆଯାଇଥିଲା । ଏହି ଅର୍ଥରେ ଗୁରୁଗ୍ରାମ, ନୁହ ଓ ଆଖପାଖ ଅଞ୍ଚଳରୁ ପାଖାପାଖି ୩ ଲକ୍ଷ ଟଙ୍କାରେ ୨୦ କ୍ୱିଣ୍ଟାଲ ଏନ୍‌ପିକେ ଫର୍ଟିଲାଇଜର କିଣିବା ପାଇଁ ଖର୍ଚ୍ଚ କରାଯାଇଥିଲା । ନାଇଟ୍ରୋଜେନ, ଫସ୍‌ଫରସ ଓ ପଟାସିଅମର ମିଶ୍ରଣ ହେଉଛି ଏନ୍‌ପିକେ ଫର୍ଟିଲାଇଜର । ଏହାକୁ ବ୍ୟବହାର କରି ବିସ୍ଫୋରକ ପ୍ରସ୍ତୁତ କରାଯାଇଥାଏ ।

**ଆଇଏସ୍‌ଆଇଏସ୍ ସହ ସନ୍ଦିଗ୍ଧ ସମ୍ପର୍କ**

**ଲାଲ୍ ଇକୋସ୍ପୋର୍ଟ୍ସ କାର୍ ପାର୍କ କରିଥିବା ସନ୍ଦିଗ୍ଧ ଗିରଫ**



ଯାଞ୍ଚ ଏଜେନ୍ସି ଅନୁସାରେ ଡା ମୁଜାମ୍ମିଲ ୨୦୨୧ ଓ ୨୦୨୨ରେ ନିହତ ହୋଇଥିବା ଆତଙ୍କବାଦୀଙ୍କ ସହଯୋଗୀଙ୍କ ସମ୍ପର୍କ ସ୍ଥାପନ କରିବା ପରେ ଏହି ସଂଗଠନର ଏକ ଶାଖା ଅନସାର ଗଜବତ-ଉଲ-ହିନ୍ଦ୍ ଦ୍ୱାରା ପ୍ରଭାବିତ ହୋଇଥିଲା । ଇର୍ଫାନ ଉରଫ ମୌଲବୀ ନାମକ ଜଣେ ବ୍ୟକ୍ତି ହିଁ ମୁଜାମ୍ମିଲକୁ ଏହି ନେଟ୍‌ୱର୍କ ସହ ପରିଚିତ କରାଇଥିଲା ବୋଲି କୁହାଯାଉଛି । ୨୦୨୩ ଓ ୨୦୨୪ରେ ଜବତ ହୋଇଥିବା ଅସ୍ତ୍ରଶସ୍ତ୍ରକୁ ନେଇ ଏକ ସ୍ୱତନ୍ତ୍ର ଆତଙ୍କବାଦୀ ସଂଗଠନ ସ୍ଥାପନ କରିବାକୁ ଯୋଜନା ଥିଲା । ଏହି ବ୍ୟାପକ ନେଟ୍‌ୱର୍କ ସମ୍ପର୍କରେ ସବିଶେଷ ତଥ୍ୟ ଜାଣିବା ପାଇଁ ଯାଞ୍ଚ ଏଜେନ୍ସିଗୁଡିକ ପ୍ରୟାସ ଜାରି ରଖିଛନ୍ତି । କାରଣ ଅଭିଯୁକ୍ତମାନେ ଭବିଷ୍ୟତରେ ଆହୁରି ବଡ଼ ଆକ୍ରମଣ କରିବାକୁ ଯୋଜନା କରିଥିଲେ ବୋଲି ଯାଞ୍ଚ ଏଜେନ୍ସିଗୁଡିକ ସନ୍ଦେହ କରୁଛନ୍ତି । ଦୁର୍ଦ୍ଦାନ୍ତ ଆତଙ୍କବାଦୀ ସଂଗଠନ ଆଇଏସଆଏସ୍ ସହିତ ସେମାନଙ୍କର ଥିବା ସନ୍ଦେହ କରାଯାଉଛି ।

ଲାଲ୍‌କିଲ୍ଲା ବୋମା ବିସ୍ଫୋରଣ ସହିତ ଜଡିତ ନିଖୋଜ କାର ଓ ଏହାର ଡ୍ରାଇଭରକୁ ଖୋଜା ଚାଲିଛି । ଗତ ସନ୍ଧ୍ୟାରେ ଗୋଟିଏ କାରକୁ ଜବତ କରିଛି ପୁଲିସ । ଏହି ଗାଡ଼ିକୁ ପାର୍କ କରିଥିବା ସନ୍ଦିଗ୍ଧକୁ ମଧ୍ୟ ଗିରଫ କରାଯାଇଛି । ଦିଲ୍ଲୀ ପୁଲିସ ଏ ନେଇ ଆଲର୍ଟ ଜାରି କରିଥିଲା । ଏକ ଲାଲ ରଙ୍ଗର ଫର୍ଡ ଇକୋସ୍ପୋର୍ଟ୍ସ କାର ଫରିଦାବାଦ୍‌ରୁ ଡା ଉମରର କାର ସହିତ ବାହାରିଥିଲା । ମାତ୍ର କିଛି ଘଣ୍ଟା ମଧ୍ୟରେ ଫରିଦାବାଦ୍ ପୁଲିସ ଖଣ୍ଡାବଲି ଗାଁରୁ ଏହି କାର୍‌କୁ ଖୋଜି ପାଇବାରେ ସକ୍ଷମ ହୋଇଛି । ଏହି କାର୍‌କୁ ସେଠାରେ ପାର୍କ କରିଥିବା ବ୍ୟକ୍ତି ଫହିମକୁ ଗିରଫ କରାଯାଇଛି । ଫହିମ ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଉମରର ସମ୍ପର୍କୀୟ ହୋଇପାରେ ବୋଲି ପୁଲିସ ଆଶଙ୍କା କରୁଛି । ଦୁଇଟି କାର ସାଥି ହୋଇ ବାହାରିଥିଲେ । ଉମର କାର୍‌ରେ ବିସ୍ଫୋରଣ ହୋଇଥିଲେ ମଧ୍ୟ ଏହି କାର୍‌ର ଖୋଜ ଖବର ନଥିଲା । ଏହି କାରଣରୁ ଦିଲ୍ଲୀ ପୁଲିସ ଆଲର୍ଟ ଜାରି କରିଥିଲା ।

## ଇଣ୍ଟରପୋଲ୍‌ର ସହାୟତା ଲୋଡ଼ିଲା ପୁଲିସ

ଶ୍ରୀନଗର, ୧୩।୧୧(ଏଜେନ୍ସି): ଲାଲକିଲ୍ଲା ବିସ୍ଫୋରଣର ସଂଦିଗ୍ଧ ଅଭିଯୁକ୍ତ ଜଣେ କାଶ୍ମୀର ଡାକ୍ତର ବିରୋଧରେ ରେଡ କର୍ଣ୍ଣର ନୋଟିସ ଜାରି କରିବାକୁ ଜମ୍ମୁ-କଶ୍ମୀର ପୁଲିସ ଇଣ୍ଟରପୋଲ ସହିତ ଯୋଗାଯୋଗ କରିଛି । ଏହି ଡାକ୍ତର ହେଉଛନ୍ତି ଡା ମୁଜାଫର । ମୁଜାଫର ଜୈଶ-ଇ-ମହମ୍ମଦ ସହିତ ଜଡିତ ଏକ ବଡ଼ ଆତଙ୍କବାଦୀ ନେଟ୍‌ୱର୍କର ଅଂଶ ବୋଲି ଜଣା ପଡ଼ିଛି । ସେ ଦେଶ ବାହାରେ ଥିବାରୁ ରେଡ କର୍ଣ୍ଣର ନୋଟିସ ଦ୍ୱାରା ତାକୁ ଟ୍ରାକ କରାଯିବ । ମୁଜାଫର ହେଉଛି ଡା ଆଦିଲର ଭାଇ । ଆଦିଲ ଅନନ୍ତନାଗ ମେଡିକାଲ କଲେଜରେ କାର୍ଯ୍ୟରତ । ତେବେ ତା'ର ଲକରରୁ ଏକ ଏକେ-୪୭ ରାଇଫଲ ଜବତ ହେବା ପରେ ତାକୁ ଗିରଫ କରାଯାଇଥିଲା । ଗିରଫ୍ ହୋଇଥିବା ଅଭିଯୁକ୍ତଙ୍କୁ ପଚରାଉଚରା କରାଯିବା ପରେ ମୁଜାଫରର ନାମ ସାମ୍ନାକୁ ଆସିଥିଲା । ମୁଜାଫର ୨୦୨୧ରେ ଅଭିଯୁକ୍ତ ମୁଜାମିଲ ଗନାଇ ଓ ଉମର ନବୀ ସହ ତୁର୍କୀ ଯାଇଥିଲା । ଗତ ଅଗଷ୍ଟରେ ସେ ଦୁବାଇରୁ ଭାରତ ଆସିଥିଲା ଓ ଏବେ ସେ ଆଫଗାନିସ୍ତାନରେ ଅଛି ବୋଲି କୁହାଯାଉଛି । ଏହି ୩ ଜଣ ୨୧ ଦିନ ତୁର୍କୀରେ ଥିଲେ ବୋଲି ପୁଲିସ କହିଛି । କିନ୍ତୁ ତୁର୍କୀ କର୍ତ୍ତୁପକ୍ଷ ଏହାକୁ ଖଣ୍ଡନ କରିଛନ୍ତି ।

**କାଶ୍ମୀର ଡାକ୍ତରଙ୍କ ବିରୋଧରେ ଜାରି ହେବ ରେଡ୍ କର୍ଣ୍ଣର ନୋଟିସ୍**

**କାନପୁର ମେଡିକାଲ ଛାତ୍ରଙ୍କୁ ଗିରଫ କଲା ୟୁପି ଏଟିଏସ୍**

ଉତ୍ତର ପ୍ରଦେଶର ଆଣ୍ଟି ଟେରରିଷ୍ଟ ସ୍କାଡ୍ (ଏଟିଏସ୍) ଲାଲ୍‌କିଲ୍ଲା ବିସ୍ଫୋରଣ ମାମାଲାରେ କାନପୁରର ମେଡିକାଲ କଲେଜର କାର୍ଡିଲୋଜିଷ୍ଟ ଇନ୍‌ଷ୍ଟିଟ୍ୟୁଟର ଅଧ୍ୟୟନରତ ଜମ୍ମୁ-କଶ୍ମୀରର ଜଣେ ଛାତ୍ରଙ୍କୁ ଗିରଫ କରିଛି । ଏହି ଛାତ୍ର ହେଉଛନ୍ତି ଡା ମହମ୍ମଦ ଆରିଫ । ଗିରଫ ହୋଇଥିବା ମହିଳା ଡାକ୍ତର ଶାହିନ ସଇଦ୍‌ଙ୍କ ଫୋନ୍ ରେକର୍ଡ ଯାଞ୍ଚ୍ କରାଯିବା ବେଳେ ଆରିଫ୍‌ଙ୍କ ନାମ ସାମ୍ନାକୁ ଆସିଥିଲା । ଦୀର୍ଘଦିନ ଧରି ଦୁଇଜଣଙ୍କ ମଧ୍ୟ ସମ୍ପର୍କ ଥିଲା ବୋଲି ଏଟିଏସ୍ କହିଛି । ଆରିଫ୍ କାଶ୍ମୀରର ବାସିନ୍ଦା ଓ ସେ କାନପୁରର ଆଶୋକ ନଗର ଅଞ୍ଚଳ ଭଡ଼ାରେ ଏକ ଫ୍ଲାଟ୍‌ରେ ରହୁଥିଲା । ବୁଧବାର ରାତିରେ ଏଟିଏସ୍ ତା ଘରେ ଚଢ଼ାଉ କରି ଗିରଫ୍ କରିଥିଲା । ଜଣେ ପ୍ରତିଭାଶାଳୀ ଡାକ୍ତରରୁ ସେ ଏବେ ଆତଙ୍କବାଦୀରେ ପରିଣତ ହୋଇଛି । ପିଲାଟି ବେଳୁ ସେ ଡାକ୍ତର ହେବାକୁ ଚାହୁଁଥିଲା ବୋଲି ତାର ପରିବାର ଲୋକେ କହିଛନ୍ତି । ତେବେ ତାକୁ ପଚରାଉଚରା ପରେ ଏହି ଆତଙ୍କବାଦୀ ନେଟୱର୍କ ସଂପର୍କରେ ଅନେକ ତଥ୍ୟ ମିଳିବ ବୋଲି କୁହାଯାଉଛି ।

## ମେଳ ଖାଇଲା ଡା ଉମର ମା'ଙ୍କ ଡିଏନ୍‌ଏ ରିପୋର୍ଟ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବିସ୍ଫୋରଣରେ ମୁଖ୍ୟ ଅଭିଯୁକ୍ତ ଥିଲା ଡା ମହମ୍ମଦ ଉମର ନବୀ । ବିସ୍ଫୋରଣ ସମୟରେ ସେ କାର୍‌ରେ ଥିଲା । କାର୍‌ରୁ ଉମର ଦାନ୍ତ, ହାଡ଼, ରକ୍ତଲଗା ପୋଷାକ ଓ ପାଦର ଅଂଶ ଷ୍ଟିଅରିଂ ହ୍ୱିଲ୍ ଓ ଆକ୍ସିଲରେଟର ମଧ୍ୟରେ ଫସି ରହିଥିଲା । ଏହାକୁ ନେଇ ଡିଏନ୍‌ଏ ପରୀକ୍ଷା କରାଯାଇଥିଲା । ଉମରର ଡିଏନ୍‌ଏ ତା'ର ମାଙ୍କ ସହ ମେଳ ଖାଇଥିବା ଯାଞ୍ଚ୍‌ରୁ ଜଣାପଡ଼ିଛି । କାର୍‌ରେ ବିସ୍ଫୋରଣ ଘଟାଇବା ପୂର୍ବରୁ ଉମର ୫ଥର କାର୍ ସହିତ ଦେଖାଦେଇଛି । କିନ୍ତୁ ସେତେବେଳେ ତା ଉପରେ କୌଣସି ଯାଞ୍ଚ୍ ଏଜେନ୍ସିର ସନ୍ଦେହ ହୋଇ ନଥିଲା । ସେ ବିନାଭୟରେ ଦିଲ୍ଲୀର ସଡ଼କରେ ବୁଲୁଥିବାର ବିଭିନ୍ନ ସିସିଟିଭି ଫୁଟେଜରୁ ଦେଖିବାକୁ ମିଳିଛି । ସେ କେତେବେଳେ ମସଜିଦ ଯାଉଥିଲା ତ କେତେବେଳେ କନ୍ନଟ ପ୍ଲେସ ବୁଲୁଥିଲା । ବିସ୍ଫୋରଣ ପୂର୍ବରୁ ସେ ଲାଲ୍‌କିଲ୍ଲା ପାଖରେ ୩ ଘଣ୍ଟା ବସିଥିବାର ଦେଖାଯାଇଛି ।

## ପାକ୍ ରାଷ୍ଟ୍ରପତି, ସେନାଧ୍ୟକ୍ଷଙ୍କୁ ମିଳିଲା ଆଜୀବନ ସୁରକ୍ଷା

ଇସ୍‌ଲାବାମାଦ୍, ୧୩।୧୧(ଏଜେନ୍ସି): ପାକିସ୍ତାନ ସଂସଦ ସେନାମୁଖ୍ୟ ଆସିମ ମୁନୀରଙ୍କ ଶକ୍ତି ବୃଦ୍ଧି କରିବାକୁ ଓ ସୁପ୍ରିମକୋର୍ଟଙ୍କ କ୍ଷମତା କମାଇବାକୁ ୨୭ତମ ସମ୍ବିଧାନ ସଂଶୋଧନକୁ ମଞ୍ଜୁରୀ ପ୍ରଦାନ କରିଛି । ଏହି ସଂଶୋଧନ ସହିତ ସମ୍ବିଧାନର ୪୮ଟି ଧାରାରେ ପରିବର୍ତ୍ତନ କରିବାକୁ ପ୍ରସ୍ତାବ ଦିଆଯାଇଛି । ନ୍ୟାସନାଲ ଆସେମ୍ବ୍ଲି ଏହି ବିଲ୍‌କୁ ୨୩୪ ଭୋଟରେ ପାରିତ କରିଛି । ରାଷ୍ଟ୍ରପତି ଆସିଫ ଅଲି ଜର୍ଦ୍ଦାରୀ ସ୍ୱାକ୍ଷର କରିବା ପରେ ଏହା ଆଇନ୍‌ରେ ପରିଣତ ହେବ । ସେନାମୁଖ୍ୟ ମୁନୀର ଏଥିସହ ଜଳ, ସ୍ଥଳ ଓ ବାୟୁ ସେନାର ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ (ସିଡିଏଫ୍) ହେବାର ସୁଯୋଗ ପାଇବେ । ନଭେମ୍ବର ୨୭ରେ ଏହା ଲାଗୁ ହେବ । ପଦ ମିଳିବା ମାତ୍ରେ ହିଁ ମୁନୀରଙ୍କୁ ପରମାଣୁ ଅସ୍ତ୍ରର କମାଣ୍ଡ ମିଳିଯିବ । ନିଜ ପଦର କାର୍ଯ୍ୟକାଳ ଶେଷ ହେବା ପରେ ମଧ୍ୟ ସେ ନିଜ ପଦରେ ରହିବା ଏଥିସହ ସଂଶୋଧନ ଅନୁଯାୟୀ ରାଷ୍ଟ୍ରପତିଙ୍କ ସହ ସେନାଧ୍ୟକ୍ଷଙ୍କୁ ଆଜୀବନ ଆପରାଧୀ ମକଦ୍ଦମାରୁ ସୁରକ୍ଷା ମିଳିବ । ସେମାନେ ବଞ୍ଚିଥିବା ପର୍ଯ୍ୟନ୍ତ ସେମାନଙ୍କ ବିରୋଧରେ କୌଣସି ଫୌଜଦାରୀ ମକଦ୍ଦମା କରାଯାଇପାରିବ ନାହିଁ ।

## ଭାରତ, ଆଫଗାନିସ୍ତାନ ସହ ଯୁଦ୍ଧ ଧମକ

କାବୁଲ୍, ୧୩।୧୧(ଏଜେନ୍ସି): ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ଖ୍ୱାଜା ଆସିଫ ମଧ୍ୟ ପୁଣି ଥରେ ଆଫଗାନିସ୍ତାନ ଉପରେ ଆକ୍ରମଣ କରିବାକୁ ଧମକ ଦେଇଛନ୍ତି । ପାକିସ୍ତାନ ଏକା ସଙ୍ଗେ ଭାରତ ଓ ଆଫଗାନିସ୍ତାନ ସହିତ ଯୁଦ୍ଧ କରିବାକୁ ସମ୍ପୂର୍ଣ୍ଣ ରୂପେ ପ୍ରସ୍ତୁତ ଅଛି ବୋଲି ସେ କହିଛନ୍ତି । କୌଣସି ବିକଳ୍ପ ନଥିଲେ 'ଟୁ ଫ୍ରଣ୍ଟ ୱାର' ଅର୍ଥାତ ଏହି ଦୁଇ ଦେଶ ସହ ଗୋଟଏ ସମୟରେ ଯୁଦ୍ଧ କରିବାକୁ ପଛାଇବୁ ନାହିଁ ବୋଲି ସେ କହିଛନ୍ତି ।

ଇତିମଧ୍ୟରେ ପାକିସ୍ତାନ ସହ ଚାଲିଥିବା ରାଜନୈତିକ ଓ କୂଟନୈତିକ ସଂଘର୍ଷ ପାଇଁ ଆଫଗାନିସ୍ତାନ କେତୋଟି ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛି । ଆଗାମୀ ୩ ମାସ ମଧ୍ୟରେ ପାକିସ୍ତାନ ସହ ଆଫଗାନିସ୍ତାନ ସବୁ ବ୍ୟବସାୟ ବନ୍ଦ କରିବ ବୋଲି କହିଛି । ପାକିସ୍ତାନ ସହ ସୀମା ବନ୍ଦ ହେବା ମାତ୍ରେ ହିଁ ବ୍ୟବସାୟ ଠପ୍ ହେବ ବୋଲି ଆଫଗାନିସ୍ତାନ ଉପ-ପ୍ରଧାନମନ୍ତ୍ରୀ ମୁଲ୍ଲା ଅବଦୁଲ ଗନି ବରାଦର କହିଛନ୍ତି । ଏଥିପାଇଁ ତାଲିବାନ ବ୍ୟବସାୟୀ ଓ ଶିଳ୍ପପତିଙ୍କୁ ବିକଳ୍ପ ରାସ୍ତା ସନ୍ଧାନ କରିବାକୁ ନିର୍ଦ୍ଦେଶ ଦେଇଛି । ଏହାଦ୍ୱାରା ପ୍ରତିମାସ ପାଖାପାଖି ୨୦୦ ମିଲିଅନ ଆମେରିକା ଡଲାର ଅର୍ଥାତ ୧, ୭୦୦ କୋଟି ଟଙ୍କର କ୍ଷତି ହେବ ବୋଲି ସେ କହିଛନ୍ତି । ସୀମା ବନ୍ଦ କରିବା ପ୍ରକ୍ରିୟାକୁ ସେ ଆର୍ଥିକ ଯୁଦ୍ଧ ବୋଲି କହିଛନ୍ତି ।

## ୬ କୋଟି 'ମୃତକ'ଙ୍କ ଆଧାର କାର୍ଡ ନିଷ୍କ୍ରିୟ



ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଦେଶରେ ୨୦୦୯ ଜାନୁଆରୀ ଆଧାରକାର୍ଡ ଲାଗୁ ହୋଇଥିଲା । ଇତିମଧ୍ୟରେ ପ୍ରତ୍ୟେକ ନାଗରିକଙ୍କର ଆଧାର ନଂ ଜାରି କରିବାର ପ୍ରକ୍ରିୟାକୁ ୧୫ ବର୍ଷ ପୂରଣ ହୋଇଛି । ମୋଟ ଉପରେ ୧୪୨ କୋଟିରୁ ଅଧିକ ଆଧାର କାର୍ଡ ଜାରି କରାଯାଇଛି । କିନ୍ତୁ ୮ କୋଟିରୁ ଅଧିକ ଆଧାର କାର୍ଡ ଧାରକଙ୍କ ମୃତ୍ୟୁ ହୋଇଥିବା ବେଳେ ମାତ୍ର ୧. ୮୩ କୋଟି ମୃତକଙ୍କ କାର୍ଡ ନିଷ୍କ୍ରିୟ ହୋଇଛି । ପାଖାପାଖି ୬ କୋଟି ମୃତକଙ୍କ ଆଧାର କାର୍ଡ ଏବେବି ସକ୍ରିୟ ରହିଛି । ଏଗୁଡ଼ିକ ନିଷ୍କ୍ରିୟ କରିବା ଲାଗି ଆଧାର ପ୍ରାଧିକରଣ ଅଭିଯାନ ଆରମ୍ଭକରିଛି । ଏଥିରେ ।।ପେଶ୍ଚିମବଙ୍ଗରେପାଖାପାଖି୩୪ଲକ୍ଷ ଆଧାର କାର୍ଡ ରହିଛି । ଏମାନଙ୍କର ମୃତ୍ୟୁ ହୋଇଯାଇଥିଲେ ମଧ୍ୟ ଅନ୍ୟମାନେ ଏହି କାର୍ଡ ଜରିଆରେ ବିଭିନ୍ନ ସରକାରୀ ଯୋଜନାର ଫାଇଦା ନେଉଛନ୍ତି । ତେଣୁ ଏଗୁଡ଼ିକୁ ନିଷ୍କ୍ରିୟ କରିବା ଲାଗି ଉଦ୍ୟମ ଆରମ୍ଭ ହୋଇଛି । ୟୁଆଇଡିଏଆଇର ମୁଖ୍ୟ କାର୍ଯ୍ୟନିର୍ବାହୀ ଭୁବନେଶ କୁମାର କହିଛନ୍ତି ଯେ ଏହାଦ୍ୱାରା ବ୍ୟାଙ୍କ ଠକାମୀ, ନକଲି ଖାତା, ସରକାରଙ୍କ ବିଭିନ୍ନ ଯୋଜନାର ଲାଭକୁ ନେଇ ହେରଫେର ହେବାର ଆଶଙ୍କା ରହିଛି । ଅଧାର କାର୍ଡର ଆରମ୍ଭ ୨୦୧୦ରେ ହୋଇଥିଲା ଓ ୨୦୧୬ ପରେ ୮ କୋଟି ଆଧାର ଧାରକଙ୍କ ମୃତ୍ୟୁ ହୋଇଛି । ସିଭିଲ ରେଜିଷ୍ଟ୍ରେସନ ସିଷ୍ଟମରୁ କେବଳ ୨୫ଟି ରାଜ୍ୟର ପରିସଂଖ୍ୟାନ ମିଳିଛି । ବାକି ରାଜ୍ୟଗୁଡିକରୁ ତଥ୍ୟ ହାସଲ ପାଇଁ କାର୍ଯ୍ୟ ଜାରି ରହିଛି ବୋଲି ସେ କହିଛନ୍ତି । ୧୦୦ ବର୍ଷ ପାର କରିଥିବା ୮.୩ ଲକ୍ଷ ବିରଷ୍ଠ ନାଗରିକଙ୍କ ଆଧାର ଯାଞ୍ଚ ହୋଇଛି ବୋଲି କୁହାଯାଇଛି । ତେବେ ପଶ୍ଚିମ ବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏହାର ବିରୋଧ କରିଛନ୍ତି । ସେ କହିଛନ୍ତି ଯେ ଏବେ ରାଜ୍ୟରେ ଏସଆଇଆର ଚାଲିଥିବା ବେଳେ ଭୋଟର ତାଲିକାରୁ ଭୋଟରଙ୍କ ନାମ କାଟିବା ଲାଗି ଆଧାର ନାମରେ ଷଡ଼ଯନ୍ତ୍ର କରାଯାଉଛି । ଏଥିପାଇଁ ସେ ନିର୍ବାଚନ କମିସନଙ୍କୁ ମଧ୍ୟ ସମାଲୋଚନା କରିଛନ୍ତି ।

## ଲଦାଖରେ ଭାରତର ନ୍ୟୋମା ଏୟାରବେସ୍ କାର୍ଯ୍ୟକ୍ଷମ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଚୀନ ସୀମା ନିକଟରେ ଓ ଲଦାଖସ୍ଥିତ ମୁଧ- ନ୍ୟୋମା ଏୟାରବେସ୍ ବୁଧବାର କାର୍ଯ୍ୟକ୍ଷମ ହୋଇଛି । ଭାରତୀୟ ବାୟୁସେନା ମୁଖ୍ୟ ଏୟାର ଚିଫ୍ ମାର୍ଶାଲ ଏପି ସିଂହ ଏହି ଏୟାର ବେସ୍‌କୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଛନ୍ତି । ସେ ନିଜେ ଗାଜିଆବାଦ୍‌ର ହିଣ୍ଡନ ଏୟାର ବେସ୍‌ରୁ ସି-୧୩୦ଜେ ସୁପର ହରକ୍ୟୁଲେସ୍ (ଟ୍ରାନ୍ସପୋର୍ଟ ଏୟାରକ୍ରାଫ୍ଟ)ରେ ଉଡାଣ ଭରିବା ସହ ମୁଧ- ନ୍ୟୋମା ଏୟାରବେସ୍‌ରେ ଅବତରଣ କରିଥିଲେ । ତାଙ୍କ ସହ ୱେଷ୍ଟର୍ଣ୍ଣ ଏୟାର କମାଣ୍ଡ ମୁଖ୍ୟ ଏୟାର ମାର୍ଶାଲ ଜିତେନ୍ଦ୍ର ମିଶ୍ରା ମଧ୍ୟ ଥିଲେ । ଏହି ଏୟାରବେସ୍ ଚୀନ ସହିତ ଥିବା ଲାଇନ୍ ଅଫ୍ ଆକ୍‌ଚୁଆଲ କଣ୍ଟ୍ରୋଲ (ଏଲ୍‌ଏସି) ଠାରୁ ମାତ୍ର ୨୫ କିମି ଦୂରରେ ଅବସ୍ଥିତ । ଏହି ଏୟାରବେସ ସମୁଦ୍ରପତ୍ତନଠାରୁ ୧୩, ୭୧୦ ଫୁଟ ଉଚ୍ଚରେ ଅବସ୍ଥିତ । ଏହା ବିଶ୍ୱର ସବୁଠାରୁ ଉଚ୍ଚ ଏୟାରବେସ୍‌ଗୁଡିକ ମଧ୍ୟରୁ ଅନ୍ୟତମ । ଏହି ଅତ୍ୟାଧୁନିକ ଏୟାର ବେସ୍‌ରେ ୨.୭ କିମି ଦୈର୍ଘ୍ୟର ରନୱେ ରହିଛି । ଏଠାରୁ ଲଢୁଆ ବିମାନ, ଟ୍ରାନ୍ସପୋର୍ଟ ଏୟାରକ୍ରାଫ୍ଟ ଓ ହେଲିକପ୍ଟର ଉଡାଣ ଭରିପାରିବ । ପାଖାପାଖି ୨୧୮ କୋଟି ଟଙ୍କା ବିନିମୟରେ ଏହାର ନିର୍ମାଣ କରାଯାଇଛି । ଏଠାରୁ ସୈନିକ ଓ ଅସ୍ତ୍ରଶସ୍ତ୍ର ନେଇ ଅତିଶୀଘ୍ର ଗୋଟିଏରୁ ଅନ୍ୟ ସ୍ଥାନକୁ ନିଆଯାଇପାରିବ । ନିକଟରେ ମୁଧା ଗାଁ ଥିବାରୁ ଏହି ଏୟାରବେସ୍‌ର ନାମ ମୁଧା- ନ୍ୟୋମା ରଖାଯାଇଛି । ୨୦୨୩ରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଏହି ଏୟାରବେସ୍‌ର ଶିଳାନ୍ୟାସ କରିଥିଲେ । ଲଦାଖରେ ଏହା ହେଉଛି ଭରାତୀୟ ବାୟୁସେନାର ଚତୁର୍ଥ ଏୟାରବେସ୍ । ଅନ୍ୟ ୩ଟି ଏୟାରବେସ୍ ଲେହ, କାରଗିଲ ଓ ଥୋଇସ୍‌ରେ ଅବସ୍ଥିତ । ୧୯୬୨ରେ ଚୀନ ବିପକ୍ଷ ଯୁଦ୍ଧ ପରେ ନ୍ୟୋମା ଏୟାରବେସ୍ ବନ୍ଦ କରିଦିଆଯାଇଥିଲା । ସେତେବେଳେ ଏଥିରେ ମାଟିର ରନୱେ ଥିଲା । ବର୍ଷା ହେଲେ ରନୱେରେ କାଦୁଅ ଭରିଯାଉଥିଲା । ଏବେ କିନ୍ତୁ ଏହା ଅତ୍ୟାଧୁନିକ ଶୈଳୀରେ ସବୁ ଋତୁ ପାଇଁ ନିର୍ମାଣ କରାଯାଇଛି ।

## ମୁକୁଲ ରଏଙ୍କ ବିଧାୟକ ପଦ ରଦ୍ଦ କଲେ କୋଲକାତା ହାଇକୋର୍ଟ



କୋଲକାତା, ୧୩।୧୧ (ଏଜେନ୍ସି): କୋଲକାତା ହାଇକୋର୍ଟ ଗୁରୁବାର ଦଳବଦଳ ବିରୋଧୀ ଆଇନ୍ ଅନୁସାରେ ତୃଣମୂଳ କଂଗ୍ରେସ (ଟିଏମ୍‌ସି) ନେତା ମୁକୁଲ ରଏଙ୍କ ପଶ୍ଚିମବଙ୍ଗ ବିଧାନସଭା ସଦସ୍ୟତାକୁ ରଦ୍ଦ କରିଛନ୍ତି । ଜଷ୍ଟିସ ଦେବାଙ୍ଗସୁ ବସାକଙ୍କ ଖଣ୍ଡପୀଠ ବିରୋଧୀଦଳ ନେତା ଶୁଭେନ୍ଦୁ ଅଧିକାରୀ ଓ ବିଜେପି ବିଧାୟକ ଅମ୍ବିକା ରଏଙ୍କ ଆବେଦନର ଶୁଣାଣି କରି ଏହି ରାୟ ପ୍ରଦାନ କରିଛନ୍ତି । ଦଳବଦଳ ବିରୋଧୀ ଆଇନ୍ ନେଇ ଶୁଭେନ୍ଦୁ ମୁକୁଲଙ୍କ ସଦସ୍ୟତା ରଦ୍ଦ କରିବାକୁ ଆବେଦନ କରିଥିଲେ । ତେବେ ବିଧାନସଭା ବାଚସ୍ପତି ବିମାନ ବାନାର୍ଜୀ ଏହାକୁ ଖାରଜ କରିଥିଲେ । ଫଳରେ ଶୁଭେନ୍ଦୁ ହାଇକୋର୍ଟରେ ଏହି ନିଷ୍ପତ୍ତିକୁ ଚ୍ୟାଲେଞ୍ଜ କରିଥିଲେ । ମୁକୁଲ ବିଜେପି ଟିକଟ୍‌ରେ ବିଜୟୀ ହୋଇଥିଲେ ମଧ୍ୟ ଟିଏମ୍‌ସିରେ ଯୋଗ ଦେଇଥିଲେ । ମୁକୁଲ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଓ ସାଂସଦ ଅଭିଷେକ ବାନାର୍ଜୀଙ୍କ ଉପସ୍ଥିତିରେ ପାଖାପାଖି ୪ ବର୍ଷ ପରେ ଟିଏମ୍‌ସିକୁ ପ୍ରତ୍ୟାବର୍ତ୍ତନ କରିଥିଲେ । ଏହାପୂର୍ବରୁ ସେ ୨୦୧୭ରେ ଟିଏମ୍‌ସି ଛାଡି ବିଜେପିରେ ଯୋଗ ଦେଇଥିଲେ । ଶୁଭେନ୍ଦୁ ୨୦୨୧ ଜୁନ୍ ୧୮ରେ ମୁକୁଲଙ୍କ ବିଧାନସଭା ସଦସ୍ୟତା ରଦ୍ଦ କରିବାକୁ ବାଚସ୍ପତି ବିମାନଙ୍କୁ ଆବେଦନ କରିଥିଲେ ।

## ଆମେରିକା ଇତିହାସର ସବୁଠାରୁ ଲମ୍ବା ସଟ୍‌ଡାଉନ୍ ଶେଷ

ୱାସିଂଟନ, ୧୩।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବୁଧବାର ଏକ ସରକାରୀ ଫଣ୍ଡିଂ ବିଲ୍‌ରେ ସ୍ୱାକ୍ଷର କରିଛନ୍ତି । ଏଥିସହ ୪୩ ଦିନ ଜାରି ରହିଥିବା ଆମେରିକା ଇତିହାସର ସବୁଠାରୁ ଲମ୍ବା ସଟ୍‌ଡାଉନ୍ ଶେଷ ହୋଇଛି । ହାଉସ୍ ଅଫ୍ ରିପ୍ରେଜେଣ୍ଟେଟିଭ୍‌ସ (ନିମ୍ନ ସଦନ)ରେ ଏହି ବିଲ୍ ୨୨୨-୨୦୯ ଅନ୍ତରରେ ପାସ୍ ହୋଇଛି । ତେବେ ଏଥିରେ ହେଲଥ କେୟାର ପ୍ରୋଗ୍ରାମ୍ ଏସିଏ ସବସିଡ (ଓବାମା କେୟାର ସବସିଡ୍)ର ପ୍ରିମିୟର ଟ୍ୟାକ୍ସ କ୍ରେଡିଟ୍ସକୁ ବୃଦ୍ଧି କରାଯିବା ନେଇ କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ । ଏହି ଓବାମା କେୟାର ସବସିଡ୍ସ ୨୦୨୫ ଡିସେମ୍ବର ୩୧ରେ ଶେଷ ହେବାକୁ ଯାଉଛି । ଏହି ବିଧେୟକ ପୂର୍ବରୁ ସିନେଟ୍ ଅର୍ଥାତ ଉପର ଗୃହରେ ଗୃହିତ ହୋଇସାରିଛି । ଉଲ୍ଲେଖଥାଉ କି, ଏହାପୂର୍ବରୁ ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ୨୦୧୮ରେ ଦ୍ୱିତୀୟ ସର୍ବବୃହତ୍ ୩୫ ଦିନର ସଟ୍‌ଡାଉନ୍ ଲାଗୁ କରାଯାଇଥିଲା ।

ବିଲ୍‌ରେ ସ୍ୱାକ୍ଷର କରିବା ପୂର୍ବରୁ ଟ୍ରମ୍ପ କହିଛନ୍ତି ଯେ, ଦେଶ ଏହାପୂର୍ବରୁ କେବେ ଏତେ ଭଲ ସ୍ଥିତିରେ ନଥିଲା । ଆମେରିକା ଏକ ମହାନ ଦେଶ । ଏହି ବିଲ୍ ସରକାରଙ୍କୁ ଜାନୁଆରୀ ୩୧ ସୁଦ୍ଧା ଫଣ୍ଡିଂ ଅର୍ଥାତ ପାଣ୍ଠି ଉପଲବ୍ଧ କରାଇବ । ଏହି ବିଧେୟକ ଅନୁସାରେ ବିଭିନ୍ନ ଏଜେନ୍ସିଗୁଡିକ ଜାନୁଆରୀ ୩୧ ପର୍ଯ୍ୟନ୍ତ କର୍ମଚାରୀଙ୍କୁ ଛଟେଇ କରିବାରୁ ରୋକିବ । ଅନ୍ୟପଟେ ଡେମୋକ୍ରାଟ ପାର୍ଟିର କିଛି ନେତା ଏସିଏ ସବସିଡ୍‌ର ଟ୍ୟାକ୍ସ କ୍ରେଡିଟ୍ସକୁ ବୃଦ୍ଧି କରିବା ନେଇ ଲଢ଼େଇ ଜାରି ରହିବ ବୋଲି ଘୋଷଣା କରିଛନ୍ତି । ଏହି ଲଢ଼େଇ ଏବେ ଶେଷ ହୋଇନାହିଁ ଓ ଏହାକୁ ଆମେ ଜାରି ରଖିବୁ ବୋଲି ସେମାନେ କହିଛନ୍ତି । ଏହି ଭୋଟିଂ ନ୍ୟୁଜର୍ସି ଓ ଆରିଜୋନାରେ ହାଇପ୍ରୋଫାଇଲ ନିର୍ବାଚନରେ ବିଜୟ ହାସଲ କରିବାର ୮ ଦିନପରେ ଅନୁଷ୍ଠିତ ହୋଇଛି । ଏହା ଦ୍ୱାରା ସ୍ୱାସ୍ଥ୍ୟବିମା ସବ୍‌ସିଡ୍‌ର ବିସ୍ତାର ନେଇ ସମ୍ଭାବନା ଦୃଢ଼ ହୋଇଛି । ତେବେ ଏହି ବୁଝାମଣା ଅନୁସାରେ ଡିସେମ୍ବରରେ ଏହି ସବ୍‌ସିଡ୍ ନେଇ ସିନେଟ୍‌ରେ ମତଦାନ କରିବାକୁ ପ୍ରତିଶ୍ରୁତି ଦିଆଯାଇଛି । କିନ୍ତୁ ଗୃହରେ ଏପରି କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ । କିନ୍ତୁ ଗୃହ ଟ୍ରମ୍ପଙ୍କ ରବର ଷ୍ଟାମ୍ପ ନ ହେଉ ଓ ଟ୍ରମ୍ପଙ୍କ ଜିଦ୍ କାରଣରୁ ଛୋଟ ପିଲା ଖାଦ୍ୟ ଓ ଚିକିତ୍ସାରୁ ବଞ୍ଚିତ ନ ହୁଅନ୍ତୁ ବୋଲି ଡେମୋକ୍ରାଟ ସାଂସଦ ମିକି ସେରିଲ କହିଛନ୍ତି । ଏହି ତଥାକଥିତ ସ୍ୱାସ୍ଥ୍ୟବିମା କମ୍ପାନୀଗୁଡିକୁ ଲାଭ ପହଞ୍ଚାଉଛି ଓ ଆମେରିକା ଲୋକଙ୍କ ପାଇଁ କ୍ଷତିକାରକ ବୋଲି ଟ୍ରମ୍ପ ସୋସିଆଲ ମିଡିଆ ଟ୍ରୁଥରେ ପୋଷ୍ଟ କରି କହିଥିଲେ । ସବ୍‌ସିଡ୍ ବଦଳରେ ଲୋକଙ୍କୁ ସିଧା ପଇସା ଦେଇ ସେମାନଙ୍କୁ ନିଜ ପସନ୍ଦର ବୀମା କ୍ରୟ କରିବାକୁ ସୁବିଧା ଦିଆଯିବା ଉଚିତ ବୋଲି ଟ୍ରମ୍ପ କହିଥିଲେ । ଦୁଇଟି ପାର୍ଟିର ନେତାଙ୍କ ସହ ସାକ୍ଷାତ କରି ଏହାର ସମାଧାନ କରିବାକୁ ପ୍ରସ୍ତୁତ ଅଛି ବୋଲି ସେ କହିଥିଲେ ।

**■ ହେଲ୍‌ଥ କେୟାର ପ୍ରୋଗାମ ନେଇ ସହମତି ହୋଇନି**

**■ ଲଢ଼େଇ ଏବେବି ଜାରି ରହିଛି: ବିପକ୍ଷ**

# +୨ ଇଣ୍ଟରନାଲ୍ ପରୀକ୍ଷା ପାଇଁ ମାର୍ଗଦର୍ଶିକା ଜାରି

ଭୁବନେଶ୍ୱର,୧୩।୧୧(ସମିସ): ଡିସେମ୍ବର ୨୨ତାରିଖରୁ ଯୁକ୍ତ ଦୁଇ ଇଣ୍ଟରନାଲ୍ ପରୀକ୍ଷା ଆରମ୍ଭ ହୋଇ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଏଥିପାଇଁ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍ଏସ୍ଇ) ପ୍ରସ୍ତୁତି ଆରମ୍ଭ କରିଛି। ଇଣ୍ଟରନାଲ୍ ବା ପ୍ରୋଜେକ୍ଟ ପରୀକ୍ଷାକୁ ସୁଚାରୁଭାବେ କରିବା ପାଇଁ ମାର୍ଗଦର୍ଶିକା ଜାରି କରାଯାଇଛି। କେବଳ ରେଗୁଲାର୍ ପରୀକ୍ଷାର୍ଥୀମାନେ ଇଣ୍ଟରନାଲ୍ ବା ପ୍ରୋଜେକ୍ଟ ପରୀକ୍ଷା ଦେବେ। ମୋଟ୍ ୨୦ରୁ ୬ ଏବଂ ୧୦ରୁ ୩ ମାର୍କ ରଖିଲେ କୃତକାର୍ଯ୍ୟ ହେବ। ଯେଉଁ ଛାତ୍ରଛାତ୍ରୀମାନେ ପ୍ରଥମ ସ୍ଲଟ୍ ବା ଡିସେମ୍ବର ୨୨ରୁ ୩୧ ମଧ୍ୟରେ ପରୀକ୍ଷା ଦେଇ ନ ପାରିବେ, ସେମାନଙ୍କୁ ଆଉ ଗୋଟିଏ ସୁଯୋଗ ପ୍ରଦାନ କରାଯିବ। ଜାନୁଆରୀ ୨ରୁ ୧୫ ତାରିଖ ମଧ୍ୟରେ ସେମାନେ ପରୀକ୍ଷା ଦେଇପାରିବେ। ଏକ୍ସ-ରେଗୁଲାର୍ ପିଲାଙ୍କୁ ଏହି ପରୀକ୍ଷା ଦେବାକୁ ପଡ଼ିବ ନାହିଁ। ପରୀକ୍ଷାରେ ଅନୁପସ୍ଥିତ ରହୁଥିବା ଛାତ୍ରଛାତ୍ରୀଙ୍କୁ ଫେଲ୍ ଭାବେ ଘୋଷଣା କରାଯିବ। ପରୀକ୍ଷାର ପ୍ରଶ୍ନପତ୍ର ପାଟର୍ଣ୍ଣ ମଧ୍ୟ ସିଏଚ୍ଏସ୍ଇ ପକ୍ଷରୁ ଜାରି କରାଯାଇଛି। ମୋଟ୍ ୨୦ ନମ୍ବର ଇଣ୍ଟରନାଲ୍ ପରୀକ୍ଷା ଥିବା ବିଷୟରେ ୫ଟି ଏକ ମାର୍କିଆ ପ୍ରଶ୍ନପତ୍ର ଆସିବ। ସେହିପରି ତିନୋଟି ଲେଖାଏଁ ୨ମାର୍କିଆ ଓ ୩ ମାର୍କିଆ ପ୍ରଶ୍ନ ଆସିବ। ଅନୁରୂପ ଭାବେ ମୋଟ୍ ୧୦ ନମ୍ବର ଥିବା ବିଷୟରେ ୫ଟି ଏକ ମାର୍କିଆ, ଗୋଟିଏ ଲେଖାଏଁ ୨ ଓ ୩ ମାର୍କ ବିଶିଷ୍ଟ ପ୍ରଶ୍ନପତ୍ର ଆସିବ। ସୂଚନାଯୋଗ୍ୟ, ଫେବୃଆରୀ ତୃତୀୟ ସପ୍ତାହରୁ ବାର୍ଷିକ ପରୀକ୍ଷା ଆରମ୍ଭ ହେବ। ଏଥିପାଇଁ ଫେବୃଆରୀ ୧୪ ତାରିଖ ସୁଦ୍ଧା ପିଲାଙ୍କୁ ଆଡମିଟ୍ କାର୍ଡ ପ୍ରଦାନ କରାଯିବ। ଚଳିତ ବର୍ଷ ନୂତନ ଭାବେ ୮୯ କେନ୍ଦ୍ରରେ ପରୀକ୍ଷା ହେବ। ସମୁଦାୟ ୧୩୪୯ ପରୀକ୍ଷା କେନ୍ଦ୍ରରେ ଛାତ୍ରଛାତ୍ରୀମାନେ ପରୀକ୍ଷା ଦେବେ ବୋଲି ସିଏଚ୍ଏସ୍ଇ ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସୂଚନା ଦେଇଛନ୍ତି।

**୨୦ରୁ ୬ ଏବଂ ୧୦ରୁ ୩ ମାର୍କ ରଖିଲେ ପାସ**

**ନୀଳଗିରିରେ ଏକତା ପଦଯାତ୍ରାର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ**


# ସମୃଦ୍ଧ ଓଡ଼ିଶା ନିର୍ମାଣର ନେତୃତ୍ୱ ନେବେ ଯୁବଗୋଷ୍ଠୀ




ନୀଳଗିରି, ୧୩।୧୧ (ସମିସ): ସମଗ୍ର ଭାରତବର୍ଷକୁ ଏକତାର ସୂତ୍ରରେ ବାନ୍ଧି ଏକ ବିକଶିତ ଭାରତ ଗଠନ କରିବାର ମୁଖ୍ୟବିନ୍ଧାଣୀ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମଜୟନ୍ତୀ ଅବସରରେ ଏକତା ବର୍ଷ ପାଳନ ହେଉଛି। ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ବାଲେଶ୍ୱର ଜିଲ୍ଲା ନୀଳଗିରିଠାରେ ଏକତା ପଦଯାତ୍ରାର ଶୁଭାରମ୍ଭ କରିଛନ୍ତି। ନୀଳଗିରିଠାରୁ ମିତ୍ରପୁର ପର୍ଯ୍ୟନ୍ତ ଦୀର୍ଘ ୧୦ କିମି ରାସ୍ତାରେ ଆୟୋଜିତ ପଦଯାତ୍ରା(ରନ୍ ଫର୍ ୟୁନିଟ୍)ରେ ସହସ୍ରାଧିକ ଛାତ୍ରଛାତ୍ରୀ, ଯୁବକଯୁବତୀ, ସାଧାରଣଜନତା, ସରକାରୀ ଅଧିକାରୀ ସାମିଲ ହୋଇଥିଲେ।

ପଦଯାତ୍ରା ପୂର୍ବରୁ ମୁଖ୍ୟମନ୍ତ୍ରୀ ତୃତୀୟ ଶ୍ରୀକ୍ଷେତ୍ର ନୀଳଗିରି ଜଗନ୍ନାଥ ମନ୍ଦିର ଯାଇ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ଦର୍ଶନକରି ଆଶିଷ ଭିକ୍ଷା କରିଥିଲେ। ପରେ ନୀଳଗିରି ପୁଲିସ ପଡିଆ ଯାଇ ସଭାରେ ସାମିଲ ହୋଇଥିଲେ। ପ୍ରଥମେ ସ୍ୱାଧୀନତା ସଂଗ୍ରାମରେ ବାଲେଶ୍ୱର ମାଟିର ସୁପୁତ୍ରମାନଙ୍କର ଫଟୋଚିତ୍ର ଏବଂ ସର୍ଦ୍ଦାର ପଟେଲଙ୍କ ଜୀବନୀ ଶୀର୍ଷକ ଫଟୋଚିତ୍ର ପ୍ରଦର୍ଶନୀକୁ ମୁଖ୍ୟମନ୍ତ୍ରୀ ବୁଲି ଦେଖିଥିଲେ। ଏହି ଅବସରରେ ଆୟୋଜିତ ସାଧାରଣ ସଭାକୁ ମୁଖ୍ୟମନ୍ତ୍ରୀ ସମ୍ବୋଧିତ କରି କହିଥିଲେ ଯେ ବିଭାଜିତ ସ୍ୱାଧୀନ ଭାରତରେ ଦେଶୀୟ ରାଜ୍ୟଗୁଡ଼ିକୁ ମିଶ୍ରଣକରି ଏକତାର ସୂତ୍ରରେ ବାନ୍ଧିବା ପାଇଁ ସର୍ଦ୍ଦାର ପଟେଲଙ୍କ ଉଦ୍ୟମରେ ୫୬୪ଟି ଦେଶୀୟ ରାଜ୍ୟ ସ୍ୱାଧୀନ ଭାରତରେ ମିଶ୍ରଣ ହୋଇପାରିଥିଲା। ସର୍ଦ୍ଦାର ପଟେଲଙ୍କ ନିର୍ଦ୍ଦେଶରେ ଡ. ହରେକୃଷ୍ଣ ମହତାବ ନୀଳଗିରି ଗଡଜାତକୁ ପ୍ରଥମେ ସ୍ୱାଧୀନ ଭାରତରେ ମିଶ୍ରଣ କରିବାକୁ ପ୍ରବର୍ତ୍ତାଇ ଦସ୍ତଖତ କରିପାରିଥିଲେ। ପରେପରେ ଅନ୍ୟ ଦେଶୀୟ ରାଜ୍ୟ ଗୁଡିକ ଭାରତରେ ସାମିଲ ହୋଇଥିଲା। ତେଣୁ ଏଭଳି ଐତିହାସିକ ମାଟିରୁ ପ୍ରଥମେ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଜନ୍ମଜୟନ୍ତୀ ଅବସରରେ ଯୁବବର୍ଗ ଏକତାର ସୂତ୍ରରେ ବାନ୍ଧିହୋଇ ସମୃଦ୍ଧ ଓଡ଼ିଶା ଗଠନରେ ଭାଗୀଦାର ହେବାକୁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝି ଆହ୍ୱାନ ଦେଇଥିଲେ। ପଦଯାତ୍ରା ଅବସରରେ ରାଜ୍ୟ ଉଚ୍ଚଶିକ୍ଷା, ସଂସ୍କୃତି ଓ ଯୁବ ବ୍ୟାପାର ମନ୍ତ୍ରୀ ସୁରଜ ସୂର୍ଯ୍ୟବଂଶୀ ଯୋଗଦେଇ ଯୁବସମାଜ ଦେଶ ଗଠନରେ ଆଗେଇ ଆସିବାକୁ ଆହ୍ୱାନ କରିଥିଲେ। କାର୍ଯ୍ୟକ୍ରମରେ ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ଶାସକ ଦଳ ଉପମୁଖ୍ୟ ସଚେତକ ଗୋବିନ୍ଦ ଚନ୍ଦ୍ର ଦାସ, ସିମୁଳିଆ ବିଧାୟକ ପଦ୍ମଲୋଚନ ପଣ୍ଡା, ବାଲେଶ୍ୱର ସଦର ବିଧାୟକ ମାନସ ଦତ୍ତ, ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ, ବଡ଼ସାହି ବିଧାୟକ ସନାତନ ବିଜୁଳି, ରାଜ୍ୟ ମହିଳାକମିଶନ ଅଧ୍ୟକ୍ଷା ଶୋଭନା ମହାନ୍ତି, ରନ୍ ଫର୍ ୟୁନିଟ ସଂଯୋଜକ ଗୋଲକ ମହାପାତ୍ର, ଈଶ୍ୱର ଚନ୍ଦ୍ର ବେହେରା ପ୍ରମୁଖ ମଞ୍ଚାସିନ ଥିଲେ। ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ ଧନ୍ୟବାଦ ଦେଇଥିଲେ।

# ଦେବୀ ନଦୀରେ ଜଣେ ମୃତ, ୨ ନିଖୋଜ



**ଷଣ୍ଢକୁ ନଦୀ ପାରି କରାଇବା ହେଲା କାଳ**

କଣ୍ଟାପଡ଼ା,୧୩।୧୧(ସମିସ): କଟକ ଜିଲ୍ଲା ଗୋବିନ୍ଦପୁର ଥାନା ଅନ୍ତର୍ଗତ ସିମଳଦା ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ଷଣ୍ଢ ପ୍ରତ୍ୟହ ଫସଲ ନଷ୍ଟ କରୁଥିବାରୁ ବ୍ୟଥିତ ହୋଇ ତାକୁ ନଦୀ ପାରି କରାଇବାକୁ ଚେଷ୍ଟା କରିଥିବା ତିନି ଜଣ ବ୍ୟକ୍ତି ପାଣିରେ ଭାସିଯାଇଥିଲେ। ସେମାନଙ୍କ ମଧ୍ୟରୁ ପାଇକପଡ଼ା ଗାଁର ଶଶି ଭୋଇ (୫୦)ଙ୍କ ଶବକୁ ଘଟଣାସ୍ଥଳରୁ କିଛି ମିଟର ଦୂରରେ ଉଦ୍ଧାର କରାଯାଇଛି।

ଗୁରୁବାର ଅପରାହ୍ନ ପ୍ରାୟ ୪ଟା ବେଳେ ସିମଳଦା ନିକଟରେ ପ୍ରବାହିତ ହେଉଥିବା ଦେବୀ ନଦୀରେ ଗୋବିନ୍ଦପୁର ଥାନା ଅନ୍ତର୍ଗତ ପାଇକପଡ଼ା ଗ୍ରାମର ଶଶି ଭୋଇ (୫୦), ବିଶିପଦା ଗ୍ରାମର ରତ୍ନାକର ଭୋଇ (୬୦) ଓ ନାହାଳପୁରର ଭରତ ପ୍ରଧାନ (୫୦) ଷଣ୍ଢ ପାରି କରାଉଥିଲେ। କିଛି ସମୟ ପରେ ଉପରୋକ୍ତ ତିନି ଜଣଙ୍କ ପ୍ୟାଣ୍ଟ, ସାର୍ଟ ଓ ଚପଲ କେବଳ ନଦୀକୂଳରେ ପଡ଼ିଥିଲା। ଖବର ପାଇବା ପରେ ଅଗ୍ନିଶମ ବାହିନୀ, ସ୍ଥାନୀୟ ପୁଲିସ ଏବଂ ଜନସାଧାରଣ ତୁରନ୍ତ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ। ସେତେବେଳକୁ ଷଣ୍ଢଟି ନଦୀର ଅଧା ପାଣିରେ ଛିଡ଼ା ହୋଇଥିଲା। ସମସ୍ତଙ୍କ ମିଳିତ ପ୍ରଚେଷ୍ଟାରେ ଷଣ୍ଢଟିକୁ ସୁରକ୍ଷିତ ଭାବେ କୂଳକୁ ଆଣିବାରେ ସକ୍ଷମ ହୋଇଥିଲେ। ଦେବୀ ନଦୀରେ ଅଗ୍ନିଶମ ବାହିନୀ କର୍ମଚାରୀମାନେ ପାଣିରେ ପଶି ଖୋଜାଖୋଜି ଜାରି ରଖିଥିଲେ। ପରେ ଶଶି ଭୋଇଙ୍କ ଶବ ମିଳିଥିବା ବେଳେ ଅନ୍ୟ ଦୁଇଜଣଙ୍କର ସନ୍ଧାନ ପାଇଁ ଉଦ୍ୟମ ଜାରି ରଖିଛି। ଘଟଣାଟି ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି।

**ଇପିଏଫ୍ଓ-୩.୦**

# ୨୫ ହଜାର ହେବ ବେତନ ସୀମା

ନୂଆଦିଲ୍ଲୀ, ୧୩।୧୧ (ଏଜେନ୍ସି): ଆଗକୁ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ(ଇପିଏଫ୍ଓ)ର ସଦସ୍ୟମାନେ ପେନ୍ସନ୍‌ରେ ବଡ଼ ଫଇଦା ପାଇବାକୁ ଯାଉଛନ୍ତି। ଏଣିକି ଅଧିକ ବେତନଧାରୀଙ୍କୁ ବି ମିଳିବ ଅଧିକ ପେନ୍ସନ୍‌ର ଫାଇଦା। କାରଣ ସରକାର ଇପିଏଫ୍ଓ ସଦସ୍ୟମାନଙ୍କର ବେତନସୀମାରେ ବୃଦ୍ଧି ଘଟାଇବାକୁ ଯାଉଛନ୍ତି। ସରକାର ସଦସ୍ୟଙ୍କ ବେତନ ସୀମା ୧୫,୦୦୦ ଟଙ୍କାରୁ ୨୫, ୦୦୦ ଟଙ୍କାକୁ ବୃଦ୍ଧି କରିବାକୁ ବିଚାର କରୁଛନ୍ତି। ଶେଷ ଥର ପାଇଁ ୨୦୧୪ରେ କର୍ମଚାରୀ ପେନ୍ସନ୍ ଯୋଜନା (ଇପିଏସ୍) ଅନ୍ତର୍ଗତ ବେତନ ସୀମା ୧୫ ହଜାର ଟଙ୍କାକୁ ବୃଦ୍ଧି କରିଥିଲେ। କେନ୍ଦ୍ର ଶ୍ରମ ମନ୍ତ୍ରଣାଳୟର ସୂତ୍ର ଅନୁସାରେ, ଏ ସମ୍ପର୍କିତ ଏକ ପ୍ରସ୍ତାବ ଆସନ୍ତା ଡିସେମ୍ବର କିମ୍ବା ଜାନୁଆରୀ ମାସରେ ହେବାକୁ ଥିବା ଇପିଏଫ୍ଓ ବୋର୍ଡ ବୈଠକରେ ଆଲୋଚନା ହେବାର ଆଶା କରାଯାଉଛି। ଯଦି ଏହି ପ୍ରସ୍ତାବକୁ ମଞ୍ଜୁରି ମିଳେ ତେବେ କର୍ମଚାରୀଙ୍କ ମାସିକ ପେନସନ୍ ପାଣ୍ଠି ଜମା ୧୨୫୦ ଟଙ୍କାରୁ ୨୦୮୩ ଟଙ୍କାକୁ ବୃଦ୍ଧି ପାଇବ। ଏହାକୁ ଏବେ ଇପିଏଫ୍ଓ-୩.୦ ଅଧୀନରେ ଅନ୍ତର୍ଭୁକ୍ତ କରାଯାଇପାରେ, ଯାହା ୬୫ ନିୟୁତରୁ ଅଧିକ ସଦସ୍ୟଙ୍କୁ ଲାଭ ଦେବ।

**ଅଧିକ ବେତନଧାରୀଙ୍କୁ ବି ମିଳିବ ପେନ୍ସନ୍ ଫାଇଦା**

**ମାସିକ ପେନ୍ସନ୍ ଫଣ୍ଡ ଜମା ୧୨୫୦ରୁ ୨୦୮୩ ଟଙ୍କା ହେବ**

**୨୦୧୪ରେ ଇପିଏସ୍ ସୀମା ୧୫ ହଜାରକୁ ବଢ଼ିଥିଲା**

ଭାରତରେ ପିଏଫ୍ ଆକାଉଣ୍ଟଗୁଡ଼ିକ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ ଦ୍ୱାରା ପରିଚାଳିତ ହୁଏ। ଇପିଏଫ୍ଓ ସଦସ୍ୟଙ୍କ ବାଧ୍ୟତାମୂଳକ ବେତନ ସୀମା ୧୫,୦୦୦ରୁ ୨୫,୦୦୦ ଟଙ୍କାକୁ ବୃଦ୍ଧି କରିଲେ ଉଚ୍ଚ ବେତନପ୍ରାପ୍ତ କର୍ମଚାରୀମାନେ ମଧ୍ୟ ଇପିଏସ୍ ଯୋଜନା ଅଧୀନରେ ସାମାଜିକ ସୁରକ୍ଷାର ଲାଭ ପାଇବେ। ଇପିଏଫ୍ ଏବଂ ଇପିଏସ୍ ଉଭୟ ପାଇଁ କର୍ମଚାରୀ ଏବଂ ନିଯୁକ୍ତିଦାତାଙ୍କୁ ପ୍ରତ୍ୟେକଙ୍କୁ ଦରମାର ୧୨% ଯୋଗଦାନ କରିବାକୁ ପଡିବ। କର୍ମଚାରୀଙ୍କ ସମ୍ପୂର୍ଣ୍ଣ ୧୨% ଇପିଏଫ୍‌କୁ ଯାଏ, ଯେତେବେଳେ କି ନିଯୁକ୍ତିଦାତାଙ୍କ ଯୋଗଦାନ ଦୁଇଟି ଭାଗରେ ବିଭକ୍ତ ହୋଇଛି। ନିଯୁକ୍ତି ଦାତା ୮.୩୩%ଇପିଏସ୍‌କୁ ଏବଂ ୩.୬୭% ଇପିଏଫ୍‌କୁ ଯୋଗଦାନ ଦେଇଥାନ୍ତି। ସଦସ୍ୟଙ୍କ ବେତନ ସୀମାରେ ବୃଦ୍ଧି ଇପିଏଫ୍- ଇପିଏସ୍ କର୍ପସକୁ ଦ୍ରୁତ ଗତିରେ ବୃଦ୍ଧି କରିବ, ଯାହା ଫଳରେ କର୍ମଚାରୀଙ୍କ ଅବସର ପେନସନ ଏବଂ ସୁଧ ଉଭୟ ବୃଦ୍ଧି ପାଇବ। ବର୍ତ୍ତମାନ ଇପିଏଫ୍ ର ମୋଟ ପାଣ୍ଠି ପରିମାଣ ପ୍ରାୟ ୨୬ ଲକ୍ଷ କୋଟି ଟଙ୍କା। ଏହାର ୭୬ ନିୟୁତ ସକ୍ରିୟ ସଦସ୍ୟ ଅଛନ୍ତି। ବର୍ତ୍ତମାନ ପ୍ରଚଳିତ ନିୟମ ଅନୁଯାୟୀ, ଇପିଏସ୍-୯୫ ଅନ୍ତର୍ଗତ ପେନସନ ପାଣ୍ଠିରେ ଯୋଗଦାନକୁ ମୂଳ ଦରମାର ସର୍ବାଧିକ ୧୫,୦୦୦ ଟଙ୍କା ପର୍ଯ୍ୟନ୍ତ ଗଣନା କରାଯାଏ। ଏହାର ଅର୍ଥ ହେଉଛି ଯେ ଆପଣଙ୍କର ଦରମା ୩୦,୦୦୦ କିମ୍ବା ୪୦,୦୦୦ ଟଙ୍କା ହୋଇ ଥାଉ ନା କାହିଁକି, ଆପଣଙ୍କର ପେନସନ କେବଳ ୧୫,୦୦୦ ଟଙ୍କା ପର୍ଯ୍ୟନ୍ତ ଗଣନା କରାଯାଏ। ଏଠାରେ ସୂଚନାଯୋଗ୍ୟ ଯେ, ଇପିଏସ୍ ସୀମା ଶେଷ ଥର ପାଇଁ ୨୦୧୪ ରେ ୬୫୦୦ ରୁ ୧୫,୦୦୦ ଟଙ୍କାକୁ ବୃଦ୍ଧି କରାଯାଇଥିଲା।

# ପୂର୍ବତନ ପାକ୍ସ ସମ୍ପାଦକ ଗିରଫ

ବଲାଙ୍ଗିର,୧୩।୧୧(ସମିସ):ବଲାଙ୍ଗିର ଜିଲ୍ଲା ପାଟଣାଗଡ଼ ବ୍ଲକ୍ ପଣ୍ଡାମୁଣ୍ଡା ପ୍ରାଥମିକ ସମବାୟ ସମିତି (ପାକ୍ସ)ର ପୂର୍ବତନ ପାକ୍ସ ସମ୍ପାଦକ କୁଶଧ୍ୱଜ ସାହୁ ଗିରଫ ହୋଇଛନ୍ତି। ସରକାରୀ ଅର୍ଥ ହେରଫେର ଅଭିଯୋଗରେ ଭିଜିଲାନ୍ସ ତାଙ୍କୁ ଗିରଫ କରିଛି। ୨୦୧୭-୧୮ ଓ ୨୦୧୮-୧୯ ଆର୍ଥିକ ବର୍ଷରେ ସେ ଏହି ଟଙ୍କା ହେରଫେର କରିଥିବା ଅଭିଯୋଗ ହୋଇଥିଲା। ଏହାର ତଦନ୍ତ କରି ଭିଜିଲାନ୍ସ ତାଙ୍କୁ ଗିରଫ କରିଛି। ଶ୍ରୀ ଏହି ସମୟରେ ପ୍ରାୟ ୮ ଲକ୍ଷ ଟଙ୍କା ୩୪ ହଜାର ଟଙ୍କା ହେରଫେର କରିଥିବା ଭିଜିଲାନ୍ସ ତଦନ୍ତ ପରେ ଜାଣିବାକୁ ପାଇଛି। ତାଙ୍କ ବିରୋଧରେ ଭିଜିଲାନ୍ସ ପାଖରେ ଅଭିଯୋଗ ପରେ ତଦନ୍ତ ଆରମ୍ଭ ହୋଇଥିଲା। ଏଥିରୁ ରୋଚକ ତଥ୍ୟ ସାମ୍ନାକୁ ଆସିଥିଲା। ୨୦୧୭-୧୮ର କ୍ଲୋଜିଂ ବାଲାନ୍ସ ଓ ୨୦୧୮-୧୯ ଓପନିଂ ବାଲାନ୍ସରେ ଫରକ ଦେଖାଦେଇଥିଲା। ଏନେଇ ଶ୍ରୀ ସାହୁ ସ୍ପଷ୍ଟ ଉତ୍ତର ରଖିପାରି ନ ଥିଲେ; ଯାହା ତାଙ୍କ ଦ୍ୱାରା କରାଯାଇଥିବା ହେରଫେର ସ୍ପଷ୍ଟ ସୂଚାଇଥିଲା। ଶେଷରେ ଭିଜିଲାନ୍ସ ମାମଲା ରୁଜୁ କରି ତାଙ୍କୁ ଗିରଫ କରିଛି।



**୮ ଲକ୍ଷ ୩୪ ହଜାର ଟଙ୍କା ହେରଫେର ଅଭିଯୋଗ**

**ପୀତବାସ ପଣ୍ଡା ହତ୍ୟା ମାମଲା**

# ଜେଲ୍‌ରେ ହେବ କୁରୁପତି, ଚିଣ୍ଟୁ ଓ ଯୋଗୀଙ୍କ ଟିଆଇ ପରେଡ୍

ବ୍ରହ୍ମପୁର,୧୩।୧୧(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ ଓ ଯୋଗେନ୍ଦ୍ର ରାଉତ ଓରଫ ଯୋଗୀଙ୍କ ବ୍ରହ୍ମପୁର ଜେଲ୍‌ରେ ହେବ ଟିଆଇ ପରେଡ। ଏଥିପାଇଁ ତଦନ୍ତକାରୀ ଅଧିକାରୀ ଏସ୍‌ଡିପିଓ ପ୍ରୟସ ରଂଜନ ଛୋଟରାୟ ସ୍ଥାନୀୟ ଏସ୍‌ଡିଜେଏମଙ୍କ କୋର୍ଟରେ ଆବେଦନ କରିଛନ୍ତି। ଆକାଶ ବିଷୋୟୀ ଓ ଏନ୍. କିରଣ କୁମାରଙ୍କ ସମେତ ୩ରୁ ଊର୍ଦ୍ଧ୍ୱ ସାକ୍ଷୀ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଟିଆଇ ପରେଡରେ ସାମିଲ ହେବେ ବୋଲି ସୂଚନା ମିଳିଛି।

ହତ୍ୟାକାଣ୍ଡରେ ସମ୍ପୃକ୍ତ ଥିବା ଚିଣ୍ଟୁ ପ୍ରଧାନ ଘଟଣା ରାତିରେ ବାଇକ ଚଲାଉଥିବା ବେଳେ କୁରୁପତି ଭୂୟାଁ ପୀତବାସଙ୍କୁ ଗୁଳି ଚଳାଇଥିବା ସାମ୍ବାଦିକ ସମ୍ମିଳନୀରେ ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ସୂଚନା ଦେଇଥିଲେ। ଏପରିକି ଉଭୟ ଅଭିଯୁକ୍ତ ଚିଣ୍ଟୁ ଓ କୁରୁପତିଙ୍କ ମୁହଁରେ କଳାକନା ବା ମୁଖା ପିନ୍ଧାଇ ଘଟଣା ସ୍ଥଳରେ ସିନ୍ ରିକ୍ରିଏସନ କରାଯାଇଥିଲା। କିନ୍ତୁ କୋର୍ଟ ଚାଲାଣ ବେଳେ ଉଭୟଙ୍କ ସମେତ ଅନ୍ୟ ସମସ୍ତ ଅଭିଯୁକ୍ତଙ୍କ ମୁହଁ ଖୋଲା ରହିଥିଲା। ଫଳରେ ଅଭିଯୁକ୍ତଙ୍କୁ ସମସ୍ତେ ଦେଖିବାର ସୁଯୋଗ ପାଇଥିଲେ। ବର୍ତ୍ତମାନ କେଉଁ ପରିସ୍ଥିତିରେ ଟିଆଇ ପରେଡ କରାଯାଇ କି ତଥ୍ୟ ହାସଲ କରିବାକୁ ତଦନ୍ତକାରୀ ଅଧିକାରୀ କୋର୍ଟରେ ଆବେଦନ କରିଛନ୍ତି ତାକୁ ନେଇ ସାଧାରଣରେ ଉଠିଛି ପ୍ରଶ୍ନ। ଅନ୍ୟପକ୍ଷରେ ଘଟଣା ସ୍ଥଳରେ ଯୋଗୀର ଭୂମିକା କଣ ରହିଥିଲା ତାହା ସ୍ପଷ୍ଟ ଜଣାପଡ଼ିନଥିଲେ ହେଁ ଅଭିଯୁକ୍ତ ଯୋଗୀର ମଧ୍ୟ ପୁଲିସ ଟିଆଇ ପରେଡ଼ କରିବ। ମାମଲାରେ ପୁଲିସ ସାକ୍ଷ୍ୟ ଭାବେ ନେଇଥିବା ବ୍ୟକ୍ତିବିଶେଷ କେଉଁଠାରେ ରହି ଦେଖିଥିଲେ ଏବଂ ଅଭିଯୁକ୍ତଙ୍କୁ କିଭଳି ଚିହ୍ନଟ କରିବେ ତାହା ମଧ୍ୟ ଆଉ ଏକ ବଡ଼ ପ୍ରଶ୍ନ।

ଅନ୍ୟପକ୍ଷରେ ପୀତବାସ ପଣ୍ଡା ହତ୍ୟାକାଣ୍ଡ ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ରିମାଣ୍ଡ ରିକଲ ଆବେଦନ କରି ସର୍ତ୍ତମୂଳକ ଭାବେ ଖଲାସ କରିବା ନେଇ ହୋଇଥିବା ଆବେଦନ ଉପରେ ରାୟ ପ୍ରକାଶ ପୂର୍ବରୁ ସରକାରୀ ଓକିଲ ଦିନଟିଏ ସମୟ ମାଗିଥିଲେ। ଆବେଦନର ରାୟ ଶୁକ୍ରବାର ପ୍ରକାଶ ପାଇବ ବୋଲି ବିକ୍ରମଙ୍କ ଓକିଲ କୁମାରକାନ୍ତ ବେହେରା ଓ ଦୀପକ ପଟ୍ଟନାୟକ କହିଛନ୍ତି।

**ଆଜି ନୂଆପଡ଼ା ଭୋଟଗଣତି**

# ୪୧ ବୁଥ୍‌ରେ ୯୧ ପ୍ରତିଶତ ମତଦାନକୁ ନେଇ ବିଜେଡିର ପ୍ରଶ୍ନ

ଭୁବନେଶ୍ୱର, ୧୩।୧୧ (ସମିସ): ବହୁ ଚର୍ଚ୍ଚିତ ନୂଆପଡ଼ା ଉପନିର୍ବାଚନର ଫଳାଫଳ ଆସନ୍ତାକାଲି ପ୍ରକାଶ ପାଇବ। ତେବେ ଭୋଟ ଗଣତି ପୂର୍ବରୁ ନୂଆପଡ଼ା ଉପନିର୍ବାଚନରେ ନିର୍ଦ୍ଦିଷ୍ଟ କେତେକ ବୁଥ୍‌ରେ ମତଦାନ ହାରକୁ ନେଇ ବିଜୁ ଜନତା ଦଳ ପ୍ରଶ୍ନ ଉଠାଇଛି। ଦଳ ପକ୍ଷରୁ କୁହାଯାଇଛି ଯେ ପୂର୍ବର ସବୁ ଉପନିର୍ବାଚନ ଓ ୧୧ ତାରିଖରେ ଦେଶର ବିଭିନ୍ନ ରାଜ୍ୟରେ ଅନୁଷ୍ଠିତ ଉପନିର୍ବାଚନର ରେକର୍ଡ ଭାଙ୍ଗିଛି ନୂଆପଡ଼ା। ଏଠାରେ ମତଦାନ ହାର ୮୩% ଅତିକ୍ରମ କରିଛି। ଅନେକ ସ୍ଥାନରେ ସନ୍ଧ୍ୟା ୫ଟା ପରେ ମତଦାନ ହାର ଦିନ ତୁଳନାରେ ଯଥେଷ୍ଟ ଅଧିକ ଥିବାବେଳେ କେତେକ ନିର୍ଦ୍ଦିଷ୍ଟ ବୁଥ୍‌ରେ ୯୦ ପ୍ରତିଶତରୁ ୯୫ ପ୍ରତିଶତ ପର୍ଯ୍ୟନ୍ତ ଭୋଟିଂ ହୋଇଛି।

ଏପରି କିଛି ବୁଥ୍ ସପର୍କରେ ସୂଚନା ଦେଇ ଦଳ କହିଛି ଯେ ବୁଥ୍ ନମ୍ବର ୧୨ (ଗୁଡ଼ାପଟରା ପ୍ରାଥମିକ ବିଦ୍ୟାଳୟ)ରେ ମୋଟ ୪୯୭ ଭୋଟରଙ୍କ ମଧ୍ୟରୁ ୪୪୮ ଜଣ, ବୁଥ୍ ନମ୍ବର ୧୪ (ବାରକୋଠୀ ପ୍ରାଥମିକ ବିଦ୍ୟାଳୟ)ରେ ୪୧୨ ଭୋଟରଙ୍କ ମଧ୍ୟରୁ ୩୭୪ ଜଣ ଏବଂ ବୁଥ୍ ନମ୍ବର ୧୬ (ଝିଟିକି ୟୁପି ସ୍କୁଲ )ରେ ୭୫୬ ଭୋଟରଙ୍କ ମଧ୍ୟରୁ ୭୧୦ ଜଣ ମତଦାନ କରିଛନ୍ତି। ଭୋଟଦାନର ଏପରି ଅସ୍ୱାଭାବିକ ହାର ପଛରେ କେଉଁଠି ନା କେଉଁଠି କିଛି ବିଭ୍ରାଟ ହୋଇଥିବା ଦଳ ସନ୍ଦେହ କରିଛି।

ଗୁରୁବାର ଶଙ୍ଖ ଭବନରେ ଏକ ସାମ୍ବାଦିକ ସମ୍ମିଳନୀରେ ବିଜେଡି ଉପସଭାପତି ତଥା ପୂର୍ବତନ ମନ୍ତ୍ରୀ ଅତନୁ ସବ୍ୟସାଚୀ ନାୟକ, ବରିଷ୍ଠ ସାଧାରଣ ସମ୍ପାଦକ ଡ ଲେଖାଶ୍ରୀ ସାମନ୍ତସିଂହାର, ଦଳର ମୁଖପାତ୍ର ଡ. ଲେନିନ ମହାନ୍ତି ନୂଆପଡ଼ା ମତଦାନ ପ୍ରସଙ୍ଗରେ ସରକାର ଓ ନିର୍ବାଚନ ଅଧିକାରୀଙ୍କୁ କଠୋର ସମାଲୋଚନା କରିଛନ୍ତି। ଶାସକ ଦଳ ସରକାରୀ କଳକୁ ସମ୍ପୂର୍ଣ୍ଣ ବ୍ୟବହାର କରିଥିବା ଏବଂ ନିର୍ବାଚନ ଅଧିକାରୀଙ୍କ ମୁକ୍ତ ଓ ଅବାଧ ନିର୍ବାଚନ ଦାବି ଏକ ପ୍ରହସନରେ ପରିଣତ ହୋଇଛି ବୋଲି ବିଜେଡି ନେତାମାନେ କହିଛନ୍ତି। ଅତନୁ ସବ୍ୟସାଚୀ ନାୟକ କହିଛନ୍ତି ଯେ ନିର୍ବାଚନ ସମୟରେ ସନ୍ଧ୍ୟା ୫ଟା ସୁଦ୍ଧା ୭୫ ପ୍ରତିଶତ ଭୋଟିଂ ହୋଇଛି ବୋଲି ନିର୍ବାଚନ ଅଧିକାରୀଙ୍କ ପକ୍ଷରୁ ସୂଚନା ପ୍ରଦାନ କରାଯାଇଥିଲା; କିନ୍ତୁ ପରବର୍ତ୍ତୀ ସମୟରେ ଏହା ୮୩.୫ ପ୍ରତିଶତକୁ ବୃଦ୍ଧି ପାଇଥିବା କୁହାଗଲା। ଭୋଟିଂ ସମୟ ଶେଷ ହେବା ପରେ ପ୍ରାୟ ୮ ପ୍ରତିଶତରୁ ଅଧିକ ଭୋଟ ପଡିବା ସନ୍ଦେହଜନକ। ୪୧ଟି ବୁଥ୍‌ରେ ୯୧ ପ୍ରତିଶତରୁ ଅଧିକ ଭୋଟିଂ ଭୋଟ ରିଗିଙ୍ଗ ଦିଗ ପ୍ରତି ଅଙ୍ଗୁଳିନିର୍ଦ୍ଦେଶ କରୁଛି ବୋଲି ଅତନୁ କହିଛନ୍ତି।



**ସନ୍ଧ୍ୟା ୫ଟା ପରେ ୮ ପ୍ରତିଶତ ଅଧିକ ଭୋଟକୁ ନେଇ ସନ୍ଦେହ**

**୯୦ ପ୍ରତିଶତରୁ ଊର୍ଦ୍ଧ୍ୱ ଭୋଟିଂ ବୁଥ୍‌ର ସିସିଟିଭି ଫୁଟେଜ ଦାବି**

ଡ. ଲେନିନ ମହାନ୍ତି କହିଛନ୍ତି, ଯେଉଁ ବୁଥ୍ ଗୁଡିକରେ ୯୦ ପ୍ରତିଶତରୁ ଅଧିକ ଭୋଟିଂ ହୋଇଛି, ସେଇ ବୁଥ୍‌ଗୁଡିକର ସିସିଟିଭି ଫୁଟେଜ ସାର୍ବଜନୀନ କରାଯାଉ। ବାସ୍ତବରେ ଲୋକ ଭୋଟ ଦେଇଛନ୍ତି, ନା ହେରଫେର ହୋଇଛି ତାହା ଏଥିରୁ ପ୍ରମାଣିତ ହେବ। ଇଭିଏମ ମେସିନ ଗୋଟିଏ ଘରୋଇ ଗାଡିରେ ବୁଲୁଥିବାର ଭିଡିଓ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଛି। ମୁକ୍ତ ଓ ଅବାଧ ନିର୍ବାଚନ କରିବା ଉକ୍ତି ଏହି ଉପନିର୍ବାଚନରେ ପ୍ରହସନରେ ପରିଣତ ହୋଇଛି ବୋଲି ସେ କହିଛନ୍ତି।


ଡ. ଲେଖାଶ୍ରୀ ସାମନ୍ତସିଂହାର କହିଛନ୍ତି ଯେ ଗଣତାନ୍ତ୍ରିକ ପଦ୍ଧତିରେ ନିର୍ବାଚନ ଜିତିବା ବିଜେପି ପକ୍ଷରେ ସମ୍ଭବ ନୁହେଁ ବୋଲି ଜାଣି ବିଜେପି ପ୍ରଶାସନିକ କଳର ଅପବ୍ୟବହାର କରିଛି । ୯୦ ପ୍ରତିଶତ ଭୋଟିଂ ଏକ ବିରଳ ଘଟଣା। ବିଶେଷକରି ଉପନିର୍ବାଚନରେ ଏପରି ହେବା ନିଶ୍ଚିତ ଭାବେ ସନ୍ଦେହ ସୃଷ୍ଟି କରିଛି। ସରକାରୀ ଅଧିକାରୀମାନେ ବିଜେପିର ଏଜେଣ୍ଟ ସାଜି କାମ କରିଛନ୍ତି, ଶେଷ ପର୍ଯ୍ୟାୟରେ ପୁଲିସର ତତ୍ତ୍ୱାବଧାନରେ ଟଙ୍କା ବଣ୍ଟା ହେଲା, ବୁଥ୍ ଭିତରେ ବିଜେପି ତରଫରୁ ପ୍ରଚାର କରାଗଲା। ବିଜେଡିର ଆପତ୍ତିକୁ ଗ୍ରହଣ କରାଗଲା ନାହିଁ ବୋଲି ଲେଖାଶ୍ରୀ ଅଭିଯୋଗ କରିଛନ୍ତି।

**ନିଃସର୍ତ୍ତ କ୍ଷମାପ୍ରାର୍ଥନା ପରେ କାହିଁକି ହେଉନି କାର୍ଯ୍ୟାନୁଷ୍ଠାନ**

# ବ୍ରହ୍ମପୁର ଏସ୍‌ପିଙ୍କୁ ହଟାଇବାକୁ ଦାବିକଲା କଂଗ୍ରେସ

ଭୁବନେଶ୍ୱର,୧୩।୧୧(ସମିସ): ବହୁଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟା ଏବଂ ଏହି ଘଟଣାର ତଦନ୍ତଭାର ନେଇଥିବା ବ୍ରହ୍ମପୁର ଏସ୍‌ପିଙ୍କୁ ହାଇକୋର୍ଟଙ୍କ ଭର୍ତ୍ସନା ପରେ ଏହି ହତ୍ୟାକାଣ୍ଡରେ ତାଙ୍କର ତଦନ୍ତ ପ୍ରକ୍ରିୟା ଓ ଭୂମିକାକୁ ନେଇ ବର୍ଷିଛି ରାଜ୍ୟ କଂଗ୍ରେସ। ଏହି ଘଟଣାକୁ ନେଇ ଏସ୍‌ପି ସାମ୍ବାଦିକ ସମ୍ମିଳନୀରେ ଯେଉଁ ତଥ୍ୟ ରଖିଥିଲେ, ତାହାକୁ ୱେବ୍‌ସିରିଜର କାହାଣୀ କହି ଦଳ ତାଙ୍କୁ ସମାଲୋଚନା କରିଛି। ଏହାସହିତ ଏଭଳି ବାହାଦୁରୀ ପାଇଁ ହାଇକୋର୍ଟ ତାଙ୍କୁ ଭର୍ତ୍ସନା କରିବା ଓ ଏସ୍‌ପି ଏଥିପାଇଁ ହାଇକୋର୍ଟରେ ନିଃସର୍ତ୍ତ କ୍ଷମାପ୍ରାର୍ଥନା କରିବା ପରେ ମଧ୍ୟ ତାଙ୍କ ଉପରେ କାହିଁକି କାର୍ଯ୍ୟାନୁଷ୍ଠାନ ହେଉ ନାହିଁ ବୋଲି ଦଳ ପ୍ରଶ୍ନ କରି ସରକାରଙ୍କ ଭୂମିକା ଉପରେ ସନ୍ଦେହ ପ୍ରକଟ କରିଛି।

ଗୁରୁବାର ଏହି ବିଷୟକୁ ନେଇ କଂଗ୍ରେସ ଭବନଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପିସିସିର ବରିଷ୍ଠ ମୁଖପାତ୍ର ସୋନାଲି ସାହୁ କହିଛନ୍ତି, ବିଜେପି ଶାସନରେ କେଉଁଠି ବୋମା ବିସ୍ଫୋରଣ ହେଲାଣି ତ କେଉଁଠି ୱେବ୍‌ସିରିଜ କାହାଣୀ କୁହାଗଲାଣି। ବ୍ରହ୍ମପୁରରେ ଘଟିତ ବହୁ ଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟାକାଣ୍ଡକୁ ନେଇ ବ୍ରହ୍ମପୁର ଏସ୍‌ପି ଶ୍ରବଣା ବିବେକ ସାମ୍ବାଦିକ ସମ୍ମିଳନୀରେ ୱେବ ସିରିଜର ସ୍କ୍ରିପ୍ଟ ଭଳି ମନଗଢ଼ା କାହାଣୀ ଅତି ସୁନ୍ଦର ଭାବରେ ଉପସ୍ଥାପନା କଲେ। ବିନା ତଥ୍ୟ ଆଧାରରେ କାହାଣୀ କହିବା ଯୋଗୁଁ ହାଇକୋର୍ଟ ବ୍ରହ୍ମପୁର ଏସପିଙ୍କୁ ଭର୍ତ୍ସନା କରିବା ସହିତ କୋର୍ଟରେ ବ୍ୟକ୍ତିଗତ ହାଜିର ପାଇଁ ଆଦେଶ ଦେଇଥିଲେ। ଏସ୍‌ପି ହାଇକୋର୍ଟ ଯାଇ ନିସର୍ତ୍ତ କ୍ଷମା ପ୍ରାର୍ଥନା କରିଛନ୍ତି। ଏହା ଓଡିଶା ରାଜନୀତିରେ ଏକ କଳଙ୍କିତ ଅଧ୍ୟାୟ ସୃଷ୍ଟି କରିଛି। କାରଣ ଏସ୍‌ପି ଯେଉଁ ସ୍କ୍ରିପ୍ଟ କହିଲେ, ପ୍ରକୃତରେ ବିଜେପି ସରକାରଙ୍କ ଦ୍ୱାରା ତାହା ଲିଖିତ ନା, ଆରଏସଏସ ଲେଖି ଥିଲା ବୋଲି ଶ୍ରୀମତୀ ସାହୁ ପ୍ରଶ୍ନ କରିଛନ୍ତି। ସେହିପରି ପୀତବାସ ପଣ୍ଡାଙ୍କ ହତ୍ୟାକାରୀ ପୂର୍ବରୁ ରେକୀ କରିଥିଲେ ବୋଲି ସିସିଟିଭି ଫୁଟେଜ ଦେଖାଯାଇଛି; କିନ୍ତୁ ହତ୍ୟାକାଣ୍ଡ ବେଳର ଫୁଟେଜ ଦେଖାଇଲେ ନାହିଁ। ଏସ୍‌ପି କ'ଣ ଜ୍ୟୋତିଷ ନା ଦ୍ୱିତୀୟ ସାରଥୀ ବାବା ବୋଲି ଶ୍ରୀମତୀ ସାହୁ ପ୍ରଶ୍ନ ପଚାରିଛନ୍ତି।



**ୱେବ୍‌ସିରିଜ କାହାଣୀ ପଠନ କରୁଛନ୍ତି ଏସ୍‌ପି**

ଶ୍ରୀମତୀ ସାହୁ ପୁଣି କହିଛନ୍ତି ଯେ ଏସ୍‌ପିଙ୍କ କାହାଣୀ ପଠନ ସବୁ ବିଜେପି, ଆରଏସଏସ ଓ ପ୍ରଶାସନର ମିଳିତ ଚକ୍ରାନ୍ତ ଥିଲା। କାରଣ ନୂଆପଡା ନିର୍ବାଚନକୁ ପ୍ରଭାବିତ କରିବା ସହ ବାଲି ମାଫିଆଙ୍କ ସହ ସରକାରଙ୍କ ସମ୍ପର୍କ ଲୁଚେଇବା ପାଇଁ ଏହି ଷଡ଼ଯନ୍ତ୍ର ରଚାଯାଇଥିଲା। ବିଜେପି ସରକାର ଓଡିଶା ପୁଲିସକୁ ଆରଏସଏସ ପୁଲିସରେ ରୂପାନ୍ତରିତ କରିବାକୁ ଚାହୁଁଛି। ନିଜକୁ କଣ୍ଟକମୁକ୍ତ କରିବା ପାଇଁ ସରକାରୀ ଦଳ ସମସ୍ତ ତଥ୍ୟ ପ୍ରମାଣ ଲୁଚାଇବାକୁ ଚାହୁଁଛି। ମନଗଢ଼ା କାହାଣୀ ପାଇଁ ଏସ୍‌ପିଙ୍କ ନିଃସର୍ତ୍ତ କ୍ଷମା ପ୍ରାର୍ଥନା ଓଡିଶାବାସୀଙ୍କ ମୁଣ୍ଡ ତଳକୁ କରି ଦେଇଛି। ଏତେ ଲଜ୍ଜାଜନକ ଘଟଣା ଘଟିଯିବା ସତ୍ତ୍ୱେ ସରକାର, ପ୍ରଶାସନ କିମ୍ବା ପୁଲିସ ପକ୍ଷରୁ କୌଣସି ସ୍ପଷ୍ଟୀକରଣ ଏପର୍ଯ୍ୟନ୍ତ ଦିଆ ଯାଇନାହିଁ। ତେଣୁ ଏସ୍‌ପିଙ୍କ ନିଃସର୍ତ୍ତ କ୍ଷମା ପ୍ରାର୍ଥନା ପରେ ସରକାର ସ୍ପଷ୍ଟୀକରଣ ଦିଅନ୍ତୁ ବୋଲି କଂଗ୍ରେସ ଦାବି କରିଛି। ଏହାସହ ବ୍ରହ୍ମପୁର ଭଳି ଗୁରୁତ୍ୱପୂର୍ଣ୍ଣ ସ୍ଥାନରୁ ଏସପି ଶ୍ରବଣାଙ୍କୁ ହଟାଯାଉ ବୋଲି ଶ୍ରୀମତୀ ସାହୁ ଦାବି କରିଛନ୍ତି।

ଦଳର ଅନ୍ୟତମ ମୁଖପାତ୍ର ବିଭୁତି ଭୂଷଣ ମହାପାତ୍ର ଏସ୍‌ପିଙ୍କ ନିସର୍ତ୍ତ କ୍ଷମାପ୍ରାର୍ଥନା ପରେ ତାଙ୍କୁ ପୁଲିସ ଡିଜି ଓ ଗୃହମନ୍ତ୍ରୀ କେବେ ଦାୟିତ୍ୱମୁକ୍ତ କରିବେ ବୋଲି ପ୍ରଶ୍ନ କରିଛନ୍ତି। ବ୍ରହ୍ମପୁର ଭଳି ଗୁରୁତ୍ୱପୂର୍ଣ୍ଣ ସ୍ଥାନରେ ସେ ଏସ୍‌ପି ଦାୟିତ୍ୱରେ ରହିବାର ନୈତିକତା ହରାଇ ବସିଛନ୍ତି। ତେଣୁ ଏସ୍‌ପି ଶ୍ରବଣାଙ୍କ ବିରୋଧରେ କାହିଁକି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନାହିଁ ବୋଲି ଶ୍ରୀ ମହାପାତ୍ର ପ୍ରଶ୍ନ ପଚାରିଛନ୍ତି।

ନନ୍ଦିଘୋଷ

**'ନନ୍ଦିଘୋଷ ଟିଭି'**

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଅଛି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ଇନ୍‌ପୁଟ୍ କପି ଏଡିଟର (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଭିଡିଓ ଏଡିଟର୍ -ଡିଜିଟାଲ (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| କପି ଏଡିଟର -ଡିଜିଟାଲ (୦୩) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ଡିଜିଟାଲ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ନ୍ୟୁଜ୍ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସିଜି ଅପରେଟର (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସ୍ୱିଚର / ଅନଲାଇନ୍ ଏଡିଟର | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୧୫ ନଭେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।
ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

## ପୂରପଲ୍ଲୀରେ କାଞ୍ଜିଅଁଳା ଓଷା ପାଳିତ



ବାଲୁଗାଁ,୧୩।୧୧(ସମିସ): ହିନ୍ଦୁ ଧର୍ମରେ ବାର ମାସରେ ତେର ପର୍ବ ପାଳିତ ହୋଇଥାଏ। କାଞ୍ଜିଅଁଳା ଓଷା ପର୍ବ ସେଥି ମଧ୍ୟରୁ ଅନ୍ୟତମ। ପରମ୍ପରା ଅନୁସାରେ ଗୁରୁବାର ଏହି କାଞ୍ଜିଅଁଳା ନବମୀ ପର୍ବ ବାଣପୁର ବାଲୁଗାଁ ତଥା ଚିଲିକାର ପୂରପଲ୍ଲୀରେ ପାଳନ କରାଯାଇଛି। ମାର୍ଗଶୀର ମାସ ନବମୀ ତିଥି ତଥା ପ୍ରଥମାଷ୍ଟମୀ ପରଦିନ ଘରର ସଧବା ନାରୀମାନେ ଷଷ୍ଠୀ ଦେବୀଙ୍କୁ ପୂଜାର୍ଚ୍ଚନା କରି ଓଷା ପର୍ବ ପାଳନ କରିଥା'ନ୍ତି। ଏହି ଓଷା ପର୍ବରେ ମଧ୍ୟାହ୍ନରେ ଘରର ଅଗଣା ନତୁବା ଘରର ବଗିଚାରେ ଥିବା ଚଉରା ମୂଳେ ଅସ୍ଥାୟୀ ଭାବେ ପୋଖରୀ ଖୋଳାଯାଇଥାଏ। ୭ଟି ପିତା ଶୁଖୁଆକୁ ହଳଦୀ ପାଣିରେ ଗାଧୋଇ ମୁଣ୍ଡରେ ସିନ୍ଦୂର, କଜ୍ୱଳ ଲଗାଇ, ହଳଦୀ କନାରେ ଗୁଡ଼ାଇ ସୁସଜ୍ଜିତ କରିବା ପରେ ମା'ଙ୍କ ନିକଟରେ ଧାନ ବାଲୁଙ୍ଗା, ସାରୁ ଓ ପୋଇ ଆଦି ଗଛକୁ ଏକାଠି କରି ସୁସଜ୍ଜିତ କରିବା ପରେ ଷଷ୍ଠୀ ଦେବୀଙ୍କୁ ଆବାହନ କରାଯାଇଥିଲା। ଏହି ପୂଜା ନିମନ୍ତେ ଭାତ ସହିତ ମୁଖ୍ୟ ବ୍ୟଞ୍ଜନ କାଞ୍ଜି ଓ ସାତ ପ୍ରକାର ତରକାରୀ, ପିଠା ପ୍ରସ୍ତୁତ କରାଯାଇ ଭୋଗ ଲଗାଯାଇ ପୂଜା କରାଯାଇଥିଲା।

■ ଶାରଦ ଧାନ ଫସଲ କ୍ଷତିଗ୍ରସ୍ତ

## ଖରାଟିଆ ଧାନ ପାଇଁ ଚାଷୀ ତତ୍ପର



କଣାସ,୧୩।୧୧(ସମିସ): ପୁରୀ ଜିଲ୍ଲାର କଣାସ ବ୍ଲକ୍ ଏକ ଖାଲୁଆ ଅଞ୍ଚଳ ଭାବେ ପରିଚିତ। ଏହା ଚିଲିକା ଉପକୂଳରେ ଅବସ୍ଥାପିତ ହୋଇଥିବାରୁ ପ୍ରତ୍ୟେକ ବର୍ଷ ବନ୍ୟା ଓ ବର୍ଷା ଜଳରେ ବ୍ୟାଘାତ ହୋଇ ଗୋପୀନାଥପୁର, କାଦୁଆ, ବଡାଲ, ଦୋଛିଆଁ, ଗଡ଼ଖାରଦ, ଦେଇପୁର, ଗଡ଼ିଶାଗୋଦା, ଯାମଳଗୋଦା, ଆଳିବାଡ଼ ପଞ୍ଚାୟତର ଚାଷୀମାନେ ଶାରଦ ଧାନ ଫସଲ ହରାଇ ରବି ଋତୁରେ ଖରାଟିଆ ଧାନ ଫସଲ କରି ପରିବାର ପ୍ରତିପୋଷଣ କରନ୍ତି। ଚଳିତ ବର୍ଷ ଚାଷୀମାନେ ଶାରଦ ଧାନ ଫସଲ ହରାଇବା ପରେ ଖରାଟିଆ ଧାନ ଫସଲ ପାଇଁ ତତ୍ପର ହୋଇ ଉଠିଛନ୍ତି। ଚାଷୀମାନେ ବର୍ତ୍ତମାନ ଜମିରେ ଜୋର୍‌ଦାର୍ ଚାଷକାର୍ଯ୍ୟ ଆରମ୍ଭ କରିଛନ୍ତି। ଚାଷୀମାନଙ୍କର ଆବଶ୍ୟକତା ଅନୁଯାୟୀ ବିହନ ମିଳୁ ନ ଥିବାରୁ ସେମାନଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ତୁରନ୍ତ ଚାଷୀମାନଙ୍କ ଆବଶ୍ୟକତା ଅନୁଯାୟୀ ବିହନ ଯୋଗାଇଦେବା ପାଇଁ ଚାଷୀଙ୍କ ପକ୍ଷରୁ ଦାବି ହେଉଛି।

## ଶିକ୍ଷା କ୍ଷେତ୍ରରେ ସ୍ୱର୍ଣ୍ଣ ପଦକ ହାସଲ କଲେ ଦୀପଶିଖା



ପିପିଲି,୧୩।୧୧(ସମିସ): ବିଭିନ୍ନ ସମୟରେ ଅନେକ ପ୍ରତିଭାଧାରୀ ପିପିଲି ପାଇଁ ଗୌରବ ଆଣିଦେଇଥିବା ବେଳେ ଗୁରୁବାର ଦୀପଶିଖା ଦାସ ଶିକ୍ଷା କ୍ଷେତ୍ରରେ ସ୍ୱର୍ଣ୍ଣ ପଦକ ହାସଲ କରି ଚାନ୍ଦୁଆ ନଗରୀ ପିପିଲି ପାଇଁ ଗୌରବ ଆଣିଦେଇଛନ୍ତି। ପ୍ରକାଶ ଥାଉକି, ଗୁରୁବାର ରାଉରକେଲାସ୍ଥିତ ନେତାଜୀ ସୁଭାଷ ପ୍ରେକ୍ଷାଳୟରେ ଆୟୋଜିତ ରାଜ୍ୟସ୍ତରୀୟ ବିଜୁ ପଟ୍ଟନାୟକ ବୈଷୟିକ ବିଦ୍ୟାଳୟ ୧୨ତମ ସମାବର୍ତ୍ତନ ଉତ୍ସବ ଅବସରରେ ଭୁବନେଶ୍ୱରସ୍ଥିତ ଟ୍ରାଇଡେଣ୍ଟ ଏକାଡେମୀର ଛାତ୍ରୀ ଦୀପଶିଖା ଦାସ ଏମ୍‌ସିଏରେ ସର୍ବୋଚ୍ଚ ନମ୍ବର ରଖି ଓଡ଼ିଶା ଟପ୍ପର ହୋଇଥିଲେ। ଏହି ସମାବର୍ତ୍ତନ ଉତ୍ସବରେ ମୁଖ୍ୟ ଅତିଥିଭାବେ ରାଜ୍ୟପାଳ ଯୋଗଦେଇଥିଲେ। ସୂଚନା ଥାଉକି, ଦୀପଶିଖା ପିପିଲି ହାଟ ଛକସ୍ଥିତ ସୁଧୀର ଚନ୍ଦ୍ର ଦାସ ଏବଂ ଶିକ୍ଷୟିତ୍ରୀ ସୁନିତା ଦାସଙ୍କ କନିଷ୍ଠା କନ୍ୟା ଅଟନ୍ତି।

### ମୁଖ୍ୟମନ୍ତ୍ରୀ ମତ୍ସ୍ୟଜୀବୀ କଲ୍ୟାଣ ଯୋଜନା

# ସଚେତନତା ଅଭାବ; ସକ୍ରିୟ ହୋଇପାରୁନି ଛାତ୍ରବୃତ୍ତି ସୁବିଧା



ନିରାକାରପୁର,୧୩।୧୧(ସମିସ): ମତ୍ସ୍ୟଜୀବୀ ପରିବାରର ମେଧାବୀ ପିଲାମାନଙ୍କୁ ଛାତ୍ରବୃତ୍ତି ପ୍ରଦାନ କରିବା ପାଇଁ ସ୍ୱତନ୍ତ୍ର ଯୋଜନା ରହିଛି। ଏହି ଯୋଜନାଟି ରାଜ୍ୟ ସରକାରଙ୍କ ମତ୍ସ୍ୟ ଓ ପଶୁସମ୍ପଦ ବିକାଶ ବିଭାଗ ଅଧୀନରେ କାର୍ଯ୍ୟକାରୀ ହେଉଛି। ଏହି ଯୋଜନାଟି ବର୍ତ୍ତମାନ "ମୁଖ୍ୟମନ୍ତ୍ରୀ ମତ୍ସ୍ୟଜୀବୀ କଲ୍ୟାଣ ଯୋଜନା'ର ଏକ ଅଂଶ ଭାବରେ କାର୍ଯ୍ୟ କରୁଛି। ଏହି ଯୋଜନାର ମୂଳ ଲକ୍ଷ୍ୟ ହେଉଛି ଶିକ୍ଷା କ୍ଷେତ୍ରରେ ପଛୁଆ ଥିବା ମତ୍ସ୍ୟଜୀବୀ ସମ୍ପ୍ରଦାୟର ପିଲାମାନଙ୍କ ମଧ୍ୟରେ ଉଚ୍ଚଶିକ୍ଷା ପାଇଁ ଆଗ୍ରହ ସୃଷ୍ଟି କରିବା। ଗ୍ରାମାଞ୍ଚଳରେ ମତ୍ସ୍ୟଜୀବୀଙ୍କ ପାଖରେ ଏହି ଯୋଜନାର ପ୍ରଚାରପ୍ରସାର ହୋଇପାରୁନି। ଯଦି ସଠିକ୍ ଭାବେ ଏହାର ପ୍ରଚାରପ୍ରସାର ହୁଅନ୍ତା, ତେବେ ଅନେକ ମେଧାବୀ ଛାତ୍ରଛାତ୍ରୀ ଏହି ଯୋଜନାରେ ଉପକୃତ ହୋଇପାରନ୍ତେ ବୋଲି ଅନେକ ମତ ପ୍ରକାଶ କରିଛନ୍ତି।

ମାଟ୍ରିକ୍ ପରୀକ୍ଷାରେ ଭଲ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥିବା ମେଧାବୀ ଛାତ୍ରଛାତ୍ରୀଙ୍କୁ ଆର୍ଥିକ ସହାୟତା ପ୍ରଦାନ କରିବା। ଏହି ସହାୟତା ଏକକାଳୀନ ଭାବରେ ପ୍ରଦାନ କରାଯାଏ। ଏହା ମାଟ୍ରିକ୍ ପରୀକ୍ଷା ଛାତ୍ରଛାତ୍ରୀ ରଖିଥିବା ମାର୍କ ପ୍ରତିଶତ ଉପରେ ଆଧାରିତ ଅଟେ। ମାଟ୍ରିକ୍ ପରୀକ୍ଷାରେ ୮୦% ବା ଏହାଠାରୁ ଅଧିକ ନମ୍ବର ରଖିଲେ ୨୦ ହଜାର ଟଙ୍କା, ୭୦%ରୁ ୮୦% ଭିତରେ ମାର୍କ ରହିଲେ ୧୫ ହଜାର ଟଙ୍କା, ୬୦ରୁ ୭୦% ଭିତରେ ରହିଲେ ୧୦ ହଜାର ଟଙ୍କା ୨୦୨୩-୨୪ରେ ରାଜ୍ୟ ସରକାରଙ୍କ ଦ୍ୱାରା କାର୍ଯ୍ୟକାରୀ କରାଯାଇଥିବା ମାର୍ଗଦର୍ଶିକାରେ ଉପଲବ୍ଧ ଅଛି। ଯୋଗ୍ୟତା ମାନଦଣ୍ଡରେ ଛାତ୍ରଛାତ୍ରୀ ମତ୍ସ୍ୟଜୀବୀ ସମ୍ପ୍ରଦାୟର ହୋଇଥିବେ, ଅଭିଭାବକଙ୍କ ମୁଖ୍ୟ ବୃତ୍ତି ମତ୍ସ୍ୟଜୀବୀ କାର୍ଯ୍ୟ କରୁଥିବେ, ଛାତ୍ରଛାତ୍ରୀ ମାଟ୍ରିକ ପରୀକ୍ଷାରେ ୫୦%ରୁ ଅଧିକ ମାର୍କ ରଖିଥିବେ, ଉତ୍ତୀର୍ଣ୍ଣ ପରେ ସେମାନେ ଉଚ୍ଚ ଶିକ୍ଷା ପାଇଁ କୌଣସି କଲେଜରେ ନାମ ଲେଖାଇଥିବେ। ଇଚ୍ଛୁକ ପିଲାମାନେ ସହକାରୀ ମତ୍ସ୍ୟ ଅଧିକାରୀ କିମ୍ବା ବ୍ଲକ୍ ଉନ୍ନୟନ ଅଧିକାରୀଙ୍କ ଜରିଆରେ ଜିଲ୍ଲା ମତ୍ସ୍ୟ ଅଧିକାରୀଙ୍କ ନିକଟରେ ଆବେଦନ କରିବା ପାଇଁ ସୂଚନା ଉପଲବ୍ଧ ରହିଛି। ଯାଞ୍ଚ ଏବଂ ମଞ୍ଜୁରୀ ପରେ ଏକକାଳୀନ ସହାୟତା ଡିବିଟି ଜରିଆରେ ଛାତ୍ରଛାତ୍ରୀଙ୍କ ବ୍ୟାଙ୍କ୍ ଆକାଉଣ୍ଟକୁ ସିଧାସଳଖ ପଠାଯାଇଥାଏ। ଆବଶ୍ୟକୀୟ କାଗଜପତ୍ରରେ ମାଟ୍ରିକ୍ ଉତ୍ତୀର୍ଣ୍ଣ ପ୍ରମାଣପତ୍ର, କଲେଜରେ ନାମ ଲେଖାଯାଇଥିବା ରସିଦ୍, ଜାତି ପ୍ରମାଣପତ୍ର, ଅଭିଭାବକ ବୃତ୍ତି ପ୍ରମାଣପତ୍ର, ବ୍ୟାଙ୍କ୍ ପାସବୁକ୍ କପି, ଆଧାର କାର୍ଡ, ଫଟୋ, ଆବେଦନ ଫର୍ମ ପୂରଣ କରି ପାଇପାରିବେ।

ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ୍‌ରେ ଆର୍ଥିକ ବର୍ଷ ୨୦୨୩-୨୪ରେ ବଡ଼ପାରୀ ପଞ୍ଚାୟତରେ ଲକ୍ଷ୍ମୀପ୍ରିୟା ପ୍ରଧାନଙ୍କୁ ୧୦ ହଜାର, କୁହୁଡ଼ି ପଞ୍ଚାୟତରେ ୫ ଜଣ ଯଥା- ଜୟନ୍ତୀ ବେହେରା, ରୋଜା ବେହେରା, ଶ୍ରାବଣୀ ବେହେରା, ଶୁଭ୍ରାଂଶୁ ଶେଖର ବେହେରା, ସ୍ୱର୍ଣ୍ଣପ୍ରଭାଙ୍କୁ ସର୍ବମୋଟ୍ ୭୦ ହଜାର, ରାମେଶ୍ୱର ଗ୍ରାମ ପଞ୍ଚାୟତର ୩ ଜଣ ଯଥା- ବିଷ୍ଣୁପ୍ରିୟା ସାହୁ, ଚନ୍ଦନ ସାହୁ, ସଞ୍ଜୀବ କୁମାର ସ୍ୱାଇଁଙ୍କୁ ସର୍ବମୋଟ ୩୦ ହଜାର, ରତନପୁର ଗ୍ରାମପଞ୍ଚାୟତରେ ୬ ଜଣ ଯଥା- ଅଲେଖ ପ୍ରସାଦ ବେହେରା, ସୁସ୍ମିତା ବେହେରା, ଦୀପାଳି ବଳବନ୍ତରାୟ, ମନୋରଞ୍ଜନ ବେହେରା, ରୁଦ୍ର ପ୍ରତାପ ବେହେରା, ସବିତା ବେହେରାଙ୍କୁ ସର୍ବମୋଟ ୭୦ ହଜାର, ସରପାରୀ ଗ୍ରାମ ପଞ୍ଚାୟତର ଜ୍ଞାନରଞ୍ଜନ ବେହେରାଙ୍କୁ ୧୦ ହଜାର, ସୁନ୍ଦରପୁର ପଞ୍ଚାୟତର ରୁପେଶ ରଞ୍ଜନ ରାଉତଙ୍କୁ ୧୫ ହଜାର ଟଙ୍କା ଛାତ୍ରବୃତ୍ତି ପ୍ରଦାନ କରାଯାଇଛି। ସେହିପରି ବାଲିଅନ୍ତା ବ୍ଲକ୍‌ର ୧୬ ଜଣଙ୍କୁ ସର୍ବମୋଟ ୧.୯୫ ଲକ୍ଷ, ଖୋର୍ଦ୍ଧା ବ୍ଲକ୍‌ର ୨୦ ଜଣଙ୍କୁ ସର୍ବମୋଟ୍ ୨.୪୫ ଲକ୍ଷ ଟଙ୍କା ଛାତ୍ରବୃତ୍ତି ପ୍ରଦାନ କରାଯାଇଛି। ୨୦୨୪-୨୫ରେ ଟାଙ୍ଗୀ ଓ ଖୋର୍ଦ୍ଧା ବ୍ଲକ୍‌ର କିଛି ଛାତ୍ରଛାତ୍ରୀ ଉପକୃତ ହୋଇଥିବା ଜଣାପଡ଼ିଛି।

## ନୂତନ ଧାନ ମଣ୍ଡି ଖଳାର ଭିତ୍ତିପ୍ରସ୍ତର ସ୍ଥାପନ

ପିପିଲି,୧୩।୧୧(ସମିସ): ପିପିଲି ବ୍ଲକ୍‌ରେ ଥିବା ସେବା ସମବାୟ ସମିତିମାନଙ୍କରେ ଚାଷୀମାନଙ୍କର ଧାନକୁ ମଣ୍ଡିରେ ସୁରକ୍ଷିତ ରଖିବା ଏବଂ ସେମାନଙ୍କୁ ମୌଳିକ ସୁବିଧାସୁଯୋଗ ଯୋଗାଇଦେବା ଉଦ୍ଦେଶ୍ୟରେ ଗୁରୁବାର ପିପିଲି ବ୍ଲକ୍‌ରେ ପ୍ରଥମ ପର୍ଯ୍ୟାୟରେ ୬ଟି ସେବା ସମବାୟ ସମିତିରେ ଡେଲାଙ୍ଗ-ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ ଧାନ ମଣ୍ଡି ଖଳାର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଏହି ଖଳାଗୁଡ଼ିକର ନିର୍ମାଣ ଟେଣ୍ଡର ପ୍ରକ୍ରିୟାରେ କରାଯିବ। ଭିତ୍ତିପ୍ରସ୍ତର ଫଳକରେ ପ୍ରତ୍ୟେକ ଖଳା ପାଇଁ ଆସିଥିବା ଅନୁଦାନ ରାଶିର ସୂଚନା ନାହିଁ। ମିଳିଥିବା ସୂଚନା ଅନୁଯାୟୀ, ପ୍ରତ୍ୟେକ ଖଳା ୭୫ ଫୁଟ୍ ଲମ୍ବ, ୭୫ ଫୁଟ୍ ଚଉଡ଼ାରେ ନିର୍ମାଣ କରାଯିବ। ପ୍ରତି ଖଳାରେ ଚାଷୀ ଧାନ ଶୁଖାଇବା, ଧାନ ସୁରକ୍ଷିତ ରଖିବା ପାଇଁ ଛାତ ଖଳା, ନିର୍ମାଣ କରାଯିବା ସହ ଦୁଇଟି ଶୌଚାଳୟ, ବିଶ୍ରାମସ୍ଥଳ, ଖଳାର ଚାରିପାଖ ପାଚେରି ନିର୍ମାଣ କରାଯିବ। ଏଥିନିମନ୍ତେ ପ୍ରତି ଖଳାକୁ ୬୫ ଲକ୍ଷ ଟଙ୍କା ଅନୁଦାନର ଟେଣ୍ଡର କରାଯାଇଛି। ପିପିଲି ବ୍ଲକ୍‌ର ରୁପୁଦେଇପୁର, ତେଇଶିପୁର, ମଙ୍ଗଳପୁର, ପୂବା, ପାଣିଦୋଳ ଏବଂ ପିପିଲି ପୌରାଞ୍ଚଳ ଆଦି ୬ଟି ସେବା ସମବାୟ ସମିତିର ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି।

## ଉପମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ଭିତ୍ତିପ୍ରସ୍ତର ସ୍ଥାପନ



ବଳଙ୍ଗା,୧୩।୧୧(ସମିସ): ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଦ୍ୱାରା ଗୁରୁବାର ବଳଙ୍ଗା ଭାର୍ଗବୀ ନଦୀବନ୍ଧ ଉନ୍ନତିକରଣ ପାଇଁ ବାମ ପାର୍ଶ୍ୱରେ ଶିଳାନ୍ୟାସ ହୋଇଛି। ରାଜ୍ୟ ଜଳସମ୍ପଦ ବିଭାଗ ପକ୍ଷରୁ ଭାର୍ଗବୀ ନଦୀବନ୍ଧ ସୁରକ୍ଷା ପାଇଁ ନଦୀବନ୍ଧ ଉନ୍ନତିକରଣ ପାଇଁ ୧୮ କିଲୋମିଟର ଏବଂ ନଦୀ ବନ୍ଧର ପଥର ପ୍ୟାକିଂ ୩୫ କିଲୋମିଟର ପର୍ଯ୍ୟନ୍ତ କାର୍ଯ୍ୟ କରାଯିବ। ଏହି କାର୍ଯ୍ୟ ପାଇଁ ୬କୋଟି ୪ ଲକ୍ଷ ଟଙ୍କା ଖର୍ଚ୍ଚ ଅଟକଳ କରାଯାଇଥିବା ବିଭାଗୀୟ ଅଧିକାରୀ ପ୍ରକାଶ କରିଛନ୍ତି। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ନିମାପଡ଼ା ଜଳସମ୍ପଦ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ପ୍ରୀତମ୍ ପୋଥାଳ, ଅଜୟ ପ୍ରଧାନ, ସାଂସଦ ପ୍ରତିନିଧି ମିନଳତା ମହାନ୍ତି, ସମାଜସେବୀ ଶ୍ୟାମସୁନ୍ଦର ନାୟକ, ସରୋଜ ସାହୁ, ପ୍ରଭାକର ନାୟକ, ମୋହନ ପଣ୍ଡା, ରତ୍ନାକର ମିଶ୍ର, ଜୟଦେବ ମହାପାତ୍ରଙ୍କ ସମେତ ବଳଙ୍ଗା ଅଞ୍ଚଳର ଜନସାଧାରଣଙ୍କ ସହ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ଆମପଡ଼ା ବିଦ୍ୟାଳୟରେ ଭାସୁଛି ପିଇବା ପାଣି



ନୟାହାଟ,୧୩।୧୧(ସମିସ): କେଉଁଠି ପିଇବା ପାଇଁ ପାଣି ଟୋପାଏ ମିଳୁ ନ ଥିବାବେଳେ ପାନୀୟଜଳ ବିଭାଗର ତ୍ରୁଟିପୂର୍ଣ୍ଣ କାର୍ଯ୍ୟ ଯୋଗୁଁ ଶୀତ ଦିନରେ ଏକ ବିଦ୍ୟାଳୟ ପରିସରରେ ପିଇବା ପାଣି ଭାସୁଛି। ପ୍ରକାଶ ଯେ, ନୟାହାଟ ଫାଣ୍ଡି ଅନ୍ତର୍ଗତ ଇସାଣପୁର ପଞ୍ଚାୟତର ଆମପଡ଼ା ପ୍ରାଥମିକ ବିଦ୍ୟାଳୟ ପରିସରରେ ପିଲାମାନଙ୍କ ପାଇଁ 'ବସୁଧା' ଯୋଜନାରେ ପିଇବା ପାଣି ଟାଙ୍କି ବସିଥିବାବେଳେ ଟ୍ୟାପ୍ ଲଗାଯାଇ ନ ଥିବାରୁ ସ୍କୁଲ ହତା ଭିତରେ ପାଣି ଜମୁଛି। ଏ ସମ୍ପର୍କରେ ପ୍ରଧାନଶିକ୍ଷକ ପ୍ରସନ୍ନ ସାହୁଙ୍କୁ ପଚାରିବାରେ ସେ କୁହନ୍ତି ଯେ ପିଲାମାନେ ଶୀତଦିନରେ ପାଣି ଭିତରେ ପଶି ବହୁ ଅସନ୍ତୁଷ୍ଟ ହୋଇ ସ୍କୁଲ ଭିତରକୁ ଆସୁଛନ୍ତି। ଏ ସମ୍ପର୍କରେ 'ବସୁଧା' ଯୋଜନା କାର୍ଯ୍ୟ କରୁଥିବା ଠିକାଦାର ଟ୍ୟାପ୍ ନ ବସେଇବା ଫଳରେ ସ୍କୁଲରେ ପାଣି ଜମୁଛି।

## କ୍ରୀଡ଼ାପ୍ରେମୀ ରାମଚନ୍ଦ୍ରଙ୍କ ଶ୍ରଦ୍ଧାଞ୍ଜଳି ସଭା



ନିରାକାରପୁର,୧୩।୧୧(ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଗେଟ୍ ବଜାରସ୍ଥିତ ରାମଚନ୍ଦ୍ର ପ୍ରଧାନଙ୍କ ଏକାଦଶାହ ତିଥିରେ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ବିଜେଡି ଉପସଭାପତି ବିପିନ କୁମାର ଜୟସିଂହଙ୍କ ସଭାପତିତ୍ୱରେ ଅତିଥି ଭାବେ ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ସାହୁ, ୧୨ନଂ ଜିଲ୍ଲା ପରିଷଦ ସଭ୍ୟ ବିଜୟ କୁମାର ପାଲଟାସିଂହ, ପ୍ରବକ୍ତା ଡ. ପୂର୍ଣ୍ଣ ଚନ୍ଦ୍ର ଦାଶ, କମାଗୁରୁ କଲେଜ ଅଧକ୍ଷ ସୁଧାଂଶୁ ଶେଖର ମହାନ୍ତି, ସମାଜସେବୀ ଅପର୍ତ୍ତି ଜେନା, ଯୁବନେତା ସୁକାନ୍ତ ବେହେରା, ଅଧ୍ୟାପକ ଶ୍ୟାମସୁନ୍ଦର ପଟ୍ଟନାୟକ, ଅବସରପ୍ରାପ୍ତ ଶିକ୍ଷକ ଈଶ୍ୱର ଚନ୍ଦ୍ର ଜେନା, ସମାଜସେବୀ ସୁରେନ୍ଦ୍ର କୁମାର ଶ୍ରୀଚନ୍ଦନ, ଶୁଭମ୍ କୁମାର ଦାଶ ପ୍ରମୁଖ ମଞ୍ଚାସୀନ ହୋଇ ରାମଚନ୍ଦ୍ରଙ୍କ ପ୍ରତି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ମଞ୍ଚ ପରିଚାଳନା କରିଥିଲେ କମଳ ଲୋଚନ ପ୍ରଧାନ ଓ ଗୀତାପାଠ କରିଥିଲେ ଶିକ୍ଷାବିତ୍ ବିରଞ୍ଚି ନାରାୟଣ ତ୍ରିପାଠୀ। ଏହି କାର୍ଯ୍ୟକ୍ରମକୁ ପୁତ୍ର ଭାଗିରଥି ପ୍ରଧାନ, ସୁଶାନ୍ତ ପ୍ରଧାନ, ମନୋଜ ପ୍ରଧାନ, ସୁକାନ୍ତ କୁମାର ପ୍ରଧାନ ପ୍ରମୁଖ ପରିଚାଳନା କରିଥିଲେ।

## ୧୫ ଲିଟର ମଦ ଜବତ, ୨ ଗିରଫ

କାକଟପୁର,୧୩।୧୧(ସମିସ): ଗୁରୁବାର ସକାଳେ ପୁରୀ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ପ୍ରତୀକ୍ ସିଂହଙ୍କ ନିର୍ଦ୍ଦେଶ କ୍ରମେ କାକଟପୁର ଥାନା ଆଇଆଇସି ବସନ୍ତ କୁମାର ସାହୁଙ୍କ ନେତୃତ୍ୱରେ ଏକ ଟିମ୍ କାକଟପୁର ଥାନା ଅଧୀନସ୍ଥ ନୀଳକଣ୍ଠପୁର ଗ୍ରାମରେ ଚଢ଼ଉ କରାଯାଇଥିଲା। ଏଥିରେ ହୃଷୀକେଶ ରାଉତ (୫୮)ଙ୍କଠାରୁ ୮ ଲିଟର ଆସ୍କାଫର୍ଟି ମଦ ଜବତ କରିଥିବାବେଳେ ଫକୀରସାହି ଗ୍ରାମର ପୀତବାସ ଓଝା (୪୯)ଙ୍କଠାରୁ ୭.୨ ଲିଟର ଆସ୍କାଫର୍ଟି ମଦ ଜବତ କରି ଉଭୟଙ୍କୁ ଗିରଫ କରିଥିଲେ। ଏ ସଂକ୍ରାନ୍ତରେ କାକଟପୁର ଥାନାରେ ୨ଟି ମାମଲା ରୁଜୁ କରାଯାଇ ଦଫା ୫୨(ଏ)ରେ ଅବକାରୀ ଆଇନ ଅନୁଯାୟୀ ଉଭୟଙ୍କୁ କୋର୍ଟଚାଲାଣ କରାଯାଇଥିବା ବେଳେ ଅଧିକ ତଦନ୍ତ ଚାଲୁ ରହିଛି ବୋଲି କାକଟପୁର ଥାନାଧିକାରୀ ଶ୍ରୀ ସାହୁ ପ୍ରକାଶ କରିଛନ୍ତି।

## ଚୋରି ଅଭିଯୋଗରେ ଜଣେ ଅଟକ

ଚାରିଛକ,୧୩।୧୧(ସମିସ): ଚାରିଛକ ଥାନା ଅନ୍ତର୍ଗତ ବ୍ରହ୍ମକୁଣ୍ଡୀ ଗ୍ରାମର ଜଣେ ବ୍ୟକ୍ତିଙ୍କ ଘରୁ ବୁଧବାର ରାତିରେ ଚୋରି ହୋଇଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗରୁ ଜଣାଯାଇଛି ଯେ, ଉକ୍ତ ଗ୍ରାମର ବିଜୟ ମଳିକ ଗତ ଗୁଧବାର ରାତିରେ ଘରେ ଶୋଇଥିବା ସମୟରେ ଉକ୍ତ ଥାନା ଅନ୍ତର୍ଗତ ଖୋରଡ଼ ଗ୍ରାମର ଲିଟୁ ସେଠୀ ତାଙ୍କ ଶୋଇବା ଘରେ ପଶି ଗୋଟିଏ ମୋବାଇଲ ଓ ଟ୍ରଙ୍କରେ ଥିବା ୮ ହଜାର ଟଙ୍କା ଚୋରି କରି ନେଉଥିଲା। ଏହି ସମୟରେ ବିଜୟ, ତାଙ୍କ ପତ୍ନୀ, ଝିଅ ଓ ପୁଅ ଉଠି ପ୍ରତିବାଦ କରିବାରୁ ସେ ଏକ ଛୁରିରେ ସେମାନଙ୍କୁ ଆକ୍ରମଣ କରିଥିଲା। ପରିବାର ଲୋକେ ଚିତ୍କାର କରିବାରୁ ଅଭିଯୁକ୍ତ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲା। ଚୋରର ଛୁରାମାଡ଼ରେ ଆହତ ହୋଇଥିବା ପରିବାର ଲୋକମାନେ ଚାରିଛକ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସାଧୀନ ଥିବା ଜଣାପଡ଼ିଛି। ଏନେଇ ବିଜୟଙ୍କ ପତ୍ନୀ ଜୟନ୍ତୀ ଚାରିଛକ ଥାନାରେ ଅଭିଯୋଗ କରିବାରୁ ପୁଲିସ ଏକ ମାମଲା ରୁଜୁକରି ଅଭିଯୁକ୍ତ ଲିଟୁକୁ ଅଟକ ରଖିଥିବା ସହ ଘଟଣାର ତଦନ୍ତ ଚଳାଇଥିବା ଜଣାପଡ଼ିଛି।

## ଦୋକାନରୁ ଚୋରି କରି ଯୁବକ ଗିରଫ



କଣାସ,୧୩।୧୧(ସମିସ): କଣାସ ଥାନା ନିକଟବର୍ତ୍ତୀ କୁଞ୍ଜେଶ୍ୱରୀ ବଜାରର କ୍ଷମାଚାନ୍ଦ ପ୍ରଧାନଙ୍କ ଜଳଖିଆ ଦୋକାନରୁ ଗତ ୭ ତାରିଖ ମଧ୍ୟରାତ୍ରରେ ଦୋକାନ ଦ୍ୱାର ଖୋଲି ଟଙ୍କା ବାକ୍ସରୁ ୫ ହଜାର ଟଙ୍କା ଏବଂ ୧୨ଟି ହର୍‌ଲିକ୍ସ ଥିବା ଗୋଟିଏ ପେଟି କୌଣସି ଦୁର୍ବୃତ୍ତ ନେଇଯାଇଥିବା କ୍ଷମାଚାନ୍ଦ କଣାସ ଥାନାରେ ଏତେଲା ଦେଇଥିଲେ। ଏତଲା ପାଇ କଣାସ ଥାନା ଆଇଆଇସି ପ୍ରଶନ୍ନ କୁମାର ନାୟକ ୧୬୯/୨୦୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇ ସିସିଟିଭି ଯାଞ୍ଚ କରି କଣାସ ଗ୍ରାମର ଦିଲ୍ଲୀପ ମହାପାତ୍ର (୨୧)ଙ୍କୁ ଗିରଫ କରିଥିଲେ। ତାଙ୍କଠାରୁ ଚୋରି ଯାଇଥିବା ୫ ହଜାର ଟଙ୍କା ଏବଂ ହର୍‌ଲିକ୍ସ ପେଟି ଜବତ କରିବା ସହିତ ଦିଲ୍ଲୀପଙ୍କୁ କୋର୍ଟଚାଲଣ କରିଥିବା ଥାନାଧିକାରୀ ଶ୍ରୀ ନାୟକ ସୂଚନା ଦେଇଛନ୍ତି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

### ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

# ସଫଳ ଚାଷୀଙ୍କୁ ସମ୍ବର୍ଦ୍ଧନା ଓ ନୂତନଙ୍କୁ କାର୍ଯ୍ୟାଦେଶ ବଣ୍ଟନ


ଡେଲାଙ୍ଗ


ଅସ୍ତରଙ୍ଗ


କାକଟପୁର/ ଗମ୍ଭାରୀପଦା

ଡେଲାଙ୍ଗ,୧୩।୧୧(ସମିସ): ଡେଲାଙ୍ଗ ବ୍ଲକ୍ ବେରବୋଇ ମେଳଣ ପଡ଼ିଆଠାରେ ଗୁରୁବାର ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ବ୍ଲକ୍ ଆତ୍ମା ଅଧ୍ୟକ୍ଷ ଲଡୁକିଶୋର ରାୟଙ୍କ ଅଧ୍ୟକ୍ଷତାରେ ଆୟୋଜିତ ମେଳାରେ ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ବିଧାୟକ ଆଶ୍ରିତ ପଟ୍ଟନାୟକ ଯୋଗଦେଇ ମତ୍ସ୍ୟ ଓ ପ୍ରାଣୀ ସମ୍ପଦର ଅଭିବୃଦ୍ଧି, ପଶୁ ପାଳନ ଓ ମତ୍ସ୍ୟ ଚାଷର ବିକାଶ ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରଣୟନ କରାଯାଇଥିବା ବିଭିନ୍ନ ଯୋଜନା ସମ୍ପର୍କରେ ଆଲୋକପାତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ବ୍ଲକ୍ ଉନ୍ନୟନ ଅଧିକାରୀ ନୀଳଶୈଳ ସ୍ୱାଇଁ, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ନୃସିଂହ ଚରଣ ସାହୁ, ଡେଲାଙ୍ଗ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ପ୍ରୀତିତୋଷ ମହାପାତ୍ର, ପିପିଲି ପ୍ରାଣୀ ଚିକିତ୍ସା ଅଧିକାରୀ ଡାକ୍ତର ଆଲୋକ ମିଶ୍ର, ଡେଲାଙ୍ଗ ପଞ୍ଚାୟତ ସମିତି ଅଧ୍ୟକ୍ଷା ବାସନ୍ତୀ ସାହୁ, ଉପାଧ୍ୟକ୍ଷା ଦୁର୍ବାଶା ନିଶଙ୍କ, ଅତିରିକ୍ତ ଜିଲ୍ଲା ମତ୍ସ୍ୟ ଅଧିକାରିଣୀ ସଂଘମିତ୍ରା ପାଣିଗ୍ରାହୀ, ଡେଲାଙ୍ଗ ବ୍ଲକ୍ ସହକାରୀ ମତ୍ସ୍ୟ ଅଧିକାରିଣୀ ନିରୂପମା ଚିନାରା, ବ୍ଲକ୍ କୃଷି ଅଧିକାରିଣୀ ମାନସୀ ମଧୁଭାଷିଣୀ ପଶାୟତ ପ୍ରମୁଖ ଯୋଗଦେଇ ମତ୍ସ୍ୟ ଓ ପ୍ରାଣୀ ସମ୍ପଦର ବିକାଶ ପାଇଁ ସରକାରଙ୍କ ବିଭିନ୍ନ ଯୋଜନାରେ ନିଜକୁ ସାମିଲ କରି ଲାଭବାନ ହେବା ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ ପ୍ରାଣୀପାଳକ ଓ ମତ୍ସ୍ୟ ଚାଷୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିବାବେଳେ ନୂତନ ଚାଷୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ କରାଯାଇଥିଲା। ସରକାରଙ୍କ ବିଭିନ୍ନ ଯୋଜନାକୁ ପାଲାକାର ସରୋଜ କୁମାର ପ୍ରଧାନ ପାଲା ମାଧ୍ୟମରେ ଉପସ୍ଥିତ ଜନସାଧାରଣ ଓ ଚାଷୀଙ୍କୁ ସଚେତନ କରାଇଥିଲେ। କୁକୁଡ଼ା ଫାର୍ମ ପାଇଁ ଆର୍ଥିକ ସହାୟତା, କ୍ଷୁଦ୍ର କୁକୁଡ଼ା ଦାନା ପ୍ରସ୍ତୁତି କାରଖାନା ପ୍ରତିଷ୍ଠା ପାଇଁ ଆର୍ଥିକ ସହାୟତା, ବ୍ରଏଲର କୁକୁଡ଼ା ଫାର୍ମ ପାଇଁ ଆର୍ଥିକ ସହାୟତା, ଭ୍ରାମ୍ୟମାଣ ପ୍ରାଣୀ ଚିକିତ୍ସା ୟୁନିଟ୍, ଘର ଅଗଣାରେ କୁକୁଡ଼ା ପାଳନ ପାଇଁ ସହାୟତା, ବତକ ପାଳନ ପାଇଁ ସହାୟତା, ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା, ମୁଖ୍ୟମନ୍ତ୍ରୀ ମତ୍ସ୍ୟଜୀବୀ କଲ୍ୟାଣ ଯୋଜନା ଆଦିକୁ ନେଇ ଷ୍ଟଲ୍ ଖୋଲାଯାଇଥିଲା।

ଅସ୍ତରଙ୍ଗ: ପୁରୀ ଜିଲ୍ଲା ଅସ୍ତରଙ୍ଗ ବ୍ଲକ୍ ପରିସରରେ ଗୁରୁବାର ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ଏହି ମେଳାକୁ ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ ପ୍ରଦୀପ ପ୍ରଜ୍ୱଳନ ପୂର୍ବକ ଉଦ୍‌ଘାଟନ କରିଥିଲେ। ଏହି ଉପଲକ୍ଷେ ବ୍ଲକ୍ ପରିସରରେ ମତ୍ସ୍ୟ, ପ୍ରାଣୀ ସମ୍ପଦ, ଉଦ୍ୟାନ ବିଭାଗ, ଓମ୍‌ଫେଡ୍, ଏକ୍ରିକ୍ ପ୍ରକଳ୍ପ, ଗ୍ରାମ ବିକାଶ ସାକ୍ଷୀଗୋପାଳ ଆଦି ତରଫରୁ ଚାଷୀଙ୍କ ଅବଗତ ତଥା ପରାମର୍ଶ ନିମନ୍ତେ ଷ୍ଟଲ୍‌ମାନ ଖୋଲାଯାଇ କୃଷି ତଥା ମତ୍ସ୍ୟ ଆଦି ସମ୍ବନ୍ଧୀୟ ବିଭିନ୍ନ ଆତ୍ମନିର୍ଭରଶୀଳ ଯୋଜନା ଉପରେ ସରକାରୀ ଅଧିକାରୀମାନଙ୍କ ତରଫରୁ ପରାମର୍ଶ ଦିଆଯାଇଥିଲା। ଅସ୍ତରଙ୍ଗ ଏକ ସମୁଦ୍ର ତଟ ଅଞ୍ଚଳ ଓ ଏହାର ଅଧିବାସୀମାନେ ମାଛ ଚାଷ ଓ ନଦୀ ନାଳରୁ ମାଛ ଧରି ଜୀବିକା ନିର୍ବାହ କରନ୍ତି। ତେଣୁ ରାଜ୍ୟ ଓ କେନ୍ଦ୍ର ସରକାର ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ଚାଷୀଙ୍କ ପାଇଁ କରିଥିବା ଯୋଜନାର ଲାଭ ଉଠାଇବା ପାଇଁ ବୈଠକରେ ଶ୍ରୀ ତରାଇ ପରାମର୍ଶ ଦେଇଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ଅସ୍ତରଙ୍ଗ ବ୍ଲକ୍ ଅଧ୍ୟକ୍ଷ ଆରତୀ ନାଏକ, ଉପାଧ୍ୟକ୍ଷ ଦୁର୍ଯ୍ୟୋଧନ ମିଶ୍ର, ଜିଲ୍ଲା ମତ୍ସ୍ୟ ଅଧିକାରୀ ସତ୍ୟବ୍ରତ ଦାଶ, ପ୍ରାଣୀ ସମ୍ପଦ ଅଧିକାରୀ ଡ. ଶରତ କୁମାର ବେହେରା, ବିଡିଓ ସସ୍ମିତା ବେହେରା, ଓଡ଼ିଶା ମତ୍ସ୍ୟଜୀବୀ ସଂଘ ସଭାପତି ପ୍ରସନ୍ନ ବେହେରା, ସାଂସଦ ପ୍ରତିନିଧି ଦିବାକର ଛାଟୋଇ, କାକଟପୁର ପ୍ରତିନିଧି ସୁଦର୍ଶନ ସ୍ୱାଇଁ, ବ୍ଲକ୍ ଆତ୍ମା ସଭାପତିଙ୍କ ସମେତ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗର ବହୁ ଅଧିକାରୀ ଉପସ୍ଥିତ ଥିଲେ। ସଫଳ ଚାଷୀ ତଥା ମତ୍ସ୍ୟ ବିଭାଗର ୪ ଓ ପ୍ରାଣୀ ସମ୍ପଦ ବିଭାଗର ୪ ଜଣ ଚାଷୀଙ୍କୁ ଜିଲ୍ଲା ପ୍ରଶାସନ ତରଫରୁ ସମ୍ମାନିତ କରାଯାଇଥିଲା।

କାକଟପୁର/ଗମ୍ଭାରୀପଦା : ଗୁରୁବାର କାକଟପୁର ସରକାରୀ ହାଇସ୍କୁଲ ଖେଳପଡ଼ିଆଠାରେ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। କାକଟପୁର ବ୍ଲକ୍ ଉନ୍ନୟନ ଅଧିକାରୀ ନାରାୟଣ ଦୀକ୍ଷିତଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉକ୍ତ ମେଳାରେ ମୁଖ୍ୟଅତିଥି ଭାବେ ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ, ମୁଖ୍ୟବକ୍ତା ଭାବେ କାକଟପୁର ବିଧାୟକ ଇଂ ତୁଷାରକାନ୍ତି ବେହେରା, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସାଧିକାରୀ ଡ. ରାଜେଶ କୁମାର ପାଣିଗ୍ରାହୀ, ପୁରୀ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସ୍ୱାଧୀନ କୁମାର ନାୟକ, କାକଟପୁର ବ୍ଲକ୍ ଅଧ୍ୟକ୍ଷ ଶ୍ରୀଧର ନାୟକ, କାକଟପୁର ବ୍ଲକ୍ ଆତ୍ମା ଅଧ୍ୟକ୍ଷ ରାଜେଶ ଚନ୍ଦ୍ର ପାତ୍ର ପ୍ରମୁଖ ଯୋଗଦେଇ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଲୋକାଭିମୁଖୀ ଯୋଜନା ଦ୍ୱାରା କୃଷି ଓ କୃଷକଙ୍କୁ ଅବଗତ କରାଇବା ନିମନ୍ତେ ଆୟୋଜିତ ଷ୍ଟଲ୍‌ଗୁଡ଼ିକୁ ବୁଲି ଦେଖିଥିଲେ। ଶେଷରେ ବ୍ଲକ୍‌ର ଶ୍ରେଷ୍ଠ ଗୋ-ପାଳକ, ଛେଳି ପାଳକ ଏବଂ ମତ୍ସ୍ୟଚାଷୀଙ୍କୁ ଅତିଥିଙ୍କ ଦ୍ୱାରା ମାନପତ୍ର ଏବଂ ଅର୍ଥରାଶି ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ମେଳାରେ କାକଟପୁର ବ୍ଲକ୍ ସହକାରୀ ମତ୍ସ୍ୟ ଅଧିକାରୀ ମିତାଲି ମଧୁସ୍ମିତା ସାହୁଙ୍କ ସମେତ ଉଭୟ ପ୍ରାଣୀ ଓ ମତ୍ସ୍ୟ ବିଭାଗର ଅଧିକାରୀ ଓ କର୍ମଚାରୀବୃନ୍ଦ ଉପସ୍ଥିତ ଥିଲେ।

# ଶ୍ରୀକ୍ଷେତ୍ର ସିଟି

୧୩/୧୧/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୮,୩୧,୬୮୯/-
ସୁନା: ୦୩.୬୫୦ ଗ୍ରାମ୍
ରୁପା: ୩୯.୦୦୦ ଗ୍ରାମ୍



### ୨୦ରେ ଦେବ ଦୀପାବଳି

## ୧ ଲକ୍ଷ ଦୀପରେ ଝଲସିବ ବଡ଼ଦାଣ୍ଡ



**ପୁରୀ,୧୩।୧୧(ସମିସ):** ପବିତ୍ର ଦେବ ଦୀପାବଳି ଅବସରରେ ୧ ଲକ୍ଷ ଦୀପଶିଖାରେ ଝଲସିବ ବଡ଼ଦାଣ୍ଡ। ଶ୍ରୀମନ୍ଦିର ସିଂହଦ୍ୱାରଠାରୁ ଶ୍ରୀଗୁଣ୍ଡିଚା ମନ୍ଦିର ପର୍ଯ୍ୟନ୍ତ ବଡ଼ଦାଣ୍ଡ ହେବ ଦୀପମୟ। ଏ ନେଇ ଓଡ଼ିଶା ଇଣ୍ଟରନ୍ୟାସନାଲ୍ ସେଣ୍ଟର ଏବଂ ଶ୍ରୀକ୍ଷେତ୍ର ବିକାଶ ମଞ୍ଚ ପକ୍ଷରୁ ହୋଟେଲ୍ ହଲିଡେ' ରିସୋର୍ଟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ଏଥିରେ ରାଜ୍ୟସଭା ସାଂସଦ ଶୁଭାଶିଷ୍ ଖୁଣ୍ଟିଆ କାର୍ଯ୍ୟକ୍ରମ ରୂପରେଖ ସମ୍ପର୍କରେ ବିସ୍ତୃତ ସୂଚନା ଦେଇଥିଲେ। ସାଂସଦ ଶ୍ରୀ ଖୁଣ୍ଟିଆ କହିଥିଲେ, ଆସନ୍ତା ୨୦ ତାରିଖ ସନ୍ଧ୍ୟାରେ ପବିତ୍ର ଦେବ ଦୀପାବଳି ଅବସରରେ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଶ୍ରୀମନ୍ଦିର ଛତିଶା ନିଯୋଗ ସମେତ ପୁରୀର ବିଭିନ୍ନ ସାମାଜିକ ଓ ସାଂସ୍କୃତିକ ସଂଗଠନ ଏଥିରେ ଅଂଶଗ୍ରହଣ କରିବେ। ଦେବତାମାନଙ୍କ ଉଦ୍ଦେଶ୍ୟରେ ଜଗନ୍ନାଥ ସଂସ୍କୃତିର ପରମ୍ପରା ଅନୁସାରେ ଦୀପଦାନ କରି ବିଶ୍ୱ ମାନବ ସମାଜରେ ଶାନ୍ତି ପ୍ରତିଷ୍ଠା କରିବା ଏହି କାର୍ଯ୍ୟକ୍ରମର ମୂଳ ଲକ୍ଷ୍ୟ। ଏହିଦିନ ବିଶ୍ୱଶାନ୍ତି ଅଗ୍ନିହୋତ୍ର ଯଜ୍ଞ ଆୟୋଜନ କରାଯିବ। ସେହିପରି ସନ୍ଧ୍ୟାରେ ଶରଧାବାଲିସ୍ଥିତ ମୁକ୍ତାକାଶ ରଙ୍ଗମଞ୍ଚରେ ଭଜନ ପରିବେଷଣ କରାଯିବ ବୋଲି ଶ୍ରୀ ଖୁଣ୍ଟିଆ ସୂଚନା ଦେଇଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଉପଦେଷ୍ଟା ରାଜକିଶୋର ପାତ୍ର, ବରିଷ୍ଠ ନେତା କୃଷ୍ଣଚନ୍ଦ୍ର ପଣ୍ଡା, ବରିଷ୍ଠ ସେବାୟତ ରବିନ୍ଦ୍ର କୁମାର ପ୍ରତିହାରୀଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ସଫଳ କରାଇବା ପାଇଁ ଓଡ଼ିଶାର ସମସ୍ତ ଜଗନ୍ନାଥପ୍ରେମୀ ତଥା ପୁରୀର ଜନସାଧାରଣଙ୍କ ସହଯୋଗ କାମନା କରାଯାଇଥିଲା।

### ଓଡ଼ିଶା ଗସ୍ତରେ ଜାପାନ ସରକାରଙ୍କ ବିଧାୟକ ପ୍ରତିନିଧିମଣ୍ଡଳୀ

## ପୁରୀର ବିକାଶ ନେଇ ଜିଲ୍ଲା ପ୍ରଶାସନ ସହ ଆଲୋଚନା

**ପୁରୀ, ୧୩।୧୧ (ସମିସ):** ଜାପାନର ତୋତରି ସରକାରଙ୍କର ୬ ଜଣିଆ ବିଧାୟକ ପ୍ରତିନିଧିମଣ୍ଡଳୀ ଓଡ଼ିଶା ଗସ୍ତରେ ଆସିଥିଲେ। ସେମାନଙ୍କ ସହିତ ୪ ଜଣ ବରିଷ୍ଠ ଅଧିକାରୀ ଓ ତୋତରି ସରକାରଙ୍କ ବାଣିଜ୍ୟ ପରାମର୍ଶଦାତା ତଥା ପୁରୀ ସିଟି ଆମ୍ବାସାଡର କୁନା ଦାଶ ଓଡ଼ିଶା ଆସି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ସହ ସାକ୍ଷାତ୍ ଆଲୋଚନା କରିଛନ୍ତି। ବୈଠକରେ ପାରସ୍ପରିକ ସହଯୋଗିତା ବଢ଼ାଇବା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଓଡ଼ିଶାର କଳା, ସଂସ୍କୃତି, ଶିକ୍ଷା, ପର୍ଯ୍ୟଟନ ଓ ଶିଳ୍ପର ବିକାଶ ହେବା ସହିତ ଓଡ଼ିଶାର ବେକାର ଯୁବକ ଯୁବତୀମାନଙ୍କୁ କିଭଳି ଜାପାନରେ ନିଯୁକ୍ତି ମିଳିପାରିବ ଏବଂ ଓଡ଼ିଶାର ମହିଳାମାନେ କିପରି ଆତ୍ମନିର୍ଭରଶୀଳ ହୋଇପାରିବେ ତାହା ଉପରେ ବିସ୍ତୃତ ଭାବେ ଆଲୋଚନା ହୋଇଥିଲା।




ଏହି ପ୍ରତିନିଧିମଣ୍ଡଳୀ ଭୁବନେଶ୍ୱରରେ ଥିବା ବିଶ୍ୱ ଦକ୍ଷତା କେନ୍ଦ୍ର ବୁଲି ଦେଖିବା ସହ ସେଠାରେ ଥିବା ଅଧିକାରୀମାନଙ୍କଠାରୁ କେନ୍ଦ୍ର ସମ୍ପର୍କରେ ବୁଝିଥିଲେ। ସେଠାରୁ ସିଧାସଳଖ ପୁରୀ ଆସି ସ୍ଥାନୀୟ ସର୍କିଟ୍ ହାଉସ୍‌ରେ ପହଞ୍ଚିଥିଲେ। ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ସମେତ ଅନ୍ୟ ପ୍ରଶାସନିକ ଅଧିକାରୀମାନେ ସେମାନଙ୍କୁ ସ୍ୱାଗତ କରିଥିଲେ। ଏହି ଅବସରରେ ପର୍ଯ୍ୟଟନ ସହର ଶ୍ରୀକ୍ଷେତ୍ରର କିଭଳି ବିକାଶ ହୋଇପାରିବ ସେ ନେଇ ବୈଠକରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଥିଲା। ଏହି ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶରତ କୁମାର ବେହେରା, ଅତିରିକ୍ତ ଜିଲ୍ଲାପାଳ (ପ୍ରୋଟୋକଲ) ନୀଳମାଧବ ଭୋଇ, ଜିଲ୍ଲା ପର୍ଯ୍ୟଟନ ଅଧିକାରୀ ସରୋଜକାନ୍ତ ପ୍ରଧାନ, ସଂସ୍କୃତି ଅଧିକାରୀ ହେମନ୍ତ ବେହେରାଙ୍କ ସମେତ ଅନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀ ଉପସ୍ଥିତ ଥିଲେ। ପରେ ପ୍ରତିନିଧିମଣ୍ଡଳୀ ଚନ୍ଦ୍ରଶେଖର ଏକାଡେମୀ ବୁଲି ଖୁସିବ୍ୟକ୍ତ କରିଥିଲେ। ଏଠାରେ ନର୍ସରୀଠାରୁ ଯୁକ୍ତ ଦୁଇ ପର୍ଯ୍ୟନ୍ତ ସିବିଏସ୍‌ଇ ପାଠ୍ୟକ୍ରମ ସହିତ ମାଗଣାରେ ଜାପାନ ଭାଷା ଶିକ୍ଷା ଦିଆଯାଉଥିବା ଜାଣି ସେମାନେ ଖୁସିପ୍ରକଟ କରିଥିଲେ। ପରିଶେଷରେ ସୁଦାମ ସ୍ୟାଣ୍ଡଆର୍ଟ ମ୍ୟୁଜିୟମ୍ ବୁଲି ପ୍ରତିନିଧିମଣ୍ଡଳୀ ଫେରିଯାଇଥିଲେ ବୋଲି ଇଣ୍ଡିଆ-ଜାପାନ ଫ୍ରେଣ୍ଡସିପ୍ ସେଣ୍ଟର ସଭାପତି ଶ୍ରୀମନ୍ତ କୁମାର ଦାଶ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

### ୨୪ ଘଣ୍ଟାରେ ପୁରୀରେ ଦ୍ୱିତୀୟ ହତ୍ୟାକାଣ୍ଡ

## ନାବାଳକକୁ ହତ୍ୟା କରି ଜଳଭଣ୍ଡାରକୁ ଫିଙ୍ଗିଦେଲେ

**ପୁରୀ,୧୩।୧୧(ସମିସ):** ପୁରୀ ସହରରେ ଆଇନ ଶୃଙ୍ଖଳା ବିଗୁଡୁଛି। ପୁଲିସକୁ ଭୟ କରୁନାହାନ୍ତି ଅପରାଧୀ। ଫଳରେ ଅପରାଧିକ କାର୍ଯ୍ୟକଳାପ ବଢ଼ିବାରେ ଲାଗିଛି। ୨୪ ଘଣ୍ଟା ଭିତରେ ପୁରୀ ସହରରେ ଘଟିଛି ଦ୍ୱିତୀୟ ହତ୍ୟାକାଣ୍ଡ। ମଙ୍ଗଳବାର ବିଳମ୍ବିତ ରାତିରେ ଜଣେ ଟାଇଲ୍ ମିସ୍ତ୍ରିକୁ ହାତୁଡ଼ିରେ ପିଟିପିଟି ହତ୍ୟା କରାଯାଇଥିଲା। ଏହି ଘଟଣାରେ ପୁଲିସ ଅଭିଯୁକ୍ତକୁ ଧରିପାରି ନ ଥିବାବେଳେ ଗୁରୁବାର ସକାଳେ ଜଣେ ନାବାଳକକୁ ହତ୍ୟା କରାଯାଇଛି। ଶ୍ରୀସେତୁ ନିକଟ ଜଳଭଣ୍ଡାରଠାରେ ଘଟିଛି ଏହି ହତ୍ୟାକାଣ୍ଡ। ନାବାଳକକୁ ହତ୍ୟା କରି ଦୁର୍ବୃତ୍ତ ପାଣିରେ ଫିଙ୍ଗି ଦେଇଥିବା ଅଭିଯୋଗ ହୋଇଛି। ମୃତ ନାବାଳକ ଟାଉନ ଥାନା ଅଞ୍ଚଳର ସୂର୍ଯ୍ୟ ସାହୁ ବୋଲି ଜଣାପଡ଼ିଛି। ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ କରାଇଥିବାବେଳେ କାହିଁକି ଏହି ହତ୍ୟାକାଣ୍ଡ ଘଟିଛି ତାହାର ତଦନ୍ତ ଚଳାଇଛି। ଅନ୍ୟପକ୍ଷରେ ଏହି ଘଟଣାରେ ପୁଲିସ କିଛି ସନ୍ଦିଗ୍ଧଙ୍କୁ ଚିହ୍ନଟ କରିଥିବା ଜଣାପଡ଼ିଛି।

ଅଭିଯୋଗ ଅନୁଯାୟୀ, ସୂର୍ଯ୍ୟ ମଙ୍ଗଳବାର ଜଳଖିଆ ଆଣିବା ପାଇଁ ଘରୁ ଯାଇଥିଲା। ହେଲେ ଆଉ ଘରକୁ ଫେରି ନ ଥିଲା। ଏ ନେଇ ତାଙ୍କ ମାଆ ଟାଉନ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ଏକ ଅପହରଣ ମାମଲା ରୁଜୁ କରି ତଦନ୍ତ ଆରମ୍ଭ ଚଳାଇଥିଲା। ତେବେ ବୁଧବାର ସନ୍ଧ୍ୟାରେ ସଦର ଥାନା ଅନ୍ତର୍ଗତ ଶ୍ରୀସେତୁ ନିକଟ ଜଳଭଣ୍ଡାରରେ ଜଣଙ୍କ ମୃତଦେହ ପଡ଼ିଥିବା ଜଣାପଡ଼ିଥିଲା। ପୁଲିସ ପହଞ୍ଚି ମୃତଦେହ ଜବତ କରିବା ସହ ଖୋଳତାଡ଼ ଚଳାଇଥିଲା। ଟାଉନ ଥାନାରେ ରୁଜୁ ନିଖୋଜ ମାମଲାର ଅନୁଧ୍ୟାନ ପରେ ନିଖୋଜ ନାବାଳକର ମୃତଦେହ ବୋଲି ଜଣାପଡ଼ିଥିଲା। ତେବେ କେଉଁ କାରଣ ପାଇଁ ତାଙ୍କୁ ହତ୍ୟା କରାଯାଇଛି ଏବଂ କିଏ ହତ୍ୟା କରିଛି ଏ ନେଇ ପୁଲିସ ଖୋଳତାଡ଼ ଚଳାଇଛି। କିଛି ସନ୍ଦିଗ୍ଧ ବ୍ୟକ୍ତିଙ୍କୁ ଅଟକ ରଖାଯାଇଥିବା କୁହାଯାଉଥିଲେ ମଧ୍ୟ ଏ ନେଇ ପୁଲିସ ପକ୍ଷରୁ ସ୍ପଷ୍ଟ କରାଯାଇନାହିଁ। ଏ ସମ୍ପର୍କରେ ଏସ୍‌ପି ପ୍ରତୀକ୍ ସିଂ କହିଛନ୍ତି, ସନାତନ ବିହାରରେ ଟାଇଲ୍ ମିସ୍ତ୍ରିକୁ ହତ୍ୟା ଘଟଣାରେ ଅଭିଯୁକ୍ତ ମୁଶାରଫ୍‌କୁ ପଶ୍ଚିମବଙ୍ଗରୁ ଗିରଫ କରିଛି ପେଣ୍ଠକଟା ଥାନା ପୁଲିସ। ତାକୁ ଓଡ଼ିଶା ଅଣାଯାଉଛି। ସେ ପହଞ୍ଚିବା ପରେ ହତ୍ୟାର ପ୍ରକୃତ କାରଣ ସ୍ପଷ୍ଟ ହେବ। ସେହିପରି ବୁଧବାର ସନ୍ଧ୍ୟାରେ ସଦର ଥାନାରେ ଶ୍ରୀସେତୁ ନିକଟରେ ଜଣେ ଅଜଣା ବ୍ୟକ୍ତିର ମୃତଦେହ ପଡ଼ିଥିବା ଖବର ମିଳିଥିଲା। ପୁଲିସ ପହଞ୍ଚି ମୃତଦେହ ଜବତ କରିଥିବାବେଳେ ତାହା ଜଣେ ନାବାଳକର ବୋଲି ଜଣାପଡ଼ିଥିଲା। ଏ ନେଇ ସଦର ଥାନାରେ ଏକ ମାମଲା (ନଂ.୬୯୫/୨୫) ରୁଜୁ କରାଯାଇ ତଦନ୍ତ ଚାଲିଛି। ନାବାଳକର ମାଆ ଗତ ୧୨ ତାରିଖରେ ଟାଉନ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ନିଖୋଜ ମାମଲା ରୁଜୁ କରିଥିଲା। ତେବେ ପରିବାର ଅଭିଯୋଗ ଅନୁଯାୟୀ, କିଛି ସନ୍ଦିଗ୍ଧ ଲୋକଙ୍କୁ ଚିହ୍ନଟ କରାଯାଇଛି। ପୁଲିସ ସେମାନଙ୍କୁ ଧରିବା ପାଇଁ ଚଢ଼ଉ ଜାରି ରଖିଛି। ତେବେ ନାବାଳକ ହତ୍ୟା ପଛରେ ୨/୩ଟି କାରଣ ଅଛି ବୋଲି ପରିବାର ଲୋକେ କହିଛନ୍ତି। ତାହାକୁ ଆଧାର କରି ତଦନ୍ତ ଚାଲିଛି ବୋଲି ଏସ୍‌ପି ଶ୍ରୀ ସିଂ କହିଛନ୍ତି।

**ଟାଇଲ୍ ମିସ୍ତ୍ରି ହତ୍ୟାକାଣ୍ଡର ଅଭିଯୁକ୍ତ ପଶ୍ଚିମବଙ୍ଗରୁ ଗିରଫ**

## ମହାପ୍ରଭୁଙ୍କର ହେଲା ବନକଲାଗି



**ପୁରୀ,୧୩।୧୧(ସମିସ):** ଶ୍ରୀମନ୍ଦିରରେ ଗୁରୁବାର ମହାପ୍ରଭୁଙ୍କ ବନକଲାଗି କରାଯାଇଛି। ଏହା ଏକ ଗୁପ୍ତ ନୀତି ହୋଇଥିବାରୁ ଜୟ ବିଜୟ ଦ୍ୱାର ବନ୍ଦ କରାଯାଇ ଏହି ନୀତି ସମ୍ପନ୍ନ ହୋଇଥିଲା। ତେବେ ମହାସ୍ନାନ ଯୋଗୁଁ ସବୁ ନୀତିକାନ୍ତି ବିଳମ୍ବ ହୋଇଥିଲା। ତେଣୁ ରାତି ୮ ଟାରେ ଦ୍ୱିପ୍ରହର ଧୂପ ସରିବା ପରେ ମଇଲମ, ତଡ଼ପଲାଗି ହୋଇ ରାତି ୮ ଟା ୧୫ରେ ପହୁଡ଼ ଆଳତି ବଢ଼ିଥିଲା। ଏହାପରେ ୮ଟା ୨୫ରେ ଦତ୍ତମହାପାତ୍ର ସେବକମାନେ ମହାପ୍ରଭୁଙ୍କ ଶ୍ରୀମୁଖ ଶୃଙ୍ଗାର କରିବା ଲାଗି ପ୍ରବେଶ କରିଥିଲେ। ପ୍ରାକୃତିକ ପ୍ରଣାଳୀରେ ତିଆରି ପ୍ରସାଧାନରେ ଦାରୁବିଗ୍ରହଙ୍କ ଶ୍ରୀମୁଖ ଶୃଙ୍ଗାରକୁ ବନକଲାଗି କୁହାଯାଏ। ଏଥିପାଇଁ ଦତ୍ତମହାପାତ୍ର ସେବକମାନେ ଶୁଦ୍ଧପୁତ ଭାବେ ପ୍ରସାଧାନ ପ୍ରସ୍ତୁତ କରିଥିଲେ। ବନକଲାଗି ନୀତି ପରେ ମହାସ୍ନାନ ହୋଇ ଅନ୍ୟାନ୍ୟ ନୀତି ଚାଲିଥିଲା। ଦତ୍ତମହାପାତ୍ର ସେବକମାନେ ପ୍ରସ୍ତୁତ କରିଥିବା ପ୍ରାକୃତିକ ରଙ୍ଗରେ କସ୍ତୁରୀ ଓ କେଶର ମିଶିଥାଏ। କସ୍ତୁରୀ ଯୋଗୁଁ ମହାପ୍ରଭୁଙ୍କ ମୁଖମଣ୍ଡଳ ଉଜ୍ୱଳ ଓ ମସୃଣ ରୁହେ। ରତ୍ନସିଂହାସନ ସମ୍ମୁଖରେ ଯେଉଁ ଭୋଗ ବଢ଼ାହୁଏ ତା'ର ଗରମ ବାଷ୍ପ ଯୋଗୁଁ ମୁଖମଣ୍ଡଳର ଉଜ୍ୱଳତା କମିଯାଏ। କସ୍ତୁରୀ ବ୍ୟବହାର ଯୋଗୁଁ ରଙ୍ଗ ଦୀର୍ଘସ୍ଥାୟୀ ହୋଇଥାଏ।

### ନିଆରା ପରମ୍ପରା କାଞ୍ଜିଅଁଳା ପୂଜା

## ଶୁଖୁଆ ବୋହୂଙ୍କୁ ମୁଣ୍ଡିଆ ମାରିଲେ ଶାଶୂ

**ସାକ୍ଷୀଗୋପାଳ,୧୩।୧୧(ସମିସ):** ଗୁରୁବାର ପବିତ୍ର ମାର୍ଗଶିର ମାସ କୃଷ୍ଣ ପକ୍ଷ ନବମୀ ତିଥି। ଏହାକୁ କାଞ୍ଜିଅଁଳା ନବମୀ ଭାବେ ପାଳନ କରାଯାଏ। ଏହି ଅବସରରେ ସନ୍ଧ୍ୟାରେ ଗାଁ ଦାଣ୍ଡରେ ଚିତା ପକାଇ, ସାରୁ ଗଛ, ବାଲୁଙ୍ଗା ଗଛ, ଦାସକେରେଣ୍ଡା, ଦୁବ ଗଛ ରଖି ପିତା ଶୁଖୁଆକୁ ହଳଦୀ ପାଣିରେ ସ୍ନାନ କରାଇ କଜ୍ୱଳ, ଚନ୍ଦନ, ହଳଦୀ, ସିନ୍ଦୂର ଲଗାଇ ହଳଦିଆ କପଡ଼ା ପିନ୍ଧାଇ ବୋହୂ ବେଶରେ ସଜାଇ ପିଢ଼ା ଉପରେ ବସାଇ ଶାଶୂମାନେ ପୂଜା କରିଥିଲେ। ସନ୍ତାନମାନଙ୍କର ଦୀର୍ଘ ଜୀବନ ଓ ମଙ୍ଗଳକାମନା ପାଇଁ ମହିଳାମାନେ ଏହି ପୂଜା ପ୍ରତି ଗାଁ ଗାଁରେ ପାଳନ କରିଥିଲେ। ଏହି ତିଥିରେ ବିବାହ ପାଞ୍ଜି ଖୋଲାଯାଇଥିଲା। ଶାଶୂ-ବୋହୂଙ୍କ ସୁସମ୍ପର୍କକୁ ନେଇ ଗାଁ ଗହଳିର ନିଆରା ପର୍ବ କାଞ୍ଜିଅଁଳା ଓଷା। ଯୋଉଠି ଶୁଖୁଆ ସାଜିଥାଏ ବୋହୂ ଏବଂ ଘରର କୁଳବଧୂ ହୋଇଥାଏ ଶାଶୂ। ଗାଁ ଦାଣ୍ଡରେ ଏକତ୍ରିତ ହୋଇ କଦଳୀ ଗଛ ପିଢ଼ା ଉପରେ ହଳଦିଆ କପଡ଼ା ଗୁଡ଼ାଇ ହଳଦୀ, ସିନ୍ଦୂର ଲଗାଇ ବୋହୂ ବେଶଧାରୀ ଶୁଖୁଆଙ୍କୁ କୁଳବଧୂମାନେ ଧୂପ ଦୀପ ସହ ପୂଜା କରିବା ସହିତ ଘରେ ପ୍ରସ୍ତୁତ ହୋଇଥିବା କାଞ୍ଜି ଏବଂ ବିଭିନ୍ନ ପ୍ରକାରର ବ୍ୟଞ୍ଜନ ଥାଳିରେ ପରଷି ଭୋଗ କରିଥିଲେ।

**ବ୍ରହ୍ମଗିରି:** ଗୁରୁବାର ବ୍ରହ୍ମଗିରି ଅଞ୍ଚଳରେ ବିଭିନ୍ନ ସ୍ଥାନରେ କଞ୍ଜିଅଁଳା ନବମୀ ପାଳିତ ହୋଇଛି। ନିର୍ଦ୍ଦିଷ୍ଟ ମାପରେ ଏକ ବର୍ଗାକାର ନାଳୀ ଖୋଳାଯାଇ ପାଣି ଢାଳି ସେଥିରେ ଗଡ଼ିଶା ମାଛ ଛଡ଼ାଯାଇଥାଏ। ମଝିରେ କଦଳୀ ଗଛ, ଧାନ ଗଛ, ବାଲୁଙ୍ଗା ଗଛ, ବରକୋଳି ଡାଳ, କଇଁ, ଜୁଇ ଆଦି ଗଛକୁ ମିଳିତ ଭାବରେ ବାନ୍ଧି ପୋତାଯାଏ। ପିଢ଼ା ଉପରେ ପିତା ଶୁଖୁଆକୁ ରଖାଯାଇ ହଳଦୀ, ସିନ୍ଦୂର, କଜ୍ୱଳ ଲଗାଇ, ଦୁବ, ଶୋରିଷ ଫୁଲ, ବରକୋଳି ପତ୍ର, ହଳଦୀ ବୁଢ଼ା ଛିଟକନାରେ ବାନ୍ଧି ବୋହୂର ପ୍ରତୀକ ଭାବରେ ଗଛ ମୂଳେ ରଖାଯାଏ। ଯାହା ଘରେ ଯେତିକି ଜଣ ଅବିବାହିତ ପୁତ୍ର ଥାଆନ୍ତି ସେତିକିଟି ବୋହୂ କରାଯାଇଥାଏ। ବିଧିମତେ ପୂଜା କରି ରନ୍ଧନ ଭୋଗ ଖେଚୁଡ଼ି, ପୀଠା, ବିଭିନ୍ନ ବ୍ୟଞ୍ଜନ ଆଦି ଭୋଗ କରାଯାଇଥାଏ। ପରମ୍ପରା ଅନୁସାରେ ବୋହୂକୁ ଶାଶୂମାନେ ମୁଣ୍ଡିଆ ମାରିଛନ୍ତି। ନିଜ ସନ୍ତାନ ମଙ୍ଗଳ ପାଇଁ, ଆପୁତ୍ରିକ ପୁତ୍ର ପାଇଁ, ଶରୀର ବିଭିନ୍ନ ବ୍ୟାଧି ପାଇଁ ପୂଜା ବ୍ରତ ପାଳିଥା'ନ୍ତି ମାଆମାନେ।



## ୧୫ରୁ ପୁରୀରେ ଦୁଇଦିନିଆ ଭାରତୀୟ ସାହିତ୍ୟ ଉତ୍ସବ

**ପୁରୀ,୧୩।୧୧(ସମିସ):** ଭାରତୀୟ ଲେଖକମାନଙ୍କର ପ୍ରମୁଖ ସଂଗଠନ ଅଥର୍ସ ଗିଲ୍ଡ ଅଫ୍ ଇଣ୍ଡିଆ ପକ୍ଷରୁ ଇଣ୍ଡିଆନ ରିପ୍ରୋଗ୍ରାଫି ପ୍ରୋଟେକ୍ସନ ଅର୍ଗାନାଇଜେସନ ଏବଂ ରାଷ୍ଟ୍ରୀୟ ସଂସ୍କୃତ ସଂସ୍ଥାନଙ୍କ ସହଯୋଗିତାରେ ଭାରତୀୟ ସାହିତ୍ୟ ଉତ୍ସବ ଚଳିତମାସ ୧୫ ଓ ୧୬ ତାରିଖ ଦୁଇଦିନ ଧରି କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସରରେ ଅନୁଷ୍ଠିତ ହେବ। ଏଥିରେ ଦେଶର ୨୬ଟି ଭାଷାରୁ ଦେଢ଼ଶହରୁ ଅଧିକ ଲେଖକ, ସମ୍ପାଦକ, ଅନୁବାଦକ, ଗବେଷକ, ସାହିତ୍ୟ କର୍ମୀ ଓ ସଂଗଠକ ଯୋଗଦେଉଛନ୍ତି। ଅଥର୍ସ ଗିଲ୍ଡ ଅଫ୍ ଇଣ୍ଡିଆର ମହାସଚିବ ପ୍ରଫେସର ଶିବଶଙ୍କର ଅବସ୍ତି, ସ୍ଥାନୀୟ ସଂଗଠକ ତଥା ଉତ୍ତର ପୂର୍ବାଞ୍ଚଳ ପରିଷଦର ପୂର୍ବତନ ନିର୍ଦ୍ଦେଶକ ଓ କବି ମାନସ ରଞ୍ଜନ ମହାପାତ୍ର, ଦୂରଦର୍ଶନର ପୂର୍ବତନ ଉପ ମହାନିର୍ଦ୍ଦେଶକ ଉଦୟନାଥ ନାୟକଙ୍କ ପରିଚାଳନାରେ ଏହି ଉତ୍ସବ ଅନୁଷ୍ଠିତ ହେବାକୁ ଯାଉଛି। ଅଥର୍ସ ଗିଲ୍ଡ ଅଫ୍ ଇଣ୍ଡିଆର ଉପାଧ୍ୟକ୍ଷ ଡ. ମୁକେଶ କୁମାର ଅଗ୍ରୱାଲ, କାର୍ଯ୍ୟକାରୀ ସମିତିର ସଭ୍ୟ ଡ. ଅଶୋକ ଜ୍ୟୋତି, ଡ. ହରିସିଂ ପାଲ୍, ସ୍ଥାନୀୟ ଲେଖକ ତଥା ଶ୍ରୀସଦାଶିବ ପରିସରର ନିର୍ଦ୍ଦେଶକ ଡ. ପ୍ରଭାତ କୁମାର ମହାପାତ୍ର, ବିଶିଷ୍ଟ କବି ତଥା ଆଲୋଚକ ଡ. ଭଗବାନ ଜୟସିଂ, ଓଡ଼ିଆ ଭାଷା ପ୍ରତିଷ୍ଠାନର ପୂର୍ବତନ ନିର୍ଦ୍ଦେଶକ ପ୍ରଫେସର କୈଳାସ ଚନ୍ଦ୍ର ଟିକାୟତରାୟଙ୍କ ସମେତ ସ୍ଥାନୀୟ ଲେଖକମାନେ ଏଥିରେ ଯୋଗଦେବେ ବୋଲି ଜଣାପଡ଼ିଛି। ଉତ୍ସବ ଅବସରରେ ୧୫ ତାରିଖ ସନ୍ଧ୍ୟାରେ ଏକ ସର୍ବଭାରତୀୟ କବି ସମ୍ମିଳନୀ ମଧ୍ୟ ଅନୁଷ୍ଠିତ ହେବାକୁ ଯାଉଛି, ଯେଉଁଥିରେ ବିଶିଷ୍ଟ ଅତିଥି ଭାବେ ସୂଚନା ଓ ଲୋକ ସମ୍ପର୍କ ବିଭାଗର ଉପନିର୍ଦ୍ଦେଶକ ତଥା କବି ସନ୍ତୋଷ କୁମାର ସେଠୀ ଯୋଗଦେବେ ବୋଲି ଆୟୋଜକ ଜଣାଇଛନ୍ତି।

### ଗୋପବନ୍ଧୁଙ୍କ ଜନ୍ମପୀଠରେ ରକ୍ଷଣାବେକ୍ଷଣ ଅଭାବ | ଷ୍ଟ୍ରିଟ୍ ଲାଇଟ୍, ହାଇମାଷ୍ଟ ଆଲୋକ ବ୍ୟବସ୍ଥା ଅଚଳ

## ପ୍ରମୋଦ ଉଦ୍ୟାନରେ ଚରୁଛନ୍ତି ଛେଳି ଓ ଗାଈ

**ସାକ୍ଷୀଗୋପାଳ,୧୩।୧୧(ସମିସ):** ଓଡ଼ିଶାର ମହାନ ସ୍ୱାଧୀନତା ସଂଗ୍ରାମୀ, ସାମ୍ବାଦିକ, ଦାର୍ଶନିକ କବି ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଜନ୍ମପୀଠ ସୁଆଣ୍ଡୋ ଗ୍ରାମ। ଯାହା ଏବେ ଏକ ଗୁରୁତ୍ୱପୂର୍ଣ୍ଣ ପର୍ଯ୍ୟଟନ କ୍ଷେତ୍ର ରୂପେ ଗତ ସରକାରଙ୍କ ସମୟରେ ପ୍ରାୟ ୨୮ କୋଟି ଟଙ୍କା ବ୍ୟୟରେ ନିର୍ମାଣ ହୋଇଥିଲା। ବର୍ତ୍ତମାନ ଉପଯୁକ୍ତ ରକ୍ଷଣାବେକ୍ଷଣ ଅଭାବରୁ ଷ୍ଟ୍ରିଟ୍ ଲାଇଟ୍ ଓ ହାଇମାଷ୍ଟ ଆଲୋକ ବ୍ୟବସ୍ଥା ଅଚଳ ହୋଇପଡ଼ିଛି। ଦୈନିକ ହଜାର ହଜାର ପର୍ଯ୍ୟଟକ ସୁଆଣ୍ଡୋ ପରିଦର୍ଶନ ନିମନ୍ତେ ଆସୁଛନ୍ତି। ଫଳରେ ପର୍ଯ୍ୟଟକମାନେ ଅନ୍ଧାର ରାସ୍ତାରେ ଯାତାୟାତ ସମୟରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଦୁର୍ଘଟଣାର ସମ୍ଭାବନା ରହିଛି। ଏଥିସହ ପୁନଃଉଦ୍ଧାର ହୋଇଥିବା ଶ୍ରୀଶ୍ରୀ ଲୋକେଶ୍ୱର ଦେବଙ୍କ ମନ୍ଦିର ଚୂଡ଼ାରେ ବରଗଛ ଉଠିଗଲାଣି। ଯାହାକି ମନ୍ଦିର ସୁରକ୍ଷା ପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରୁଛି। ସେହିପରି ପ୍ରମୋଦ ଉଦ୍ୟାନ ପରିସରରେ ବୁଲା ଗୋରୁ ଓ ଛେଳିମାନେ ଚରାବୁଲା କରୁଛନ୍ତି। ଫଳରେ ଏହାର ସୁରକ୍ଷା ପ୍ରତି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସୁଆଣ୍ଡୋ ଉନ୍ନୟନ ସୁରକ୍ଷା ଦାୟିତ୍ୱରେ ଥିବା ଅଧିକାରୀ ଓ ରାଜ୍ୟ ସରକାର ଏଥିପ୍ରତି ଦୃଷ୍ଟି ଦେବା ସହିତ ପ୍ରକଳ୍ପର ସୁରକ୍ଷା ଓ ଉପଯୁକ୍ତ ରକ୍ଷଣାବେକ୍ଷଣ ନିମନ୍ତେ ସାଧାରଣରେ ଦାବି କରାଯାଇଛି।



### ● ଶ୍ରୀଶଙ୍କରାନନ୍ଦ ମଠ ୱେବ୍‌ସାଇଟ୍ ଲୋକାର୍ପିତ

## ବିଶ୍ୱବାସୀ ଜାଣିବେ ବହୁ ଅନାଲୋଚିତ ସାଂସ୍କୃତିକ ଇତିହାସ

**ପୁରୀ,୧୩।୧୧(ସମିସ):** ଶ୍ରୀକ୍ଷେତ୍ରର ଐତିହ୍ୟପୂର୍ଣ୍ଣ ପ୍ରାଚୀନ ତଥା ସାଂସ୍କୃତିକ ସଂହତିର କେନ୍ଦ୍ର ଶ୍ରୀଶଙ୍କରାନନ୍ଦ ମଠର ୱେବ୍‌ସାଇଟ୍ ଲୋକାର୍ପିତ ହୋଇଯାଇଛି। ମଠ ପରିସରରେ ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା ଏହାକୁ ଲୋକାର୍ପିତ କରି କହିଥିଲେ ଯେ, ଭାରତର ଚାରିଧାମ ମଧ୍ୟରୁ ଶ୍ରୀଜଗନ୍ନାଥ ଧାମର ଏକ ପ୍ରାଚୀନ ମଠର ଉତ୍କର୍ଷ ବିଷୟରେ ସମସ୍ତେ ଅବଗତ ହୋଇପାରିବେ। ଏହି ଅବସରରେ ହିମାଂଶୁ ଭୂଷଣ ପଲେଇ, ଅତିରିକ୍ତ ତହସିଲ୍‌ଦାର ବିଭୂତିଭୂଷଣ ଶତପଥୀ, ମଠ ଟ୍ରଷ୍ଟବୋର୍ଡର କାର୍ଯ୍ୟନିର୍ବାହୀ ଅଧିକାରୀ ଉପସ୍ଥିତ ରହି କହିଥିଲେ ଯେ, ୮୦୦ ବର୍ଷ ଧରି ଶ୍ରୀକ୍ଷେତ୍ର, ଶ୍ରୀମନ୍ଦିର ଓ ଶ୍ରୀଜଗନ୍ନାଥଙ୍କ ସେବାରେ ମଠ କିପରି ସମର୍ପିତ ଥିଲା ତାହା ଜାତୀୟସ୍ତରରେ ସମସ୍ତେ ଜାଣିପାରିବେ। ମଠ ନାଟ ମନ୍ଦିରରେ ଏକ ମାନସମ୍ମାନ କାର୍ଯ୍ୟକ୍ରମ ଟ୍ରଷ୍ଟବୋର୍ଡ ସଭାପତି ଡ. ଦୁର୍ଗାପ୍ରସାଦ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ବରିଷ୍ଠ ଆଇନଜୀବୀ ଉମାବଲ୍ଲଭ ମହାପାତ୍ର, ସମାଜସେବୀ ଶିବସୁନ୍ଦର ମିଶ୍ର, ଦେଉଳ ପୁରୋହିତ ତଥା ଓଡ଼ିଶା ଐତିହ୍ୟ ପରିଷଦର ଆଧାର ପୁରୁଷ ଡ. ସିଦ୍ଧେଶ୍ୱର ମହାପାତ୍ର, ମହୀପ୍ରକାଶ ମଠର ସ୍ୱାମୀ ଶୁଭାନନ୍ଦ ମହାରାଜ, ପୁରୀ ମହିଳା ମହାବିଦ୍ୟାଳୟର ଅଧକ୍ଷ ବିଶ୍ୱନାଥ ବଳିଆରସିଂହ ପ୍ରମୁଖ ମତ ଦେଇଥିଲେ ଯେ, କେବଳ ମଠ ପାଇଁ ଆଜି ଐତିହାସିକ ଦିନ ନୁହେଁ, ଶ୍ରୀକ୍ଷେତ୍ର ପାଇଁ ମଧ୍ୟ। କାରଣ ବହୁ ଅନାଲୋଚିତ ସାଂସ୍କୃତିକ ଇତିହାସ ଏହାଦ୍ୱାରା ବିଶ୍ୱବାସୀ ଜାଣିପାରିବେ। ଏହି ଅବସରରେ ଶ୍ରୀଲୋକନାଥଙ୍କ ସେବକ ଓ ଟ୍ରଷ୍ଟବୋର୍ଡର ସଭ୍ୟ ଅଶୋକ କୁମାର ମିଶ୍ର ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ। କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ମିହିର କୁମାର ମିଶ୍ର, ସଦାଶିବ ସାହୁ ଓ ଆଦିତ୍ୟ ମିଶ୍ର। ଗୁରୁ ଯାମିନୀକାନ୍ତ ମିଶ୍ରଙ୍କ ଶିଷ୍ୟଶିଷ୍ୟାମାନେ ଶାସ୍ତ୍ରୀୟ ସଙ୍ଗୀତ ପରିବେଷଣ କରିଥିଲେ।

### ● ଜୟବିଜୟ ଦ୍ୱାରରେ ରକ୍ତଛିଟା

## ମହାପ୍ରଭୁଙ୍କର ହେଲା ବଡ଼ ମହାସ୍ନାନ

**ପୁରୀ,୧୩।୧୧(ସମିସ):** ଶ୍ରୀମନ୍ଦିରରେ ମହାପ୍ରଭୁଙ୍କର ହୋଇଛି ବଡ଼ ମହାସ୍ନାନ। ଜୟ ବିଜୟ ଦ୍ୱାରରେ ରକ୍ତଛିଟା ପଡ଼ିଥିବାରୁ ଏହି ବଡ଼ ମହାସ୍ନାନ କରାଯାଇଛି। ତେବେ ଏହି ସ୍ୱତନ୍ତ୍ର ମହାସ୍ନାନ ପୂଜା ପାଇଁ ନୀତିକାନ୍ତିରେ ପ୍ରାୟ ଦେଢ଼ଘଣ୍ଟା ବିଳମ୍ବ ହୋଇଛି। ଗୁରୁବାର ସକାଳ ୬ଟାରେ ଦ୍ୱାର ଫିଟାଯାଇ ନୀତିକାନ୍ତି ଚାଲିଥିଲା। ଅପରାହ୍ଣ ୪ଟା ୨୫ରେ ମଧ୍ୟାହ୍ନ ଧୂପ ସରିଥିଲା। ଏହି ସମୟରେ ଭିତରକାଠ ଦର୍ଶନ ଚାଲିଥିଲା। ମଧ୍ୟାହ୍ନ ଧୂପ ପରେ ଭିତରକାଠ ଦର୍ଶନ ଶେଷ ବେଳକୁ ବାହାର କାଠ ଭିତର ପଟଠାରୁ ରକ୍ତ ଟୋପା ଜୟ ବିଜୟ ଦ୍ୱାର ଭିତର ପାହାଚ ପର୍ଯ୍ୟନ୍ତ ପଡ଼ିଥିବା ଦେଖିବାକୁ ମିଳିଥିଲା। ସେହିଠାରେ ନୀତି ଅଟକାଯାଇ ମହାସ୍ନାନ ବିଧି ଆରମ୍ଭ ହୋଇଥିଲା। ରତ୍ନସିଂହାସନଠାରୁ ଜୟ ବିଜୟ ଦ୍ୱାର ପର୍ଯ୍ୟନ୍ତ ଧୂଆ ହୋଇ ଚୂନପାଣି ପଡ଼ିଥିଲା। ପୂଜାପଣ୍ଡା ସେବକମାନେ ସନ୍ଧ୍ୟା ୭ଟା ୧୫ରେ ମହାସ୍ନାନ ପୂଜା କରିଥିଲେ। ୭ଟା ୨୫ରେ ମହାସ୍ନାନ ପୂଜା ବଢ଼ିବା ପରେ ପୁନଶ୍ଚ ଯେଉଁଠାରୁ ନୀତି ଅଟକାଯାଇଥିଲା ସେହିଠାରୁ ପୁଣି ନୀତି ଆରମ୍ଭ ହୋଇଥିଲା। ଏହି ମହାସ୍ନାନ ପାଇଁ ପ୍ରାୟ ଦେଢ଼ଘଣ୍ଟାରୁ ଊର୍ଦ୍ଧ୍ୱ ନୀତିକାନ୍ତି ବିଳମ୍ବ ହୋଇଥିଲା। ଏହି ବିଳମ୍ବ ଅନ୍ୟାନ୍ୟ ନୀତିକୁ ମଧ୍ୟ ପ୍ରଭାବିତ କରିଥିଲା।

## ସ୍ୱର୍ଗଦ୍ୱାର ପୁସ୍ତକ ଦ୍ୱିତୀୟ ବଙ୍ଗଳା ସଂସ୍କରଣ ଲୋକାର୍ପିତ

**ପୁରୀ,୧୩।୧୧(ସମିସ):** ମହୋଦଧିର ମହାତୀର୍ଥ ସ୍ୱର୍ଗଦ୍ୱାର ପୁସ୍ତକର ଦ୍ୱିତୀୟ ସଂସ୍କରଣ ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟ ପରିସରରେ ଲୋକାର୍ପିତ ହୋଇଯାଇଛି। ବଙ୍ଗଳା ବିଭାଗର ପ୍ରଫେସର ଉତ୍ତମ ଗିରି ଏକ ନିରାଡ଼ମ୍ବର ପରିବେଶରେ ଲୋକାର୍ପିତ କରି କହିଥିଲେ ଯେ, ଆମ ପ୍ରାଚୀନ ଐତିହ୍ୟ ପ୍ରତି ଆମେ ସଚେତନ ହେବା ଜରୁରୀ। ବିଶ୍ୱବିଦ୍ୟାଳୟର ଗବେଷଣା ଛାତ୍ରୀ ଶ୍ରେୟା ହାଲ୍‌ଦାରଙ୍କୁ ଏହି ଅବସରରେ ଶୁଭେଚ୍ଛା ଜଣାଇଥିଲେ ଯେ କି ପୁସ୍ତକକୁ ଅନୁବାଦ କରିଛନ୍ତି। ଡ. ସୁରେନ୍ଦ୍ର କୁମାର ମିଶ୍ରଙ୍କ ଲିଖିତ ଏହି ପୁସ୍ତକ ପ୍ରଥମେ ଓଡ଼ିଆ ଭାଷାରେ ୨୦୨୦ ମସିହାରେ ପ୍ରକାଶିତ ହୋଇଥିଲା। ବଙ୍ଗଳା ଅନୁବାଦ ହେବା ପରେ କୋଲକାତାର ଭାଷା ସଂସଦ ଏହାକୁ ୨୦୨୪ ମସିହାରେ ପ୍ରକାଶ କରିଥିଲେ। ମାତ୍ର କିଛିଦିନ ମଧ୍ୟରେ ସରିଯିବାରୁ ୨୦୨୫ରେ ପୁନଃ ପ୍ରକାଶ ପାଇଛି।


**OFFICE OF THE GENERAL SECRETARY, OSSTA, NAYASARAK, CUTTACK**

Wanted two young proactive & driven male candidate for the post of Jr. Clerk cum Data Entry Operator & one peon for our office on contractual basis.

Candidate for Data Entry Operator must know how to use a computer & should be versed with MS-Office, Page Maker, Adobe Photoshop, Coreldraw & Typing in Hindi, Odia & English with a minimum speed of 60 words per minute with PGDCA from a recognized Institution. Salary is negotiable & more preference will given to MCA candidates.

Interested candidates can apply to the **General Secretary, OSSTA, At- Nayasarak, Po- Chandini Chowk, Dist- Cuttack, Pin- 753002** with their C.V.(Bio-Data) with all testimonials latest by 10th December 2025.

**General Secretary, OSSTA,**
**Nayasarak, Cuttack-2**

ସକାଳ
THE SAKALA

# ସମ୍ପାଦକୀୟ



ଜାତୀୟ ସୁରକ୍ଷା ସହିତ ଭାରତ କେବେ ବି ରାଜନୀତି କିମ୍ବା ସାଲିସ୍ କରିନାହିଁ।
-ଅଟଳ ବିହାରୀ ବାଜପେୟୀ

## ବନ୍ଦୋବସ୍ତ ସଂସ୍କାର

ଜମିଜମା ପ୍ରସଙ୍ଗ ଜନସାଧାରଣ ଓ ସରକାର(ରାଜା ଓ ପ୍ରଜା) ଉଭୟଙ୍କ ପାଇଁ ଏକ ଜଞ୍ଜାଳ। କିନ୍ତୁ ଏ ସମ୍ପର୍କିତ ପ୍ରଚଳିତ ଆଇନ୍ କାନୁନ, ନୀତି ନିୟମ ଅନାବଶ୍ୟକ ଭାବେ ଏତେ ଜଟିଳ ଯେ ଏଥିଯୋଗୁଁ ଏହାଦ୍ୱାରା ଜମି କ୍ରେତା ଓ ବିକ୍ରେତା ହନ୍ତସନ୍ତ ହେବା ସହିତ ବିଭିନ୍ନ କୋର୍ଟକଚେରିରେ ମାମଲା ବୋଝ ବଢ଼ିଚାଲିଛି। ଏଥିସହିତ ସରକାର ମଧ ଅଯଥା ଅଧିକ ଖର୍ଚ୍ଚାନ୍ତ ହେଉଛନ୍ତି। ତେଣୁ ଜମି ମାଲିକଙ୍କ ନାମରେ ଜମିର ମାଲିକାନା ରେକର୍ଡଭୁକ୍ତ ବା ପଟ୍ଟା ପ୍ରଦାନ ପାଇଁ ଉଦ୍ଦିଷ୍ଟ ନିୟମାବଳୀର ସଂଶୋଧନ ପାଇଁ ବହୁଦିନରୁ ଦାବି ହୋଇଆସୁଥିଲା। ସୁଖର କଥା ରାଜ୍ୟ ସରକାର ସେ ଦିଗରେ ଆନ୍ତରିକତା ପ୍ରକାଶ କରିଛନ୍ତି। ଏ ସମ୍ପର୍କିତ 'ଓଡ଼ିଶା ସର୍ଭେ ଆଣ୍ଡ ସେଟଲ୍‌ମେଣ୍ଟ ରୁଲ୍‌ସ'କୁ ସଂଶୋଧନ କରିବା ପାଇଁ ଆଗତ ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ଅନୁମୋଦନ କରିଛନ୍ତି। ଏହା କ୍ୟାବିନେଟ୍ ମଞ୍ଜୁରୀ ପାଇ ସରକାରୀ ବିଜ୍ଞପ୍ତି ଆକାରରେ ପ୍ରକାଶ ପାଇବା ପରେ କାର୍ଯ୍ୟକାରୀ ହେବା ପାଇଁ ଆଉ କିଛିଦିନ ଲାଗିପାରେ। ତେବେ ସରକାରୀ ଇଚ୍ଛାଶକ୍ତି ବଳରେ ତାହା ମଧ ଅଚିରେ ସମ୍ଭବ। ଯାହା ଆଦୌ ହେଉନଥିଲା ତାହା ଏବେ ହେବାକୁ ଯାଉଥିବାରୁ କିଛି ସମୟ ପ୍ରତୀକ୍ଷା କଲେ ମନ୍ଦ ନୁହେଁ।

ଜମିଜମା ରେକର୍ଡ ମାମଲା ମଧ୍ୟରୁ ସବୁଠାରୁ ଜଟିଳ ହେଉଛି ବନ୍ଦୋବସ୍ତ ଶିବିର ବା ସେଟଲ୍‌ମେଣ୍ଟ କ୍ୟାମ୍ପ ସହିତ ଜଡ଼ିତ ଆନୁଷଙ୍ଗିକ ପ୍ରସଙ୍ଗ। ପ୍ରଚଳିତ ନିୟମ ଅନୁସାରେ ବନ୍ଦୋବସ୍ତ କ୍ୟାମ୍ପରେ ଦୀର୍ଘବର୍ଷର ଜମିର ସ୍ୱତ୍ୱାଧିକାର ସଂଶୋଧନ ହେବାର ବ୍ୟବସ୍ଥା ଥିବା ବେଳେ ଯଦି କେହି କ୍ରେତା କ୍ୟାମ୍ପ ବିଷୟରେ ଜାଣିପାରୁ ନାହାନ୍ତି ତେବେ ତାଙ୍କୁ ରାଜସ୍ୱ ପରିଷଦ ଓ ସଂଶୋଧନ ଅଦାଲତରେ ଆବେଦନ କରିବାକୁ ପଡୁଛି। ଏହି ପ୍ରକ୍ରିୟାଟି ଏତେ ଜଟିଳ ଯେ ଏଥିରେ କ୍ରେତା ବା ପକ୍ଷଭୁକ୍ତ କୋର୍ଟକୁ ଦୌଡ଼ି ଓକିଲଙ୍କ ପିଛା ଖର୍ଚ୍ଚ କରି କରି ନୟାନ୍ତ ଓ ଖର୍ଚ୍ଚାନ୍ତ ହେଉଥିବା ବେଳେ ସରକାରଙ୍କ ଅଯଥା କୋର୍ଟ, ବିଚାରପତି, କର୍ମଚାରୀ, ଅଧିକାରୀ ଆଦି ନିଯୁକ୍ତି, ଦରମା ବାବଦ ଖର୍ଚ୍ଚ ବୋଝ କେବଳ ବଢ଼ିବା ହିଁ ସାର ହେଉଛି। ଏପରିକି ସେଟଲ୍‌ମେଣ୍ଟ କୋର୍ଟରେ କାର୍ଯ୍ୟରତ ପୂର୍ବତନ ବିଚାରପତି ଓ ଅଧିକାରୀ, ପୂର୍ବତନ ତହସିଲ୍‌ଦାର ଓ ଜିଲ୍ଲାପାଳ, ଉପଜିଲ୍ଲାପାଳସ୍ତରୀୟ ଅଧିକାରୀମାନେ ମଧ ଅବସର ପରେ ସରକାରୀ କ୍ଷମତା ନଥିବାରୁ ଏପରି ମାମଲାରେ ଧନ୍ଦି ହେଉଥିବା ଦେଖାଯାଉଛି। ସାଧାରଣ ଲୋକଙ୍କ କଥା କଣ କହିବା? ଏଥିରେ ନା ତ ସରକାରଙ୍କ ନା ଲୋକଙ୍କର କାହାର କିଛି ଲାଭ ହେଉନାହିଁ। କେବଳ ଓକିଲଙ୍କ ପାଇଁ ଏହା ଆୟର ଏକ ସୁଗମ ରାସ୍ତା ହୋଇପାରିଛି।

ଯେଉଁମାନେ ଅଜ୍ଞାନବଶତଃ ସେଟଲ୍‌ମେଣ୍ଟ କ୍ୟାମ୍ପ ବିଷୟରେ ଜାଣିପାରୁନାହାନ୍ତି ସେମାନଙ୍କ ଆବେଦନର ବିଚାର ସମ୍ପୃକ୍ତ ତହସିଲଦାରଙ୍କ ଇଜିଲାସରେ ହୋଇଯିବା କଥା। କିନ୍ତୁ ପ୍ରଚଳିତ ନିୟମଟି ଏତେ ଜଟିଳ ଯେ ଥରେ କ୍ୟାମ୍ପ ଉଠିଗଲା ପରେ ତା'ପୂର୍ବରୁ କିଣାବିକା ହୋଇଥିବା ଜମିଜମାର ମାଲିକାନାସ୍ୱତ୍ୱ ଫଏସଲା ଅଧିକାର ତହସିଲଦାରଙ୍କ ହାତରୁ ଚାଲିଯାଉଛି କିମ୍ବା ପୁନଃ କ୍ୟାମ୍ପ ବସିବା ପର୍ଯ୍ୟନ୍ତ ଘୁଞ୍ଚିଯାଇଛି। ତେଣୁ କ୍ରେତାମାନେ ବାଧ ହୋଇ ଓକିଲ ଜରିଆରେ ରାଜସ୍ୱ ପରିଷଦର ଦ୍ୱାରସ୍ଥ ହେଉଛନ୍ତି। ଆଉ ସେଟଲ୍‌ମେଣ୍ଟ କ୍ୟାମ୍ପ ହେବ ନାହିଁ ବୋଲି ସରକାରୀ ନିଷ୍ପତ୍ତି ହେବା ପରେ ପରିଷଦର କୋର୍ଟମାନଙ୍କରେ ମାମଲା ବୋଝ ଏତେ ବଢ଼ିଗଲାଣି ଯେ ତାହା ଫଏସଲା ହେବା ବେଳକୁ କେତେ ସମୟ ଲାଗିବ ତାହା ଈଶ୍ୱରଙ୍କୁ ଜଣା। କେବଳ ପ୍ରଚଳିତ ବ୍ୟବସ୍ଥାର ସାମାନ୍ୟ ସଂଶୋଧନରେ ଯେ ଏତେ ବଡ଼ ସମସ୍ୟାର ସମାଧାନର ହୋଇପାରନ୍ତା ତାହା ବୋଧହୁଏ ନୀତି ନିର୍ଦ୍ଧାରକମାନେ ଚିନ୍ତା କରିନାହାନ୍ତି କିମ୍ବା ଉଦ୍ଦେଶ୍ୟମୂଳକ ଭାବେ ଜାରି ରଖିଛନ୍ତି।

ସୁଖର କଥା ସରକାର ଜନସାଧାରଣଙ୍କ ଏହି ମାର୍ମିକ ବେଦନା ଅନୁଭବ କରି ମହତ୍ ପଦକ୍ଷେପଟିଏ ନେବାକୁ ଯାଉଛନ୍ତି, ଯାହା ରାଜ୍ୟ ଜମିଜମା ବନ୍ଦୋବସ୍ତରେ ଐତିହାସିକ ସାବ୍ୟସ୍ତ ହେବ। ଏଣିକି ବନ୍ଦୋବସ୍ତ ପୂର୍ବରୁ କିଣାବିକା ହୋଇଥିବା ଜମିଜମା ସଂକ୍ରାନ୍ତୀୟ ସ୍ୱତ୍ୱାଧିକାର ପାଇଁ ମଧ କ୍ରେତା ତହସିଲ୍ କାର୍ଯ୍ୟାଳୟରେ ଆବେଦନ କରିପାରିବେ ଏବଂ ସମ୍ପୃକ୍ତ ତହସିଲଦାର ସେଥିପାଇଁ କ୍ଷମତାପ୍ରାପ୍ତ ହେବେ। କିନ୍ତୁ ଜମିଜମା ରେକର୍ଡ ଓ ସ୍ୱତ୍ୱ ପରିବର୍ତ୍ତନ ପ୍ରକ୍ରିୟାରେ ଏକ ଗୁରୁତ୍ୱପୂର୍ଣ୍ଣ ତଥା ନିର୍ଣ୍ଣାୟକ ଭୂମିକା ନିର୍ବାହ କରନ୍ତି ରାଜସ୍ୱ ନିରୀକ୍ଷକ ବା ଆରଆଇମାନେ। ଏହି ତୃଣମୂଳସ୍ତରୀୟ ରିପୋର୍ଟକୁ ତହସିଲ୍‌ଦାରମାନେ ଆଖିବୁଜି ଗ୍ରହଣ କରିନିଅନ୍ତି। ତେଣୁ ଆରଆଇମାନଙ୍କୁ ସନ୍ତୁଷ୍ଟ କରିବାରେ ଅକ୍ଷମତା କିମ୍ବା ଅଜ୍ଞାନତା କାରଣରୁ ଜମିମାଲିକ ବା କ୍ରେତା ଆବଶ୍ୟକ ସଠିକ୍ ଦଲିଲ୍ ପ୍ରମାଣପତ୍ର, ଦସ୍ତାବେଜ୍ ଥାଇ ମଧ ବର୍ଷ ବର୍ଷ ଧରି ନ୍ୟାୟ ପାଇପାରୁନାହାନ୍ତି। ଏହି ସ୍ତରଟି ଯେପରି ସ୍ୱଚ୍ଛ, ଦକ୍ଷ ଓ ସମୟାନୁସାରୀ ହୋଇପାରିବ ତା' ଉପରେ ମଧ ସରକାର ଗୁରୁତ୍ୱ ଦେଲେ ସଂଶୋଧିତ ଜମିଜମା ଆଇନ ଯୁଗାନ୍ତକାରୀ, ବାସ୍ତବବାଦୀ ଓ ଲୋକହିତୈଷୀ ହୋଇପାରିବ।

ଏଠାରେ ଆଉ ଏକ ଆଇନଗତ ଜଟିଳତା ବିଷୟରେ ଆମେ ଉଲ୍ଲେଖ କରିବାକୁ ଉଚିତ ମନେ କରୁଛୁ। ଯେଉଁ କ୍ରେତାମାନେ ରାଜସ୍ୱ ପରିଷଦ ବା ରିଭିଜନ୍ କୋର୍ଟରେ ମାମଲା ଦାଖଲ ବା ଆବେଦନ କରିସାରିଛନ୍ତି ସେମାନେ ସଂଶୋଧିତ ନିୟମାବଳୀ କାର୍ଯ୍ୟକାରୀ ହେବା ପରେ ତହସିଲ୍‌ଦାରଙ୍କ ଇଜିଲାସରେ ପୁନଃଆବେଦନ କରିପାରିବେ କି ନାହିଁ ସେ ବିଷୟରେ ସରକାର ନିଷ୍ପତ୍ତି ନେଇ ଗେଜେଟ୍ ବିଜ୍ଞପ୍ତିରେ ସ୍ପଷ୍ଟ କଲେ ଆହୁରି ଭଲ ହେବ। କାରଣ ଅଦାଲତ ଆଇନର ଜଟିଳ ଶବ୍ଦକାନନ ଘେରା ଏକ ଅଞ୍ଚଳ। ଆଇନର ଶବ୍ଦ ଏତେ ଜଟିଳ ଓ କୁଟିଳ ଯେ ଯିଏ ଯେମିତି ବୁଝିଲା ଏବଂ ବୁଝାଇ ପାରିଲା ସେହି ଅନୁଯାୟୀ ଦାବି ହାସଲ୍ କରିନେଲା। ବନ୍ଦୋବସ୍ତ ବ୍ୟବସ୍ଥା ସରଳୀକରଣ ସହିତ ଏ ଦିଗଟିକୁ ମଧ ସରଳ ଓ ସ୍ପଷ୍ଟ କରିବା ପାଇଁ ସରକାରଙ୍କୁ ଅନୁରୋଧ। ଆଇନର ଶବ୍ଦ ବୁଝିପାରୁନଥିବା ଏବଂ ଧାର କରଜ କରି ଜମି କିଣିଥିବା ଅଶିକ୍ଷିତ ଓ ଅଳ୍ପଶିକ୍ଷିତମାନେ ଓକିଲଙ୍କ ଦେୟ ଦେଇପାରୁନଥିବା ବେଳେ କଷ୍ଟାର୍ଜିତ ଜମି ଖଣ୍ଡିକ ନିଜ ନାଁରେ କରିପାରୁନାହାନ୍ତି। ସେମାନେ ଯେତେ ଦହଗଞ୍ଜ ହେଉଛନ୍ତି ତାହା ଭୁକ୍ତଭୋଗୀ ହିଁ ଜାଣେ। ଗୋଟିଏ କାର୍ଯ୍ୟାଳୟରୁ ଅନ୍ୟ କାର୍ଯ୍ୟାଳୟକୁ, ଗୋଟିଏ ଟେବୁଲ୍‌ରୁ ଆଉ ଗୋଟିଏ ଟେବୁଲ୍ ପାଖକୁ ଚାବିଦିଆ ଖେଳନା ପରି ବିବଶ ହୋଇ ଧାଇଁବା ବ୍ୟତୀତ ସେମାନଙ୍କ ପାଖରେ ସାହା ଭରସା କେହି ନାହାନ୍ତି କି ଗୁହାରି ଶୁଣିବା ପାଇଁ ଉଚ୍ଚପଦାଧିକାରୀଙ୍କ ପାଖରେ ବେଳ ନାହିଁ। ତେଣୁ ସଂଶୋଧିତ ନିୟମର ଭାଷା ଏତେ ସରଳ ହେଉ ଯେ ତାହା ଜଣେ ଅଳ୍ପଶିକ୍ଷିତ ବୁଝିପାରିବ ଏବଂ ଦୀର୍ଘବର୍ଷ ଧରି ବଳବତ୍ତର ରହି ଏକ ଉଦାହରଣ ସୃଷ୍ଟି କରିବ।

## ଉଚ୍ଚଶିକ୍ଷିତଙ୍କ ଆତଙ୍କବାଦ



ସାଧାରଣତଃ କୁହାଯାଏ ବେକାରୀ, ଅଶିକ୍ଷା, କୁପରିବେଶ, କୁସଙ୍ଗ ଆଦି କାରକ ଉଗ୍ରବାଦ, ଆତଙ୍କବାଦ, ଚରମପନ୍ଥୀବାଦକୁ ଜନ୍ମ ଦିଏ। କ୍ରମାଗତ ନିର୍ଯାତନା, ଲାଞ୍ଛନା, ଅପମାନ, ଅବହେଳା ଓ ଅନ୍ୟାୟର ପ୍ରଭାବରେ ଜଣେ ପ୍ରତିଶୋଧପରାୟଣ ହୋଇ ହିଂସାର ପଥ ଆବୋରି ନିଏ ଏବଂ ଆତଙ୍କବାଦୀ ହେବାକୁ ବାଧ ହୁଏ। କିନ୍ତୁ ପିଏଚଡି ଡିଗ୍ରୀଧାରୀ ଆଇଏସଆଇଏସ ମୁଖ୍ୟ ଅବୁ ବକର ଅଲ-ବାଗଦାଦିଠାରୁ ଆରମ୍ଭ କରି ଅଲ-କାଏଦାର ଡାକ୍ତର ଅୟମାନ ଅଲ-ଜୱାହିରୀ, ସିଭିଲ ଇଞ୍ଜିନିୟରିଂରେ ସ୍ନାତକଡିଗ୍ରୀଧାରୀ ଓସାମା ବିନ୍ ଲାଦେନ ଏବଂ ସମ୍ପ୍ରତି ନୂଆଦିଲ୍ଲୀରେ ଆତ୍ମଘାତୀ କାରବୋମା ବିସ୍ଫୋରଣ ଘଟାଇଥିବା ଡାକ୍ତର ଉମର ଉନ୍ ନବି, ଧରାପଡ଼ିଥିବା ଅନ୍ୟ ଚାରିଜଣ ଡାକ୍ତରଙ୍କ କାର୍ଯ୍ୟକଳାପକୁ ତର୍ଜମା କଲେ ଉପରୋକ୍ତ ଧାରଣା ଭୁଲ୍ ସାବ୍ୟସ୍ତ ହୁଏ। ବିଶ୍ୱର ସବୁଠାରୁ ଭୟଙ୍କର ଏହି ଉଗ୍ରବାଦୀ ନେତାମାନେ ଉଚ୍ଚଶିକ୍ଷିତ, ତାଲିମପ୍ରାପ୍ତ ଓ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନରୁ ଡିଗ୍ରୀଧାରୀ। ଏଭଳି ଉଚ୍ଚଶିକ୍ଷିତ ମାନେ କିଭଳି ନାରକୀୟ କାଣ୍ଡ ରଚନା କରିପାରନ୍ତି, ବିଶେଷକରି ଜୀବନରକ୍ଷା ପାଇଁ ଶପଥ ନେଉଥିବା ଡାକ୍ତରମାନେ ଯେ ନରସଂହାର ପାଇଁ ବ୍ରତୀ ହୋଇପାରନ୍ତି ତାହା ସତତ ଅବିଶ୍ୱସନୀୟ। ବିଶ୍ୱର କୌଣସି ମତ, ପନ୍ଥ, ଧର୍ମ ଓ ସମ୍ପ୍ରଦାୟ ଏହାକୁ ସ୍ୱୀକୃତି ଦିଏ ନାହିଁ କି ସମର୍ଥନ କରେନାହିଁ। କିନ୍ତୁ ଏଭଳି ଅଭୂତପୂର୍ବ ଘଟଣାମାନ ଘଟି ଚାଲିଥିବାରୁ ମାନବ ସଭ୍ୟତାର ଗତି କେତେ ଅସ୍ଥିର ଓ ଭବିଷ୍ୟତ କେତେ ଅସୁରକ୍ଷିତ ତାହା ଅକ୍ଲେଶବହୁତ ଅନୁମେୟ।

ନୂଆଦିଲ୍ଲୀ କାରବୋମା ବିସ୍ଫୋରଣ ଭାରତଭୂମିରେ ଆତଙ୍କ, ଆତଙ୍କବାଦ ଓ ଆତଙ୍କବାଦୀର ଭାଷାକୁ ନୂଆ ଢଙ୍ଗରେ ଉପସ୍ଥାପନ କରିଛି। ପ୍ରାଥମିକ ପର୍ଯ୍ୟାୟରେ ଏହା ଆମକୁ ଚେତାଇ ଦେଉଛି ଯେ ଆତଙ୍କ ଓ ଆତଙ୍କବାଦୀ ଆମେ ପରିକଳ୍ପନା କରୁଥିବା ଚେହେରା ନେଇ ଆସେ ନାହିଁ। ଆମେ ଚାରିପାଖରେ ରହୁଥିବା ଆମର ଆତ୍ମୀୟ, ଏପରିକି ସବୁଠାରୁ ବିଶ୍ୱସ୍ତମାନେ, ସମାଜକୁ ନୈତିକ ଶିକ୍ଷା ଦେଉଥିବା ଧର୍ମଗୁରୁମାନେ, ନାଗରିକ ଗଠନରେ ସମର୍ପିତ ଶିକ୍ଷକମାନେ, ଧର୍ମାନୁଷ୍ଠାନରେ ପ୍ରତିଦିନରେ ସାକ୍ଷାତ ହେଉଥିବା ସାଧୁଶ୍ରେଣୀୟ ବ୍ୟକ୍ତିମାନେ, ଆମ ସହିତ ସକାଳ ସନ୍ଧ୍ୟାରେ ପାଦ ମିଳାଇ ଚାଲୁଥିବା ଓ ଦୁଃଖସୁଖ ବାଣ୍ଟୁଥିବା ନମ୍ର, ଧୀର ଓ ମିଷ୍ଟଭାଷୀମାନେ, ଅସମୟରେ ଆମ ପାଖରେ ଠିଆ ହୋଇଥିବା ଓ ଅଯାଚିତ ଭାବେ ସହାୟତାର ହାତ ବଢ଼ାଇ ଦେଉଥିବା ଦୟାଳୁ, ପରୋପକାରୀ ଭଦ୍ରବ୍ୟକ୍ତିମାନେ, ଜଟିଳ ସମସ୍ୟାର ସରଳ ସୂତ୍ର ବତାଇ ଦେଉଥିବା ବିଦ୍ୱାନମାନେ ମଧ ଯେ ଆତଙ୍କବାଦୀ ହୋଇପାରନ୍ତି ଏହି ଅବିଶ୍ୱସନୀୟତାକୁ ଗ୍ରହଣ କରିନେବା ପାଇଁ ଆମେ ଆମର ମାନସିକତା ଓ ଧାରଣାକୁ ପରିବର୍ତ୍ତନ କରିବାକୁ ପଡ଼ିବ।

ଆତଙ୍କବାଦ ଓ ଆତଙ୍କବାଦୀ ଇତିହାସରେ ଏଭଳି ଅନେକ 'ହ୍ୱାଇଟ୍ କଲାର ଟେରରିଷ୍ଟ' ବା 'ଉଚ୍ଚଶିକ୍ଷିତ ଆତଙ୍କବାଦୀ'ଙ୍କ କାହାଣୀ ରହିଛି, ଯାହା ମାନବତା ପରି ଶବ୍ଦକୁ ସ୍ୱତଃ ଲଜ୍ଜିତ କରିବା ପାଇଁ ଯଥେଷ୍ଟ। କାନ୍ଦାହାର ବିମାନ ଅପହର୍ତ୍ତା, ଆମେରିକୀୟ ସାମ୍ବାଦିକ ଡାନିଏଲ୍ ପର୍ଲଙ୍କ ଅପହର୍ତ୍ତା ଓ ହତ୍ୟାକାରୀ ଓମାର ସୟଦ୍ ସେଖ୍ ମଧ ଥିଲେ ଅର୍ଥନୀତିରେ ଉଚ୍ଚଶିକ୍ଷିତ। ୯/୧୧ ଆତଙ୍କବାଦୀ ଆକ୍ରମଣରେ ବ୍ୟବହୃତ ବିମାନର ମୁଖ୍ୟ ଅପହରଣକାରୀ ମହମ୍ମଦ ଆଟ୍ଟା କାଇରୋ ବିଶ୍ୱବିଦ୍ୟାଳୟରେ 'ସ୍ଥାପତ୍ୟ ଓ ନଗର ଯୋଜନା' ବିଷୟରେ ଡିଗ୍ରୀ ହାସଲ କରିବା ପରେ ହାମବର୍ଗରେ 'ନଗର ଯୋଜନା'ରେ ସ୍ନାତକୋତ୍ତର ଡିଗ୍ରୀ ହାସଲ କରିଥିଲେ। ଅନ୍ୟତମ ଅପହର୍ତ୍ତା ମାରୱାନ ଅଲ-ଶେହି ଜର୍ମାନୀରେ ଉଚ୍ଚତର ଡିଗ୍ରୀ ହାସଲ କରିଥିଲେ ଏବଂ ଜିଆଦ ଜାରାହ ହାମବର୍ଗ ଆପ୍ଲାଏଡ୍ ସାଇନ୍ସ ବିଶ୍ୱବିଦ୍ୟାଳୟରେ ପଢ଼ିଥିଲେ। ଆଇଏସ୍‌ଆଇଏସ୍ ତା'ର ସଦସ୍ୟ ଭାବେ ମୁଖ୍ୟତଃ ୟୁକେ, ସୁଦାନ ଆଦି ଅଞ୍ଚଳରେ ରହୁଥିବା ଡାକ୍ତର ଓ ଡାକ୍ତରୀଛାତ୍ରମାନଙ୍କୁ ଗ୍ରହଣ କରିଥାଏ। ତାମିଲ ଗରିଲା ଏଲ୍‌ଟିଟିଇର ସଦସ୍ୟମାନଙ୍କ ମଧ୍ୟରେ ଅନେକ ବରିଷ୍ଠ ନେତା, ସ୍ନାତକ, ଶିକ୍ଷକ ଓ ଇଞ୍ଜିନିୟର ଥିଲେ ଏବଂ ଏହାର ଆତ୍ମଘାତୀ ବାହିନୀ ପ୍ରାୟତଃ ସେମାନଙ୍କ ବିଦ୍ୟାଳୟସ୍ତରରେ ଉତ୍କର୍ଷ ହାସଲ କରିଥିଲେ। 'ଆଇରିଶ ରିପବ୍ଲିକାନ୍ ଆର୍ମି' ବିଶ୍ୱବିଦ୍ୟାଳୟ ଛାତ୍ର, ସରକାରୀ କର୍ମଚାରୀ ଏବଂ ବୃତ୍ତିଗତମାନଙ୍କୁ ନିଯୁକ୍ତି ଦେଇଥିଲା, ଯେଉଁମାନେ ବିଶ୍ୱାସ କରୁଥିଲେ ଯେ ସେମାନେ ଏକ ବୈଧ ରାଜନୈତିକ ସଂଘର୍ଷ କରୁଛନ୍ତି।

ଭାରତରେ ୧୯୮୦ ଦଶକର ଖଲିସ୍ତାନୀ ସଂଗଠନରେ ଡାକ୍ତର, ସରକାରୀ କର୍ମଚାରୀ, ପଞ୍ଜାବ ଓ ଦିଲ୍ଲୀର କଲେଜ୍ ପଢୁଆମାନେ ସାମିଲ୍ ଥିଲେ। ଡାଲ ଖାଲସା ପ୍ରତିଷ୍ଠାତା ଗଜିନ୍ଦର ସିଂହ ୧୯୮୧ ମସିହାରେ ଇଣ୍ଡିଆନ ଏୟାରଲାଇନ୍ସର ଏକ ବିମାନ ଅପହରଣର ନେତୃତ୍ୱ ନେଇଥିଲେ। ମୃଦୁଭାଷୀ, ପଠନପ୍ରିୟ ଗଜିନ୍ଦରଙ୍କ ମତରେ ଅପହରଣ ଏକ ଅପରାଧ ନୁହେଁ, ବରଂ ଖଲିସ୍ତାନ ଆନ୍ଦୋଳନର ସେବାରେ ଏକ ନୈତିକ କାର୍ଯ୍ୟ। ପୁଲ୍‌ୱାମା ଆତ୍ମଘାତୀ ବିସ୍ଫୋରଣର ସମ୍ପର୍କୀୟମାନଙ୍କ ଜୀବନଶୈଳୀ ଅତ୍ୟୁଚ୍ଚ ଧନୀଙ୍କ ଠାରୁ କମ୍ ନଥିଲା।

ଏଭଳି ଶିକ୍ଷିତ ଆତଙ୍କବାଦୀଙ୍କ ପାଖରେ ଥିଲା ହିଂସାକୁ କର୍ତ୍ତବ୍ୟ ଭାବରେ ପ୍ରତିପାଦନ କରିବାର ଅଦମ୍ୟ ଉତ୍ସାହ, ନିଷ୍ଠା, ଆନ୍ତରିକତା ଓ ଦୃଢ଼ ମନୋବଳ। ସେଥିପାଇଁ ସେମାନଙ୍କୁ ଯଥେଷ୍ଟ ଶକ୍ତିଶାଳୀ ପୃଷ୍ଠଭୂମି ମଧ ମିଳିଯାଉଥିଲା। ଏଠାରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏଭଳି ଉଚ୍ଚଶିକ୍ଷିତ ଓ ସମ୍ମାନଜନକ ବୃତ୍ତିଧାରୀମାନେ ହିଂସାର ପଥକୁ ଆବୋରି ନିଅନ୍ତି କାହିଁକି? ଜର୍ଜଟାଉନ୍ ବିଶ୍ୱବିଦ୍ୟାଳୟରେ ମୌଳବାଦୀକରଣ ଉପରେ ଗବେଷଣା କରୁଥିବା ରାଜନୈତିକ ମନସ୍ତତ୍ତ୍ୱବିତ୍ ଡକ୍ଟର ଫାଥାଲି ମୋଘାଦମଙ୍କ କହିବା ଅନୁଯାୟୀ, 'ମୌଳବାଦୀକରଣ କେବଳ ଦାରିଦ୍ର୍ୟ କିମ୍ବା ଅଜ୍ଞତାରେ ଜନ୍ମ ହୁଏ ନାହିଁ। ଏହା ସେତେବେଳେ ଘଟେ ଯେତେବେଳେ ଲୋକମାନେ ନୈତିକ ଭାବରେ ଅପମାନିତ, ସାମାଜିକ ଭାବରେ ଅସମ୍ମାନିତ ଏବଂ ରାଜନୈତିକ ଭାବରେ ଅବହେଳିତ ଅନୁଭବ କରନ୍ତି। ଶିକ୍ଷିତ ବ୍ୟକ୍ତିମାନେ ମାନସିକସ୍ତରରେ ପ୍ରାୟତଃ ଅଧିକ ଦୁର୍ବଳ। ତେଣୁ ହିଂସା ସେମାନଙ୍କ ମନରେ ବିନାଶ ନୁହେଁ ବରଂ ଉଦ୍ଦେଶ୍ୟର ଏକ କାରକ ଭାବେ ପ୍ରବେଶ କରେ। ବିଦ୍ୱାନ ଅରୁଣ କୁନ୍ଦନାନି ତାଙ୍କ ପୁସ୍ତକ 'ଦି ମୁସଲିମ୍‌ସ ଆର କମିଂ! ଇସଲାମୋଫୋବିଆ, ଏକ୍ସଟ୍ରିମିଜିମ୍ ଆଣ୍ଡ ଦି ଡୋମେଷ୍ଟିକ୍ ୱାର୍ ଅନ୍ ଟେରର୍' ରେ ଉଲ୍ଲେଖ କରିଛନ୍ତି ଯେ କାହିଁକି ମୌଳିବାଦକରଣ ବା ଚରମପନ୍ଥା 'ଅକସ୍ମାତ୍ ମାନସିକ ଦୁର୍ବଳତାର ଏକ କାରକ' ନୁହେଁ ବରଂ 'ରାଜନୈତିକ ପ୍ରସଙ୍ଗରେ ଏକ ରାଜନୈତିକ ପ୍ରତିକ୍ରିୟା'। ଆଉ କେତେକ ବିଦ୍ୱାନଙ୍କ ମତରେ ଅନୁଭୂତ ଅନ୍ୟାୟ ପ୍ରତି ନୈତିକ ଆକ୍ରୋଶ, ବ୍ୟକ୍ତିଗତ କିମ୍ବା ରାଜନୈତିକ ଆଘାତ ଦ୍ୱାରା ସୃଷ୍ଟି ହୋଇଥିବା ଜ୍ଞାନାତ୍ମକ ପରିପ୍ରକାଶ, ମୌଳିକ ଚିନ୍ତାଧାରାକୁ ସମର୍ଥନ ମିଳୁଥିବା କଠୋର ସମକକ୍ଷ ମଞ୍ଚ, ସମ ବିଚାରଧାରାର ନିଶ୍ଚିତତା, ସମଆଗ୍ରହ ଆଦି ଉଚ୍ଚଶିକ୍ଷିତ ଆତଙ୍କବାଦର କାରଣ।

ଏବେ ମୂଳ ଓ ବାସ୍ତବ ପ୍ରଶ୍ନ ହେଉଛି ଉପରୋକ୍ତ ଉଚ୍ଚଶିକ୍ଷିତମାନେ କାହିଁକି ବିଶ୍ୱାସ କରିନେଲେ ଯେ ଆତଙ୍କବାଦର ପଥ ହିଁ ସର୍ବାଧିକ ଉଚିତ। ଏହି ପ୍ରଶ୍ନର ଉତ୍ତର ଗୁରୁତ୍ୱର ସହ ଖୋଜିବାକୁ ପଡ଼ିବ। ଏହା କେବଳ ମନସ୍ତତ୍ତ୍ୱବିତ୍‌ଙ୍କ ଦାୟିତ୍ୱ ନୁହେଁ; ଏହା ସମାଜଶାସ୍ତ୍ରୀ, ନୀତି ନିର୍ଦ୍ଧାରକ ସର୍ବୋପରି ଜନସାଧାରଣଙ୍କ ନୈତିକ ଦାୟିତ୍ୱ। ଆତଙ୍କବାଦର ଏହି ପରିବର୍ତ୍ତିତ ପରିଭାଷା କେବଳ ରାଷ୍ଟ୍ରର ସୁରକ୍ଷା ଓ ଅଖଣ୍ଡତା ପ୍ରତି ଏକ ବିପଦ ନୁହେଁ, ବରଂ ମାନବତା ଓ ମାନବ ସଭ୍ୟତା ପ୍ରତି ନୈତିକ ଆହ୍ୱାନ।

(ସକାଳ ମିଡିଆ ସର୍ଭିସ୍)

## ଭୋଟରଙ୍କ ମାନସିକତା ବଦଳୁଛି

ଡ. ବିମଳ ଷଡ଼ଙ୍ଗୀ

ଜାତିଗତ ଭେଦଭାବକୁ ଆୟୁଧ କରି ନିର୍ବାଚନ ଜିତିଥିବା ଡୋନାଲ୍ଡ ଟ୍ରମ୍ପଙ୍କ ତୃତୀୟ ପ୍ରୟାସକୁ ସଚେତନ ଆମେରିକା ଭୋଟର ନ୍ୟୁୟର୍କ ସହରରେ ଭାଙ୍ଗି ଚୁରମାର କରିଛନ୍ତି। ଘୃଣା, ଦ୍ୱେଷ, ଆତ୍ମପ୍ରଚାର, ଅହଂକାର ଜଣେ ହୀନ ରାଜନେତାର ପରିଚୟ, ଯାହାକୁ ଆଜି ପ୍ରମାଣ କରିଛନ୍ତି ନ୍ୟୁୟର୍କର ସଚେତନ ଜନତା। ୨୦୨୫, ନଭେମ୍ବର ମାସରେ ୩୪ ବର୍ଷୀୟ ଅଗ୍ନିବର୍ଷୀ ଗଣତାନ୍ତ୍ରିକ ସମାଜବାଦୀ ଜୋହରାନ୍ କ୍ୱାମେ ମାମଦାନି ନ୍ୟୁୟର୍କ ସହରର ଇତିହାସର ଦ୍ୱିତୀୟ ସର୍ବକନିଷ୍ଠ ମେୟର ଭାବରେ ବିଜୟ ହାସଲ କରିଛନ୍ତି। ଭାରତୀୟ ହିନ୍ଦୁ ମାତା ତଥା ଚଳଚ୍ଚିତ୍ର ନିର୍ମାତା ମୀରା ନାୟାର ଏବଂ ଉଗାଣ୍ଡା ମୁସଲିମ ପିତା ଶିକ୍ଷାବିତ୍ ମହମ୍ମଦ ମାମଦାନିଙ୍କ ଔରସରୁ ଜନ୍ମଗ୍ରହଣ କରିଥିବା ଏହି ପ୍ରବାସୀ ଯୁବନେତା କେବଳ ନିର୍ବାଚନ ଜିତି ନାହାନ୍ତି, ବରଂ ଟ୍ରମ୍ପବାଦ ପ୍ରତି ଏକ ଆହ୍ୱାନ ସୃଷ୍ଟି କରିଛନ୍ତି।

ନିର୍ବାଚନ ପ୍ରଚାର ସମୟରେ ମାମଦାନୀଙ୍କୁ ମୁସଲିମ, ନ୍ୟୁୟର୍କକୁ ନଷ୍ଟ କରିବାକୁ ଆସିଥିବା ବାମ ମୌଳବାଦୀ, ଆମେରିକୀୟ ବିରୋଧୀ, ଧର୍ମ ବିରୋଧୀ ଆଦି ଆଖ୍ୟାଦେଇ ତିରସ୍କାର କରିବାକୁ ପଛାଇ ନଥିବା ଟ୍ରମ୍ପଙ୍କୁ ନିର୍ବାଚନ ଫଳାଫଳ ମାଧ୍ୟମରେ ଉତ୍ତର ଦେଇଥିଲେ ମାମ୍‌ଦାନୀ। ବିଜୟୀ ପ୍ରାର୍ଥୀ ଟ୍ରମ୍ପଙ୍କ ରାଜନୀତିର ବିପରୀତ ମୂଲ୍ୟବୋଧକୁ ଆୟୁଧ କରିଥିଲେ। ଟ୍ରମ୍ପ ଦୃଢ଼ ଜାତୀୟତାବାଦ, ରକ୍ଷଣଶୀଳ ପରିଚୟ ଏବଂ ଆକ୍ରମଣାତ୍ମକ ଭାଷଣବାଜି ଦ୍ୱାରା ଭୋଟରମାନଙ୍କୁ ପ୍ରଭାବିତ କରିବା ପାଇଁ ଚେଷ୍ଟା କରିଥିବା ବେଳେ ମାମଦାନୀ ନିଜକୁ ମୁସଲିମ ବୋଲି ପରିଚୟ ଦେବା ସହିତ ପ୍ରଗତିଶୀଳ ନୀତି ଏବଂ ପ୍ରବାସୀଙ୍କୁ ସମାନ ଅଧିକାର, ଧର୍ମନିରପେକ୍ଷତା ଏବଂ ନୂତନ ଦିଗଦର୍ଶନ ମାଧ୍ୟମରେ ଭୋଟରମାନଙ୍କୁ ପ୍ରଭାବିତ କରିବାକୁ ଚେଷ୍ଟା କରିଥିଲେ। ଟ୍ରମ୍ପଙ୍କୁ ଖରାପ ନକହି ତାଙ୍କ ପ୍ରଚଳିତ ନୀତିକୁ ବିରୋଧ କରିଥିଲେ, ଯାହା ପ୍ରମାଣ କରିଥିଲା ଯେ ଅନେକ ଆମେରିକୀୟ ବିଶେଷକରି ସହରଗୁଡ଼ିକରେ ଥିବା ଶିକ୍ଷିତ ଭୋଟର ଟ୍ରମ୍ପଯୁଗର ବିଭାଜନକାରୀ ରାଜନୀତିକୁ ପ୍ରତ୍ୟାଖ୍ୟାନ କରିଛନ୍ତି।

ଯୁବ ଭୋଟରଙ୍କ ଅଧିକ ଭାଗୀଦାରୀରେ ନିର୍ବାଚନରେ ପାଖାପାଖି ୨ ନିୟୁତ ଭୋଟ ମିଳିଥିଲା ଯାହା ଦଶନ୍ଧି ମଧ୍ୟରେ ନ୍ୟୁୟର୍କର ମେୟର ନିର୍ବାଚନରେ ସର୍ବାଧିକ ଭୋଟଦାନ ଥିଲା। ଏହା ପ୍ରମାଣ କରିଥିଲା ଯେ ବଡ଼ ସହରଗୁଡ଼ିକରେ ଗୃହ ନିର୍ମାଣରେ ବର୍ଦ୍ଧିତ ଖର୍ଚ୍ଚ, ବ୍ୟୟବହୁଳ ଦୈନନ୍ଦିନ ଖର୍ଚ୍ଚ, ଧର୍ମନିରପେକ୍ଷତାର ବିରୋଧ, ଶ୍ରମିକଙ୍କ ସମ୍ମାନହାନି ଓ ଅସୁରକ୍ଷିତ ପ୍ରବାସୀ ନୀତିଗୁଡ଼ିକର କୁପରିଣାମ ଲୋକଙ୍କୁ ଭୋଗିବାକୁ ପଡ଼ିଥିଲା। ତେଣୁ ସେମାନେ ଟ୍ରମ୍ପ ଓ ଟ୍ରମ୍ପ ନୀତିକୁ ବିରୋଧ କରିଥିଲେ ଏବଂ ନୂଆ ଭାବନା ଓ ନୂଆ ନେତୃତ୍ୱକୁ ଜିତାଇବାକୁ ମନସ୍ଥ କରିଥିଲେ।

ନ୍ୟୁୟର୍କ ଭଳି ବହୁ-ସଂସ୍କୃତି ସହରରେ ଅଳ୍ପସଂଖ୍ୟକ ଓ ପ୍ରବାସୀମାନଙ୍କର ସ୍ୱର ଶକ୍ତିଶାଳୀ ହେଉଛି, ଯାହା ଦର୍ଶାଉଛି ଯେ ସମାଜିକ ଅସମାନତା ବିଷୟରେ ଲୋକ ଅଧିକ ସଚେତନ। ତତ୍‌ସହିତ ପ୍ରଗତିଶୀଳ ରାଜନୀତିର ଉଦୟ ହୋଇଛି। ଆମେରିକାର ରାଷ୍ଟ୍ରପତି ରୂପେ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳର ଗୋଟିଏ ବର୍ଷରୁ କମ୍ ସମୟ ମଧ୍ୟରେ ତାଙ୍କର ଅସଲ ଚେହେରା ପଦାକୁ ଆସିଥିଲା। ପରିବାରବାଦ, ଭୟ ସୃଷ୍ଟି, ବେକାରୀ, ଦରଦାମ ବୃଦ୍ଧି ସହିତ ଆନ୍ତର୍ଜାତିକ ସ୍ତରରେ ଆମେରିକାର କ୍ଷୁର୍ଣ୍ଣ ରୂପ, ଭୁଲ ବୈଦେଶିକ ନୀତି, ଶିକ୍ଷାର ପ୍ରଗତିରେ ବାଧା, ନ୍ୟାୟିକ ବ୍ୟବସ୍ଥାରେ ହସ୍ତକ୍ଷେପ, ପରବାରବାଦ, ଗଣମାଧ୍ୟମକୁ ନିଜ ଇଚ୍ଛାରେ ବ୍ୟବହାର ଆଦି ଟ୍ରମ୍ପନୀତିର ବିରୋଧ ଏବଂ ମାମଦାନୀଙ୍କ ବିଜୟ ଏକ ଜାତୀୟ ଜନମତକୁ ସୂଚାଉଛି।

ମମଦାନୀଙ୍କ ବିଜୟ ବିଶ୍ୱକୁ ବାର୍ତ୍ତା ଦେଇଛି ଯେ ଆକ୍ରମଣାତ୍ମକ ରାଜନୀତି, ଜାତି ଜାତି ବିରୁଦ୍ଧରେ ବିଭେଦ ସୃଷ୍ଟି କରିବା, ଭ୍ରଷ୍ଟାଚାର, ବ୍ୟକ୍ତିଗତ ଆକ୍ଷେପକୁ ଭୋଟର ନାପସନ୍ଦ କରିଛନ୍ତି। ଦଳୀୟ ପରିଚୟ ଠାରୁ ଲୋକଙ୍କ କାମ ଏବେ ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇଛି। ଲୋକମାନେ ଏବେ ଶାନ୍ତି ଚାହୁଁଛନ୍ତି। ବାଦବିବାଦ, ଟ୍ୱିଟର ରାଜନୀତି, ସଂସ୍କୃତି ଯୁଦ୍ଧ ଆଦି ପରେ ଲୋକ ଏବେ ସ୍ଥିରତା ଓ ବିବେକୀ ନେତୃତ୍ୱକୁ ସ୍ୱାଗତ କରୁଛନ୍ତି। ଏହି ଫଳାଫଳ କେବଳ ଏକ ସହର ନିର୍ବାଚନର କଥା ନୁହେଁ, ବରଂ ସମଗ୍ର ବିଶ୍ୱର ରାଜନୀତିରେ ଚାଲୁଥିବା ଏକ ନୂଆ ପରିବର୍ତ୍ତନର ପ୍ରତିଛବି।

ଗତ ୧୦-୧୫ ବର୍ଷ ଧରି ବିଶ୍ୱର ବହୁ ଦେଶରେ ଉଚ୍ଚ ସ୍ୱରରେ ବକ୍ତୃତା, ପ୍ରଚଣ୍ଡ ଭାବନା, ଜନଆନ୍ଦୋଳନ, ଜାତିଆଣ ଭେଦଭାବ ଓ ଦେଶ ଦେଶ ବିରୁଦ୍ଧରେ ଜନତାଙ୍କୁ ଉସକେଇବା ରାଜନୀତି ବହୁତ ବୃଦ୍ଧି ପାଇଲାଣି। କିନ୍ତୁ ଏବେ ଲୋକମାନେ ବୁଝିଲେ ଯେ କେବଳ କଥାକୁହା ରାଜନୀତି ଦେଶକୁ ଚଲାଇପାରିବ ନାହିଁ। ଉନ୍ନତି, କାର୍ଯ୍ୟ ଓ ପରିଣାମ ସହିତ ଦେଶ-ବିଦେଶ ସହିତ ସୁସମ୍ପର୍କ ପାଇଁ ଲୋକେ ଇଚ୍ଛୁକ। ଲୋକମାନେ ଏବେ ପ୍ରଶ୍ନକରିବା ସହିତ ବିଭେଦ ରାଜନୀତିକୁ ଅସ୍ୱୀକାର କରୁଛନ୍ତି। ଯୁବକ ଓ ଶିକ୍ଷିତ ଭୋଟରମାନେ ସମ୍ମାନ, ସାଧାରଣ ଜୀବନ ଓ ସ୍ଥିର ଅଗ୍ରଗତି ଚାହୁଁଛନ୍ତି। ବିଶ୍ୱ ଏବେ ନାରା ଓ ଡ୍ରାମା ନୁହେଁ; ଉନ୍ନତି ଓ ଉତ୍ତରଦାୟୀତା ନେତୃତ୍ୱକୁ ସ୍ୱାଗତ କରିବାକୁ ଶ୍ରେୟ ମନେକରୁଛି।

ଭୁବନେଶ୍ୱର

## ଢୁଙ୍ଗରି ଦେବୀ ଭାବେ ପୂଜା ପାଆନ୍ତି ଅସୁରୁଣୀ ହିଡ଼ିମ୍ବା

ଓଜସ୍ୱିନୀ

ମହାଭାରତର ବର୍ଣ୍ଣନା ଅନୁସାରେ ପଞ୍ଚୁପାଣ୍ଡବ ବନବାସ ସମୟରେ ହିମାଚଳ ପ୍ରଦେଶର ମନାଲିଠାରେ କିଛିଦିନ ପାଇଁ ରହିଥିଲେ। ସେହିସ୍ଥାନରେ ହିଡ଼ିମ୍ବା ନାମକ ଜଣେ ଅସୁରୁଣୀ ଏବଂ ତାଙ୍କ ଭାଇ ହିଡ଼ିମ୍ବଙ୍କ ରାଜୁତି ଥିଲା। ହିଡ଼ିମ୍ବ ବହୁତ ବଳଶାଳୀ ଏବଂ ହିଡ଼ିମ୍ବା ତନ୍ତ୍ରମନ୍ତ୍ରର ଅଧିକାରୀଣୀ ଥିଲେ। ଏକଦା ହିଡ଼ିମ୍ବ ଖାଦ୍ୟ ସନ୍ଧାନରେ ଜଙ୍ଗଲରେ ବୁଲୁଥିବା ସମୟରେ ପଞ୍ଚୁପାଣ୍ଡବଙ୍କୁ ଦେଖି ସେମାନଙ୍କୁ ଭକ୍ଷଣ କରିବାକୁ ଉଦ୍ୟତ ହେଲେ। କିନ୍ତୁ ଅପ୍ରତ୍ୟାଶିତ ଭାବେ ଭୀମଙ୍କ ସହ ହିଡ଼ିମ୍ବଙ୍କୁ ଯୁଦ୍ଧ କରିବାକୁ ପଡ଼ିଲା। ଯୁଦ୍ଧରେ ହିଡ଼ିମ୍ବ ପରାସ୍ତ ହେଲେ। ହିଡ଼ିମ୍ବା ଭୀମଙ୍କ ବୀରତ୍ୱରେ ଅତିଶୟ ପ୍ରଭାବିତ ହୋଇ ତାଙ୍କୁ ବିବାହ କଲେ। ବିବାହ ପରେ ହିଡ଼ିମ୍ବା ମାନବୀ ରୂପରେ ପତିବ୍ରତା ଧର୍ମ ପାଳନ କରିବା ସହିତ କାଳାନ୍ତରରେ ଘୋର ତପସ୍ୟାରେ ଲୀନ ହୋଇ ଅସୁରୁଣୀରୁ ଦେବୀ ଭାବେ ଆବିର୍ଭୂତା ହେଲେ। ତପସ୍ୟା ଦ୍ୱାରା ତାଙ୍କର ସମସ୍ତ ଆସୁରିକ ଶକ୍ତି କ୍ଷୟ ହୋଇଥିଲା ଏବଂ ସେ ମନାଲିର ଆରାଧ୍ୟା ଦେବୀ ଏବଂ କୁଲ୍ଲୁ ରାଜବଂଶର କୁଳଦେବୀ ଭାବେ ଉପାସିତ ହୋଇ ଆସୁଛନ୍ତି।

### ବିଚିତ୍ର ବିଶ୍ୱାସ

ଭାରତର ସବୁଠାରୁ ସୁନ୍ଦର ପର୍ଯ୍ୟଟନ ସହରର ମାନ୍ୟତା ହାସଲ କରିଥିବା ମନାଲିଠାରେ ହିଡ଼ିମ୍ବାଙ୍କୁ ସମର୍ପିତ ଏକ ପ୍ରାଚୀନ ଗୁମ୍ଫା ମନ୍ଦିର ଅଛି। ମନ୍ଦିର ଭିତରେ ଥିବା ଏକ ପ୍ରାକୃତିକ ଚଟ୍ଟାଣର ନିମ୍ନଭାଗରେ ଦେବୀ ହିଡ଼ିମ୍ବାଙ୍କ ଆସ୍ଥାନ ରହିଛି। ଏଠାରେ ମା'ଙ୍କର ପଦଚିହ୍ନର ପୂଜା କରାଯାଏ। ଏହି ସ୍ଥାନରେ ହିଡ଼ିମ୍ବା ଦେବତ୍ୱ ଲାଭ କରିଥିଲେ ବୋଲି ବିଶ୍ୱାସ ରହିଆସିଛି। ସ୍ଥାନୀୟ ଭାଷାରେ ଏହି ପ୍ରାକୃତିକ ଚଟ୍ଟାଣକୁ 'ଢୁଙ୍ଗ' କୁହାଯାଉଥିବାରୁ ଏହାର ନାମାନୁସାରେ ମାତା ହିଡ଼ିମ୍ବା 'ଢୁଙ୍ଗରି ଦେବୀ' ଭାବେ ପୂଜା ପାଉଛନ୍ତି। ତେଣୁ କାହିଁ କେଉଁ କାଳରୁ ଆସ୍ଥାର ପ୍ରତୀକ ଭାବେ ରହିଥିବା ଏହି ମନ୍ଦିରକୁ ଭକ୍ତ ଓ ପର୍ଯ୍ୟଟକମାନେ ମାତା ହିଡ଼ିମ୍ବାଙ୍କ ଆଶୀର୍ବାଦ ନେବା ପାଇଁ ଆସିଥା'ନ୍ତି।

ହିଡ଼ିମ୍ବା ମାତାଙ୍କ ମନ୍ଦିର ପାଗୋଡ଼ା ଶୈଳୀରେ ନିର୍ମିତ। ଦେବଦାରୁ ଗଛରେ ପରିପୂର୍ଣ୍ଣ ଏହି ଅଞ୍ଚଳ ଏବଂ ମନ୍ଦିରର ଶୋଭା ତୁଷାରପାତ ସମୟରେ ଦ୍ୱିଗୁଣିତ ହୋଇଥାଏ। ମନ୍ଦିରରେ ଥିବା ଏକ ଶିଳାଲେଖ ଅନୁସାରେ ଏହି ମନ୍ଦିରକୁ କୁଲ୍ଲୁ ରାଜ୍ୟର ଶାସକ ରାଜା ବାହାଦୂର ସିଂ ନିର୍ମାଣ କରିଥିଲେ। ତିନୋଟି ଛାତ ବିଶିଷ୍ଟ ଏହି ମନ୍ଦିରଟି ସମ୍ପୂର୍ଣ୍ଣ ଭାବେ ଦେବଦାରୁର ମଞ୍ଜିକାଠରେ ନିର୍ମାଣ କରାଯାଇଛି ଏବଂ ମନ୍ଦିରର ଭିତର ପାର୍ଶ୍ୱ ଏବଂ ମୁଖ୍ୟଦ୍ୱାରରେ କାଠ ଉପରେ କରାଯାଇଥିବା କାରୁକାର୍ଯ୍ୟ ବେଶ୍ ମନମୁଗ୍ଧକର। ମନ୍ଦିରର ସର୍ବୋଚ୍ଚ ଛୋଟ ଛାତ ଉପରେ ତମ୍ବା ଓ ପିତଳ ମିଶ୍ରିତ ଆଉ ଏକ ତ୍ରିଭୁଜାକାର ଛତ୍ର ରହିଛି। ବିଶ୍ୱାସ ରହିଛି ଯେ, ଶ୍ରଦ୍ଧାଳୁମାନେ ହିଡ଼ିମ୍ବା ମାତାଙ୍କୁ ଭକ୍ତି ଓ ଶ୍ରଦ୍ଧାର ସହିତ ପୂଜାର୍ଚ୍ଚନା କଲେ ତାଙ୍କର ସବୁ ଦୁଃଖକଷ୍ଟ ଦୂର ହେବା ସହିତ ସମସ୍ତ ମନସ୍କାମନା ପୂରଣ ହୋଇଥାଏ।

ଲୋକକଥା ଅନୁସାରେ ସ୍ୱୟଂ ଶ୍ରୀକୃଷ୍ଣ ହିଡ଼ିମ୍ବା ଦେବୀଙ୍କୁ ବନବାସ ସମୟରେ ପ୍ରେରଣ କରି ଦିବ୍ୟଲୀଳା ପ୍ରକାଶ କରିଥିଲେ ଏବଂ ପରବର୍ତ୍ତି ସମୟରେ ସଂସାରର କଲ୍ୟାଣାର୍ଥେ ଦେବୀ ସ୍ୱରୂପା ହେବାର ବରଦାନ ଦେଇଥିଲେ। ମାତା ହିଡ଼ିମ୍ବା କୁଲ୍ଲୁ ରାଜବଂଶର କୁଳଦେବୀ ଭାବେ କାହିଁକି ପୂଜିତା, ସେ ସମ୍ପର୍କରେ ମଧ ଏକ ଜନଶ୍ରୁତି ରହିଛି। ବିହଙ୍ଗମଣି ପାଲ୍ ନାମକ ଜଣେ ବ୍ୟକ୍ତିଙ୍କୁ ସ୍ୱୟଂ ଦେବୀ ହିଡ଼ିମ୍ବା କୁଲ୍ଲୁର ରାଜା ହେବା ପାଇଁ ବରଦାନ ଦେଇଥିଲେ। କୁଲ୍ଲୁର ପ୍ରଥମ ଶାସକ ଭାବେ ବିହଙ୍ଗମଣି ରାଜ୍ୟଭାର ଗ୍ରହଣ କରି ରାଜା ହେଲେ ଏବଂ ତାଙ୍କଠାରୁ କୁଲ୍ଲୁ ରାଜବଂଶର ସୃଷ୍ଟି ହୋଇଥିବାରୁ ଦେବୀ ହିଡ଼ିମ୍ବାଙ୍କୁ କୁଳଦେବୀ ଭାବେ ପୂଜା କରାଯାଉଛି। ଭକ୍ତି ଓ ଶ୍ରଦ୍ଧାରେ ମାତା ହିଡ଼ିମ୍ବାଙ୍କୁ କୁଲ୍ଲୁ ରାଜବଂଶର ଜେଜେମା' ବୋଲି କୁହାଯାଉଛି। ପରମ୍ପରା ଅନୁସାରେ ଏବେ ମଧ କୁଲ୍ଲୁ ଦଶହରା ସମୟରେ ଡିଡ଼ିମ୍ବା ଦେବୀଙ୍କ ପ୍ରତୀକ କୁଲ୍ଲୁ ଅଞ୍ଚଳକୁ ଗମନ କରନ୍ତି ଏବଂ ସାତଦିନ ପର୍ଯ୍ୟନ୍ତ ଢାଲପୁରାସ୍ଥିତ ନିଜର ଦେବସ୍ଥାନରେ ଅବସ୍ଥାନ କରିଥା'ନ୍ତି। ହିଡ଼ିମ୍ବା ଦେବୀ ଦେବସ୍ଥାନରେ ନ ପହଞ୍ଚିବା ପର୍ଯ୍ୟନ୍ତ କୁଲ୍ଲୁ ଦଶହରାର ବିଧିବିଧାନ ଆରମ୍ଭ ହୋଇନଥାଏ।

ହିଡ଼ିମ୍ବାଙ୍କ ମନ୍ଦିରର ଅନତିଦୂରରେ ତାଙ୍କର ପୁତ୍ର ଘଟୋତ୍କଚଙ୍କ ମନ୍ଦିର ମଧ ଅଛି। ମାତା ହିଡ଼ିମ୍ବାଙ୍କ ଦର୍ଶନ କରିବା ପରେ ଶ୍ରଦ୍ଧାଳୁମାନେ ଘଟୋତ୍କଚଙ୍କ ଦର୍ଶନ କରିଥା'ନ୍ତି। ଅନ୍ୟଥା ମାତାଙ୍କ ଦର୍ଶନର ପୁଣ୍ୟଫଳ ମିଳିନଥାଏ ବୋଲି ବିଶ୍ୱାସ ଅଛି। ମାତା ହିଡ଼ିମ୍ବା ଓ ତାଙ୍କର ପୁତ୍ର ଘଟୋତ୍କଚ ଅସୁର ଭାବେ ଜନ୍ମ ନେଇଥିଲେ ମଧ ଭକ୍ତଙ୍କ ଭକ୍ତି, ବିଶ୍ୱାସ ଓ ଶ୍ରଦ୍ଧା ଯୋଗୁଁ ଈଶ୍ୱରୀୟ ଶକ୍ତି ଭାବେ ପୂଜା ପାଉଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଭିଜିଲାନ୍ସ ଜାଲରେ ଆର୍‌ଡବ୍ଲ୍ୟୁଏସ୍‌ଏସ୍‌ର ବରିଷ୍ଠ କିରାଣି

## ପେନସନ କାଗଜ କରାଇବାକୁ ନେଉଥିଲେ ୨୦ ହଜାର ଟଙ୍କା ଲାଞ୍ଚ

ଭବାନୀପାଟଣା,୧୩।୧୧(ସମିସ): କଳାହାଣ୍ଡି ଜିଲ୍ଲା ଭବାନୀପାଟଣାସ୍ଥିତ ଆର୍‌ଡବ୍ଲ୍ୟୁଏସ୍‌ଏସ୍ ଡିଭିଜନର ବରିଷ୍ଠ କିରାଣୀ ଟି. ଭେଙ୍କଟ ଗିରି ରାଓ ୨୦ ହଜାର ଟଙ୍କା ଲାଞ୍ଚ ନେଇ ଭିଜିଲାନ୍ସ ହାତରେ ଧରା ପଡିଛନ୍ତି। କିରାଣୀ ଶ୍ରୀ ରାଓ ତାଙ୍କ ସରକାରୀ କ୍ୱାର୍ଟର୍ସରେ ସେହି କାର୍ଯ୍ୟାଳୟର ଜଣେ ଅବସରପ୍ରାପ୍ତ କର୍ମଚାରୀଙ୍କ ପେନ୍‌ସନ୍ ଟଙ୍କା ଯଥା ଶୀଘ୍ର କରିବାକୁ ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ହାତରେ ଧାରା ପଡିଛନ୍ତି। ସେହି କାର୍ଯ୍ୟାଳୟର ଜଣେ ଅବସରପ୍ରାପ୍ତ କର୍ମଚାରୀ ଗତ ମାର୍ଚ୍ଚ ୨୦୨୪ ରେ ଅବସର ନେଇଥିଲେ। ଦୀର୍ଘ ଦେଢ଼ ବର୍ଷ ବିତିଯିବା ପରେ ମଧ୍ୟ ପେନସନ ଫାଇଲକୁ କିରାଣୀ ଶ୍ରୀ ରାଓ ଟଙ୍କା ଆଶାରେ ରଖି ଅଭିଯୋଗକାରୀଙ୍କୁ ନିରାଶ କରୁଥିଲେ। ପ୍ରକାଶ ଯେ, ଗତ ୩୧.୦୩.୨୦୨୪ରେ ଅଭିଯୋଗକାରୀ ଅବସର ଗ୍ରହଣ କରିଥିଲେ।



ସେବେ ଠାରୁ ସେ କିରାଣୀ ରାଓଙ୍କୁ ତାଙ୍କର ପେନ୍‌ସନ୍ କାଗଜପତ୍ର ପ୍ରସ୍ତୁତ କରିବାକୁ ଅନୁରୋଧ କରି ଆସୁଥିଲେ। ଅଭିଯୋଗକାରୀଙ୍କ ବାରମ୍ବାର ଅନୁରୋଧ ପରେ ମଧ୍ୟ ଅଭିଯୁକ୍ତ ଫାଇଲ ପ୍ରକ୍ରିୟାକରଣ କରୁ ନ ଥିଲେ ବରଂ ତାଙ୍କୁ ୨୦ ହଜାର ଟଙ୍କା ଲାଞ୍ଚ ଦେବାକୁ ବାରମ୍ବାର ବାଧ କରୁଥିଲେ। ଅଭିଯୋଗକାରୀ ରାଓ ତାଙ୍କୁ ହଇରାଣ କରୁଥିବା ନେଇ ଭିଜିଲାନ୍ସ କର୍ତ୍ତୃପକ୍ଷଙ୍କ ନିକଟରେ ଅଭିଯୋଗ କରିଥିଲେ। ଏହା ପରେ ଭିଜିଲାନ୍ସର ଏକ ଟିମ୍ ଗୁରୁବାର ପୂର୍ବ ଯୋଜନା ଅନୁଯାୟୀ ସେଠାରେ ପହଞ୍ଚିଥିଲେ। ହେଲେ ଭିଜିଲାନ୍ସ ଟିମ୍‌କୁ ଦେଖି ଅଭିଯୁକ୍ତ ରାଓ ତାଙ୍କ କ୍ୱାର୍ଟର୍ସର ଝରକା ପଟେ ଲାଞ୍ଚ ଟଙ୍କାକୁ ଫିଙ୍ଗିବା ଉଦ୍ୟମ କରୁଥିବା ବେଳେ ଭିଜିଲାନ୍ସ ଟିମ୍ କାବୁ କରିନେଲା। ଅନ୍ୟପକ୍ଷରେ ଅଭିଯୁକ୍ତ କିରାଣୀ ଭିଜିଲାନ୍ସ ଦ୍ୱାରା ଧରା ପଡିବା ପରେ ତାଙ୍କ ଅଫିସ ସମେତ ସରକାରୀ ଘର, ବଲାଙ୍ଗିରରେ ସ୍ତ୍ରୀ ରହୁଥିବା ଭଡାଘର ଏବଂ ରାଓଙ୍କ ବ୍ରହ୍ମପୁରରେ ଥିବା ନିଜ ବାସଭବନରେ ଭିଜିଲାନ୍ସ ବିଭାଗ ଏକକାଳୀନ ଚଢ଼ାଉ କରି ତଦନ୍ତ ଜାରି ରଖିଛି। ଗତ ଅଗଷ୍ଟ ୨୦୧୭ ମସିହାରୁ କଳାହାଣ୍ଡିରେ ଅଭିଯୁକ୍ତ କିରାଣୀ କାର୍ଯ୍ୟ କରି ଆସୁଛନ୍ତି। ତେବେ ଚଢ଼ଉରେ କେଉଁଠୁ କେତେ ସମ୍ପତି ମିଳିଛି ଜଣାପଡି ନାହିଁ। ଏ ନେଇ ଭିଜିଲାନ୍ସ ବିଭାଗ ମାମଲା ରୁଜୁ କରି ଅଭିଯୁକ୍ତ ରାଓଙ୍କୁ କୋର୍ଟ ଚାଲାଣ କରିଛି।

# ପୋଖରୀକୁ ଓଲଟିଲା କାର୍; ୨ ମୃତ



କବିସୂର୍ଯ୍ୟନଗର, ୧୩।୧୧(ସମିସ): କବିସୂର୍ଯ୍ୟନଗର ଥାନା ଆଠଗଡ଼ପାଟଣା ର ଗଙ୍ଗାପୁର ଠାରେ ବୁଧବାର ବିଳମ୍ବିତ ରାତିରେ ଏକ କାର୍ ଭାରସାମ୍ୟ ହରାଇ ପୋଖରୀ ଭିତରେ ପଶିଯିବାରୁ ୨ ଜଣଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ନୀଳାଞ୍ଚଳ ମହାପାତ୍ର ଓ ସନ୍ତୋଷ ମହାପାତ୍ର। ସୂଚନା ଅନୁଯାୟୀ, ବୁଧବାର ବିଳମ୍ବିତ ରାତି ଯାଏ ଏକ ଇଟା ଭାଟିରେ ଭୋଜିଭାତ ଚାଲିଥିଲା। ଭୋଜି ଖାଇସାରି ଚାରି ଜଣ ସାଙ୍ଗ କାରରେ ଚିଙ୍ଗୁଡ଼ିଘାଇ ଫେରୁଥିଲେ। ଫେରିବା ବେଳେ ଗଙ୍ଗାପୁର ଗୁଡିବନ୍ଧରେ ଚାଳକ ଭାରସାମ୍ୟ ହରାଇବାରୁ କାର୍‌ଟି ଦୁର୍ଘଟଣାଗ୍ରସ୍ତ ହୋଇ ଗଙ୍ଗାପୁର ଗାଁ ପୋଖରୀ ଭିତରକୁ ଓଲଟି ପଡ଼ିଥିଲା। ଘଟଣାସ୍ଥଳରେ ହିଁ ଦୁଇ ଜଣଙ୍କ ମୃତ୍ୟୁ ହୋଇଥିଲା। ସ୍ଥାନୀୟ ବାସିନ୍ଦା ସମସ୍ତଙ୍କୁ ଉଦ୍ଧାର କରି ଆସିକା ମେଡିକାଲକୁ ଆଣିଥିଲେ। ସେଠାରେ ଡାକ୍ତର ନୀଳାଞ୍ଚଳ ଓ ସନ୍ତୋଷଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ କାର୍ ଉଦ୍ଧାର କରିବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ୪ ସ୍ଥାନ...

ଓ ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଡା. ଉମର ନବୀ ଏକାଧିକବାର ଲାଲ୍ କିଲ୍ଲାରେ ରେକି କରିଥିଲେ ଓ ଦୁଇଜଣ ସେଠାରେ ସୁରକ୍ଷା ଓ ନିରାପତ୍ତା ବ୍ୟବସ୍ଥା ଓ ଭିଡ଼କୁ ବୁଝିବାକୁ ପ୍ରୟାସ କରିଥିଲେ ବୋଲି ପୁଲିସ କହିଛି। ଜାନୁଆରୀ ୨୬ରେ ଲାଲକିଲ୍ଲା ଉପରେ ଆକ୍ରମଣ କରିବାକୁ ଏମାନେ ଲକ୍ଷ୍ୟ ରଖିଥିଲେ ମଧ୍ୟ ବିଫଳ ହୋଇଥିଲେ ବୋଲି କୁହାଯାଇଛି।

ଏହିସବୁ ହିଂସା ପାଇଁ ତୁର୍କୀରେ ଥିବା ପାକିସ୍ତାନୀ ଆତଙ୍କୀ ନିର୍ଦ୍ଦେଶ ଦେଉଥିଲା। ଦିଲ୍ଲୀ ବିାସ୍ଫୋରଣରେ ମୃତ ଡ. ଉମର ନବୀ ତୁର୍କୀ ରାଜଧାନୀ ଆଙ୍କାରାରେ ରହସ୍ୟଜନକ ଭାବେ ଜଣେ ପାକ୍ ହ୍ୟାଣ୍ଡଲରଙ୍କୁ ଭେଟିଥିଲେ। ତାର ନାମ 'ଉକାସା' ଥିଲା। ଏହା ତା'ର କୋଡ୍ ନାମ ହୋଇପାରେ ବୋଲି କୁହାଯାଉଛି। ଉମର ଓ ଫରିଦାବାଦ୍ ଟେରର ମଡ୍ୟୁଲ୍‌ରେ ଗିରଫ୍ ହୋଇଥିବା ଅନ୍ୟ ସନ୍ଦିଗ୍ଧ ସେସନ ଆପ୍ (ଏକ ଏନ୍‌କ୍ରିପ୍ଟେଡ ମେସେଜିଂ ପ୍ଲାଟଫର୍ମ) ଜରିଆରେ ଏହି ହ୍ୟାଣ୍ଡଲରଙ୍କ ସହ ସମ୍ପର୍କରେ ଥିଲେ। ଏହି ହ୍ୟାଣ୍ଡଲର ଓ ସନ୍ଦିଗ୍ଧଙ୍କ ମଧ୍ୟରେ ହୋଇଥିବା ବାର୍ତ୍ତାଳାପ ନେଇ ଯାଞ୍ଚ ଏଜେନ୍ସିଗୁଡିକ ତଦନ୍ତ କରୁଛନ୍ତି। ୨୦୨୨ ମାର୍ଚ୍ଚରେ ଉମର ଓ ଆଉ କେତେକ ସନ୍ଦିଗ୍ଧ ତୁର୍କୀ ଯାଇଥିଲେ। ଏହା ଦ୍ୱାରା ତା'ର ବ୍ରେନ୍ ୱାସ୍ ହୋଇଥିଲା ବୋଲି କୁହାଯାଉଛି।

## ଆତଙ୍କର ଜାଲ ବିଛାଉଥିଲା ଅହମ୍ମଦ ମହିଉଦ୍ଦିନ ସୟଦ

ଗୁଜରାଟ ଏଟିଏସ୍ ଡା ଅହମ୍ମଦ ମହିଉଦ୍ଦିନ ସୟଦଙ୍କୁ ଗିରଫ୍ କରିବା ପରେ ପୁଣିଥରେ ହାଇଦରାବାଦ ଆତଙ୍କବାଦ କାରଣରୁ ନଜରକୁ ଆସିଛି। ସେ ଦେଶ ବିରୋଧୀ ଗତିବିଧି ପାଇଁ ଷଡ଼ଯନ୍ତ୍ର ରଚୁଥିଲା। ସେ ସୋସିଆଲ ମିଡିଆରେ କଠୋରପନ୍ଥୀର ପରିଚୟ ହାସଲ କରିଥିଲା ଓ ଆତଙ୍କବାଦ ସହିତ ଜଡିତ ସାମଗ୍ରୀ ପୋଷ୍ଟ କରୁଥିଲା। ୨୦୦୭ରେ ଚୀନ୍ ଯାଇ ସେ ଏମ୍‌ବିବିଏସ୍ କରିଥିଲା। ୨୦୧୩ରେ ହାଇଦରାବାଦର ବିଭିନ୍ନ ହସ୍ପିଟାଲରେ ସେ ପ୍ରାକ୍ଟିସ କରୁଥିଲା। ଏହାପରେ କୋଭିଡ ପରେ ସେ ଛୋଟ ବିବ୍ୟସାୟ କରିଥିଲା। ଅନଲାଇନ ପ୍ଲାଟଫର୍ମରେ ସେ ଅବୁ ଖାଦିଜା ନାମକ ଏକ ବ୍ୟକ୍ତିଙ୍କ ସମ୍ପର୍କରେ ଆସିଥିଲା। ସେ ରିସିନ ଭଳି ବିଷାକ୍ତ ପଦାର୍ଥ ନେଇ ରାସାୟନିକର ପରୀକ୍ଷା ନିରୀକ୍ଷା ଆରମ୍ଭ କରିଥିଲା। ଗୁଜରାଟ ଏଟିସ ମହିଉଦ୍ଦିନ ସହ ଉତ୍ତରପ୍ରଦେଶର ଆଜାଦ ସୁଲେମାନ ଶେଖ ଓ ମହମ୍ମଦ ସୁହେଲ ସଲିମ ଖାନଙ୍କୁ ଗିରଫ କରିବା ପରେ ତଦନ୍ତ ନୂଆ ମୋଡ ନେଇଥିଲା। ବିଦେଶୀ ହ୍ୟାଣ୍ଡଲର ଅବୁ ଖାଦିଜାର ନିର୍ଦ୍ଦେଶ କ୍ରମେ ଏମାନେ କାର୍ଯ୍ୟ କରୁଥିଲେ। ଏବେ ତେଲଙ୍ଗାନା କାଉଣ୍ଟର ଇଣ୍ଟେଲିଜେନ୍ସ ସେଲ୍‌ଫ ଓ ଗୁଜରାଟ ଏଟିଏସ୍ ମିଳିତ ଭାବେ ଯାଞ୍ଚ କରୁଛନ୍ତି ଓ ଏହାପରେ ଆତଙ୍କବାଦ ନେଟ୍‌ୱର୍କରେ ଏମାନଙ୍କ ଭୂମିକା ନେଇ ସ୍ପଷ୍ଟ ହେବ ବୋଲି କୁହାଯାଉଛି।

## ବାଲିଯାତ୍ରାରେ ଭିଡ଼...

କଣ୍ଠଶିଳ୍ପୀ ଶ୍ରେୟାଙ୍କୁ ଦେଖିବା ପାଇଁ ଅତ୍ୟଧିକ ଭିଡ଼ ଯୋଗୁଁ ଏପରି ଅଘଟଣ ଘଟିଲା। ପ୍ରଶାସିନକ ଅବ୍ୟବସ୍ଥା ଯୋଗୁଁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିଲା। ପୁଲିସର ତ୍ୱରିତ କାର୍ଯ୍ୟାନୁଷ୍ଠାନ ଯୋଗୁଁ ଅଧିକ ଅଘଟଣକୁ ଏଡ଼ାଇ ଦିଆଯାଇଛି। ବାଲିଯାତ୍ରାର ଶେଷ ସନ୍ଧ୍ୟାରେ ପ୍ରବଳ ଭିଡ଼ ଦେଖିବାକୁ ମିଳିଛି।

ପ୍ରକାଶ ଥାଉ କି, ଐତିହାସିକ ବାଲିଯାତ୍ରାର ଶେଷ ସନ୍ଧ୍ୟାରେ ଗଣକବି ବୈଷ୍ଣବ ପାଣି ମଞ୍ଚରେ ଚାଲିଛି ବଲିଉଡ୍ ଗାୟିକା ଶ୍ରେୟା ଘୋଷାଲଙ୍କ ଶୋ'। ଶ୍ରେୟାଙ୍କ ଗୀତରେ ଝୁମିବାକୁ ତଳ ବାଲିଯାତ୍ରା ପଡ଼ିଆରେ ପ୍ରବଳ ଭିଡ଼ ଜମିଥିବା ବେଳେ ଠେଲାପେଲାରେ ୨ ଜଣ ଅଚେତ ହୋଇ ପଡ଼ିଥିବା ସୂଚନା ମିଳିଛି। ତଳ ବାଲିଯାତ୍ରା ପଡ଼ିଆରେ ସନ୍ଧ୍ୟା ସାଢ଼େ ୭ଟାରେ ଆରମ୍ଭ ହୋଇଥିଲା ଶ୍ରେୟା ଘୋଷାଲଙ୍କ କାର୍ଯ୍ୟକ୍ରମ। ମଞ୍ଚକୁ ଆସିବା ମାତ୍ରେ ଶ୍ରେୟା ଘୋଷାଲଙ୍କ କଣ୍ଠର ଯାଦୁରେ ମତୁଆଲା ହୋଇଥିଲେ ଦର୍ଶକ। ଶ୍ରେୟାଙ୍କ ଶୋ' ଆରମ୍ଭ ପୂର୍ବରୁ ଲୋକାରଣ୍ୟ ହୋଇ ଉଠିଥିଲା ବାଲିଯାତ୍ରା ପଡ଼ିଆ। ପ୍ରବଳ ଭିଡ଼ ଭିତରେ ଶ୍ରେୟା ଗୀତ ଗାଇବା ବେଳେ ଠେଲାପେଲା ସ୍ଥିତି ଦେଖିବାକୁ ମିଳିଛି।

## ୨୦ରୁ ଆରମ୍ଭ ହେବ...

ତେଣୁ ଚଳିତ ବର୍ଷ ଯଦି ଅନୁରୂପ ସମସ୍ୟା ସୃଷ୍ଟି ହୁଏ ତେବେ ଚାଷୀମାନେ କାହା ନିକଟରେ ଗୁହାରି କରିବେ ବୋଲି ପ୍ରଶ୍ନ ଉଠିଛି।

ଗତବର୍ଷ ଅର୍ଥାତ୍ ୨୦୨୪-୨୫ ଆର୍ଥିକ ବର୍ଷରେ ରାଜ୍ୟ ସରକାର ୭୭ ଲକ୍ଷ ଟନ୍ ଧାନ କିଣିବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଥିଲେ ହେଁ ୭୪ ଲକ୍ଷ ଟନ୍ ଧାନ ସଂଗ୍ରହ କରିଥିଲେ। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୩୦୦ ଟଙ୍କା ଉପରେ ସରକାର ୮୦୦ ଟଙ୍କା ଇନ୍‌ପୁଟ୍ ସବସିଡ଼ି ପ୍ରଦାନ ସତ୍ତ୍ୱେ ୩ ଲକ୍ଷ ଟନ୍ କମ୍ ଧାନ ସଂଗ୍ରହ ହେବା ସାଧାରଣରେ ଆଶ୍ଚର୍ଯ୍ୟ ସୃଷ୍ଟି କରିଥିଲା। ଧାନ କମ କ୍ରୟ ପଛରେ ଚାଷୀ ଏକାଧିକ କାରଣକୁ ଦାୟୀ କରିଥିଲେ। କଟନୀଛଟନୀ, ଧାନର ଏଫଏକ୍ୟୁ ମାନ ନେଇ ଚାଷୀଙ୍କୁ ହଇରାଣ, ମିଲରଙ୍କ ମନମାନିକୁ ନେଇ ଚାଷୀ ହନ୍ତସନ୍ତ ହୋଇଥିବା ଓ ଏହାର ସମାଧାନରେ ଯୋଗାଣ ବିଭାଗ ବିଫଳ ହୋଇଥିବା ମଧ୍ୟ ଅଭିଯୋଗ ହୋଇଛି। ଏପରିକି ରାଜ୍ୟର ବିଭିନ୍ନ ସ୍ଥାନରେ ଚାଷୀ ଆନ୍ଦୋଳନ ସଂଗଠିତ ହୋଇଥିବା ବେଳେ ମିଲରଙ୍କ ମନମାନିକୁ ମଧ୍ୟ ସେତେବେଳେ ରାଜ୍ୟ ସରକାର ପରୋକ୍ଷରେ ସ୍ୱୀକାର କରିଥିଲେ। ଅପରପକ୍ଷେ ଚଳିତ ବର୍ଷ ଚାଷୀ ପଞ୍ଜିକରଣ ଆରମ୍ଭରେ ସରକାରଙ୍କ ଅତ୍ୟନ୍ତ ଜଟିଳ ନିୟମକୁ ନେଇ ତାତିଥିଲେ ଚାଷୀ। ଏନେଇ ରାଜ୍ୟବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ସରକାର ନିୟମରେ କୋହଳ କରିଥିଲେ। ତେଣୁ ଏଥର ଯେପରି ଧାନ କିଣା ତ୍ରୁଟି ଶୂନ୍ୟ ହେବ, ସେ ନେଇ ସରକାର ଆଗୁଆ ସମସ୍ତ ପଦକ୍ଷେପ ନିଅନ୍ତୁ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି।

ଅପରପକ୍ଷେ ଚଳିତ ଥର ଧାନ ସଂରକ୍ଷଣ ପାଇଁ ମଣ୍ଡିରେ ଅତ୍ୟାଧୁନିକ ବ୍ୟବସ୍ଥା ହୋଇଛି ବୋଲି ବିଭାଗୀୟ ମନ୍ତ୍ରୀ ଶ୍ରୀ ବଳସାମନ୍ତ ସୂଚନା ଦେଇଛନ୍ତି। ମନ୍ତ୍ରୀଙ୍କ ସୂଚନା ଅନୁଯାୟୀ ଆସନ୍ତା ୨ ବର୍ଷ ମଧ୍ୟରେ ୧୦୦ଟି ମଡେଲ ମଣ୍ଡି ନିର୍ମାଣ ପାଇଁ ନିଷ୍ପତ୍ତି ହୋଇଛି। ପ୍ରଥମ ପର୍ଯ୍ୟାୟରେ ୩୮ଟି ମଡେଲ ମଣ୍ଡି ନିର୍ମାଣ କରାଯିବ। ଏଥିପାଇଁ ଟେଣ୍ଡର ହୋଇ କାର୍ଯ୍ୟ ଆରମ୍ଭ ହୋଇ ସାରିଛି। ପୁନଶ୍ଚ ଚଳିତ ବର୍ଷ ୮୦ ସମବାୟ ସମିତିରେ ୨୦୦ ମେଟ୍ରିକ୍ ଟନ୍ କ୍ଷମତା ବିଶିଷ୍ଟ ଗୋଦାମ ଘର ନିର୍ମାଣ ପାଇଁ ୨୦ କୋଟି ଟଙ୍କା ବ୍ୟୟ ବରାଦ କରାଯାଇଛି ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି।

## ଆଜି ବିହାର...

ହେଉଛି ଅଧିକ ମତଦାନ ହାର। ରାଜ୍ୟରେ ଦୁଇଟି ପର୍ଯ୍ୟାୟରେ ହୋଇଥିବା ମତଦାନ ହାର ରହିଛି ୬୬.୯୧, ଯାହାକି ଗତ ନିର୍ବାଚନ ଅପେକ୍ଷା ୯.୬୨ ଅଧିକ। ବିହାର ବିଧାନସଭା ନିର୍ବାଚନରେ ୬୬.୯୧ ପ୍ରତିଶତ ମତଦାନ ହାର ସମସ୍ତ ପୂର୍ବ ରେକର୍ଡକୁ ଭାଙ୍ଗିଦେଇଛି। ପ୍ରଥମ ପର୍ଯ୍ୟାୟରେ ୬୫.୦୮ ଏବଂ ଦ୍ୱିତୀୟ ପର୍ଯ୍ୟାୟରେ ୬୮.୭୬ ପ୍ରତିଶତ ମତଦାନ ହୋଇଥିଲା। ମୋଟାମୋଟି ଭାବେ ଦେଖିବାକୁ ଗଲେ ୨୦୨୦ ନିର୍ବାଚନ (୫୭.୨୯) ତୁଳନାରେ ଏଥର ୯.୬୨ ଅଧିକ ମତଦାନ ହୋଇଛି। ଶାସକ ମେଣ୍ଟକୁ ଯେଉଁ କଥାଟି ଚିନ୍ତାରେ ପକାଇଛି, ତାହା ହେଲା ଯେ ରାଜ୍ୟ ବିଧନସଭା ନିର୍ବାଚନରେ ଯେତେବେଳେ ମତଦାନ ହାର ପୂର୍ବ ଅପେକ୍ଷା ୫ ପ୍ରତିଶତରୁ ଅଧିକ ବା କମ୍ ସେତେବେଳେ ସରକାରର ପତନ ଘଟିଛି। ଏହା ବିହାରର ନିର୍ବାଚନ ଇତିହାସ କହୁଛି। ୧୯୬୭ରେ ପୂର୍ବ ନିର୍ବାଚନ ତୁଳନାରେ ୭ ପ୍ରତିଶତ ଅଧିକ ମତଦାନ ହୋଇଥିବା ବେଳେ କଂଗ୍ରେସ ସରକାରର ପତନ ଘଟିଥିଲା। ସେହିବର୍ଷ ଅଣ-କଂ।।ଗ୍ରେସ ଦଳ ମେଣ୍ଟ ସରକାର ଗଠନ କରିଥିଲେ। ସେହିଭଳି ୧୯୮୦ରେ ପୂର୍ବ ନିର୍ବାଚନ ତୁଳନାରେ ୬.୮ ପ୍ରତିଶତ ଅଧିତ ମତଦାନ ହୋଇଥିଲା ଏବଂ କ୍ଷମତାରେ ପରିବର୍ତ୍ତନ ହୋଇଥିଲା। ୧୯୯୦ରେ ପୂର୍ବ ନିର୍ବାଚନ ତୁଳନାରେ ୫.୭ ପ୍ରତିଶତ ଅଧିକ ମତଦାନ ହୋଇଥିଲା ଏବଂ କଂଗ୍ରେସ ସରକାରର ପତନ ଘଟିଥିଲା। ଏହା ସ୍ଥାନରେ ଜନତା ଦଳ ସରକାର ଗଠନ କରିଥିଲା। ଏହି ଧାରା ଏଥର ଜାରି ରହିଲେ ସରକାର ପରିବର୍ତ୍ତନ ହେବା ନିଶ୍ଚିତ। ତେବେ ଭୋଟର ଏହି ଧାରାକୁ ଭାଙ୍ଗିଛନ୍ତି କି ନାହିଁ ତାହା ଆସନ୍ତାକାଲି ୧୪ ତାରିଖେରେ ହିଁ ଜଣାପଡ଼ିବ। ସୂଚନାଯୋଗ୍ୟ ଏଥର ନିର୍ବାଚନରେ ମହିଳାମାନଙ୍କ ମତଦାନ ହାର ପୁରୁଷମାନଙ୍କ ଅପେକ୍ଷା ଅଧିକ ରହିଛି। ମହିଳାମାନଙ୍କ ମତଦାନ ହାର ୭୧.୬ % ଥିବା ବେଳେ ପୁରୁଷମାନଙ୍କ ମତଦାନ ହାର ୬୨.୮% ରହିଛି। ନୀତୀଶ କୁମାର ୨୦୧୫ରୁ ଏପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀପଦରେ ରହିଛନ୍ତି। ଏହାପୂର୍ବରୁ ୨୦୦୫ରୁ ୨୦୧୪ ପର୍ଯ୍ୟନ୍ତ ସେ ମୁଖ୍ୟମନ୍ତ୍ରୀ ଥିଲେ।

## ୭ ଡିଗ୍ରୀକୁ...

ତୁଳନାରେ ୪-୬ ଡିଗ୍ରୀ କମ୍ ରେକର୍ଡ ହୋଇଛି। ଏହି ଦୃଷ୍ଟିରୁ ରାଜ୍ୟର ବିଭିନ୍ନ ସ୍ଥାନରେ ଶୀତଲହରୀ ସ୍ଥିତି ସୃଷ୍ଟି ହେବା ନେଇ ମଧ୍ୟ ଆଶଙ୍କା ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗତ ୨୪ ଘଣ୍ଟାରେ ରାଜ୍ୟରେ ତାପମାତ୍ରା ଆହୁରି ତଳକୁ ଖସିଛି। ଏହି କ୍ରମରେ ୪ଟି ସହରରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରେକର୍ଡ ହୋଇଥିବା ବେଳେ ୯ ସହରରେ ପାରଦ ୧୨ ଡିଗ୍ରୀ ତଳେ ରହିଛି। ୭.୧ ଡିଗ୍ରୀ ସହ ସେମିଳିଗୁଡାରେ ରାଜ୍ୟର ସବୁଠୁ କମ୍ ତାପମାତ୍ରା ରେକର୍ଡ ହୋଇଥିବା ବେଳେ ଜି. ଉଦୟଗିରି ୭.୪, ଦାରିଙ୍ଗବାଡି ୭.୫, ଫୁଲବାଣୀ ୮.୫ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ଏହା ବ୍ୟତୀତ ଝାରସୁଗୁଡ଼ାରେ ୧୦.୯, ରାଉରକେଲା ୧୧.୧, ଚିପିଲିମା ୧୧.୨, କିରେଇ ୧୧.୫, ଭବାନୀପାଟଣା ୧୧.୫, ଅନୁଗୁଳ ୧୨ ଡିଗ୍ରୀ ସହ ଦ୍ୱୈତ ନଗରୀ କଟକରେ ୧୪.୬ ଏବଂ ଭୁବନେଶ୍ୱରରେ ୧୪.୧ ଡୀଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ବଡ଼ କଥା ହେଉଛି ଯେ ଏଥି ମଧ୍ୟରୁ ଅନେକ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ତାପମାତ୍ରା ଯଥେଷ୍ଟ ହ୍ରାସ ହୋଇଛି। ଭୁବନେଶ୍ୱରରେ ସ୍ୱାଭାବିକ ତୁଳନାରେ ତାପମାତ୍ରା ୫.୩ ଡିଗ୍ରୀ କମ୍ ରହିଥିବା ବେଳେ ଅନୁଗୁଳରେ ୫.୮, ଝାରସୁଗୁଡ଼ାରେ ୬.୨ ଓ ଗୋପାଳପୁରରେ ତାପମାତ୍ରା ସ୍ୱାଭାବିକଠାରୁ ୫ ଡିଗ୍ରୀ କମ୍ ରହିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ରାଜ୍ୟରେ ସପ୍ତାହେ ପର୍ଯ୍ୟନ୍ତ ଥଣ୍ଡା ଜାରି ରହିବ। ଶୁକ୍ରବାର ରାତିଠାରୁ କେତେକ ସ୍ଥାନରେ ରାତିର ତାପମାତ୍ରା ଆହୁରି କମିବ। ବ୍ରହ୍ମପୁର, ଭୁବନେଶ୍ୱର, ଭଦ୍ରକ, ପୁରୀ, ବାଲେଶ୍ୱରରେ ଶୁକ୍ରବାର ରାତିରୁ ପରବର୍ତ୍ତୀ ୩ ଦିନ ମଧ୍ୟରେ ତାପମାତ୍ରା ୧-୩ ଡିଗ୍ରୀ ହ୍ରାସ ପାଇବ। ୧୮ ପର୍ଯ୍ୟନ୍ତ ଏହା ଅପରିବର୍ତ୍ତିତ ରହିବ। ବାଲେଶ୍ୱରରରେ ୧୪ରୁ ୧୬ ଡିଗ୍ରୀ ସହ ବ୍ରହ୍ମପୁରରେ ୧୫-୧୭ ଡିଗ୍ରୀ, ରାଉରକେଲାରେ ୧୦-୧୨ ଡିଗ୍ରୀ, ସମ୍ବଲପୁରରେ ୧୩-୧୫ ଡିଗ୍ରୀ ତାପମାତ୍ରା ରହିପାରେ। ଅନ୍ୟାନ୍ୟ ସ୍ଥାନରେ ପ୍ରାୟତଃ ଆଜିର ତାପମାତ୍ରା ଚାଲୁ ରହିବ। ଆଭ୍ୟନ୍ତରୀଣ ଅପେକ୍ଷା ଉପକୂଳରେ ତାପମାତ୍ରା ଅଧିକ କମିବ। ୧୯-୨୧ ମଧ୍ୟରେ ରାଜ୍ୟରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ ବଢ଼ିବ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ଭୁବନେଶ୍ୱର ଏୟାରପୋର୍ଟରେ ପ୍ରତି ୩୦ ମିନିଟ ଅନ୍ତରାଳରେ ନିଆଯାଇଥିବା ପର୍ଯ୍ୟବେକ୍ଷଣରୁ ଜଣାପଡ଼ିଛି ଯେ, ରାଜ୍ୟ ମଧ୍ୟକୁ ଗତକାଲି ରାତ୍ରି ୧୦ ଟା ପରଠାରୁ ଏପର୍ଯ୍ୟନ୍ତ କ୍ରମାଗତ ଭାବେ ଉତ୍ତର-ପଶ୍ଚିମ ଦିଗରୁ ଥଣ୍ଡା ଶୁଷ୍କ ବାୟୁ ପ୍ରବାହିତ ହେଉଛି, ଯାହା ପ୍ରଭାବରେ ବିଭିନ୍ନ ସ୍ଥାନରେ ରାତିର ତାପମାତ୍ରା ତଳମୁହାଁ ହେଉଛି। ଏହି ଶୁଷ୍କ ବାୟୁ ଅନେକ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି କରିବାର ଆଶଙ୍କା ରହିଛି। ସେହିପରି ଗୁରୁବାର ଆଇଏମ୍‌ଡି ପକ୍ଷରୁ ପ୍ରକାଶିତ ବିସ୍ତାରିତ ପରିସର ଆକଳନ ଅନୁଯାୟୀ ଆଗାମୀ ଦୁଇ ସପ୍ତାହ ଯାଏଁ (୧୪ ରୁ ୨୭ ତାରିଖ) ଦେଶର ବିଭିନ୍ନ ଭାଗରେ ସର୍ବନିମ୍ନ ରାତିର ତାପମାତ୍ରା କମ୍ ରହିବ। ଏହା ପ୍ରଭାବରେ ଶୀତଲହରୀର ସମ୍ଭାବନା ସୃଷ୍ଟି ହେବ। ଏହି ସମୟରେ ଓଡ଼ିଶାରେ ମଧ୍ୟ ତାପମାତ୍ରା ସ୍ୱାଭାବିକ ତୁଳନାରେ କମ୍ ରହିବ ବୋଲି ଆଇଏମ୍‌ଡି ନିଜ ଆକଳନରେ ଦର୍ଶାଇଛି।

## ମାମଲା ରୁଜୁ କଲା...

ଗିରଫ ପାଇଁ ମାନବ ସମ୍ବଳ ଓ ଆନୁଷଙ୍ଗିକ ସହଯୋଗର ଆବଶ୍ୟକତା ଥିବାରୁ ଏଥିପାଇଁ ଦିଲ୍ଲୀ କାର୍ଯ୍ୟାଳୟକୁ ଚିଠି ଲେଖାଯାଇଛି। ୨୦୨୪ ମସିହାରେ ସମ୍ପୂର୍ଣ୍ଣ ଦେଶରେ ନିଟ୍-ୟୁଜି ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ହୋଇଥିଲା। ଏଥିରେ ୧୪ରୁ ଊର୍ଦ୍ଧ୍ୱ ଲୋକଙ୍କୁ ବିହାର ଏବଂ ଝାରଖଣ୍ଡରୁ ଗିରଫ କରାଯାଇଥିଲା। କିଛି ଅଭିଯୁକ୍ତ ପ୍ରାଶ୍ନପତ୍ର ଲିକ୍ ମାମଲାରେ ଜେଲ ଥାଇ ମଧ୍ୟ ଏହି ରାକେଟ୍‌କୁ ଅପରେଟ୍ କରୁଥିଲେ ବୋଲି ଚର୍ଚ୍ଚା ହେଉଥିଲା। ଏଣୁ ରାଜ୍ୟ ବାହାର ଅଭିଯୁକ୍ତଙ୍କ ସହ ଶଙ୍କର ପୃଷ୍ଟି ଓ ଗିରଫ ହୋଇଥିବା ଅନ୍ୟ ଅଭିଯୁକ୍ତମାନଙ୍କ ସହ କିଭଳି ସମ୍ପର୍କ ରହିଛି। ରାଜ୍ୟ ବାହାର ଗ୍ୟାଙ୍ଗ୍‌ରୁ ସେମାନେ କେଉଁ ପ୍ରକାର ସହାୟତା ପାଇଛନ୍ତି, ଏସବୁର ତଦନ୍ତ କରିବାକୁ ଭୁବନେଶ୍ୱର ସିବିଆଇ ଏହି ରାଜ୍ୟ ଗୁଡ଼ିକୁ ଯିବ। ଏହା ସହ ସିବିଆଇ ଓଡ଼ିଶା ସମେତ ରାଜ୍ୟ ବାହାରେ ଏକ ମିଳିତ ରେଡ୍ କରିବାକୁ ଯୋଜନା କରୁଥିବା ଜଣାପଡ଼ିଛି। ଏହି ମାମଲାର ସିବିଆଇ ତଦନ୍ତ ପାଇଁ ମୁଖ୍ୟମନ୍ତ୍ରୀଙ୍କ ସୁପାରିସ କ୍ରମେ କେନ୍ଦ୍ର ସରକାର ବିଜ୍ଞପ୍ତି ପ୍ରକାଶ କରିବା ପରେ କ୍ରାଇମ୍‌ବ୍ରାଞ୍ଚ ଏସ୍‌ଆଇ ଚାକିରି ବିକ୍ରି ମାମଲାର ମାଷ୍ଟରମାଇଣ୍ଡ ସିଲିକନ୍‌ର ସିଇଓ ସୁରେଶ, ପଞ୍ଚସପ୍ଟର ମାଲିକ ଶଙ୍କର ପୃଷ୍ଟି ଏବଂ ସେମାନଙ୍କ ସହଯୋଗୀଙ୍କ ସମେତ ମୋଟ୍ ଗିରଫ ହୋଇଥିବା ୧୨୬ଙ୍କ ନାମ ସହ ସମସ୍ତ ତଥ୍ୟ ସିବିଆଇକୁ ହସ୍ତାନ୍ତର କରିଛି।

ଅପରପକ୍ଷେ ସ୍ଥାନୀୟ ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟ ଗୁରୁବାର ୨ ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ କରିଛନ୍ତି। ଜାମିନ ପାଇଥିବା ଅଭିଯୁକ୍ତ ହେଲେ ଶେଖର ସାହୁ ଓ ପ୍ରକାଶ ସାହୁ। ତେବେ ବିଶ୍ୱରଞ୍ଜନ ବେହେରା ଓ ତଫିମ ଅହମ୍ମଦ ଖାନଙ୍କ ଜାମିନ ଆବେଦନକୁ କୋର୍ଟ ଖାରଜ କରିଛନ୍ତି। ଏହି ମାମଲାର ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟି, ଅରବିନ୍ଦ ଦାସ ଓ ସିଲିକନ ଟେକର ମାଲିକ ସୁରେଶ ଚନ୍ଦ୍ର ନାୟକଙ୍କ ଜାମିନ ଆବେଦନର ଶୁଣାଣି ଆସନ୍ତା ୨୦ରେ ହେବ ବୋଲି ଜଣାପଡ଼ିଛି।

SDCCB

THE SAMBALPUR DISTRICT CO-OPERATIVE CENTRAL BANK

Letter No. 3842 Date: 12.11.2025

**Quotation Call Notice**

The Sambalpur District Co-operative Central Bank (SDCCB) invites Quotation call notice for UPS and Batteries for Various Branches & H.O. under the Sambalpur District Co-Operative Central Bank Ltd. (SDCCB), Bargarh, Odisha. For details please visit Bank's website: www.sambalpurdccb.bank.in. The last date for receipt of proposal is 20.11.2025, 2:00 P.M.SDCCB reserves the right to accept/reject any/all Quotation without assigning any reason thereof.

Sd/-Chief Executive Officer

THE SAMBALPUR DISTRICT CO-OPERATIVE CENTRAL BANK
HEAD OFFICE: BARGARH – 768028
Email: headoffice@sambalpurdccb.com

ଭା.କ.ନି. CCI

ଭାରତୀୟ କପା ନିଗମ ଲିମିଟେଡ୍
ଶାଖା କାର୍ଯ୍ୟାଳୟ: ରାୟଗଡା
ଭବନାରାୟଣ ନୀଳୟମ, ଜ୍ୟୋତି ମହଲ ହୋଟେଲ ନିକଟରେ,
କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧

ମୋବାଇଲ ଆପ
କପାସ କିଷାନ

ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୧୩.୧୧.୨୦୨୫

**କପା ଚାଷୀଙ୍କୁ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ **"କପାସ କିଷାନ"** ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ

**LOST**

By virtue of an affidavit, I, Manisha Khatua, W/o Ranjeet Kumar Dalai, Village/PO/P.S-Erasama, Dist.- Jagatsinghpur solemnly affirm that I have obtained an original sale deed no. 10392306357, dt.04.05.2023 after registration of land bearing Khata No. 686/3286, Plot No. 704/9394 of Mouza - Adalia. That unfortunately, the said sale deed has been lost somewhere while I was going to Erasama Bazar from my residence situated at Erasama on 19.10.2025. That inspite of my best effort, I could not able to trace out it. That I declare that I have not mis-utilised the said sale deed any anywhere for any purpose. If found by anybody kindly inform at my above address.

**AFFIDAVIT**

I, Ranjan Kumar Agrawala, aged about 58 years, S/o- Ramotar Agrawala, resident of Tikrapada, Po- Balangir, Ps- Town, Bolangir, Dist-Balangir, Odisha, PIN-767001 declare by this affidavit No. 2301, dtd-13/11/2025, that now onwards I shall be known as **RANJAN KUMAR AGRAWAL** for all future purposes.

**NOTICE**

By virtue of an affidavit sworn before the Notary Public, Cuttack, dated 12.11.2025, I, Ahalya Kumari Jena, D/o- Bhagirathi Jena, W/o- Late Bipin Bihari Jena, permanent resident of At-154, Nuabazar, P.O.- Paradeep, P.S.-Paradeep, Dist.- Jagatsinghpur, Odisha, PIN–754142, have changed my name and surname from Ahalya Swain to Ahalya Kumari Jena. Henceforth, I shall be known as **Ahalya Kumari Jena** for all purposes.
Ahalya Kumari Jena

**NOTICE**

By virtue of an affidavit sworn before the Notary Public, Cuttack, dated 06.11.2025, I, Pratap Kumar Samantaray, S/o- Jambeswar Samantaray, resident of At-Chhakadipur, P.O.- Biribadi, P.S.-Tangi, Dist.-Khorda, Odisha, PIN–752027, have changed my name from Pratap Samantaray to Pratap Kumar Samantaray. Henceforth, I shall be known as **Pratap Kumar Samantaray** for all purposes.
Pratap Kumar Samantaray

**NOTICE**

By virtue of an Affidavit sworn before the Notary Public, Bhubaneswar, Dtd. 09/10/2025. I Kishor Chandra Rout, S/o: Late Chakradhar Rout, Resident of At: Govindapur, P.O.: Gadadhar Prasad, Via: Itamati, P.S.: Itamati, Dist.: Nayagarh, Odisha, PIN-752068, have changed my name from Kishor Chandra Raut to **Kishor Chandra Rout** & my father's name also have changed from Chakradhar Raut to **Chakradhar Rout** & my mother's name also changed from Chhatiani Raut to **Chhatiani Rout** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 08/11/2025. I, **Panchu Bag** (applicant name), S/o Anama Bag, permanent resident of AT-Jugirata, PO- Haldi, PS- Muribahal, Dist-Balangir, (Odisha), PIN- 767037 now residing at the same place declare that I have changed my minor son's name from **Jituranjan Bag** (old name) to **Jitumani Bag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Jitumani Bag** (new name) for all future purposes.
**Panchu Bag**

**AFFIDAVIT**

I, Sujay Pattanayak, age- 45 , S/o-Shripati Pattanayak of village - Palasia, Po- Kothapada, Ps- Basta, Dist- Balasore,Odisha . declared by affidavit before In The Court of Executive Magistrate and Tahasildar,Basta No- 3345,dtd-04/09/2025 that as per aadhar card and pan card my name is Sujay Pattanayak but my R.O.R Moza– Palasia,PS-Basta Thana no-113,Khata no-94/19 & 94/29 recorded my name with my brothers and my name mentioned as Sujay Pattanayak S/o- Sripati Pttnayak, and khata no-94/17 & 94/51 recorded my name with my brother's name Sujay kumar Pattanayak , and Khata No- 94/16 recorded my name with my brothers and my name is mentioned Sasanka Pattanayak s/o- Sripati Kumar Pattanayak . Hence I Declared that **Sujay Pattanayak** alias **Sujay Kumar Pattanayak** alias **Sasanka Pattanayak**, S/o- **Sripati Pattanayak** alias **Shripati Pattanayak** alias **Sripati Kumar Pattanayak** is same and one person there is no other person in that name and style in above noted address for all future purpose .
**Sujay Pattanayak**

**AFFIDAVIT**

By virtue of an affidavit sworn before the Executive Magistrate Padampur, Dist.- Bargarh dated 11th November 2025, CF No.-05, I Atmaram Satnami aged about 33 years, S/o.- Habelal Satnami, resident of village- Sikaripali, Ps.-Jagdalpur, Block- Jharbandh, Dist.- Bargarh, Pin- 768042 hereby declares that for and on behalf of my minor daughter Hatasini Satnami. I have changed my minor doughter's name from **Htasini Satnami to Hatasini Satnami**. Hance she will be known as **Hatasini Satnami** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, CF No. 106 on dated 11.11.2025, I Nilanchala Patro, currently resident at Pragati Vihar, Plot No-211/5796, Bhubaneswar, PIN-751016 Dist- Khordha, Odisha, declare that I have changed my son's name from Rudransu Patro to Rudransh Patro. Henceforth, He shall be known as **RUDANSH PATRO** for all future purposes.
Nilanchala Patro

**AFFIDAVIT**

By virtue of an affidavit sworn before Executive Magistrate, Rayagada, dated 07/11/2025, I, P. RUVIAH resident of Village- Lelibadi, Po.- Dunduli, Ps.- Chandili, Dist.- Rayagada, Odisha vide affidavit no. 1018 dtd. 07.11.2025 declare that, I have changed my name from **RUAI PEDENTI** to **P. RUVIAH**. Henceforth, I shall be known as **P. RUVIAH** for all purposes.
Sd/- P. Ruviah

**AFFIDAVIT**

I Sarbajeet Pattnaik S/o-Late Biswanath Pattnaik resident of Patrapada PO-Dumduma Housing Board Colony PS- Bharatpur Dist-Khordha PIN-751019 Odisha declare by this affidavit No 693 dtd- 11/11/2025 that now onwards I shall be known as **Sarbajeet Pattanaik** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Sohela dated 13/11/2025 I Taranisen Budhia resident of Village Jampali P/O.- Tungibandhali, P/S.- Sohela, Dist.- Bargarh, Pin-768033 declare that I have changed my son name **Dev Budhia** to **Devranjan Budhia**. Henceforth he shall be known as **Devranjan Budhia** for all purpose.

**AFFIDAVIT**

By virtue of an affidavit before the Notary Public, Kodala, Ganajm, I, A Jyothi Patra, D/o- Tarakeswar Rao Nalla And W/o- A Manoja Kumar Patra, resident of Vill.-Beguniapada, P.S.-Beguniapada, Dist.- Ganjam, Odisha (PIN-761031), do hereby declare that I have changed my name from JYOTHI BALLA to **A JYOTHI PATRA**. Henceforth, I shall be known as **A JYOTHI PATRA** for all purposes.
Sd/- A JYOTHI PATRA

**NOTICE**

By virtue of an affidavit sworn before Executive Magistrate, Rairakhol, dated 29/10/2025, I Pradeep Mukhi, S/o- Durjodhan Mukhi, resident of Village-Samsingha, Poa.- Kadaligarh, Ps.- Rairakhol, Dist.- Sambalpur, Odisha, Pin- 768106 declare that, I have changed the name of my minor daughter from **Smitarani Mukhi** to **Priya Mukhi**. Henceforth, she shall be known as **Priya Mukhi** for all purposes.
Sd/- Pradeep Mukhi

**CHANGE OF NAME**

I,**SAPANA MAHARANA** (OLD NAME) as per Board of SSC marks list. Orissa. residing at Plot.No.55, Nagarjuna Hills, Punjagutta,Hyderabad.,Telengana-500082. Hereby declare that I have changed my name as **SAPNA MAHARANA** (NEW NAME) (Aadhar Card) D/o DEENABANDHU MAHARANA.

**AFFIDAVIT**

I, Bhupesh Kumar Gandha, aged about 60 years, S/o- Late Laxmidas Kalyanji, resident of At- Back side of Mafidar Building, Cox Colony, Dist- Jharsuguda, Odisha, Pin- 768203 declare by this affidavit No. CF No-5943, dated-13/10/2025 that now onwards I shall be known as **BHUPESH GANDHA** for all future purposes.

## ବନ ବିଭାଗର ଆନ୍ତରିକତା ଅଭାବ

# ବରକନ୍ୟା ବିକାଶ ଓ ଉନ୍ନତିକୁ ଅଣଦେଖା

ନୟାଗଡ଼,୧୩।୧୧(ସମିସ)



ବର୍ଷସାରା ପର୍ଯ୍ୟଟକଙ୍କୁ ଆକୃଷ୍ଟ କରୁଛି ବରକନ୍ୟା ଝରଣା। ଝରଣାକୁ ପର୍ଯ୍ୟଟନ କ୍ଷେତ୍ରରେ ପରିଣତ କରିବା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅର୍ଥ ମଞ୍ଜୁର ହୋଇଥିବାବେଳେ ଉନ୍ନୟନ କାର୍ଯ୍ୟରେ ମନ୍ଥରତା ପ୍ରଶ୍ନବାଚୀ ସୃଷ୍ଟି କରିଛି। ନିର୍ବାଚନ ପରେ ଏଭଳି ଅଭାବନୀୟ ସ୍ଥିତିର କାରଣ କ'ଣ ବୋଲି ପ୍ରଶ୍ନ ଉଠିଛି। ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ବାଣ୍ଡପୁର ପଞ୍ଚାୟତ ନିହଲପ୍ରସାଦ ଗ୍ରାମ ସନ୍ନିକଟ ବରକନ୍ୟା ଝରଣା ଏବେ କାହାପାଇଁ ଆଉ ଅଜଣା ହୋଇ ରହିନାହିଁ। ଦୈନନ୍ଦିନ ଏଠାକୁ ପର୍ଯ୍ୟଟକଙ୍କ ସୁଅ ଛୁଟୁଛି। ଓଡ଼ଗାଁ ଅଞ୍ଚଳ ସହିତ ସାରା ଓଡ଼ିଶାର ବିଭିନ୍ନ କ୍ଷେତ୍ରରୁ ଏଠାକୁ ପର୍ଯ୍ୟଟକଙ୍କ ସୁଅ ଛୁଟୁଛି। ଦିନେ ଏହି ଜଳପ୍ରପାତ ଅଜଣାଅଶୁଣା ହୋଇ ରହିଥିବାବେଳେ ଦୈନିକ ଖବରକାଗଜ 'ସକାଳ' ଏହାକୁ ଲୋକଲୋଚନକୁ ଆଣିବାରେ ସଫଳ ଭୂମିକା ନିଭାଇଥିଲା। ସୁବ୍ୟବସ୍ଥିତ କରାଗଲେ ପର୍ଯ୍ୟଟକଙ୍କ ସୁଅ ଛୁଟିବା ସମ୍ଭାବନା ଆଜି ସଫଳ ହୋଇଛି। ପରବର୍ତ୍ତୀ ସମୟରେ ନୟାଗଡ଼ ବିଧାୟକ ଡ. ଅରୁଣ କୁମାର ସାହୁଙ୍କ ଅଦମ୍ୟ ଇଛା ବଳରେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସରକାରର ବିଭିନ୍ନ ମନ୍ତ୍ରୀ ଓ ବିଧାୟକଙ୍କ ସହିତ ନୟାଗଡ଼ ଜିଲ୍ଲାପାଳ ଏବଂ ଜିଲ୍ଲାସ୍ତରୀୟ ପଦାଧିକାରୀମାନେ ଏଠାକୁ ଆସି ଭିତ୍ତିଭୂମି ପରଖିଥିଲେ। ଚିରସ୍ରୋତା ବରକନ୍ୟା ଝରଣାକୁ ପର୍ଯ୍ୟଟନ କ୍ଷେତ୍ରରେ ପରିଣତ ପାଇଁ ମନ ବଳାଇଥିଲେ। ନୟାଗଡ଼ ବିଧାୟକଙ୍କ ଅନୁରୋଧ କ୍ରମେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ପ୍ରକଳ୍ପର ଅନୁମୋଦନ ପରେ ନୟାଗଡ଼ ବନ ବିଭାଗ ଆନୁକୂଲ୍ୟରେ ପ୍ରଥମ କରି ୪ କୋଟି ୫୦ ଲକ୍ଷ ଟଙ୍କା ବ୍ୟୟ ମଞ୍ଜୁର ହୋଇ କାର୍ଯ୍ୟାରମ୍ଭ ହୋଇଥିଲା। ୨ ବର୍ଷରୁ ଊର୍ଦ୍ଧ୍ୱ ସମୟ ବିତିବାକୁ ବସିଥିବାବେଳେ ମାତ୍ର ୧୮ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇ ଉନ୍ନୟନ କାର୍ଯ୍ୟ ସମ୍ପୂର୍ଣ୍ଣ ଭାବେ ବନ୍ଦ ରହିଛି। ଫଳରେ ବରକନ୍ୟା ଝରଣା ଓଡ଼ଗାଁ ବ୍ଲକ୍ ତଥା ଓଡ଼ିଶାର ଏକ ଅନନ୍ୟ ପର୍ଯ୍ୟଟନ କ୍ଷେତ୍ରର ମାନ୍ୟତା ସ୍ୱପ୍ନ ନେଇ ଏବେ ସନ୍ଦେହ ଦେଖାଯାଇଛି। ନିର୍ମାଣ ହୋଇଥିବା ପଥର ପାହାଚଗୁଡ଼ିକ ଉପଯୁକ୍ତ ଉଚ୍ଚତା ନେଇ ଦୃଷ୍ଟି ଦିଆଯାଇ ନ ଥିବାରୁ ବୟସ୍କମାନେ ଚଢ଼ିବା କଷ୍ଟକର ହୋଇପଡୁଥିବା ବେଳେ ପାଶ୍ୱର୍ରେ ଆଶ୍ରୟ ବାର୍ ଲଗାଇବାର ଆବଶ୍ୟକତା ରହିଛି। ସେଠାରେ ରହିବା ସୁବିଧା ପାଇଁ ନିର୍ମାଣ କଟେଜ୍‌ଗୁଡ଼ିକ ଅଧପନ୍ତରିଆ ହୋଇ ପଡ଼ିରହିଛି। ଶୌଚାଳୟ, ପାନୀୟ ଜଳ, ଆଲୋକ ଓ ନେଟ୍‌ୱର୍କ ଭଳି ଅନେକ ଅତ୍ୟାବଶ୍ୟକୀୟ ସୁବିଧାସୁଯୋଗ ପ୍ରତି ଦୃଷ୍ଟି ଦେବା ନେଇ ପର୍ଯ୍ୟଟକମାନେ ଦାବି କରିଛନ୍ତି। ଫଳରେ ଦୂରଦୂରାନ୍ତରୁ ଆସୁଥିବା ପର୍ଯ୍ୟଟକ ସଂଖ୍ୟା ଅଧିକରୁ ଅଧିକ ବୃଦ୍ଧି ପାଇପାରିବ। ନୟାଗଡ଼ ବନ ବିଭାଗ ଏହି କାମକୁ ତ୍ୱରାନ୍ୱିତ କରିବାରେ ବିଫଳ ହୋଇଥିବାବେଳେ ବ୍ଲକ୍ ପ୍ରଶାସନ ପକ୍ଷରୁ ନିର୍ମାଣ କରାଯାଉଥିବା ରାସ୍ତା କାମ ମଧ୍ୟ ଅଧପନ୍ତରିଆ ଅବସ୍ଥାରେ ରହିଛି। କିଛି ସଂସ୍ଥା କଂକ୍ରିଟ, କିଛି ସ୍ଥାନରେ ପେଭର ବ୍ଲକ୍ ରାସ୍ତା ନିର୍ମାଣ ହୋଇଥିବାବେଳେ କିଛି ସ୍ଥାନରେ କାଦୁଅ ପଚପଚ ହେଉଛି। ଓଡ଼ଗାଁ ଅଞ୍ଚଳର ସାମଗ୍ରିକ ବିକାଶ ପାଇଁ ବରକନ୍ୟା ଝରଣା ଏକ ପ୍ରାକୃତିକ ପର୍ଯ୍ୟଟନ କ୍ଷେତ୍ର ଭାବେ ଉଭା ହୋଇଥିବାବେଳେ ନୟାଗଡ଼ ବନ ବିଭାଗ ଅପାରଗତାରୁ ଏବେ ତାହା ଅଧପନ୍ତରିଆ ଭାବେ ପଡ଼ି ରହିଥିବା ଦେଖିବାକୁ ମିଳିଛି।

## ୨୩ରେ 'ସକାଳ'ର ବିତର୍କ ପ୍ରତିଯୋଗିତା

ନୟାଗଡ଼,୧୩।୧୧(ସମିସ): ଦୈନିକ ଖବରକାଗଜ 'ସକାଳ'ର ୫ମ ସ୍ୱନକ୍ଷତ୍ର ଅବସରରେ ନୟାଗଡ଼ ଜିଲ୍ଲାସ୍ତରୀୟ ବିତର୍କ ପ୍ରତିଯୋଗିତା ଆସନ୍ତା ୨୩ ତାରିଖରେ ଅନୁଷ୍ଠିତ ହେବାକୁ ସ୍ଥିର ହୋଇଛି। ନୟାଗଡ଼ ସାମ୍ବାଦିକ ଭବନଠାରେ ପ୍ରତିଯୋଗିତା ଆୟୋଜନ କରାଯାଇଛି। ଦୁଇଟି ବର୍ଗରେ ପ୍ରତିଯୋଗିତା ହେବାକୁ ସ୍ଥିର ହୋଇଛି। କନିଷ୍ଠ ବର୍ଗରେ ହାଇସ୍କୁଲସ୍ତରୀୟ ଛାତ୍ରଛାତ୍ରୀ ଭାଗ ନେବାକୁ ସ୍ଥିର ହୋଇଛି। ଯେଉଁଥିରେ ଅଷ୍ଟମ, ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିପାରିବେ ବୋଲି ସୂଚନା ମିଳିଛି। ବରିଷ୍ଠ ବର୍ଗରେ ମହାବିଦ୍ୟାଳୟ ତଥା ତଦୁଦ୍ଧ୍ୱର୍ ଛାତ୍ରଛାତ୍ରୀ ଭାଗ ନେଇପାରିବେ ବୋଲି ଜଣାପଡ଼ିଛି। ପ୍ରଥମ ସ୍ଥାନ ଅଧିକାର କରିବା ଛାତ୍ରଛାତ୍ରୀ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିପାରିବେ। ନୟାଗଡ଼ ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାକୁ ଥିବା ଛାତ୍ରଛାତ୍ରୀ ନୟାଗଡ଼ ଜିଲ୍ଲା ପ୍ରତିନିଧି ଅନୀଲ କୁମାର ପଣ୍ଡାଙ୍କ ମୋଇବଲ୍ ନଂ ୭୩୭୭୭୧୦୦୯୭ରେ ଯୋଗାଯୋଗ କରିପାରିବେ। ଏହା ସହିତ ଭାପୁର ପ୍ରତିନିଧି ଶୁଭେନ୍ଦ୍ର ପଟ୍ଟନାୟକଙ୍କ ନଂ ୯୪୩୮୦୪୦୯୪୩, ଗଣିଆ ପ୍ରତିନିଧି ଦେବୀପ୍ରସାଦ ଦାଶଙ୍କ ନଂ ୭୯୭୮୭୪୧୮୩୭, ଦଶପଲ୍ଲା ପ୍ରତିନିଧି ସୁଶାନ୍ତ କୁମାର ସାହୁଙ୍କ ନଂ ୯୩୩୭୫୯୨୮୫୭, ଓଡ଼ଗାଁ ପ୍ରତିନିଧି ସାରସ କୁମାର ମିଶ୍ରଙ୍କ ନଂ ୭୦୦୮୦୧୪୫୫୭, ରଣପୁର ପ୍ରତିନିଧି ନିରଞ୍ଜନ ମହାପାତ୍ରଙ୍କ ନଂ ୯୧୭୮୨୮୬୯୨୫ରେ ଯୋଗାଯୋଗ କରିପାରିବେ। ରବିବାର ସକାଳ ୮ଟାରେ ନୟାଗଡ଼ ସାମ୍ବାଦିକ ଭବନଠାରେ ନାମ ପଞ୍ଜୀକରଣ କରାଯିବ।

## ବାର୍‌ହା ମାଂସ ସହ ଦେଶୀ ବନ୍ଧୁକ ଜବତ, ଶିକାରୀ ଗିରଫ

ଓଡ଼ଗାଁ,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା ବନଖଣ୍ଡ ଅଧିକାରୀଙ୍କ ନିର୍ଦ୍ଦେଶ କ୍ରମେ ଓଡ଼ଗାଁ ବନାଞ୍ଚଳ ଅଧିକାରୀ ଅଭିମନ୍ୟୁ ମଲ୍ଲିକ, ବନପାଳ ସରିତା ବରାଳ, ବନରକ୍ଷୀ ସୌମ୍ୟରଞ୍ଜନ ଦଳେଇ ଓ ଅନ୍ୟ ବନ କର୍ମଚାରୀମାନେ ଗୌଡ଼ପୁଟ ପଞ୍ଚାୟତ ଗୁଆନ୍ଦ ନିକଟ ଡିପିସାହିଠାରେ ଚଢ଼ଉ କରିଥିଲେ। ଗୁରୁବାର ଚଢ଼ଉ କରି ବାର୍‌ହାର କଟା ଗୋଡ଼, କଟା ମାଂସ, ଛାଲ ଏବଂ ଶାଳିଆପତନୀର ଲାଞ୍ଜ ସହିତ ଗୋଟିଏ ଦେଶୀ ବନ୍ଧୁକ, କାତି ଓ କୁରାଢ଼ି ଜବତ କରିବା ସହିତ ଶିକାରୀ ସନିଆ ନାୟକ(୫୮)କୁ ଗିରଫ କରିଥିଲେ। ଶିକାରୀ ଜଣକ ଡିପିସାହି ଗ୍ରାମର ବୋଲି ଜଣାପଡ଼ିଥିଲା। ଘଟଣାଟି ପଞ୍ଚରିଡ଼ା ବନାଞ୍ଚଳ ଅନ୍ତର୍ଗତ ହୋଇଥିବାରୁ ଖବର ପାଇ ପଞ୍ଚରିଡ଼ା ବନ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚିଥିଲେ। ଓଡ଼ଗାଁ ବନାଞ୍ଚଳ ଅଧିକାରୀ ଜବତ ସାମଗ୍ରୀ ସହିତ ଗିରଫ ଅଭିଯୁକ୍ତ ସନିଆକୁ ପଞ୍ଚରିଡ଼ା ବନ କର୍ମଚାରୀଙ୍କୁ ହସ୍ତାନ୍ତର କରିଥିଲେ। ଶୁକ୍ରବାର ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଜଣାପଡ଼ିଛି।

## ନନ୍ଦିଘୋର ଓ ଆରଡ଼ା ପଞ୍ଚାୟତ

# ୪୦ ପ୍ରତିଶତ ହିତାଧିକାରୀଙ୍କୁ ମିଳିନି ରିଲିଫ୍ ଚାଉଳ

ଓଡ଼ଗାଁ,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ନନ୍ଦିଘୋର ଓ ଆରଡ଼ା ପଞ୍ଚାୟତର ୪୦ ପ୍ରତିଶତ ରାସନ୍ ହିତାଧିକାରୀଙ୍କୁ ମିଳିନି ରିଲିଫ୍ ଚାଉଳ। ଏନେଇ ହିତାଧିକାରୀମାନେ କ୍ଷୋଭ ପ୍ରକାଶ କରିଛନ୍ତି। ଆଗାମୀ ୪ ଦିନ ମଧ୍ୟରେ ସମସ୍ତ ହିତାଧିକାରୀ ୧୫ କିଲୋ ଲେଖାଏଁ ରିଲିଫ୍ ଚାଉଳ ପାଇବେ ବୋଲି ବ୍ଲକ୍ ଖାଦ୍ୟ ଯୋଗାଣ ଅଧିକାରୀ ମଳୟ ମେହେର କହିଛନ୍ତି। ନନ୍ଦିଘୋର ଏବଂ ଆରଡ଼ା ପଞ୍ଚାୟତରେ ୫/୭ ଦିନ ପୂର୍ବେ ରାସନ ଚାଉଳ ବଣ୍ଟନ କରାଯାଇଥିବା ବେଳେ ୬୦ ପ୍ରତିଶତ ହିତାଧିକାରୀଙ୍କ ପାଇଁ ଆସିଥିବା ଚାଉଳ ସରିଯାଇଥିଲା। ଫଳରେ ରାସନ୍ ଚାଉଳ ପାଇ ନ ଥିବା ଅନ୍ୟ ୪୦ ପ୍ରତିଶତ ହିତାଧିକାରୀ ଏନେଇ କ୍ଷୋଭ ପ୍ରକାଶ କରିବା ସହ ରାସନ୍ ସାମଗ୍ରୀ ହେର୍‌ଫେର୍ ହୋଇଥିବା ନେଇ ଅଭିଯୋଗ କରିଥିଲେ। ନନ୍ଦିଘୋର ପାଇକସାହି, ପାଣିଖିଆ ସାହି ହିତାଧିକାରୀମାନେ ରିଲିଫ୍ ଚାଉଳ ଆଦୌ ପାଇ ନ ଥିବାବେଳେ ବାଘେରାସାହି, ନୂଆସାହିର ହିତାଧିକାରୀମାନେ ୧୦ କେଜି ଲେଖାଏଁ ପାଇଥିଲେ। ଆରଡ଼ା ପଞ୍ଚାୟତରେ ବି ଏହିପରି ଅବସ୍ଥା ଦେଖିବାକୁ ମିଳିଥିଲା। ଗତ ସେପ୍ଟେମ୍ବର ଓ ଅକ୍ଟୋବର ମାସର ରିଲିଫ୍ ସାମଗ୍ରୀ ବଣ୍ଟନ ମେସିନ୍‌ରେ ଦୃଶ୍ୟ ହେଉଥିବାବେଳେ ସର୍ଭର ସମସ୍ୟା ରହୁଥିବାରୁ ନଭେମ୍ବର ମାସର ସାମଗ୍ରୀ ଅଦୃଶ୍ୟ ରହିଥିଲା। ଫଳରେ ବଣ୍ଟନବେଳେ ୪୦ ପ୍ରତିଶତ ହିତାଧିକାରୀ ସାମଗ୍ରୀ ପାଇପାରି ନ ଥିଲେ। ଏବେ ସର୍ଭର ସମସ୍ୟାର ସମାଧାନ ହୋଇଗଲାଣି। ଆଗାମୀ ପ୍ରାୟ ୩/୪ ଦିନ ମଧ୍ୟରେ ଆଦୌ ପାଇ ନ ଥିବା ହିତାଧିକାରୀମାନେ ଏବଂ ଯେଉଁମାନେ ୧୦ କିଲୋ ପାଇଛନ୍ତି, ସମସ୍ତଙ୍କୁ ମୋଟ୍ ୧୫ କିଲୋ ଲେଖାଏଁ ଚାଉଳ ଯୋଗାଇ ଦିଆଯିବ। ଏହା କେବଳ ଓଡ଼ଗାଁ ବ୍ଲକ୍ ସମସ୍ୟା ନୁହେଁ, ସମଗ୍ର ଜିଲ୍ଲାରେ ଏପରି ସମସ୍ୟା ସୃଷ୍ଟି ହୋଇଛି ବୋଲି ବିଭାଗୀୟ ଅଧିକାରୀଙ୍କଠାରୁ ପ୍ରକାଶ।

## ଅଦ୍ୱିକା ଟ୍ୟାଲେଣ୍ଟ ହଣ୍ଟ କାର୍ଯ୍ୟକ୍ରମ



ଓଡ଼ଗାଁ,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ସମନ୍ୱିତ ଶିଶୁ ବିକାଶ ଯୋଜନା ଆନୁକୂଲ୍ୟରେ ଆୟୋଜିତ ଅଦ୍ୱିକା ଟ୍ୟାଲେଣ୍ଟ ହଣ୍ଟ ପ୍ରତିଯୋଗିତା ବ୍ଲକ୍ ପରିସର ମିଶନ ଶକ୍ତି ସଭାଗୃହରେ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ପର୍ଯ୍ୟାୟରେ ଓଡ଼ଗାଁ ବ୍ଲକ୍ ସମନ୍ୱିତ ଶିଶୁ ବିକାଶ ଅଧିକାରୀ ଲହଡ଼ିମାଳା ପ୍ରଧାନ କାର୍ଯ୍ୟକ୍ରମକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ଅପରାହ୍ନରେ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇଥିଲା। ବ୍ଲକ୍‌ର ବିଭିନ୍ନ ସେକ୍ଟରରୁ ଅଂଶଗ୍ରହଣ କରିଥିବା କିଶୋରୀମାନଙ୍କ ମଧ୍ୟରେ ନାରୀ ସଶକ୍ତୀକରଣ ବିଷୟକୁ ନେଇ ଏକକ ଅଭିନୟ, ଏକକ କଥାଚିତ୍ର, ଚିତ୍ରାଙ୍କନ ଏବଂ ଡ୍ୟାନ୍ସ ପ୍ରତିଯୋଗିତା ସହିତ ପୋଷଣ ଯୁକ୍ତ ଖାଦ୍ୟ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଥିଲା। ସେମାନଙ୍କ ମଧ୍ୟରୁ ସଫଳତା ହାସଲ କରିଥିବା ପ୍ରତିଯୋଗୀଙ୍କୁ ଅତିଥିଙ୍କ ଦ୍ୱାରା ଟ୍ରଫି ଓ ପ୍ରଶଂସା ପତ୍ର ପ୍ରଦାନ କରାଯାଇଥିଲା। ଏଥିରେ ଲୁକ୍କାୟିତ ପ୍ରତିଭାଙ୍କର ପରାକାଷ୍ଠା ପ୍ରଦର୍ଶନ ସ୍ୱରୂପ କିଶୋରୀମାନେ ଯେକୌଣସି କାର୍ଯ୍ୟରେ ନିଜର ନିପୁଣତା ପ୍ରଦର୍ଶନ କରିଥାନ୍ତି ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ନୟାଗଡ଼ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀଙ୍କ ତରଫରୁ ସୁରକ୍ଷା ଅଧିକାରୀ ଜୟଶ୍ରୀ ପ୍ରଧାନ, ଜିଲ୍ଲା ମହିଳା ସଶକ୍ତୀକରଣ ବିଭାଗର ଜିଲ୍ଲା ସଂଯୋଜକ ସୌମ୍ୟରଞ୍ଜନ ଦାସଙ୍କ ସହିତ ବିଶ୍ୱ ପାର୍ଥିବୀ, ସୁଜିତ୍ ପାତ୍ର, ସୁଶ୍ରୀ ସଙ୍ଗୀତା ଜେନା, ସୂର୍ଯ୍ୟକାନ୍ତ ସାହୁଙ୍କ ସହିତ ସୁପରଭାଇଜର ଜୟଶ୍ରୀ ସାହୁ, କାଜଲ ନାଏକ, ଅନୁପମା ଦାସ, ଶ୍ରଦ୍ଧାଞ୍ଜଳି ସାହୁ, ବିଦ୍ୟୁତ୍ ପ୍ରଭା ପରିଡ଼ା ପୋଷଣ ବିସି ଧିରେନ ସେଠି ପ୍ରମୁଖ ଯୋଗଦେଇଥିଲେ।

## ଟିପିସିଓଡିଏଲ୍‌ର ମନମାନୀ

# ବିଲ୍ ପ୍ରଦାନରେ ବିଳମ୍ବ; ଗ୍ରାହକ ହନ୍ତସନ୍ତ

ଖଣ୍ଡପଡ଼ା,୧୩।୧୧(ସମିସ): ବିଦ୍ୟୁତ୍ ବିତରଣ କମ୍ପାନୀ କର୍ତ୍ତୃପକ୍ଷ(ଟିପିସିଓଡିଏଲ୍)ଙ୍କ ପକ୍ଷରୁ ପ୍ରତି ମାସରେ ବିଦ୍ୟୁତ୍ ଉପଭୋକ୍ତାଙ୍କୁ ବିଳମ୍ବରେ ବିଦ୍ୟୁତ୍ ବିଲ୍ ପ୍ରଦାନ କରି ସେବା ବଦଳରେ ଗ୍ରାହକଙ୍କୁ ଶୋଷଣ କରାଯାଉଥିବାରୁ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏଭଳି ଘଟଣାକୁ ନେଇ ଖଣ୍ଡପଡ଼ା ଅଞ୍ଚଳର ବିଦ୍ୟୁତ୍ ଉପଭୋକ୍ତାମାନେ ଅସୁବିଧାର ସମ୍ମୁଖୀନ ହେବା ସହ ପ୍ରତି ମାସରେ ବିଦ୍ୟୁତ୍ ବିଲ୍ ବାବଦରେ ମୋଟା ଅଙ୍କର ଅର୍ଥ ଗଣି ଶୋଷଣର ଶିକାର ହେଉଥିବା ଅଭିଯୋଗ ହେଉଛି। ଏ ସମ୍ପର୍କରେ ବାରମ୍ବାର ବିଦ୍ୟୁତ୍ ବିତରଣ କମ୍ପାନୀ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ଆକର୍ଷଣ ସତ୍ତ୍ୱେ କୌଣସି ସୁଫଳ ମିଳୁ ନ ଥିବାରୁ ଉପଭୋକ୍ତାଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏପରିକି ବିଦ୍ୟୁତ୍ ଉପଭୋକ୍ତାଙ୍କ ଅଭିଯୋଗ ପ୍ରତି ବିଦ୍ୟୁତ୍ ବିତରଣ କମ୍ପାନୀ କର୍ତ୍ତୃପକ୍ଷ ଆଦୌ କର୍ଣ୍ଣପାତ କରୁ ନ ଥିବା ଅଭିଯୋଗ ହେଉଛି। ସେହିପରି ବିଭିନ୍ନ ସମୟରେ ଗ୍ରୀଡ୍ ଷ୍ଟେସନ ମରାମତି ଆଳରେ ଘଣ୍ଟା ଘଣ୍ଟା ଧରି ବିଦ୍ୟୁତ୍ କାଟ୍ କରାଯାଉଛି। ଏ ସମ୍ପର୍କରେ ପଚାରିଲେ କର୍ତ୍ତୃପକ୍ଷ କୌଣସି ସନ୍ତୋଷଜନକ ଉତ୍ତର ନ ଦେଇ କଥାକୁ ଏଡ଼ାଇ ଯାଉଛନ୍ତି। ସାମାନ୍ୟ ବର୍ଷା କି ପବନ ହେଲେ ବିଦ୍ୟୁତ୍ କାଟ୍ ହେବା ଏବେ ଏକ ନିତିଦିନିଆ ଘଟଣାରେ ପରିଣତ ହୋଇଛି। ବିଦ୍ୟୁତ୍ ବିତରଣ କମ୍ପାନୀ କର୍ତ୍ତୃପକ୍ଷଙ୍କ ମନମାନୀକୁ ନେଇ ଖଣ୍ଡପଡ଼ା ଅଞ୍ଚଳର ବିଦ୍ୟୁତ୍ ଉପଭୋକ୍ତାମାନେ ଅତିଷ୍ଠ ହୋଇପଡ଼ିଛନ୍ତି। ଏ ସମ୍ପର୍କରେ ବିଦ୍ୟୁତ୍ ବିତରଣ କମ୍ପାନୀ ଉଚ୍ଚ କର୍ତ୍ତୃପକ୍ଷ ଅବଗତ ଥିଲେ ହେଁ ସମସ୍ୟାର ସମାଧାନ ଦିଗରେ ଧ୍ୟାନ ନ ଦେଇ ଆଖିବୁଜି ଦେଇଥିବା ଜଣାପଡ଼ିଛି। ବିଦ୍ୟୁତ୍ ବିତରଣ କମ୍ପାନୀ ଉଚ୍ଚ କର୍ତ୍ତୃପକ୍ଷ ଉକ୍ତ ସମସ୍ୟାର ସମାଧାନ ଦିଗରେ ଧ୍ୟାନ ନ ଦେଲେ ନିକଟ ଭବିଷ୍ୟତରେ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରାଯିବ ବୋଲି ଖଣ୍ଡପଡ଼ା ଅଞ୍ଚଳର ବିଦ୍ୟୁତ୍ ଉପଭୋକ୍ତାମାନେ ଚେତାବନୀ ଦେଇଛନ୍ତି।

## ବଜାରରେ ଡ୍ରେନ୍‌ପାଣି; ତହସିଲ୍‌ଦାରଙ୍କୁ ଅଭିଯୋଗ



ଭାପୁର,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍ ଭାପୁର ବଜାରର ଡ୍ରେନ୍ ଅବରୋଧ ଯୋଗୁଁ ବଜାରରେ ଭାସୁଛି ଡ୍ରେନ୍‌ପାଣି। ଏନେଇ ତହସିଲ୍‌ଦାରଙ୍କୁ ବଜାର ବ୍ୟବସାୟୀମାନେ ଲିଖିତ ଅଭିଯୋଗ କରିଛନ୍ତି। ଭାପୁର ବଜାର ଗୋଲାପୋଖରୀ ରାସ୍ତାରେ ଥିବା ବଜାରରେ ଆବର୍ଜନା ପାଣି ଯିବା ପାଇଁ ଏକ ଡ୍ରେନ୍ ନିର୍ମାଣ ହୋଇଥିଲା। ମାତ୍ର ଏହାକୁ କେତେଜଣ ପୋତି ଜବରଦଖଲ କରିଥିବାରୁ ସେହି ବଜାରରେ ବର୍ତ୍ତମାନ ନର୍ଦ୍ଦମା ପାଣି ପ୍ରବାହିତ ହୋଇ ପୂତିଗନ୍ଧ ପରିବେଶ ସୃଷ୍ଟି କରୁଛି। ସେହି ବଜାରରେ ଅନେକ ମାଛ ଓ ମାଂସ ଦୋକାନ ଥିବାରୁ ପରିବେଶ ଅତ୍ୟନ୍ତ ଉଦ୍‌ବେଗଜନକ ସ୍ଥିତି ସୃଷ୍ଟି କରିଛି। ଏହି ଡ୍ରେନ୍ ପୁନରୁଦ୍ଧାର କରିବା ପାଇଁ ବଜାରରେ ବ୍ୟବସାୟୀମାନେ ଗଙ୍ଗାଧର ବାରିକ, ମନୋଜ କିଶୋର ସାହୁଙ୍କ ସହ ଅନେକ ବ୍ୟକ୍ତି ତହସିଲ୍‌ଦାରଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ଏ ନେଇ ତହସିଲ୍‌ଦାର ପଦକ୍ଷେପ ନେବା ପାଇଁ ପ୍ରତିଶ୍ରୁତି ଦେଇଛନ୍ତି।

## ୨୫ରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ଭାପୁର,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍‌ରେ ଆସନ୍ତା ୨୫ ତାରିଖରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଆୟୋଜିତ ହେବ। ଏ ନେଇ ଗୁରୁବାର ବ୍ଲକ୍ ସଦ୍‌ଭାବନା କକ୍ଷରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଡିଓ ସାରଦା ପ୍ରସନ୍ନ ପଣ୍ଡାଙ୍କ ସଭାପତିତ୍ୱରେ ଆୟୋଜିତ ବୈଠକରେ ଜିଲ୍ଲା ପରିଷଦ ସଭ୍ୟ ବିଜୟ କୁମାର ସାମନ୍ତରାୟ, ସୁଶାନ୍ତ କୁମାର ସାହୁ, ସାଂସଦ ପ୍ରତିନିଧି ତୋଫାନ୍ ପ୍ରଧାନ, ଡାକ୍ତର ଲଳିତ ମୋହନ ଟୁଡୁ, ସାମାଜିକ ସୁରକ୍ଷା ଅଧିକାରୀ ଅମିତ କୁମାର ବେହେରା, ଅନେକ ଜନପ୍ରତିନିଧି ଓ ସମସ୍ତ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀମାନେ ଯୋଗଦେଇଥିଲେ। ଯେଉଁଆଶାୟୀହିତାଧିକାରୀମାନେଏହିଶିବିରରେଭାଗନେବାକୁଇଚ୍ଛୁକଅଛନ୍ତି,ସେମାନେ ଅନ୍‌ଲାଇନ୍‌ରେ ଆବେଦନ କରି ୨୫ ତାରିଖ ଦିନ ୯ଟା ସମୟରେ ବ୍ଲକ୍ ପରିସରରେ ହେଉଥିବା ଶିବିରରେ ପହଞ୍ଚିବା ପାଇଁ ପ୍ରଶାସନ ପକ୍ଷରୁ ଉପଦେଶ ଦିଆଯାଇଛି।

## ଅବ୍ୟବସ୍ଥାରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ରଣପୁର,୧୩।୧୧(ସମିସ): ଅବ୍ୟବସ୍ଥା ଘେରରେ ରଣପୁର ବ୍ଲକ୍ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର। ପଞ୍ଜୀକରଣ କରି ଏବଂ ବିନା ପଞ୍ଜିକୃତ ଭିନ୍ନକ୍ଷମ ବ୍ୟକ୍ତି ଫେରିଗଲେ। ରଣପୁର ବ୍ଲକ୍ କାର୍ଯ୍ୟାଳୟ ପରିସରରେ ଗୁରୁବାର ସୁରକ୍ଷା ଓ ସଶକ୍ତୀକରଣ ବିଭାଗ ତରଫରୁ ଭୀମଭୋଇ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ନୟାଗଡ଼ ମୁଖ୍ୟ ଚିକିତ୍ସାଳୟରୁ ବିଶେଷଜ୍ଞ ଡାକ୍ତରମାନେ ଯୋଗଦେଇଥିଲେ। ୭୭୧ ଜଣ ବିଭିନ୍ନ ପ୍ରକାରର ଭିନ୍ନକ୍ଷମଙ୍କ ନାମ ପଞ୍ଜୀକରଣ କରାଯାଇଥିଲା। ସେହି ଭିନ୍ନକ୍ଷମଙ୍କ ମଧ୍ୟରୁ ଶାରୀରିକ ଭିନ୍ନକ୍ଷମ ୪୮୧, ଦୃଷ୍ଟିବାଧିତ ୫୮, ମାନସିକ ଅନଗ୍ରସର ୫୯ ଓ ଶ୍ରବଣବାଧିତ ୧୪୬ ଜଣଙ୍କ ପରୀକ୍ଷା କରାଯାଇଥିବା ବେଳେ କିଛି ଭିନ୍ନକ୍ଷମ ବ୍ୟକ୍ତି ପଞ୍ଜିକୃତ କରି ନ ପାରି ଫେରିଯିବାର ଦେଖିବାକୁ ମିଳିଛି। ଆଉ କେତେକ ପଞ୍ଜୀକରଣ କରି ମଧ୍ୟ ପରୀକ୍ଷା ନ କରି ସମୟ ଅତିବାହିତ ହେବାରୁ ଫେରିଯାଇଛନ୍ତି। ଏଥିସହିତ ଭିନ୍ନକ୍ଷମମାନେ ଖାଦ୍ୟ ପାଇଁ ଧାଡ଼ିରେ ଖଲିପତ୍ର ଧରି ଠିଆ ହୋଇଥିଲେ ମଧ୍ୟ ଖାଦ୍ୟ ଶେଷ ହୋଇଯିବାରୁ ଲୋକମାନେ ଭୋକ ଉପାସରେ ଫେରିଯାଇଥିବାର ଅଭିଯୋଗ ହୋଇଛି। ଏଭଳି ଅବ୍ୟବସ୍ଥା ବୋଧହୁଏ ବ୍ଲକ୍‌ରେ ପ୍ରଥମଥର ଘଟିଥିବା ନେଇ ସାଧାରଣରେ ଚର୍ଚ୍ଚା ଜୋର୍ ଧରିଛି। ଏ ସମ୍ପର୍କରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ଅଧିକାରୀଙ୍କୁ ପଚାରିବାରୁ ସେ କହିଥିଲେ, ବହୁତ ଲୋକ ହୋଇଯାଇଥିଲେ। ଫଳରେ ଖାଇବାକୁ ନ ପାଇ ଫେରିଯାଇଥିଲେ।

## ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପୂର୍ବ ଛାତ୍ର ବୈଠକ



ନୟାଗଡ଼,୧୩।୧୧(ସମିସ): ନୟାଗଡ଼ ଜିଲ୍ଲା କେନ୍ଦ୍ର ବିଦ୍ୟାଳୟ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରଠାରେ ପୂର୍ବଛାତ୍ର ଟୋଲି ଗଠନ ପାଇଁ ବୈଠକ ଅନୁଷ୍ଠିତ ହୋଇଥିଲା। ଉକ୍ତ ବୈଠକରେ ଶିକ୍ଷା ବିକାଶ ସମିତି କାର୍ଯ୍ୟକର୍ତ୍ତା ଯଥା ପ୍ରାନ୍ତ ପୂର୍ବଛାତ୍ର ସଂଯୋଜକ ଦେବେନ୍ଦ୍ର ପଟ୍ଟନାୟକ, ପ୍ରାନ୍ତ ନିରୀକ୍ଷକ ଅଶ୍ୱିନୀ କୁମାର ନାୟକ, ପ୍ରସନ୍ନ କୁମାର ମହାନ୍ତି ଖୋର୍ଦ୍ଧା ବିଭାଗ ନିରୀକ୍ଷକ ଯୋଗଦେଇଥିଲେ। ବୈଠକରେ ସଙ୍କୁଳ ଅନ୍ତର୍ଗତ ବିଭିନ୍ନ ବିଦ୍ୟାଳୟର ପୂର୍ବ ଛାତ୍ରଛାତ୍ରୀ ଯୋଗଦେଇଥିଲେ। ପୂର୍ବ ଛାତ୍ର ଟୋଲି ଗଠନ ଆଭିମୁଖ୍ୟ ରାଷ୍ଟ୍ର ଓ ବ୍ୟକ୍ତି ଗଠନ ସମ୍ପର୍କରେ ଆଲୋଚନା କରାଯାଇଥିଲା। ବିଦ୍ୟାଳୟ ପ୍ରଶାସନିକ ଅଧିକାରୀ ପ୍ରଧାନ ଆଚାର୍ଯ୍ୟ ଅମ୍ବିକା ପ୍ରସାଦ ପଟ୍ଟନାୟକଙ୍କ ସଭାପତିତ୍ୱ, ଏବଂ ଜିଲ୍ଲା ପୂର୍ବ ଛାତ୍ରପ୍ରମୁଖ ପ୍ରହ୍ଲାଦ ଦଳବେହେରାଙ୍କ ସହଯୋଗରେ ବୈଠକଟି ସଫଳ ହୋଇଥିଲା।

## ରୌପ୍ୟଜୟନ୍ତୀ ପାଳନ ନେଇ ମଶାଲ ଶୋଭାଯାତ୍ରା



ଖଣ୍ଡପଡ଼ା,୧୩।୧୧(ସମିସ): ଖଣ୍ଡପଡ଼ା ସହରର ଅଗ୍ରଣୀ ଶିକ୍ଷାନୁଷ୍ଠାନ ସାମନ୍ତ ଚନ୍ଦ୍ରଶେଖର ଶିକ୍ଷାକେନ୍ଦ୍ରର ରୌପ୍ୟଜୟନ୍ତୀ ଉତ୍ସବ ପାଳନ ଅବସରରେ ଏକ ମଶାଲ ଶୋଭାଯାତ୍ରା ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ଖଣ୍ଡପଡ଼ାର ଆରାଧ୍ୟ ଦେବୀ ମା' ଉମାଦେବୀଙ୍କ ପୀଠ ପରିସରରୁ ମଶାଲ ଶୋଭାଯାତ୍ରା ବାହାରି ସହର ପରିକ୍ରମା କରିଥିଲା। ଅନୁଷ୍ଠାନର ସଭାପତି ତଥା ବିଶିଷ୍ଟ ଚିତ୍ରଶିଳ୍ପୀ ଲଡୁକିଶୋର ସିଂହସାମନ୍ତ ମୁଖ୍ୟ ଅତିଥି ରୂପେ ଯୋଗଦେଇଥିଲେ। ଅନୁଷ୍ଠାନର ପ୍ରଧାନ ଆଚାର୍ଯ୍ୟ ବିଷ୍ଣୁପ୍ରସାଦ ରଥଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ମଶାଲ ଶୋଭାଯାତ୍ରାରେ ଶିକ୍ଷକ ଓ ଶିକ୍ଷୟିତ୍ରୀଙ୍କ ଗହଣରେ ଛାତ୍ରଛାତ୍ରୀମାନେ ଶୋଭାଯାତ୍ରାରେ ସାମିଲ୍ ହୋଇଥିଲେ। ରୌପ୍ୟ ଜୟନ୍ତୀ ଉତ୍ସବ ପାଳନର ପ୍ରଥମ ପର୍ବ ମଶାଲ ଶୋଭାଯାତ୍ରାରୁ ଆରମ୍ଭ ହୋଇଥିବାବେଳେ ଆସନ୍ତା ୧୫ ତାରିଖ ସନ୍ଧ୍ୟାରେ ଉତ୍ସବ ଉଦ୍‌ଯାପିତ ହେବ ବୋଲି ଜଣାପଡ଼ିଛି।

## ● କେବେ ନିର୍ମାଣ ହେବ ବିଜ୍ଞାନ କେନ୍ଦ୍ର ଓ ପ୍ଲାନେଟୋରିୟମ୍

# ପଠାଣି ସାମନ୍ତଙ୍କ ପ୍ରତି ଅଣଦେଖା ନା ଅଟ୍ଟହାସ୍ୟ

### ମୁଖ୍ୟମନ୍ତ୍ରୀଙ୍କ ଘୋଷଣାକୁ ବର୍ଷେ ବିତିଲା

### ଖଣ୍ଡପଡ଼ାବାସୀଙ୍କ ମଧ୍ୟରେ କ୍ଷୋଭ

ନୟାଗଡ଼,୧୩।୧୧(ସମିସ): ଜ୍ୟୋତିର୍ବିତ୍ ତଥା ସିଦ୍ଧାନ୍ତ ଦର୍ପଣର ରଚୟିତା ମହାମହୋପାଧ୍ୟାୟ ପଠାଣି ସାମନ୍ତଙ୍କ ପ୍ରତି ସରକାରଙ୍କ ଅଣଦେଖାକୁ ନେଇ ଖଣ୍ଡପଡ଼ାବାସୀଙ୍କ ମଧ୍ୟରେ କ୍ଷୋଭ ବୃଦ୍ଧି ପାଉଛି। ସରକାର ପଠାଣି ସାମନ୍ତଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ ପାଳନ ସମୟରେ କରିଥିବା ଘୋଷଣାକୁ ବର୍ଷେ ବିତିବାକୁ ବସିଥିବାବେଳେ କେବେ ବିଜ୍ଞାନ କେନ୍ଦ୍ର ଓ ପ୍ଲାନେଟୋରିୟମ୍ ନିର୍ମାଣ ହେବ ବୋଲି ପ୍ରଶ୍ନ ଉଠିଛି। ଏହା ସହିତ ଖଣ୍ଡପଡ଼ାରେ ଆଷ୍ଟ୍ରୋନୋମି ଆଣ୍ଡ ଆଷ୍ଟ୍ରୋଫିଜିକ୍ସ ଇନ୍‌ଷ୍ଟିଚ୍ୟୁଟ୍ ନିର୍ମାଣ କରିବା ପାଇଁ ୨୦୨୪ ମସିହା ରାଜ୍ୟସ୍ତରୀୟ ପଠାଣି ସାମନ୍ତ ଜୟନ୍ତୀ ପାଳନବେଳେ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ। ୨୦୨୪ ଡିସେମ୍ବର ମାସରେ ଏହାର ଘୋଷଣା କରାଯାଇଥିବାବେଳେ ଖଣ୍ଡପଡ଼ା ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁ ରାଜ୍ୟ ସରକାରଙ୍କୁ ଏଥିପାଇଁ ଧନ୍ୟବାଦ ଓ କୃତଜ୍ଞତା ଜ୍ଞାପନ କରିଥିଲେ। ଖଣ୍ଡପଡ଼ାରେ ୬ କୋଟି ଟଙ୍କା ବ୍ୟୟରେ ପ୍ରତିଷ୍ଠା ନେଇ ସରକାର ପ୍ରକ୍ରିୟା ଆରମ୍ଭ କରିବେ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଥିଲେ। ଭୁବନେଶ୍ୱର ପ୍ଲାନେଟୋରିୟମ୍‌ରେ ପଠାଣି ସାମନ୍ତଙ୍କ ଜୟନ୍ତୀ ଅବସରରେ ମୁଖ୍ୟମନ୍ତ୍ରୀ ଏଭଳି ଘୋଷଣା କରିଥିଲେ। ବିଜ୍ଞାନ ଓ କାରିଗରୀ ବିଭାଗ ଆନୁକୂଲ୍ୟରେ ଟାଟା ଷ୍ଟିଲ୍ ପକ୍ଷରୁ ଯୁବ ଜ୍ୟୋତିର୍ବିଜ୍ଞାନୀ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ମୁଖ୍ୟମନ୍ତ୍ରୀ ଯୋଗଦେବା ସହିତ ମହାନ ଜ୍ୟୋତିର୍ବିତ୍ ପଠାଣି ସାମନ୍ତଙ୍କ ଜନ୍ମସ୍ଥଳୀର ବିକାଶ ପାଇଁ ସରକାର ବିବିଧ ପଦକ୍ଷେପ ହାତକୁ ନେଇଥିବା ନେଇ ମତବ୍ୟକ୍ତ କରିଥିଲେ। ଗ୍ରହ ନକ୍ଷତ୍ରଙ୍କ ଗତିବିଧିକୁ ନିମିଷକ ମଧ୍ୟରେ ମାପିପାରୁଥିବା ଏହି ମହାନ ଜ୍ୟୋତିର୍ବିତ୍‌ଙ୍କ ଜନ୍ମସ୍ଥଳୀର ବିକାଶ ସହ ଏଠାରେ ବିଜ୍ଞାନକେନ୍ଦ୍ର ଓ ପ୍ଲାନେଟୋରିୟମ୍ ଏବଂ ଆଷ୍ଟ୍ରୋନମି ଓ ଆଷ୍ଟ୍ରୋଫିଜିକ୍ସ ଇନ୍‌ଷ୍ଟିଚ୍ୟୁଟ୍ ପ୍ରତିଷ୍ଠା ପାଇଁ ସରକାର ପଦକ୍ଷେପ ଗ୍ରହଣ କରୁଥିବା କହିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ବିଜ୍ଞାନ ଓ କାରିଗରୀ ବିଭାଗ ତଥା ଖାଦ୍ୟ ସୁରକ୍ଷା ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ବିଭାଗୀୟ ସଚିବ ଚିତ୍ରା ଅରୁମୁଗମ୍‌ଙ୍କ ସମେତ ଅନ୍ୟ ଅଧିକାରୀ ଉପସ୍ଥିତ ଥିଲେ। ଏହା ମଧ୍ୟରେ ମୁଖ୍ୟମନ୍ତ୍ରୀଙ୍କ ଘୋଷଣାକୁ ବର୍ଷେ ବିତିବାକୁ ବସିଥିବାବେଳେ ଦୀର୍ଘ ବର୍ଷ ତଳୁ ଅର୍ଥ ବ୍ୟୟବରାଦ ହୋଇଥିବା ବିଜ୍ଞାନ କେନ୍ଦ୍ର ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇପାରିଲା ନାହିଁ। ବିଜ୍ଞାନ କେନ୍ଦ୍ର ନିର୍ମାଣ ପାଇଁ ବହୁ ବର୍ଷ ତଳୁ ଶିଳାନ୍ୟାସ ହୋଇ ରହିଛି। ସେହିଭଳି ଭାବେ ଖଣ୍ଡପଡ଼ାରେ ପ୍ଲାନେଟୋରିୟମ୍ କେବେ ନିର୍ମାଣ ହେବ ବୋଲି ପ୍ରଶ୍ନ ଉଠିଛି। ଖଣ୍ଡପଡ଼ା ମାଟିରେ ଜନ୍ମ ଗ୍ରହଣ କରି ପଠାଣି ସାମନ୍ତ ସାରା ବିଶ୍ୱରେ ଜ୍ୟୋତିଷ ଶାସ୍ତ୍ରକୁ ନେଇ ପରିଚିତ ହୋଇଥିବାବେଳେ ଏବେ ବି ଆଧୁନିକ ଯୁଗରେ ତାଙ୍କ ଗଣନା ଅନୁସାରେ କାର୍ଯ୍ୟ କରାଯାଉଛି। ଖଣ୍ଡପଡ଼ା ମାଟିକୁ ଋଦ୍ଧିମନ୍ତ କରିଥିବା ମହାମହୋପାଧ୍ୟାୟଙ୍କ ପାଇଁ ରାଜ୍ୟ ସରକାର ପ୍ରକଳ୍ପ ଘୋଷଣା କରି ପଛଘୁଞ୍ଚା ଦେବା ଲୋକଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି କରିଛି। ସରକାର ଘୋଷଣା ମୁତାବକ କାର୍ଯ୍ୟ କରିବା ଆବଶ୍ୟକ ବୋଲି ଖଣ୍ଡପଡ଼ା ଓ ଭାପୁରବାସୀ ଦାବି କରିଛନ୍ତି।

## ରଶ୍ମିତାଙ୍କୁ ରୋଜଗାର ଦେଇଛି ଫିନାଇଲ୍

# ବଢ଼ିଛି ଆତ୍ମସମ୍ମାନ, ହୋଇଛନ୍ତି ସ୍ୱାବଲମ୍ବୀ




ଗଣିଆ,୧୩।୧୧(ସମିସ): ପରିଶ୍ରମ ଆଉ ଇଚ୍ଛାଶକ୍ତି ହିଁ ସଫଳତାର ଚାବିକାଠି ଏକଥା ପ୍ରମାଣିତ କରିଛନ୍ତି ରଶ୍ମିତା। କରୋନା ମହାମାରୀ ସମୟରେ ରୋଜଗାର ପନ୍ଥା ବନ୍ଦ ହୋଇଯିବା ପରେ ସ୍ୱାମୀଙ୍କ ସହିତ ମିଶି ଫିନାଇଲ୍ ବ୍ୟବସାୟ କରିବାକୁ ଇଚ୍ଛା କରିଥିଲେ ଗଣିଆ ବ୍ଲକ୍ ପାଟଣାସାହି ଗ୍ରାମର ରଶ୍ମିତା ସାହୁ। ସ୍ୱାମୀ ଚିତ୍ତରଞ୍ଜନ ସାହୁ ମଧ୍ୟ ସ୍ତ୍ରୀଙ୍କ ସହିତ ମିଶି ବ୍ୟବସାୟକୁ ଆଗେଇ ନେଇଥିଲେ। କରୋନା ସମୟରେ ୨୦୨୦/୨୧ ମସିହାରେ ପ୍ରଥମେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀରୁ ୫୦ ହଜାର ଟଙ୍କା ଋଣ ଆଣି ଆରମ୍ଭ ହୋଇଥିଲା ବ୍ୟବସାୟ। ପ୍ରଥମ ଦୁଇ ବର୍ଷ ବ୍ୟବସାୟରେ ସେତେ ଆଖିଦୃଶିଆ ସଫଳତା ଲାଭ କରିପାରି ନ ଥିଲେ। ହାର୍ ନ ମାନି ସ୍ୱାମୀଙ୍କ ସହିତ ମିଶି ବ୍ୟବସାୟକୁ କିପରି ଆଗକୁ ନେବେ ସେଥିପାଇଁ ଚେଷ୍ଟା ଜାରି ରଖିଥିଲେ। ଆଉ ଆଜି ଜଣେ ସଫଳ ଫିନାଇଲ୍ ବ୍ୟବସାୟୀ ଭାବେ ସେ ସଫଳତା ଲାଭ କରିଛନ୍ତି। ମୀରା ଏଣ୍ଟରପ୍ରାଇଜର୍ସ ନାମରେ ପଞ୍ଜୀକରଣ କରି ମାସକୁ ଦେଢ଼ ଲକ୍ଷରୁ ଅଧିକ ଟଙ୍କାର ବ୍ୟବସାୟ କରିବା ସହିତ ୨ ଜଣ ମହିଳା ଏବଂ ଜଣେ ପୁରୁଷଙ୍କୁ ରୋଜଗାରକ୍ଷମ କରାଇପାରିଛନ୍ତି। ଫିନାଇଲ୍ ସହିତ ବ୍ଲିଚିଂ ପାଉଡର, ଏସିଡ୍, ଗ୍ରୀନ୍ ନିମାଇଲ୍ ଆଦି ପ୍ରସ୍ତୁତ କରାଯାଇ ବିକ୍ରି କରାଯାଉଛି। ଗୋଟିଏ ଚାରିଚକିଆ ଯାନ ସାହାଯ୍ୟରେ ନୟାଗଡ଼, ବୌଦ୍ଧ, କଟକ, ଖୋର୍ଦ୍ଧା ଜିଲ୍ଲାର ବିଭିନ୍ନ ଗ୍ରାମକୁ ଯାଇ ବ୍ୟବସାୟୀଙ୍କୁ ଫିନାଇଲ୍ ଯୋଗାଇ ଦେଉଛନ୍ତି। ରଶ୍ମିତା ନିଜେ ମଧ୍ୟ ଅନେକ ସମୟରେ ଅଞ୍ଚଳକୁ ଯାଇ ନିଜ ହାତ ତିଆରି ସାମଗ୍ରୀ ସମ୍ପର୍କରେ ଲୋକଙ୍କୁ ବୁଝାଉଥିବା ଦେଖିବାକୁ ମିଳିଛି। ଏପରିକି ବିଭିନ୍ନ ସ୍ଥାନରେ ମେଳା, ମହୋତ୍ସବରେ ଷ୍ଟଲ୍ କରି ବେଶ୍ ପ୍ରଶଂସା ସାଉଁଟିଛନ୍ତି। ଗଣିଆରେ ତାଙ୍କ ଫିନାଇଲ୍‌ର ଚାହିଦା ମଧ୍ୟ ରହିଥିବାବେଳେ ଲୋକମାନଙ୍କ ମଧ୍ୟରେ ଆଦୃତିଲାଭ କରିପାରିଛି। ଏଇ ବ୍ୟବସାୟ ଫଳରେ ଦୁଇ ଝିଅଙ୍କ ପାଠପଢ଼ା ସହିତ ପରିବାର ପ୍ରତିପୋଷଣ କରୁଥିବା ଜଣାପଡ଼ିଛି। ନିଜେ ସ୍ୱାବଲମ୍ବୀ ହେବା ପରେ ରଶ୍ମିତାଙ୍କ ଆତ୍ମସମ୍ମାନ ମଧ୍ୟ ବୃଦ୍ଧି ପାଇଛି। ମହିଳାଙ୍କୁ ସ୍ୱାବଲମ୍ବୀ କରିବାକୁ ସରକାର ଅନେକ ଯୋଜନା ପ୍ରଣୟନ କରୁଥିବାବେଳେ ଯଦି ରଶ୍ମିତାଙ୍କୁ କିଛି ସରକାରୀ ସହାୟତା ପ୍ରଦାନ କରାଯାଇପାରନ୍ତା, ତେବେ ସେ ଅଧିକରୁ ଅଧିକ ରୋଜଗାର କରିବା ସହିତ ନିଜ ବ୍ୟବସାୟକୁ ବଢ଼ାଇପାରନ୍ତେ ବୋଲି ସେ ପ୍ରକାଶ କରିଛନ୍ତି।

# ମଶାରି ଓ ମାଟିବନ୍ଧ ଚିଙ୍ଗୁଡ଼ି ଘେରିରେ ଚିଲିକା

## ମତ୍ସ୍ୟଜୀବୀଙ୍କ ମଧ୍ୟରେ ଆନ୍ଦୋଳନର ଦାନା ବାନ୍ଧୁଛି; ପ୍ରଶାସନ ନିରବ

ବାଲୁଗାଁ,୧୩।୧୧(ସମିସ)



ଚିଲିକାରେ ମାଛଧରାକୁ କେନ୍ଦ୍ରକରି ମତ୍ସ୍ୟଜୀବୀ ଓ ଅଣ ମତ୍ସ୍ୟଜୀବୀମାନଙ୍କ ମଧ୍ୟରେ ବହୁବାର ଗଣ୍ଡଗୋଳ ଘଟିବାରେ ଲାଗିଛି। ଏହାକୁ ରୋକିବା ପାଇଁ ପ୍ରଶାସନ ତରଫରୁ ପଦକ୍ଷେପ ନିଆଯାଇଥିଲେ ସୁଦ୍ଧା ଏନେଇ କୌଣସି ସ୍ଥାୟୀ ପ୍ରତିକାର ହୋଇପାରି ନ ଥିବା ଜଣାଯାଇଛି। ଚିଲିକାର ଚତୁଃପାଶ୍ୱର୍ରେ ମଶାରି ଚିଙ୍ଗୁଡ଼ି ଘେରି ଓ ମାଟିବନ୍ଧରେ ଘେରି କରାଯାଇ ଚିଲିକାକୁ ସଙ୍କୁଚିତ କରାଯାଉଛି। ପୁରୀ, ଗଞ୍ଜାମ ଓ ଖୋର୍ଦ୍ଧା ଜିଲ୍ଲାରେ ବେଆଇନ ଭାବେ ମଶାରି ଚିଙ୍ଗୁଡ଼ି ଘେରି ଓ ମାଟିବନ୍ଧରେ ଘେରି କରାଯାଇ ମତ୍ସ୍ୟଜୀବୀ ଓ ଅଣ ମତ୍ସ୍ୟଜୀବୀମାନଙ୍କ ମଧ୍ୟରେ ବିବାଦ ଲାଗିରହୁଛି। ଯାହାଫଳରେ ପିଏଫ୍‌ସିଏସ୍ ରାଜ୍ୟ ଫିସ୍‌ଫେଡ୍‌ରୁ ଲିଜ୍ ଆଣିଥିବାବେଳେ ମାଛ ମାରିବାରୁ ବଞ୍ଚିତ ହୋଇଛନ୍ତି। ତେବେ ଅଣମତ୍ସ୍ୟଜୀବୀଙ୍କ ଏପରି କାର୍ଯ୍ୟକୁ ସମ୍ପୃକ୍ତ ଲିଜ୍ ପାଇଥିବା ମତ୍ସ୍ୟଜୀବୀ ସମବାୟ ସମିତି ବିରୋଧ କରିବା ଫଳରେ ପରିସ୍ଥିତି ଅଣାୟତ ହୋଇପଡ଼ିଛି। ସରକାର, ପ୍ରଶାସନ ଓ ମାଫିଆଙ୍କ ସଲାସୁତରା ଯୋଗୁଁ ଚିଲିକାର ଚତୁଃପାଶ୍ୱର୍ରେ ମଶାରି ଚିଙ୍ଗୁଡ଼ି ଘେରି ଓ ମାଟିବନ୍ଧରେ ଘେରି ମୁଣ୍ଡ ଟେକୁଛି। ବିଭିନ୍ନ ଆଳ ଦେଖାଇ ପ୍ରଶାସନ ନିରବ ରହୁଛି।

ବିଧାନସଭା ଗୃହ କମିଟି ଓ ରାଜ୍ୟ ଉଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ କ୍ରମେ ସେଣ୍ଟ୍ରାଲ ଲେଜୁଲେସନ ଜୋନ୍‌କୁ (ସିଆର୍‌ଜେଡ୍) ଉଲ୍ଲଂଘନ କରି ଚିଲିକାକୁ ଘେରିମୁକ୍ତ କରାଯାଉନାହିଁ। ବିଗତ ବର୍ଷରେ ଚିଲିକା ଉନ୍ନୟନ ପରିଷଦ (ସିଡିଏ)ର ଅତିରିକ୍ତ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରିଣୀ ସସ୍ମିତା ଲେଙ୍କା ଥିବାବେଳେ ଚିଲିକାକୁ ଘେରିମୁକ୍ତ କରିବା ପ୍ରୟାସ ଜାରି ରଖିଥିଲେ। ଶ୍ରୀମତୀ ଲେଙ୍କାକୁ ପଦୋନ୍ନତି ଦେଇ ଡିଏଫ୍‌ଓ କରାଇ ଢେଙ୍କାନାଳକୁ ବଦଳି କରାଯାଇଥିଲା। ଶ୍ରୀମତୀ ଲେଙ୍କା ବଦଳି ପରେ ଚିଲିକାରେ ମଶାରି ଚିଙ୍ଗୁଡ଼ି ଘେରି ଓ ମାଟିବନ୍ଧରେ ଘେରି ଅଦ୍ୟାବଧି ପ୍ରବଳ ମାତ୍ରାରେ ବୃଦ୍ଧି ପାଇଆସୁଛି। ଶ୍ରୀମତୀ ଲେଙ୍କା ବଦଳି ପରେ ପୁରୀ, ଗଞ୍ଜାମ ଓ ଖୋର୍ଦ୍ଧା ଜିଲ୍ଲା ପ୍ରଶାସନ ଧର୍ମକୁ ଆଖିଠାର ସଦୃଶ୍ୟ ଘେରି ଉଚ୍ଛେଦ କରୁଛି। ୩ ଜିଲ୍ଲା ପ୍ରଶାସନ ସିଆର୍‌ଜେଡ୍‌କୁ ସମ୍ପୂର୍ଣ୍ଣ ଉଲ୍ଲଂଘନ କରୁଛି। ଆଗାମୀ ଦିନରେ ଲକ୍ଷ ଲକ୍ଷ ମତ୍ସ୍ୟଜୀବୀ ଏକତ୍ରିତ ହୋଇ ମଶାରି ଚିଙ୍ଗୁଡ଼ି ଘେରି ଓ ମାଟିବନ୍ଧରେ ଘେରି ଆଇନକୁ ହାତକୁ ନେଇ ଉଚ୍ଛେଦ କରିବେ। ଉଚ୍ଛେଦ ସମୟରେ ଯଦି କିଛି ଅପ୍ରିତିକର ପରିସ୍ଥିତି ଉପୁଜେ ରାଜ୍ୟ ସରକାର ଦାୟୀ ରହିବେ ବୋଲି ଚେତାବନୀ ଦେଇଛନ୍ତି। ବର୍ତ୍ତମାନ ଚିଲିକା ଉନ୍ନୟନ ପରିଷଦ (ସିଡିଏ)ର ଅତିରିକ୍ତ କାର୍ଯ୍ୟନିର୍ବାହୀ ଅଧିକାରୀ ଦାୟିତ୍ୱରେ ଚିଲିକା ବନ୍ୟପ୍ରାଣୀ ଅଧିକାରୀ ଅମ୍ଲାନ ନାୟକ ଥିବାସ୍ଥଳେ କୌଣସି କାର୍ଯ୍ୟକାରୀ କରୁନାହାନ୍ତି। ଏ ସମ୍ପର୍କରେ ଦାୟିତ୍ୱରେ ଚିଲିକା ବନ୍ୟପ୍ରାଣୀ ଅଧିକାରୀଙ୍କୁ ପଚାରିବାରେ ସେ କହିଥିଲେ ସମ୍ପୃକ୍ତ ଜିଲ୍ଲାପାଳ ଆମ୍ଭକୁ ଜଣାଇଲେ ଆମ୍ଭେ ଘେରି ଉଚ୍ଛେଦ ନିମନ୍ତେ ଆବଶ୍ୟକ ସାମଗ୍ରୀ ଦେବୁ କିନ୍ତୁ ଆମ୍ଭେ ଉଚ୍ଛେଦ କରିବୁ ନାହିଁ। ମତ୍ସ୍ୟଜୀବୀମାନେ ନିଜର ଜୀବିକା ହରାଇ ଭୟଭୀତ ହୋଇ ପଡ଼ିଛନ୍ତି। ଏ ସମ୍ପର୍କରେ ରାଜ୍ୟ ମୁଖ୍ୟମନ୍ତ୍ରୀ, ନିର୍ଦ୍ଦେଶକ ଫିସ୍‌ଫେଡ୍, ପ୍ରଶାସନ ଏ ଦିଗରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କଲେ ଉକ୍ତ ସୈରାତକୁ କେନ୍ଦ୍ର କରି ଚିଲିକା ରକ୍ତରଞ୍ଜିତ ହେବାକୁ ଏଡ଼ାଇ ଦିଆଯାଇ ପାରିବ ନାହିଁ।

## ସିଗ୍‌ମା ପବ୍ଲିକ୍ ସ୍କୁଲ୍‌ର ବାର୍ଷିକ କ୍ରୀଡ଼ା ଉତ୍ସବ ଉଦ୍‌ଯାପିତ



ଖୋର୍ଦ୍ଧା,୧୩।୧୧(ସମିସ): ଖୋର୍ଦ୍ଧା ଷ୍ଟାଡିୟମ୍‌ରେ ସିଗ୍‌ମା ପବ୍ଲିକ୍ ସ୍କୁଲର ଚାଲିଥିବା ଦୁଇ ଦିନିଆ ବାର୍ଷିକ କ୍ରୀଡ଼ା ଉତ୍ସବ ଉଦ୍‌ଯାପିତ ହୋଇଯାଇଛି। ଅନୁଷ୍ଠାନର ଚେୟାରମ୍ୟାନ୍ ଓ ଜିଲ୍ଲା ପ୍ରେସ୍ କ୍ଲବ୍‌ର ସଭାପତି ଶୁଭ୍ରାଂଶୁ ରଞ୍ଜନ ସାମନ୍ତରାୟ ମୁଖ୍ୟ ଅତିଥି ଭାବେ ଯୋଗଦେଇ କ୍ରୀଡ଼ା ଉତ୍ସବର ଉଦ୍‌ଘାଟନ କରିଥିଲେ। ଉଦ୍‌ଘାଟନ ପୂର୍ବରୁ ସ୍ଥାନୀୟ ମଙ୍ଗଳା ମନ୍ଦିରରୁ ଶିକ୍ଷକ ବିରଞ୍ଚି ନାରାୟଣ ପଣ୍ଡାଙ୍କ ନେତୃତ୍ୱରେ ପୂଜାର୍ଚ୍ଚନା କରାଯାଇଥିଲା। ପରବର୍ତ୍ତୀ ସମୟରେ ଶିଶୁ କ୍ରୀଡ଼ାବିତ୍‌ମାନେ ମଶାଲ ଶୋଭାଯାତ୍ରା ସହ ମୁଖ୍ୟ ଅତିଥିଙ୍କୁ ମଶାଲ ପ୍ରଦାନ କରିଥିଲେ। ମୁଖ୍ୟ ଅତିଥି ଶ୍ରୀ ସାମନ୍ତରାୟ ମଶାଲ ଗ୍ରହଣ କରି ଅଭିବାଦନ ଗ୍ରହଣ ସହିତ କ୍ରୀଡ଼ା ପ୍ରତିଯୋଗିତାର ଆରମ୍ଭ କରିଥିଲେ। ସ୍କୁଲ ଅଧ୍ୟକ୍ଷା ମମତାଞ୍ଜଳି ପଟ୍ଟନାୟକ ସମସ୍ତ ପ୍ରତିଯୋଗୀଙ୍କୁ ଶାନ୍ତି ଓ ଶୃଙ୍ଖଳା ପାଳନ କରି ପ୍ରତିଯୋଗିତାରେ ଭାଗ ନେବାକୁ ପରାମର୍ଶ ଦେଇଥିଲେ। ଶିକ୍ଷକ ମାନସ ରଞ୍ଜନ ମହାପାତ୍ର, ବସନ୍ତ କୁମାର ଖୁଣ୍ଟିଆ, ରଚିତା ସ୍ୱାଇଁ, ଦୀପ୍ତିରଞ୍ଜନ ରଣା, ବର୍ଣ୍ଣାଳି ମାଝୀ ପ୍ରମୁଖ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଥିଲେ। ସମସ୍ତ କୃତୀ ପ୍ରତିଯୋଗୀଙ୍କୁ ଶିଶୁ ଦିବସ ଅବସରରେ ବିଶେଷ ପୁରସ୍କାର ପ୍ରଦାନ କରାଯିବ ବୋଲି ଅଧ୍ୟକ୍ଷା ଶ୍ରୀମତୀ ପଟ୍ଟନାୟକ ସୂଚନା ଦେଇଥିଲେ।

## ଅବସର ପରେ ବିଭିନ୍ନ ବିଦ୍ୟାଳୟରେ ଅବୈତନିକ ଶିକ୍ଷାଦାନ



ଟାଙ୍ଗୀ,୧୩।୧୧(ସମିସ): ଶିକ୍ଷାକୁ ବୃତ୍ତି ନୁହେଁ ବରଂ ବ୍ରତ ରୂପେ ଗ୍ରହଣ କରି ଶିକ୍ଷା ଜଗତର ଜଣେ ବିଦ୍ଧାଣୀ ଭାବେ ସୁପରିଚିତ। ସ୍ୱେଚ୍ଛାକୃତ ଭାବେ ସମ୍ମାନଜନକ ଜିଲ୍ଲା ଶିକ୍ଷାଧିକାରୀ ପଦରୁ ଅବସର ପରେ ଚାନ୍ଦପୁର ଡୋମଣି ସାହିର ଶିକ୍ଷାବିତ୍ ଲକ୍ଷ୍ମୀଧର ବେହେରା ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ବିଭିନ୍ନ ସରକାରୀ ଉଚ୍ଚବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କୁ ଅବୈତନିକ ଶିକ୍ଷାଦାନ କରି ଅଞ୍ଚଳରେ ଏବେ ଆପଣାର ପାଲଟିଛନ୍ତି। ଶ୍ରୀ ବେହେରା ଜଣେ ଶିକ୍ଷାପ୍ରେମୀ। ଇଂରାଜୀ, ଭୂଗୋଳ, ସଂସ୍କୃତ, ସାଧାରଣ ବିଜ୍ଞାନ ଭଳି ବିଭିନ୍ନ ବିଷୟରେ ଶିକ୍ଷାଦାନ ଏବଂ ଛାତ୍ରଛାତ୍ରୀଙ୍କୁ ଶିକ୍ଷା ଦେଇ ନିଜକୁ ସନ୍ତୋଷ ମନେ କରନ୍ତି। ଶ୍ରୀ ବେହେରା ୨୦୨୦ ନଭେମ୍ବର ୩୦ରେ ନୟାଗଡ଼ ଜିଲ୍ଲା ଶିକ୍ଷାଧିକାରୀ ପଦରୁ ସ୍ୱେଚ୍ଛାକୃତ ଅବସର ନେବା ପରେ ବିଭିନ୍ନ ସରକାରୀ ବିଦ୍ୟାଳୟରେ ଶିକ୍ଷକଶିକ୍ଷୟିତ୍ରୀଙ୍କ ଅଭାବ ସାଙ୍ଗକୁ ଶିକ୍ଷା ବ୍ୟବସ୍ଥାରେ ସୁଧାର ଆଣିବା ମହତ୍ ଉଦ୍ଦେଶ୍ୟରେ ବିଭିନ୍ନ ସରକାରୀ ବିଦ୍ୟାଳୟରେ ବିନା ବେତନରେ ଶିକ୍ଷାଦାନ କରୁଥିବା ଦେଖିବାକୁ ମିଳୁଛି। କାଳୁପଡ଼ାଘାଟ ଭାରତୀୟ ବିଦ୍ୟାନିକେତନକୁ ପୋଷ୍ୟ ଭାବେ ଗ୍ରହଣ କରି ସେହି ବିଦ୍ୟାଳୟର ଉପଦେଷ୍ଟା ଭାବେ ଦାୟିତ୍ୱ ନିର୍ବାହ କରିବା ସହିତ ପାରିଓରଡ୍ ସରକାରୀ ଉଚ୍ଚ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଓ ପରିଚାଳନା କମିଟି ସଦସ୍ୟଙ୍କ ଅନୁରୋଧ ରକ୍ଷା କରି ଶିକ୍ଷାଦାନ ପାଇଁ ଯାଉଛନ୍ତି। ଏପରିକି ସରକାର ଅନୁମତି ଦେଲେ ବିନା ପାରିଶ୍ରମିକରେ ବିଭିନ୍ନ ଉଚ୍ଚ ବିଦ୍ୟାଳୟରେ ଜୀବନର ଶେଷ ସମୟ ପର୍ଯ୍ୟନ୍ତ ଶିକ୍ଷାଦାନ ପାଇଁ ସେ ପ୍ରସ୍ତୁତ ବୋଲି ମତବ୍ୟକ୍ତ କରନ୍ତି।

## ଅବସରପ୍ରାପ୍ତ ଶିକ୍ଷକଙ୍କ ପରଲୋକ

ବେଗୁନିଆ,୧୩।୧୧(ସମିସ): ବେଗୁନିଆ ସଦରମହକୁମା ସ୍ଥିତ ନୂଆସାହିର ଅବସରପ୍ରାପ୍ତ ଶିକ୍ଷକ ଦୀନକୃଷ୍ଣ ପଣ୍ଡାଙ୍କର (୬୪) ହୃଦ୍‌ଘାତ ଯୋଗୁଁ ଗୁରୁବାର ପରଲୋକ ହୋଇଛ। ତାଙ୍କ ବିୟୋଗରେ ଗୋପବନ୍ଧୁ ଉଚ୍ଚ ବିଦ୍ୟାଳୟ, କଣ୍ଟାବାଡ଼ ନୀଳକଣ୍ଠ ସରକାରୀ ଉଚ୍ଚ ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ଓ ପୁରାତନ ଛାତ୍ରଛାତ୍ରୀଙ୍କ ସମେତ ସ୍ଥାନୀୟ ଅଞ୍ଚଳର ଜନସାଧାରଣ ଶୋକପ୍ରକାଶ କରିଛନ୍ତି। ସେ ଜଣେ ମେଳାପୀ, ଛାତ୍ରବତ୍ସଳ, ଶାନ୍ତ ଓ ସରଳ ବ୍ୟକ୍ତି ଭାବରେ ଜଣାଶୁଣା ଥିବାରୁ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ତାଙ୍କ ମରଶରୀରକୁ ଗ୍ରାମ୍ୟ ପରିକ୍ରମା କରାଯାଇ ପୁରୀ ସ୍ୱର୍ଗଦ୍ୱାରରେ ପୁଅ ସନ୍ତୋଷ ମୁଖାଗ୍ନି ଦେବା ପରେ ଅନ୍ତ୍ୟେଷ୍ଟିକ୍ରିୟା ସମାପନ ହୋଇଥିଲା।



## ଡିଜିଟାଲ୍ ଜୀବନ ପ୍ରମାଣପତ୍ର ଓ ସ୍ୱାସ୍ଥ୍ୟ ସେବା ଶିବିର



ଜଟଣୀ,୧୩।୧୧(ସମିସ): ରେଳବାଇ ପେନ୍‌ସନ୍‌ଭୋଗୀ ଏବଂ ପରିବାର ପେନ୍‌ସନ୍‌ଭୋଗୀଙ୍କୁ ଡିଜିଟାଲ୍ ଜୀବନ ପ୍ରମାଣପତ୍ରର ସୁବିଧା ପ୍ରଦାନ କରିବା କ୍ଷେତ୍ରରେ ଡିଜିଟାଲ୍ ଜୀବନ ପ୍ରମାଣପତ୍ର ଏବଂ ସ୍ୱାସ୍ଥ୍ୟ ଯାଞ୍ଚ ପାଇଁ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଦ୍ୱାରା ମେଗା ଶିବିର ଆୟୋଜିତ ହୋଇଥିଲା। ଅବସରପ୍ରାପ୍ତ ରେଳ କର୍ମଚାରୀ ଏବଂ ସେମାନଙ୍କ ପରିବାର ସଦସ୍ୟମାନେ ବିନା ଅସୁବିଧାରେ ସେମାନଙ୍କର ଡିଜିଟାଲ୍ ଜୀବନ ପ୍ରମାଣପତ୍ର ଦାଖଲ କରିପାରିବେ ଏବଂ ନିରନ୍ତର ପେନ୍‌ସନ୍ ଲାଭ ପାଇପାରିବେ ତାହା ନିଶ୍ଚିତ କରିବା ପାଇଁ ଏହି ପଦକ୍ଷେପ ଦେଶବ୍ୟାପୀ ଅଭିଯାନର ଏକ ଅଂଶ। ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଅଧୀନରେ ବିଭିନ୍ନ ସ୍ଥାନରେ ରହୁଥିବା ପେନ୍‌ସନ୍‌ଭୋଗୀଙ୍କ ପାଇଁ ବ୍ୟାପକ ଅଂଶଗ୍ରହଣ ଏବଂ ସୁବିଧା ସୁନିଶ୍ଚିତ କରିବା ପାଇଁ ଆସନ୍ତା ୧୫ରେ ଭୁବନେଶ୍ୱର (ଷ୍ଟେସନ), ୧୭ରେ କଟକ ରେଲ୍‌ୱେ ଇନ୍‌ଷ୍ଟିଚ୍ୟୁଟ୍, ୧୯ରେ କେନ୍ଦୁଝରଗଡ଼ ରେଲ୍‌ୱେ ଷ୍ଟେସନ, ୨୦ରେ ଅନୁଗୋଳ, ୨୪ରେ ତାଳଚେର ରେଲ୍‌ୱେ ଷ୍ଟେସନ, ୨୭ରେ ଭଦ୍ରକ ରେଲ୍‌ୱେ ଷ୍ଟେସନ ଏବଂ ୨୮ରେ ପାରାଦୀପ (ଏରିଆ ମ୍ୟାନେଜରଙ୍କ ଅଫିସ)ରେ ଏହି ଶିବିର ଆୟୋଜନ କରାଯିବାର ସ୍ଥିର କରାଯାଇଛି। ପେନ୍‌ସନ୍‌ଭୋଗୀ ଏବଂ ପରିବାର ପେନ୍‌ସନ୍‌ଭୋଗୀମାନଙ୍କୁ ସେମାନଙ୍କର ଡିଜିଟାଲ୍ ଜୀବନ ପ୍ରମାଣପତ୍ର ସୁଗମ ଭାବରେ ଦାଖଲ କରିବା ପାଇଁ ନିକଟତମ ସ୍ଥାନରେ ଆୟୋଜନ କରାଯାଉଥିବା ଶିବିରରେ ଯୋଗଦେବାକୁ କୁହାଯାଇଛି। ଯାଞ୍ଚ ଏବଂ ପ୍ରକ୍ରିୟାକରଣ ପାଇଁ ସେମାନଙ୍କୁ ସେମାନଙ୍କର ଆଧାର କାର୍ଡ, ପିପିଓ ନମ୍ବର, ପେନ୍‌ସନ୍ ଆକାଉଣ୍ଟ ନମ୍ବର ଏବଂ ପଞ୍ଜିକୃତ ମୋବାଇଲ୍ ନମ୍ବର (ଆଧାର ସହିତ ଲିଙ୍କ୍) ଆଣିବାକୁ ପରାମର୍ଶ ଦିଆଯାଇଛି।

● ବିଦ୍ୟୁତ୍ ବିଭାଗର ଖାମଖିଆଲି ନୀତି

## ଶିକ୍ଷାନୁଷ୍ଠାନ ଛାତରେ ଝୁଲୁଛି ୩୩ କେଭି ବିଦ୍ୟୁତ୍ ତାର



ବେଗୁନିଆ,୧୩।୧୧(ସମିସ): ବେଗୁନିଆ ବ୍ଲକ୍ ଅନ୍ତର୍ଗତ କଣ୍ଟାବାଡ଼ ରମାମଣି ମହାବିଦ୍ୟାଳୟର ଶ୍ରେଣୀଗୃହର ଛାତ ଉପର ଦେଇ ୩୩ କେଭି ବିଦ୍ୟୁତ୍ ସରବରାହ କେବୁଲ ତାର ବ୍ୟବହାର ହୋଇଛି। ବିଦ୍ୟୁତ୍ ବିଭାଗର ଖାମଖିଆଲି ନୀତି ଯୋଗୁଁ ଏହି ମହାବିଦ୍ୟାଳୟରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କ ମଧ୍ୟରେ କେତେବେଳେ କ'ଣ ଅଘଟଣ ଘଟିବ ତାହା କହିବା ଅସମ୍ଭବ। ଏଥିରେ ଜୀବନ ସୁରକ୍ଷା ଦୃଷ୍ଟିରୁ କେବୁଲ ତାର ସ୍ଥାନାନ୍ତର ପାଇଁ କଲେଜ କର୍ତ୍ତୃପକ୍ଷ ବାରମ୍ବାର ଅବଗତ କରିଥିଲେ ମଧ୍ୟ ବିଦ୍ୟୁତ୍ ବିଭାଗର ନିଦ ଭାଙ୍ଗୁନାହିଁ। ଏହି କେବୁଲ୍ ତାର ହାତ ପାଖରେ ଥିବା ଯୋଗୁଁ କେତେବେଳେ ବିପଦକୁ ଡାକି ଆଣିବାର ଯଥେଷ୍ଟ ସମ୍ଭାବନା ଥିବାରୁ କଲେଜ କର୍ତ୍ତୃପକ୍ଷଙ୍କ ସମେତ କର୍ମଚାରୀମାନେ ଭୟଭୀତ ଅବସ୍ଥାରେ ରହିଛନ୍ତି। ଏପରିକି ମହାବିଦ୍ୟାଳୟ ପରିସରରେ ଥିବା ଖେଳପଡ଼ିଆ ମଧ୍ୟରେ ଦୁଇଟି ଖୁଣ୍ଟ ବାଧକ ସାଜିଥିବାରୁ ଛାତ୍ରଛାତ୍ରୀମାନେ ବିଭିନ୍ନ ପ୍ରକାର ଖେଳରୁ ବଞ୍ଚିତ ହେଉଛନ୍ତି। ଏହି କେବୁଲ ତାର ଓ ଖୁଣ୍ଟ ହଟାଇବାକୁ ସଚେତନ ନାଗରିକମାନେ ଦାବି କରିଛନ୍ତି।

● କାଞ୍ଜିଅଁଳାରେ ନିଆରା ପରମ୍ପରା

## ଶୁଖୁଆ ବୋହୂଙ୍କୁ ମୁଣ୍ଡିଆ ମାରିଲେ ଶାଶୂ

ଖୋର୍ଦ୍ଧା,୧୩।୧୧(ସମିସ): ଗୁରୁବାର ଥିଲା କାଞ୍ଜିଅଁଳା ନବମୀ। ପରମ୍ପରା ଅନୁସାରେ ସନ୍ଧ୍ୟାରେ ଏହି ପର୍ବ ପାଳନ ସମୟରେ ବୋହୂଙ୍କୁ ଶାଶୂମାନେ ମୁଣ୍ଡିଆ ମାରିଥିଲେ। ସନ୍ଧ୍ୟାରେ ଘରର ଅଗଣାରେ ଅସ୍ଥାୟୀଭାବେ ଏକ ଛୋଟିଆ ପୋଖରୀ ଖୋଳାଯାଇ ତାରି କୂଳରେ ଏକ ମାଟିରେ କୁମ୍ଭୀର ହୋଇଥିଲା। ପୂର୍ବ ଦିଗରେ ପୋଖରୀ କୂଳରେ ପଶ୍ଚିମକୁ ମୁହଁ କରି ନୂତନ ପିଢ଼ା ଓ ତା' ଉପରେ ୭ଟି ପିତା ଶୁଖୁଆକୁ ହଳଦୀ କନାରେ ଗୁଡ଼ାଇ ରଖାଯାଇଥିଲା। ଏପରିକି ପିତା ଶୁଖୁଆକୁ ସିନ୍ଦୂର ଓ କଜ୍ଜଳ ଲଗାଇ ବୋହୂ ବେଶରେ ସଜାଯାଇଥିଲା। ପୋଖରୀ କୂଳରେ ଘରର ବୟୋଜ୍ୟେଷ୍ଠ ସଧବାନାରୀମାନେ ଏହି ପିତା ଶୁଖୁଆରେ ତିଆରି ହୋଇଥିବା ବୋହୂଙ୍କୁ ମୁଣ୍ଡିଆ ମାରି ବନ୍ଦାପନା କରିଥିଲେ। ଏଥିସହିତ ସ୍ୱତନ୍ତ୍ରଭାବରେ ପୋଖରୀ ଚାରିପଟେ ଖୋଳାଯାଇଥିବା ଏକ ନାଳରେ ଗଡ଼ିଶା ମାଛକୁ ଛଡ଼ାଯାଇଥିବାବେଳେ ଉକ୍ତ ନାଳରେ ସେ ଖେଳୁଥିବା ଦେଖାଯାଇଛି। ଚାଷୀଭାଇ କାଞ୍ଜିଅଁଳା ପରେ ପାଚିଲା ଧାନ ଅମଳ କରିବାକୁ କ୍ଷେତକୁ ଯାଇଥାଏ। କ୍ଷେତରେ ବାଲୁଙ୍ଗା ନ ହୋଇ ଭଲ ଧାନ ଅମଳ ଲାଗି ଚନ୍ଦ୍ର ଦେବତାଙ୍କୁ ପ୍ରାର୍ଥନା କରିଥାଏ। ସେଥିପାଇଁ ବାଲୁଗାଁ ଓ ଧାନକୁ ଏକତ୍ର କରାଯାଇଥାଏ। ଏହାସହ ଭାଇଚାରାର ବାର୍ତ୍ତା ଦେଇଥାଏ କାଞ୍ଜିଅଁଳା ପରମ୍ପରା।



## ମହାବୀରଙ୍କ ଚୋରି ସାମଗ୍ରୀ ଉଦ୍ଧାର

ଟ୍ରେନ୍‌ରୁ ଖସିପଡ଼ି ଦୁଇ ଚୋର ଗୁରୁତର

ବାଲୁଗାଁ,୧୩।୧୧(ସମିସ): ହନୁମାନଙ୍କ ମନ୍ଦିରରୁ ସପ୍ତାହକ ପୂର୍ବେ ରୁପା ଅଳଙ୍କାର ଓ ପିତଳ ସାମଗ୍ରୀ ଚୋରି ହୋଇଥିବାବେଳେ ବାଣପୁର ପୁଲିସ ବର୍ତ୍ତମାନ ସେସବୁକୁ ଉଦ୍ଧାର କରିଛି। ଟ୍ରେନ୍‌ରୁ ଖସିପଡ଼ି ଗୁରୁତର ଭାବେ ଆହତ ହୋଇ ବ୍ରହ୍ମପୁର ଡାକ୍ତରଖାନାରେ ଚିକିତ୍ସାଧୀନ ଥିବା ରିତିକ୍ ମହାପାତ୍ରଠାରୁ ଚୋରି ସାମଗ୍ରୀ ଜବତ ହୋଇଥିବାବେଳେ ରିତିକ୍‌ର ଅନ୍ୟ ଜଣେ ସହଯୋଗୀ ଫେରାର୍ ହୋଇଯାଇଥିବା ସୂଚନା ମିଳିଛି। ତେବେ ଦୁଇ ଅଭିଯୁକ୍ତ ମନ୍ଦିରରୁ ଚୋରି କରିବା ପରେ ଟ୍ରେନ୍‌ରୁ ଖସିପଡ଼ି ଗୁରୁତର ଆହତ ହୋଇଥିବାରୁ ମହାବୀର ଚୋରଙ୍କୁ ଉଚିତ୍ ଦଣ୍ଡ ଦେଲେ ବୋଲି ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚା ହେଉଛି। ସୂଚନା ମୁତାବକ, ବାଣପୁର ବାଲୁଗାଁ ମୁଖ୍ୟ ରାସ୍ତାର ଅଲାଇଡିହ ଛକ ନିକଟରେ ଥିବା ଶ୍ରୀମହାବୀର ମନ୍ଦିରରୁ ଗତ ୬ ତାରିଖ ଅପରାହ୍ଣରେ କେହି ଦୁର୍ବୃତ୍ତ ମହାବୀରଙ୍କ ରୁପା କିରଟି ସମେତ ପିତଳ ଖଟୁଲି ଓ ଏକ ବଡ଼ ଘଣ୍ଟି ଚୋରି କରି ନେଇଥିଲା। ଏନେଇ ମନ୍ଦିର ଟ୍ରଷ୍ଟ ପକ୍ଷରୁ ଅଭିଯୋଗ ହେବାରେ ବାଣପୁର ପୁଲିସ ଏକ ମୋକଦ୍ଦମା ରୁଜୁ କରି ଘଟଣାର ତଦନ୍ତ ଚଳାଇଥିଲା। ଗତ ୧୦ ତାରିଖ ଦିନ ରିତିକ୍ ନିଜର ସହଯୋଗୀ ସହ ଟ୍ରେନ୍‌ରେ ଯାଉଥିବାବେଳେ ବାଲୁଗାଁ ନିକଟସ୍ଥ କାଳିଜାଇ ରେଳ ଷ୍ଟେସନ ନିକଟରେ ଉଭୟେ ଟ୍ରେନ୍‌ରୁ ଖସିପଡ଼ିଥିଲେ। ରିତିକଙ୍କ ଗୋଟିଏ ଗୋଡ଼ ଭାଙ୍ଗି ଯାଇଥିବାବେଳେ ତାଙ୍କ ସହଯୋଗୀର ଗୋଟିଏ ହାତ ଭାଙ୍ଗି ଯାଇଥିଲା। ତେବେ ରିତିକଙ୍କ ସହଯୋଗୀ ସେଠାରୁ ଫେରାର ହୋଇଯାଇଥିବା ବେଳେ ସ୍ଥାନୀୟ ଲୋକମାନେ ଚିକିତ୍ସା ପାଇଁ ରିତିକ୍‌କୁ ଗଞ୍ଜାମ ଜିଲ୍ଲା ଖଲ୍ଲିକୋଟ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ମାତ୍ର ଅବସ୍ଥା ଗୁରୁତର ଥିବାରୁ ଅଧିକ ଚିକିତ୍ସା ପାଇଁ ତାକୁ ବ୍ରହ୍ମପୁର ଏମ୍‌କେସିଜି ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ଡାକ୍ତରଖାନାରୁ ଖବର ପାଇ ମେଡିକାଲ ଫାଣ୍ଡି ପୁଲିସ ପହଞ୍ଚି ତଦନ୍ତ କରିବାରେ ରିତିକ୍‌ର ବ୍ୟାଗ୍‌ରୁ ମନ୍ଦିରର ଚୋରି ସାମଗ୍ରୀ ସମେତ ଦୁଇଟି ମୋବାଇଲ୍ ଜବତ କରିଥିଲା। ତଦନ୍ତ ସମୟରେ ରିତିକ୍‌ର ଘର ବାଣପୁର ବୋଲି ଜଣାପଡ଼ିବା ପରେ ଫାଣ୍ଡି ପୁଲିସ ଏନେଇ ବାଣପୁର ପୁଲିସକୁ ଖବର ଦେଇଥିଲା। ଗୁରୁବାର ବାଣପୁର ପୁଲିସ ମନ୍ଦିର ଟ୍ରଷ୍ଟ କର୍ମକର୍ତ୍ତାଙ୍କ ସହ ଡାକ୍ତରଖାନାରେ ପହଞ୍ଚି ଚୋରି ସାମଗ୍ରୀ ଉଦ୍ଧାର କରି ଟ୍ରଷ୍ଟ କର୍ମକର୍ତ୍ତାଙ୍କୁ ଜିମା ଦେଇଛି। ଜବତ ସାମଗ୍ରୀର ମୂଲ୍ୟ ପ୍ରାୟ ୨୫ ହଜାର ଟଙ୍କା ହେବ ବୋଲି ଅନୁମାନ କରାଯାଇଥିବାବେଳେ ରିତିକର ଅନ୍ୟତମ ସହଯୋଗୀକୁ ଧରିବା ପାଇଁ ପୁଲିସ ତଦନ୍ତ ଜାରି ରଖିଛି।

## ଫାଷ୍ଟଫୁଡ୍ ଦୋକାନରୁ ଗଞ୍ଜେଇ ଜବତ

ଖୋର୍ଦ୍ଧା,୧୩।୧୧(ସମିସ): ଶିଳ୍ପାଞ୍ଚଳ ପୁଲିସ ଜଟଣୀ ବାଇପାସ୍ ନିକଟରେ ଥିବା ଏକ ଫାଷ୍ଟଫୁଡ୍ ଦୋକାନ ଭିତରୁ ଗଞ୍ଜେଇ ଜବତ କରିଛି। ଏହି ଘଟଣାରେ ପୁଲିସ ଜଣେ ବେପାରୀକୁ ଗିରଫ କରିଛି। ଗିରଫ ଜଣକ ହେଲେ ସ୍ଥାନୀୟ ଚାଟେରା ଶବର ସାହିର ରାଜେଶ ଚନ୍ଦ୍ର ମାଝୀ ଓରଫ ରାଜା। ତାଙ୍କଠାରୁ ପୁଲିସ ୭ କେଜି ୩୨୦ ଗ୍ରାମ୍ ଓଜନର ଗଞ୍ଜେଇ ଜବତ କରିଛି। ପୁଲିସ ସୂଚନା ଅନୁସାରେ, ରାଜା ତାଙ୍କର ଦୁଇଜଣ ସହଯୋଗୀଙ୍କଠାରୁ ମାଲ୍ ଧରି ଆସୁଥିବା ପୁଲିସ ବିଶେଷ ସୂତ୍ରରୁ ଖବର ପାଇଥିଲା। ଗୁରୁବାର ପୂର୍ବାହ୍ଣରେ ଗଞ୍ଜେଇ ଆଣି ତାଙ୍କ ଫାଷ୍ଟଫୁଡ୍ ଦୋକାନ ଭିତରେ ରଖିବାବେଳେ ପୁଲିସ ଚଢ଼ଉ କରି ଗଞ୍ଜେଇ ଜବତ କରିଛି। ଏହି ଘଟଣାରେ ପୁଲିସ ଏକ ମାମଲା ରୁଜୁ କରି ରାଜାଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ଏଥିରେ ସମ୍ପୃକ୍ତ ଅନ୍ୟ ଦୁଇଜଣଙ୍କୁ ମଧ୍ୟ ଖୁବ୍‌ଶୀଘ୍ର ଧରାଯିବ ବୋଲି ଥାନାଧିକାରୀ ଉମେଶ ସାହୁ ସୂଚନା ଦେଇଛନ୍ତି।

# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା



ବୋଲଗଡ଼,୧୩।୧୧(ସମିସ)

ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ବ୍ଲକ୍ ସଦର ମହକୁମା ବାମନ ହାଇସ୍କୁଲ ପ୍ରାଙ୍ଗଣରେ ଗୁରୁବାର ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗର ଏକ ପ୍ରଦର୍ଶନୀ ଓ ଜନସଚେନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ମତ୍ସ୍ୟ ଚାଷ ଓ ପଶୁପାଳନ କରି ଚାଷୀମାନେ କିଭଳି ସ୍ୱାବଲମ୍ବୀ ହୋଇପାରିବେ ଓ ସଜହ ଏବଂ ସୁବିଧାରେ ଋଣ ନେବା ସହିତ ସରକାରୀ ପ୍ରୋତ୍ସାହନ ପାଇପାରିବେ ଏସଂକ୍ରାନ୍ତରେ ଜନସାଧାରଣଙ୍କୁ ସୂଚନା ଦେବା ଏହି ମେଳାର ମୁଖ୍ୟ ଉଦ୍ଦେଶ୍ୟ ଥିଲା। ଏହି ବ୍ଲକ୍‌ସ୍ତରୀୟ କାର୍ଯ୍ୟକ୍ରମରେ ସ୍ଥାନୀୟ ବିଧାୟକ ପ୍ରଦୀପ କୁମାର ସାହୁ ମୁଖ୍ୟ ଅତିଥି, ବ୍ଲକ୍ ଅଧ୍ୟକ୍ଷ ହୁଲ୍ଲାସ ପ୍ରଧାନ ମୁଖ୍ୟବକ୍ତା, ଉପାଧ୍ୟକ୍ଷ ରମେଶ ଚନ୍ଦ୍ର ସାହୁ, ଜିଲ୍ଲା ପରିଷଦ ସଭ୍ୟ ସୁବାସ ଚନ୍ଦ୍ର ରାୟଗୁରୁ, ପ୍ରଦୀପ ଛୋଟରାୟ, ଜିଲ୍ଲା ସରକାରୀ ମତ୍ସ୍ୟ ପାଳନ ଅଧିକାରୀ ରାକେଶ ଚନ୍ଦ୍ର ପାତ୍ର, ଖୋର୍ଦ୍ଧା ଜିଲ୍ଲା ପଶୁପାଳନ କେନ୍ଦ୍ର ମୁଖ୍ୟ ସଦାଶିବ ମହାପାତ୍ର, ବ୍ଲକ୍ ମତ୍ସ୍ୟ ପାଳନ ସହକାରୀ ଅଧିକାରିଣୀ ଫ୍ଲୋରା ମହାନ୍ତି, ଏବିଡିଓ ରାଜେଶ କୁମାର ସେଠୀ ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମରେ ସହକାରୀ ଗୋଷ୍ଠୀ ଉନ୍ନୟନ ଅଧିକାରୀ ରତିକାନ୍ତ ମିଶ୍ର ସଭାକୁ ପରିଚାଳନା କରିଥିବାବେଳେ ବ୍ଲକ୍ ମୁଖ୍ୟ ପ୍ରାଣୀଧନ ଅଧିକାରୀ ଡା. ପ୍ରକାଶ ଚନ୍ଦ୍ର ନାୟକ ସ୍ୱାଗତ ଭାଷଣ ଦେଇଥିଲେ। ପରିଶେଷରେ ସହକାରୀ ମତ୍ସ୍ୟ ଅଧିକାରୀ ଫ୍ଲୋରା ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ବ୍ଲକ୍‌ର ପଶୁପାଳନ, ମତ୍ସ୍ୟଚାଷ ଓ କୃଷକ ଭାବରେ ୮ ଜଣ ଚାଷୀଙ୍କୁ ଉପଢ଼ୌକନ ଓ ମାନପତ୍ର ଦେଇ ସମ୍ମାନିତ କରାଯାଇଥିଲା। ବିଭିନ୍ନ ବିଭାଗ ପକ୍ଷରୁ ୧୨ଟି ଷ୍ଟଲ୍ ଖୋଲାଯାଇ ପ୍ରଦର୍ଶନ ବାର୍ତ୍ତା ପ୍ରଦାନ କରାଯାଇଥିଲା।

ଜଟଣୀ: ଜଟଣୀ ପ୍ରାଣୀ ଚିକିତ୍ସାଳୟ କ୍ୟାମ୍ପସ୍‌ରେ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ବିଡିଓ ବସନ୍ତ କୁମାର ହାତୀ, ତହସିଲ୍‌ଦାର ଶିବାଶିଷ ପରିଡ଼ା, ପୌରାଧ୍ୟକ୍ଷ ଅନନ୍ତ ବେହେରା, ବିଡିଓ ଆଶିଷ ପଟ୍ଟନାୟକ, ଭିଏସ୍ ପୁଣ୍ୟପ୍ରଭା ଶତପଥୀ, ଶୁଭଶ୍ରୀ ଷଡ଼ଙ୍ଗୀ, ମୋବାଇଲ୍ ଭେଟରିନାରି ୟୁନିଟ୍‌ର ଅନୁପମା ଜେନା ଯୋଗଦେଇଥିଲେ। ଏହି ଅବସରରେ ବ୍ଲକ୍‌ର ୮ ଜଣ ଚାଷୀଙ୍କୁ ପୁରସ୍କୃତ କରାଯାଇଥିଲା। ଏଥିରେ ୪ଜଣ ମତ୍ସ୍ୟ ପାଇଁ ପୁରସ୍କୃତ ହୋଇଥିବାବେଳେ ଅନ୍ୟମାନେ ଗୋପାଳନ, ଛେଳି, କୁକୁଡ଼ା ଓ ମହିଳା ଏସ୍‌ଏଚ୍‌ଜିକୁ ପୁରସ୍କୃତ କରାଯାଇଥିଲା। କ୍ୟାମ୍ପସ୍‌ରେ ୧୨ଟି ଷ୍ଟଲ୍ ପଡ଼ିଥିଲା। ଏଥିରେ ମତ୍ସ୍ୟ ଓ କୁକୁଡ଼ା ପାଳନ ଉପରେ ପରାମର୍ଶ ଦିଆଯାଇଥିଲା।



## କାର୍ଯ୍ୟ ଚାପ ପରିଚାଳନା ଓ ବୃତ୍ତିଗତ କାର୍ଯ୍ୟଦକ୍ଷତା କର୍ମଶାଳା



ଜଟଣୀ,୧୩।୧୧(ସମିସ): ପୂର୍ବତଟ ରେଳପଥ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ପକ୍ଷରୁ ଗୁରୁବାର ସଭାଗୃହ କକ୍ଷରେ ଅଧିକାରୀ ଏବଂ କର୍ମଚାରୀଙ୍କ ପାଇଁ କାର୍ଯ୍ୟ ଚାପ ପରିଚାଳନା ଏବଂ ବୃତ୍ତିଗତ କାର୍ଯ୍ୟଦକ୍ଷତା ସମ୍ବନ୍ଧରେ ଏକ ଆଲୋଚନାଚକ୍ର ଆୟୋଜନ କରାଯାଇଥିଲା। ଏହାର ଉଦ୍ଦେଶ୍ୟ ଥିଲା ସୁରକ୍ଷିତ ରେଳ ପରିଚାଳନା ସୁନିଶ୍ଚିତ କରିବା ପାଇଁ କାର୍ଯ୍ୟ ଚାପ ଓ ମାନସିକ ଚାପ ନିୟନ୍ତ୍ରଣ, ମାନସିକ ସୁସ୍ଥତା ଏବଂ ବୃତ୍ତିଗତ ଦକ୍ଷତା ଉପରେ ସଚେତନତା ବୃଦ୍ଧି କରିବା। ବ୍ରହ୍ମାକୁମାରୀ ମୁଖ୍ୟାଳୟ, ମାଉଣ୍ଟଆବୁର ପ୍ରସିଦ୍ଧ ପ୍ରେରଣାଦାୟକ ବକ୍ତା, ପ୍ରଶିକ୍ଷକ ଏବଂ ପରାମର୍ଶଦାତା ଡ. ଇ.ଭି. ସ୍ୱାମୀନାଥନ ଏହି ଅଧିବେଶନରେ ବକ୍ତା ଭାବରେ ଯୋଗଦେଇଥିଲେ। ରେଳବାଇରେ ଅଧିକାଂଶ ଦୁର୍ଘଟଣା ମାନବ ବିଫଳତା ଯୋଗୁଁ ଘଟେ ଏବଂ କାରଣ ହେଉଛି ମାନସିକ କଷ୍ଟ। ଯେତେବେଳେ ବାହ୍ୟ ଚାପ ଆଭ୍ୟନ୍ତରୀଣ ମୁକାବିଲା କ୍ଷମତାକୁ ଅତିକ୍ରମ କରେ ସେତେବେଳେ ସେ ଚାପର କାରଣ ବ୍ୟାଖ୍ୟା କରିଥିଲେ। ଚାପକୁ ନିୟନ୍ତ୍ରଣ କରିବା ପାଇଁ ଟ୍ରେନ୍ ପରିଚାଳନାରେ ସୁରକ୍ଷା ଓ ଦକ୍ଷତା ପାଇଁ ଧ୍ୟାନ ଏବଂ ସକାରାତ୍ମକ ଚିନ୍ତାଧାରା ମାଧ୍ୟମରେ ଆଭ୍ୟନ୍ତରୀଣ ଶକ୍ତିକୁ ଉନ୍ନତ କରିବା ଅତ୍ୟନ୍ତ ଆବଶ୍ୟକ ବୋଲି ସେ କହିଥିଲେ। ଏହି ଆଲୋଚନାଚକ୍ରରେ ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ (ପରିଚାଳନା) ପି.କେ. ବେହେରା ଏବଂ ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ (ଭିତ୍ତିଭୂମି) ଶୁଭ୍ରଜ୍ୟୋତି ମଣ୍ଡଳ, ଅଧିକାରୀ ଏବଂ ବରିଷ୍ଠ ପର୍ଯ୍ୟବେକ୍ଷକ କର୍ମଚାରୀମାନେ ଏହି ସେମିନାରରେ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ଖୋର୍ଦ୍ଧା ରେଳମଣ୍ଡଳର ବରିଷ୍ଠ ମଣ୍ଡଳ ସୁରକ୍ଷା ଅଧିକାରୀ ନମୋନାରାୟଣ ମୀନାଙ୍କ ଦ୍ୱାରା ସଂଯୋଜନା କରାଯାଇଥିଲା।

## ୨୭ରେ ବିଧାନସଭା ଶୀତ ଅଧିବେଶନକୁ ସମ୍ବୋଧିତ କରିବେ ରାଷ୍ଟ୍ରପତି

# ଗସ୍ତ ପୂର୍ବରୁ ମୁଖ୍ୟ ସଚିବଙ୍କ ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ



ଭୁବନେଶ୍ୱର,୧୩।୧୧(ସମିସ): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନଭେମ୍ବର ୨୭ରେ ଓଡ଼ିଶା ଗସ୍ତରରେ ଆସିବେ। ଏହି ଗସ୍ତରେ ରାଷ୍ଟ୍ରପତି ଓଡ଼ିଶା ବିଧାନସଭାକୁ ସମ୍ବୋଧିତ କରିବା ସହ ରାଜଭବନରେ ନୂଆ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କରିବେ। ରାଷ୍ଟ୍ରପତିଙ୍କ ଏହି ଗସ୍ତ ପରିପ୍ରେକ୍ଷୀରେ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ ଉଚ୍ଚସ୍ତରୀୟ ପ୍ରସ୍ତୁତି ବୈଠକ କରାଯାଇଛି। ଗୁରୁବାର ପୂର୍ବାହ୍ଣରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନରେ ଏହି ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ ବସିଥିବା ବେଳେ ପରେ ପରେ ଅପରାହ୍ଣରେ ଓଡ଼ିଶା ବିଧାନ ସଭାରେ ସ୍ୱତନ୍ତ୍ର ପ୍ରକୋଷ୍ଠରେ ମଧ୍ୟ ବାଚସ୍ପତିଙ୍କ ଅଧ୍ୟକ୍ଷତାରେ ଏକ ବୈଠକ କରାଯାଇଛି।

ଓଡ଼ିଶା ଗସ୍ତ ପୂର୍ବରୁ ଆଗାମୀ ନଭେମ୍ବର ୨୦ ତାରିଖରେ ମଧ୍ୟ ରାଷ୍ଟପତି ଓଡ଼ିଶାର ଝାରସୁଗୁଡ଼ା ଦେଇ ଛତିଶଗଡ଼ ଯିବାର ଏକ କାର୍ଯ୍ୟକ୍ରମ ରହିଛି। ଏଥିପାଇଁ ମଧ୍ୟ ରାଜ୍ୟ ସରକାରଙ୍କ ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଉଥିବା ଜଣାପଡ଼ିଛି। ୨୦ରେ ରାଷ୍ଟ୍ରପତି ଛତିଶଗଡ଼ର ଅମ୍ବିକାପୁର ଠାରେ "ଜନ ଜାତୀୟ ଗୌରବ ଦିବସ' କାର୍ଯ୍ୟକ୍ରମରେ ଯୋଗଦେବେ। ଏହି ପରିପ୍ରେକ୍ଷୀରେ ରାଷ୍ଟ୍ରପତି ସେଦିନ ସକାଳ ୮ଟା ୨୫ରେ ନୂଆ ଦିଲ୍ଲୀରୁ ସ୍ୱତନ୍ତ୍ର ବାୟୁସେନା ବିମାନ ଯୋଗେ ବାହାରି ସକାଳ ୧୦ଟା ୫ରେ ଝାରସୁଗୁଡ଼ାସ୍ଥିତ ବୀର ସୁରେନ୍ଦ୍ର ସାଏ ବିମାନ ବନ୍ଦରରେ ଅବତରଣ କରିବେ। ସେଠାରୁ ସେ ବାୟୁସେନାର ସ୍ୱତନ୍ତ୍ର ହେଲିକେପ୍ଟର ଯୋଗେ ଛତିଶଗଡ଼ ଯାଇ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେବେ। ପୁନଶ୍ଚ ରାଷ୍ଟ୍ରପତି ଝାରସୁଗୁଡ଼ା ଦେଇ ସେଦିନ ଅପରାହ୍ନ ୧ ଟା ୪୫ ସୁଦ୍ଧା ସେ ଆନ୍ଧ୍ରପ୍ରଦେଶ ଗସ୍ତ କରିବାର କାର୍ଯ୍ୟକ୍ରମ ରହିଛି। ନଭେମ୍ବର ୨୦ ତାରିଖରେ ରାଷ୍ଟ୍ରପତିଙ୍କ ଝାରସୁଗୁଡାଠାରେ ଅବତରଣ ଏବଂ ସେଠାରେ ଜରୁରୀ ଆବଶ୍ୟକତାକୁ ଦୃଷ୍ଟିରେ ସାମୟିକ ରହଣି ନିମନ୍ତେ ଜିଲ୍ଲାପାଳ ଓ ଏସପି ଝାରସୁଗୁଡାଙ୍କ ସହିତ ପ୍ରସ୍ତୁତି ସଂପର୍କରେ ଆଲୋଚନା କରାଯାଇଛି।

**୨୭ ଅପରାହ୍ଣ ୨ରେ ପହଞ୍ଚି ୨୮ ସକାଳ ୯.୩୫ରେ ଓଡ଼ିଶା ଛାଡ଼ିବେ ରାଷ୍ଟ୍ରପତି**

**ରାଜଭବନ ନୂଆ କଳିଙ୍ଗ ଅତିଥି ନିବାସର ହେବ ଉଦ୍‌ଘାଟନ**

**ନଭେମ୍ବର ୨୦ରେ ଝାରସୁଗୁଡ଼ା ଦେଇ ଛତିଶଗଡ଼ ଯିବେ ରାଷ୍ଟ୍ରପତି**

ସେହିପରି ନଭେମ୍ବର ୨୭ ତାରିଖରେ ଭୁବନେଶ୍ୱର ଗସ୍ତ କାର୍ଯ୍ୟକ୍ରମ ପାଇଁ ରାଷ୍ଟ୍ରପତି ୧୧ ଟା ୫୦ରେ ନୂଆ ଦିଲ୍ଲୀରୁ ସ୍ୱତନ୍ତ୍ର ବିମାନ ଯୋଗେ ବାହାରି ଅପରାହ୍ଣ ୨ ଟା ସମୟରେ ଭୁବନେଶ୍ୱର ବିମାନ ବନ୍ଦରରେ ଅବତରଣ କରି ରାଜଭବନରେ ପହଞ୍ଚିବେ। ମଧ୍ୟାହ୍ନ ବିରତି ପରେ ରାଷ୍ଟ୍ରପତି ଅପରାହ୍ଣ ୪ ଟାରେ ରାଜଭବନ ସ୍ଥିତ ନୂଆ କଳିଙ୍ଗ ଅତିଥି ନିବାସର ଗୃହ ଉଦ୍‌ଘାଟନ କରିବେ। ଅପରାହ୍ଣ ୪.୨୦ରେ ସେ ଓଡ଼ିଶା ବିଧାନସଭାରେ ପହଞ୍ଚିବେ ଏବଂ ୪.୩୦ରୁ ୫.୩୦ ପର୍ଯ୍ୟନ୍ତ ବିଧାନସଭାର ସଦସ୍ୟ ସଦସ୍ୟାମାନଙ୍କୁ ସମ୍ବୋଧନ କରିବେ। ପରେ ପରେ ସେଦିନ ରାଷ୍ଟ୍ରପତି ରାଜଭବନଠାରେ ରାଜ୍ୟପାଳଙ୍କ ପକ୍ଷରୁ ଆୟୋଜିତ ରାତ୍ରଭୋଜନ କାର୍ଯ୍ୟକ୍ରମରେ ଯୋଗଦେବେ ଓ ପରଦିନ ୨୮ ତାରିଖ ସକାଳୁ ୯ ଟା ୩୫ରେ ଭୁବନେଶ୍ୱର ବିମାନବନ୍ଦରରୁ ବାହାରି ଲକ୍ଷ୍ନୌ ବିମାନ ବନ୍ଦର ଅଭିମୁଖେ ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟକ୍ରମ ରହିଛି। ୨୭ ତାରିଖରେ ରାଷ୍ଟ୍ରପତିଙ୍କ ଆଗମନ ଠାରୁ ପ୍ରତ୍ୟାବର୍ତ୍ତନ ପର୍ଯ୍ୟନ୍ତ ସମସ୍ତ ପ୍ରସ୍ତୁତି ସଂପର୍କରେ ଆଲୋଚନା କରାଯାଇଛି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଉନ୍ନୟନ କମିଶନର ଅନୁ ଗର୍ଗ, ସ୍ୱରାଷ୍ଟ୍ର ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ, ରାଜ୍ୟ ପୁଲିସ ମହା ନିର୍ଦ୍ଦେଶକ ୱାଇବି ଖୁରାନିଆ, ଅଗ୍ନିସେବା ଡିଜି ଡଃ ସୁଧାଂଶୁ ଷଡ଼ଙ୍ଗୀଙ୍କ ସମେତ ରାଜ୍ୟ ସରକାରଙ୍କ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

■ ଦୀର୍ଘ ଦିନ ପରେ ଦାବି ପୂରଣ କଲା ରେଳ ବିଭାଗ

## ଇସ୍ପାତ ଏକ୍ସପ୍ରେସ୍ ଜୁନାଗଡ଼ ପର୍ଯ୍ୟନ୍ତ ସମ୍ପ୍ରସାରିତ ହେବ



କେସିଙ୍ଗା,୧୩।୧୧(ସମିସ): କଳାହାଣ୍ଡି ଜିଲ୍ଲା କେସିଙ୍ଗା ଅଞ୍ଚଳବାସୀଙ୍କ ଏକ ଦଶନ୍ଧିରୁ ହେଉଥିବା ଏକ ଦାବି ଭାରତୀୟ ରେଳ ବିଭାଗ ପୂରଣ କରିଛି। ରେଳ ବିଭାଗର ଚିଠି ସଂଖ୍ୟା ସିସି ୨୭୧/୨୦୨୫ ତାରିଖ ୩୧.୧୦.୨୫ ଅନୁଯାୟୀ ରେଳ ବିଭାଗ ହାୱଡା ଟିଟଲାଗଡ ଏକ୍ସପ୍ରେସ୍ ଟ୍ରେନକୁ ଜୁନାଗଡ଼ ପର୍ଯ୍ୟନ୍ତ ସମ୍ପ୍ରସାରଣ ପାଇଁ ଆଦେଶ ଦେଇଛି।ଆଗରୁ ଉକ୍ତ ଟ୍ରେନଟି ହାୱଡାରୁ ଆସି ଟିଟଲାଗଡ଼ରେ ରହି ଯାଉଥିଲା ।ବର୍ତ୍ତମାନ ସେହି ଟ୍ରେନ ଟିଟଲାଗଡ଼ରେ ନ ରହି ଜୁନାଗଡ଼ ପର୍ଯ୍ୟନ୍ତ ଯିବ କେବେ ଠୁ ଚଳାଚଳ କରିବ ଖବର ନ ଥିଲେ ମଧ୍ୟ ବହୁତ ଶୀଘ୍ର ଏହା ଚଳାଚଳ କରିବ ବୋଲି ଶୁଣିବାକୁ ମିଳୁଛି। ଏହା ଜିଲ୍ଲାବାସୀଙ୍କ ପାଇଁ ନିହାତି ପକ୍ଷେ ଖୁସିର ବିଷୟ। ଏଥିପାଇଁ ରେଳ ବିଭାଗକୁ ଜିଲ୍ଲାବାସୀଙ୍କ ପକ୍ଷରୁ ବହୁତ ବହୁତ ଧନ୍ୟବାଦ।ଏହି ଟ୍ରେନ ଚଳାଚଳ ପାଇଁ କେସିଙ୍ଗାର ରେଳ ଯାତ୍ରୀ ସଂଘ ସମେତ କେସିଙ୍ଗା ସିଟିଜନ ଫୋରମ ଅନେକ ଦିନରୁ ଦାବି କରିଆସୁଥିଲେ।ଯାହାବି ହେଉ ବିଳମ୍ବରେ ହେଲେ ମଧ୍ୟ ଦାବି ପୂରଣ ହେଇଛି। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟର ହସ୍ତକ୍ଷେପ ପରେ ରେଳ ବିଭାଗ ତତ୍ପର ଦେଖାଇ ଟ୍ରେନ ଚଳାଚଳ ପାଇଁ ନିଷ୍ପତ୍ତି ନେଇଛି।କିନ୍ତୁ ଅଞ୍ଚଳବାସୀଙ୍କ ରେଳ ବିଭାଗକୁ ଦେଇଥିବା ଦାବିପତ୍ର ମଧ୍ୟରୁ ପ୍ରମୁଖ ଦାବି କେସିଙ୍ଗାରୁ ସିଧା ସଳଖ ଟ୍ରେନ ଆଜି ପର୍ଯ୍ୟନ୍ତ ପୂରଣ ହୋଇନାହିଁ। ସେଥିପାଇଁ ବୁଦ୍ଧିଜିବୀ ମହଲରେ ଅସନ୍ତୋଷ ରହିଛି।ବର୍ତ୍ତମାନ ଦେଖିବାକୁ ବାକି ରହିଲା ରେଳ ବିଭାଗ କେବେ ଅଞ୍ଚଳବାସୀଙ୍କ ପ୍ରମୁଖ ଦାବି ରାଜଧାନୀ ପାଇଁ ସିଧାସଳଖ ଟ୍ରେନ ଚଳାଚଳ ପାଇଁ ବିଭାଗୀୟ ଚିଠି ଜାରି କରୁଛି।

## ବିଦ୍ୟୁତ୍ ଖୁଣ୍ଟକୁ ଧକ୍କା ଦେଇ କାରରୁ ଇଞ୍ଜିନ ଅଲଗା

ବରଗଡ଼,୧୩।୧୧(ସମିସ): ବରଗଡ଼ ବରଡୋଲ ରାସ୍ତାରେ ଭୟଙ୍କର ସଡ଼କ ଦୁର୍ଘଟଣାର ଚିତ୍ର ସାମ୍ନାକୁ ଆସିଛି। ଏକ କାର୍ ପବନ ବେଗରେ ଆସି ବିଦ୍ୟୁତ୍ ଖୁଣ୍ଟକୁ ଧକ୍କା ଦେଇଥିଲା। ଧକ୍କା ଏତେ ଭୀଷଣ ଥିଲା ଯେ ଗାଡ଼ିର ଇଞ୍ଜିନ ଗାଡ଼ିରୁ ବାହରକୁ ଛିଟିକି ପଡ଼ିଥିଲା। ଏ ସମସ୍ତ ଘଟଣା ସିସିଟିଭିରେ କଏଦ ହୋଇଛି। ଦୁର୍ଘଟଣା ବେଳେ ଗାଡିରେ ତିନିଜଣ ବ୍ୟକ୍ତି ଥିବା ବେଳେ ସମସ୍ତେ ସାମାନ୍ୟ ଆହତ ହୋଇଥିବା ସୂଚନା ମିଳିଛି। ଅଧରାତିରେ ଏହି ଦୁର୍ଘଟଣା ଘଟିଥିଲା। ଗାଡି ଦ୍ରୁତ ଗତିରେ ଭଟଲିରୁ ବରଗଡ଼ ଅଭିମୁଖେ ଯାଉଥିବା ବେଳେ ବରଡୋଲ ସଡ଼କ ପଡା ସାମ୍ନାରେ ଏହି ଦୁର୍ଘଟଣା ଘଟିଥିଲା। ତେବେ ଏନେଇ ପୁଲିସର କୌଣସି ପ୍ରତିକ୍ରିୟା ମିଳି ପାରିନାହିଁ।

■ ଟିକସ ଫାଙ୍କିବା ଓ ପରମିଟ୍ ଅନିୟମିତତା

## ୪ ବସ୍‌ରୁ ୧୫.୪୬ ଲକ୍ଷ ଜରିମାନା ଆଦାୟ

ପୁରୀ,୧୩।୧୧(ସମିସ): ଗୋଟିଏ ରାଜ୍ୟରୁ ଆଉ ଗୋଟିଏ ରାଜ୍ୟକୁ ବସ୍ ଚଳାଚଳ କରୁଥିଲେ ମଧ୍ୟ ଗାଡ଼ିର କାଗଜପତ୍ର ଠିକ୍ ରଖିବା ଉପରେ ମାଲିକ ଧ୍ୟାନ ଦେଉନାହାନ୍ତି। ଏଭଳି ବେପରୁଆ ମନୋଭାବ ପାଇଁ ୪ଟି ବସ୍‌କୁ ମୋଟା ଅଙ୍କର ଜରିମାନା ହୋଇଛି। ଟିକସ ଫାଙ୍କିବା ଓ ପର୍‌ମିଟ ଅନିୟମିତତା ଅଭିଯୋଗରେ ପୁରୀ ଆର୍‌ଟିଓ ଓ ଏସ୍‌ଟିଏ କଟକ ସ୍ପେଶାଲ ସ୍କ୍ୱାଡ୍ ପକ୍ଷରୁ ମାଲତିପାଟପୁର ବସ୍‌ଷ୍ଟାଣ୍ଡରେ ୪ଟି ବସ୍‌କୁ ଜବତ କରାଯାଇଛି। ଏହି ୪ଟି ବସ୍‌ଠାରୁ ୧୫ଲକ୍ଷ ୪୬ହଜାର ୮୪୭ ଟଙ୍କା ଫାଇନ୍ ମଧ୍ୟ ଆଦାୟ ହୋଇଛି। ଜବତ ହୋଇଥିବା ବସ୍ ନମ୍ବର ହେଉଛି ଡବ୍ଲ୍ୟୁବି୨୯ଏଫ୍-୬୮୬୨, ଡବ୍ଲ୍ୟୁବି୧୧ଏଫ୍ ୭୪୯୯, ଡବ୍ଲ୍ୟୁବି୭୩ଜି ୭୫୦୧ ଏବଂ ଡବ୍ଲ୍ୟୁବି ୨୯ଏଫ୍ ୩୦୮୮। ଏ ସମସ୍ତ ବସ୍ ପଶ୍ଚିମବଙ୍ଗର ବୋଲି ପୁରୀ ଜିଲ୍ଲା ପରିବହନ କାର୍ଯ୍ୟାଳୟରୁ ପକ୍ଷରୁ ସୂଚନା ଦିଆଯାଇଛି।

### ଏଯାଏଁ ମିଳିପାରିନି ପରିବେଶ ମଞ୍ଜୁରୀ

## ଅନିଶ୍ଚିତତାରେ ସୁବର୍ଣ୍ଣରେଖା ମେଗା ବନ୍ଦର ପ୍ରକଳ୍ପ

କାଳିପଦା, ୧୩।୧୧ (ସମିସ): ବାଲିଆପାଳ ବ୍ଲକ ସୁବର୍ଣ୍ଣରେଖା ନଦୀ ମୁହାଁଣ ଚୌମୁଖଠାରେ ହେବାକୁ ଥିବା ସୁବର୍ଣ୍ଣରେଖା ବନ୍ଦର ମେଗା ପ୍ରକଳ୍ପ ଏବେ ଅନିଶ୍ଚିତତା ମଧ୍ୟ ଦେଇ ଗତି କରୁଛି। ଅଦ୍ୟାବଧି ବନ୍ଦର କର୍ତ୍ତୃପକ୍ଷଙ୍କୁ କେନ୍ଦ୍ର ଗ୍ରୀନ ଟ୍ରିବ୍ୟୁନାଲରୁ ପରିବେଶ ମଞ୍ଜୁରୀ ମିଳିପାରିନାହିଁ। ଏବେ ହାଇକୋର୍ଟ ଏକ ଜନସ୍ୱାର୍ଥ ମାମଲାର ଶୁଣାଣି କରି ଚୌମୁଖ ଡଗରା ବେଳାଭୂମିର ବିକାଶ ପାଇଁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।



**ପର୍ଯ୍ୟଟନ କେନ୍ଦ୍ରର ବିକାଶ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ**

**ସିଆରଜେଡ-୨ ପାଇଁ କୋର୍ଟରେ ମାମଲା**

୧୯୯୮ ମସିହାରେ ଏହି ଦୁଇ ବେଳାଭୂମିକୁ ତତ୍କାଳୀନ ସରକାର ପର୍ଯ୍ୟଟନ କେନ୍ଦ୍ର ଭାବେ ଘୋଷଣା କରିଥିଲେ। ୨୦୦୬ ମସିହାରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଲଙ୍ଗଳେଶ୍ୱର କାଳିଝାଟି ପଡିଆ ଜନସମାବେଶରେ ଚୌମୁଖଠାରେ ଘରୋଇ ଉଦ୍ୟୋଗରେ ବନ୍ଦର ହେବ ବୋଲି ଘୋଷଣା କରିଥିଲେ। ପରେ ଚେନ୍ନାଇର କ୍ରିଏଟିଭ ପୋର୍ଟ ନାମକ ଏକ ସଂସ୍ଥା ଏମଓୟୁ ସରକାରଙ୍କ ସହିତ କରିଥିଲେ। ଅନ୍ୟ ଏକ ସହଯୋଗୀ ସଂସ୍ଥା ଏଥିରୁ ଓହରି ଯିବାରୁ ପ୍ରକଳ୍ପ କାର୍ଯ୍ୟ ଧିମେଇ ଯାଇଥିଲା। ଦୀର୍ଘ ଦିନର ବ୍ୟବଧାନ ପରେ ଟାଟା କମ୍ପାନୀ ଏଥିରେ ଯୋଡିବାରୁ ସୁବର୍ଣ୍ଣ ରେଖା ବନ୍ଦର ପ୍ରକଳ୍ପ କାର୍ଯ୍ୟ କିଛି ମାତ୍ରାରେ ଆଗେଇ ଥିଲା। ରାସ୍ତା ଓ ରେଳ କରିଡର ପାଇଁ କମ୍ପାନୀ ୪୦ ପ୍ରତିଶତ ଜମି ଅଧିଗ୍ରହଣ କରିଥିଲେ। ତେବେ ବର୍ଷେ ହେବ ବନ୍ଦର କାମରେ ଧିମା ପଡ଼ିଥିବା ଦେଖିବାକୁ ମିଳିଛି।

### ପୁଣି ଅମାନିଆ ଇସ୍କନ

## ଅଦିନରେ କରିବ ରଥଯାତ୍ରା

ପୁରୀ,୧୩।୧୧(ସମିସ): ଯେତେ କହିଲେ ବି ମାନୁନି ଇସ୍କନ। ଜଗଦ୍‌ଗୁରୁ ଶଙ୍କରାଚାର୍ଯ୍ୟ, ଗଜପତି ମହାରାଜାଙ୍କ କଥା ବି ଶୁଣିବା ଅବସ୍ଥାରେ ନାହିଁ। ଶାସ୍ତ୍ରୀୟ ମତକୁ ଆଧାର କରି ନିର୍ଦ୍ଦିଷ୍ଟ ତିଥିରେ ରଥଯାତ୍ରା ଆୟୋଜନ ପାଇଁ ଗଜପତି ମହାରାଜା ଇସ୍କନ ମୁଖ୍ୟଙ୍କୁ ଏକାଧିକଥର ଚିଠି ଲେଖିଛନ୍ତି। ହେଲେ ସେମାନେ ଶତପ୍ରତିଶତ ଏହାକୁ ପାଳନ କରୁନାହାନ୍ତି। ପୁଣି ଅଦିନରେ ରଥଯାତ୍ରା କରିବାକୁ ଯାଉଛି ଇସ୍କନ। ଆସନ୍ତା ୨୩ ତାରିଖରେ ତାଇୱାନର ଜିମେଣ୍ଡିଙ୍ଗ୍ ଏମ୍‌ଆର୍‌ଟି ଏକ୍ସିଟ୍ ୬ରେ ରଥଯାତ୍ରା ଆୟୋଜନ କରିଛି। ଏଥିରେ ଯୋଗଦେବା ପାଇଁ ଇସ୍କନ ଅନୁଗାମୀ ଏବଂ ଜଗନ୍ନାଥପ୍ରେମୀଙ୍କୁ ଅନ୍‌ଲାଇନ ମାଧ୍ୟମରେ ସୂଚନା ଦିଆଯାଇଛି। ଏହି ଅବସରରେ ସାଂସ୍କୃତିକ, କୀର୍ତ୍ତନ, ଯୋଗ ସହ ଅନ୍ୟାନ୍ୟ କାର୍ଯ୍ୟକ୍ରମ ହେବ। ତେବେ ଏହି ଘଟଣାକୁ ନେଇ ପୁରୀରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଇସ୍କନ ଏପରି ବାରମ୍ବାର ନିୟମ ବାହାରେ କାର୍ଯ୍ୟ କରୁଥିବାକୁ ନେଇ ଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତ କ୍ଷୋଭ ପ୍ରକାଶ କରିଛନ୍ତି।

ସୂଚନାଥାଉ କି, ଅଦିନିଆ ରଥଯାତ୍ରା ଆୟୋଜନ ନେଇ ଇସ୍କନ ସବୁବେଳେ ବିବାଦରେ ରହିଆସିଛି। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସଂସ୍କୃତିକୁ ସାରା ବିଶ୍ୱରେ ପ୍ରଚାରପ୍ରସାର କରୁଥିବା ନେଇ ଦାବି କରିଆସୁଥିବା ଇସ୍କନ ବାରମ୍ବାର ମହାପ୍ରଭୁଙ୍କ ପରମ୍ପରା ଉଲ୍ଲଂଘନ କରୁଥିବା ଅଭିଯୋଗ ରହିଛି। ଏଭଳି କାର୍ଯ୍ୟ ଆମ ଧର୍ମ, ସଂସ୍କୃତି ଓ ପରମ୍ପରାକୁ ନଷ୍ଟ କରିବା ସହ କୋଟି କୋଟି ହିନ୍ଦୁଙ୍କ ଧାର୍ମିକ ଭାବନାକୁ କୁଠାରାଘାତ କରୁଛି। ପ୍ରତ୍ୟେକ ଧାର୍ମିକ କାର୍ଯ୍ୟକ୍ରମର ଏକ ସ୍ୱତନ୍ତ୍ର ତିଥି ଓ ତାରିଖ ରହିଛି। ଏହାକୁ ସମସ୍ତେ ମାନିବା ଦରକାର। ରଥଯାତ୍ରା ଆଷାଢ଼ ମାସ ଶୁକ୍ଳ ପକ୍ଷ ଦ୍ୱିତୀୟାରେ ପାଳିତ ହୋଇଥାଏ। ଏହା ସ୍କନ୍ଦ ପୁରାଣରେ ମହାପ୍ରଭୁଙ୍କ ଦ୍ୱାରା ନିର୍ଦ୍ଦେଶିତ ଅଟେ। ଅଦିନରେ ଏବଂ ଅତିଥିରେ ରଥଯାତ୍ରା ଆୟୋଜନ କରାଯାଇ ଶ୍ରୀଜଗନ୍ନାଥ ସଂସ୍କୃତି, ସନାତନ ହିନ୍ଦୁ ସମାଜ, ଭକ୍ତ ଏବଂ ଦେଶର ଘୋର୍ ଅପମାନ ସହ ଧାର୍ମିକ ଭାବନାରେ ଆଘାତ ସୃଷ୍ଟି କରାଯାଉଛି। ତେଣୁ ଏଭଳି ମନୋମୁଖି କାର୍ଯ୍ୟରୁ ଇସ୍କନ ଦୂରେଇ ରହିବାକୁ ଦାବି କରିଆସୁଛନ୍ତି ଭକ୍ତ ଓ ସେବାୟତ।

■ ପୁଲିସ ଏସଆଇ ନିଯୁକ୍ତିରେ ସ୍ୱଚ୍ଛତା ନେଇ ହାଇକୋର୍ଟରେ ମାମଲା

## ଉଚ୍ଚକମିଟି ତତ୍ତ୍ୱାବଧାନରେ ସମ୍ପନ୍ନ ହେଉ ନିଯୁକ୍ତି ପ୍ରକ୍ରିୟା

କଟକ,୧୩।୧୧(ସମିସ): ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆରବି) ଦ୍ୱାରା ପରିଚାଳିତ ପୁଲିସ ଏସଆଇ ନିଯୁକ୍ତି କେଳେଙ୍କାରୀର ତଦନ୍ତ ଜାରି ରହିଥିବା ବେଳେ ସ୍ୱଚ୍ଛତା ଅବଲମ୍ବନ ପୂର୍ବକ ନିଯୁକ୍ତି ପ୍ରକ୍ରିୟା ସମ୍ପନ୍ନ କରିବା ପ୍ରସଂଗରେ ଏକ ଜନସ୍ୱାର୍ଥ ମାମଲା ହାଇକୋର୍ଟରେ ଦାୟର କରାଯାଇଛି। ଆଇନଜୀବୀ ଶିବଶଙ୍କର ମହାନ୍ତିଙ୍କ ତରଫରୁ ଏହି ମାମଲା ରୁଜୁ ହୋଇଛି। ନିଯୁକ୍ତି ପ୍ରକ୍ରିୟା ନେଇ ସରକାରଙ୍କ ଗତ ୨୦୨୫ସେପ୍‌ଟେମ୍ବର ୨୨ର ଏସଓପି (ଷ୍ଟାଣ୍ଡାର୍ଡ ଅପରେଟିଂ ପ୍ରୋସିଡିଓର)କୁ କଡ଼ାକଡ଼ି ପାଳନ ସହ ଏକ ଉଚ୍ଚକ୍ଷମତା ସମ୍ପନ୍ନ କମିଟି ତତ୍ତ୍ୱାବଧାନରେ ନିଯୁକ୍ତି ପ୍ରକ୍ରିୟା ସମ୍ପନ୍ନ କରାଯାଉ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ସେହିଭଳି ସାଧାରଣ ପ୍ରଶାସନ ଏବଂ ସାଧାରଣ ଅଭିଯୋଗ ବିଭାଗ ଓ ଗୃହ ବିଭାଗର ବରିଷ୍ଠ ଅଧିକାରୀମାନଙ୍କୁ ନେଇ ଏହ ଉଚ୍ଚସ୍ତରୀୟ ତଦାରଖ କମିଟି ଗଠନ କରିବାକୁ ନିର୍ଦ୍ଦେଶ ଦିଆଯାଉ, ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ ଏବଂ ରାଜ୍ୟ ସରକାରଙ୍କ ଅଧୀନରେ ଥିବା ଅନ୍ୟାନ୍ୟ ନିଯୁକ୍ତି ସଂସ୍ଥା ଦ୍ୱାରା ପରିଚାଳିତ ହେଉଥିବା ପରୀକ୍ଷାରେ ସ୍ୱଚ୍ଛତା, ନିରପେକ୍ଷତା ଏବଂ ଏସଓପି ଅନୁପାଳନର ତଦାରଖ ଏହି କମିଟି କରୁ ବୋଲି ଆବେଦନକାରୀ ପ୍ରାର୍ଥନା କରିଛନ୍ତି। ମାମଲାରେ ସାଧାରଣ ପ୍ରଶାସନ ବିଭାଗ ସଚିବ, ଗୃହ ସଚିବ, ପୁଲିସ ଡିଜି, ଓପିଆରବି ଅଧ୍ୟକ୍ଷ ଓ ସିବିଆଇ ଏସପିଙ୍କୁ ପକ୍ଷଭୁକ୍ତ କରାଯାଇଛି।

**ରାଜସ୍ୱ ମନ୍ତ୍ରୀଙ୍କ ସମୀକ୍ଷା ବୈଠକ**

## ଓଡ଼ିଶାରେ ଲାଗୁ ହେବ ଗୋଟିଏ ରାଜସ୍ୱ ଆଇନ

ପୁରୀ,୧୩।୧୧(ସମିସ): ଏଣିକି ଜମିପଟ୍ଟା ସଂଶୋଧନ କରିବାକୁ ଜନସାଧାରଣଙ୍କୁ ହଇରାଣ ହେବାକୁ ପଡ଼ିବନି। ଓଡ଼ିଶାରେ ରହିବ ଗୋଟିଏ ରାଜସ୍ୱ ଆଇନ। ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ସଂଶୋଧନ କରାଯାଇ ଗୋଟିଏ ରାଜସ୍ୱ ଆଇନ ଲାଗୁ କରାଯିବ। ଓଡ଼ିଶା ଗଭର୍ଣ୍ଣମେଣ୍ଟ ଲ୍ୟାଣ୍ଡ ମ୍ୟାନେଜ୍‌ମେଣ୍ଟ ଆକ୍ଟ ଖୁବ୍‌ଶୀଘ୍ର ଆସିବ। ଗୁରୁବାର ସ୍ଥାନୀୟ ସର୍କିଟ୍ ହାଉସରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ଏହି ସୂଚନା ଦେଇଛନ୍ତି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ। ରାଜସ୍ୱ ବିଭାଗର ନିଷ୍ପତ୍ତି ଅନୁଯାୟୀ, ଏଣିକି ଜନସାଧାରଣ ସ୍ଥାନୀୟ ତହସିଲ୍‌ଦାରଙ୍କୁ ଭେଟି ନିଜର ପୈତୃକ ସମ୍ପତ୍ତିର ପଟ୍ଟା ନିଜ ନାମରେ ସଂଶୋଧନ କରାଇ ପାରିବେ। ଏହି ବ୍ୟବସ୍ଥା ସଠିକ୍ ଢଙ୍ଗରେ ପୁରୀ ଜିଲ୍ଲାରେ କିଭଳି କାର୍ଯ୍ୟକାରୀ ହୋଇପାରିବ ସେ ନେଇ ରାଜସ୍ୱ ମନ୍ତ୍ରୀ ପୁରୀ ଆସି ଜିଲ୍ଲାର ସମସ୍ତ ରାଜସ୍ୱ ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି। ଏହି ସମୀକ୍ଷା ବୈଠକରେ ଜିଲ୍ଲାପାଳଙ୍କ ସହ ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ ଏବଂ ତହସିଲ୍‌ଦାରମାନେ ଉପସ୍ଥିତ ଥିଲେ। ଜମିପଟ୍ଟା ସଂଶୋଧନ ପାଇଁ ଆସୁଥିବା ବ୍ୟକ୍ତିମାନେ କିଭଳି ଏକ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ନିଜ ଜମିଜମା ସମସ୍ୟାର ସମାଧାନ ସହିତ ପଟ୍ଟା ସଂଶୋଧନ କରାଇପାରିବେ ସେ ନେଇ ଲୋକଙ୍କୁ ସହଯୋଗ ଯୋଗାଇଦେବାକୁ ରାଜସ୍ୱ ମନ୍ତ୍ରୀ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଅନ୍ୟପକ୍ଷରେ ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ସଂଶୋଧନ କରାଯାଇ ଗୋଟିଏ ରାଜସ୍ୱ ଆଇନ ଓଡ଼ିଶାରେ ଲାଗୁ କରାଯିବ। ଓଡ଼ିଶା ଗଭର୍ଣ୍ଣମେଣ୍ଟ ଲ୍ୟାଣ୍ଡ ମ୍ୟାନେଜମେଣ୍ଟ ଆକ୍ଟ ଖୁବ୍‌ଶୀଘ୍ର ଆସିବ। ସେହିପରି ଓଡ଼ିଶା ସର୍ଭେ ସେଟଲ୍‌ମେଣ୍ଟ ଆକ୍ଟରେ ମଧ୍ୟ ସଂଶୋଧନ ଅଣାଯିବ। ଏହି ଆଇନ ସଂଶୋଧନ ପରେ ସାଧାରଣ ଲୋକଙ୍କଠାରୁ ଆରମ୍ଭ କରି ଜନଜାତି ବର୍ଗର ଲୋକମାନେ ମଧ୍ୟ ଜମିଜମା ସମସ୍ୟାକୁ ନେଇ ହେଉଥିବା ଅସୁବିଧା ଦୂର ହେବ। ଏ ନେଇ ତହସିଲ୍‌ଦାରମାନଙ୍କୁ ସ୍ୱତନ୍ତ୍ର କ୍ଷମତା ପ୍ରଦାନ କରାଯାଇଛି।

**■ ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ହେବ ସଂଶୋଧନ**
**■ ସରକାରୀ ଜମି ଜବରଦଖଲ ମୁକ୍ତ କରିବାକୁ ନିର୍ଦ୍ଦେଶ**

ରାଜସ୍ୱ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, 'ପୁରୀ ସହରରେ ଦୀର୍ଘବର୍ଷ ଧରି ରହିଥିବା ଜମିଜମା ସମସ୍ୟାର ସମାଧାନ ପାଇଁ ସରକାର ଉଦ୍ୟମ କରୁଛନ୍ତି। ଏଥିପାଇଁ ସମସ୍ତ ବିଭାଗ ସହିତ ଆଲୋଚନା ଜାରି ରହିଥିବାବେଳେ ପୁରୀ ସହରର ଜମିଜମା ସମ୍ପର୍କିତ ଏକ ସବିଶେଷ ରିପୋର୍ଟ ଡିସେମ୍ବର ଶେଷ ସୁଦ୍ଧା ଜିଲ୍ଲାପାଳ ପ୍ରଦାନ କରିବାକୁ କୁହାଯାଇଛି। ଏହି ରିପୋର୍ଟ ଆସିବା ପରେ ବିଭିନ୍ନ ଆଇନକୁ ଅଧ୍ୟୟନ କରାଯାଇ ଏବଂ ଦରକାର ପଡ଼ିଲେ ଆଇନରେ ସଂଶୋଧନ କରାଯାଇ ପୁରୀ ସହର ଏବଂ ଜିଲ୍ଲାର ଜମିଜମା ସମସ୍ୟା ସମାଧାନ କରାଯିବ। ଏହି ଅବସରରେ ରାଜସ୍ୱ ମନ୍ତ୍ରୀ ଜିଲ୍ଲାର ସମସ୍ତ ତହସିଲ୍ ଓ ଆର୍‌ଆଇ ଅଫିସର ବାୟୋମେଟ୍ରିକ୍ ଉପସ୍ଥାନ ଓ ଓସାସ୍ ଫାଇଲ୍ ଉପରେ ସମୀକ୍ଷା କରିଥିଲେ। ବସୁନ୍ଧରା ଯୋଜନା, ଅନ୍ତ୍ୟୋଦୟ ଯୋଜନା ଉପରେ ତର୍ଜମା କରିବା ସହିତ ଜମିଜମା ରେକର୍ଡ ଉପରେ କେଉଁ ବ୍ୟକ୍ତି ଲିଜ୍ ନେଇଛନ୍ତି ବା କେତେ ଜବରଦଖଲ କେସ୍ ପଡ଼ିରହିଛି ତାହାର ତର୍ଜମା କରିଥିଲେ। ସମସ୍ତ ସରକାରୀ ଜମି ଯେପରି ଜବରଦଖଲ ମୁକ୍ତ କରାଯିବ ତାହା ଉପରେ କଡ଼ା ପଦକ୍ଷେପ ନେବାକୁ ସମସ୍ତ ତହସିଲ୍‌ଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏହି ବୈଠକରେ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର, ବ୍ରହ୍ମଗିରି ବିଧାୟିକା ଉପାସନା ମହାପାତ୍ର, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଡ. ଶରତ ଚନ୍ଦ୍ର ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା, ଅତିରିକ୍ତ ଜିଲ୍ଲାପାଳ (ପ୍ରୋଟକଲ) ନୀଳମାଧବ ଭୋଇ, ଉପଜିଲ୍ଲାପାଳ ରାଜକିଶୋର ଜେନା, ଡେପୁଟି କଲେକ୍ଟର ସହଦେବ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

■ ଅନାଥାଶ୍ରମ ଅନ୍ତେବାସୀଙ୍କୁ ଦୁଷ୍କର୍ମ ମାମଲା

## ଦୋଷୀକୁ ୨୦ବର୍ଷ ସଶ୍ରମ ଜେଲ୍

କଟକ,୧୩।୧୧(ସମିସ): କଟକ କଲେଜଛକ ଅଞ୍ଚଳର ଏକ ଅନାଥାଶ୍ରମରେ ରହି ଚତୁର୍ଥ ଶ୍ରେଣୀରେ ଅଧ୍ୟୟନ କରୁଥିବା ଜଣେ ନାବାଳିକାକୁ ଦୁଷ୍କର୍ମ କରିବା ଅଭିଯୋଗରେ ଅଭିଯୁକ୍ତକୁ କଟକସ୍ଥିତ ଅତିରିକ୍ତ ଜିଲ୍ଲା ଓ ଦୋ÷ରା ଜଜ୍ ତଥା ସ୍ୱତନ୍ତ୍ର ପୋକ୍ସୋ ଅଦାଲତ ଦୋଷୀ ସାବ୍ୟସ୍ତ କରିଛନ୍ତି। ପୋକସୋ ଆଇନର ଧାରା ୬ ଓ ଆଇପିସିର ଧାରା ୩୭୬ ଅନୁସାରେ ଅଭିଯୁକ୍ତ ତଥା କଟକ ମାଲଗୋଦାମ ଥାନା ଯୋବ୍ରା ନଦୀକୂଳ ସାହିର ବାସିନ୍ଦା ଅଭିଯୁକ୍ତ ଲୋକନାଥ ଭୋଇ(୨୩)କୁ ୨୦ବର୍ଷ ସଶ୍ରମ ଜେଲ ଓ ୫୦ହଜାର ଟଙ୍କା ଜରିମାନା ଦଣ୍ଡାଦେଶ ପ୍ରଦାନ କରିଛନ୍ତି ଅଦାଲତ। ଜରିମାନା ଅନାଦେୟ ଅତିରିକ୍ତ ଏକ ବର୍ଷ ଜେଲ ଦଣ୍ଡ ଭୋଗ କରିବାକୁ ପଡିବ ବୋଲି ଅଦାଲତ କହିଛନ୍ତି। ସେହିଭଳି ପୀଡିତାଙ୍କୁ ୬ଲକ୍ଷ ଟଙ୍କା କ୍ଷତିପୂରଣ ରାଶି ପ୍ରଦାନ ପାଇଁ ଜିଲ୍ଲା ଆଇନ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି ଅଦାଲତ।

ଗତ ୨୦୨୪ଜାନୁଆରୀ ୨୯ରେ ନାବାଳିକା ଆଶ୍ରମରୁ ନିକଟସ୍ଥ ଏକ ବିଦ୍ୟାଳୟକୁ ଅଧ୍ୟୟନ ପାଇଁ ଯାଇଥିଲେ ମଧ୍ୟ ସନ୍ଧ୍ୟା ପର୍ଯ୍ୟନ୍ତ ଫେରି ନଥିଲେ। ତେବେ ସେହିଦିନ ବିଳମ୍ବିତ ସଂଧ୍ୟାରେ ପୀଡ଼ିତା ଜଣକ କାନ୍ଦି କାନ୍ଦି ଆଶ୍ରମକୁ ଫେରିବା ସହ ଅଭିଯୁକ୍ତ ଜଣକ ତାକୁ ରେଳଷ୍ଟେସନର ଏକ ଭଗ୍ନ ଗୃହକୁ ନେଇ ଦୁଷ୍କର୍ମ କରିଥିବା ଆଶ୍ରମର ଗୁରୁମାଙ୍କୁ ଜଣାଇଥିଲା। ସମ୍ପୃକ୍ତ ଆଶ୍ରମର ଅଧୀକ୍ଷକ ୨୦୨୪ଜାନୁଆରୀ ୩୦ରେ ଜିଆରପି ଥାନାରେ ଏକ ଏତଲା ଦେଇଥିଲେ। ୨୦୨୪ ମାର୍ଚ୍ଚ୧୯ରେ ଅଭିଯୁକ୍ତକୁ ପୁଲିସ ଗିରଫ କରିଥିଲା ବେଳେ ୨୦୨୪ମାର୍ଚ୍ଚ ୨୦ରେ ଚାର୍ଜସିଟ ଦାଖଲ କରିଥିଲା। ଅଦାଲତ ଗତ ୨୦୨୪ ସେପ୍ଟେମ୍ବର ୨୯ ତାରିଖରେ ଚାର୍ଜଫ୍ରେମ କରିଥିଲେ। ତେବେ ୧୧ଜଣ ସାକ୍ଷୀଙ୍କ ବୟାନ ରେକର୍ଡ ଓ ୨୭ଟି ପ୍ରାମାଣିକ ଦସ୍ତାବିଜ ଆଧାରରେ ଆସାମୀକୁ ୨୦ବର୍ଷ ଜେଲ୍ ଦଣ୍ଡାଦେଶ ନେଇ ରାୟ ଶୁଣାଇଛନ୍ତି ଅଦାଲତ। ସରକାରଙ୍କ ତରଫରୁ ମାମଲା ପରିଚାଳନା କରୁଥିଲେ ସ୍ପେସାଲ ପବ୍ଲିକ୍ ପ୍ରସିକ୍ୟୁଟର ରମେଶଚନ୍ଦ୍ର ମହାନ୍ତି ଓ ବିଶ୍ୱଜିତ ରାୟ।

## ଫେବୃଆରୀ ୧୭ରୁ ଆଇସିଏସ୍‌ଇ ଓ ୧୨ରୁ ଆଇଏସ୍‌ସି ପରୀକ୍ଷା

ଭୁବନେଶ୍ୱର,୧୩।୧୧(ସମିସ): ସିଆଇଏସ୍‌ସିଇ ବୋର୍ଡ ପକ୍ଷରୁ ଦଶମ ଓ ଦ୍ୱାଦଶ ଶ୍ରେଣୀ ବାର୍ଷିକ ପରୀକ୍ଷା ତାରିଖ ଘୋଷଣା ହୋଇଛି। ଆଇସିଏସ୍‌ଇ ବା ଦଶମ ଶ୍ରେଣୀ ପରୀକ୍ଷା ଫେବୃଆରୀ ୧୭ ତାରିଖରୁ ଆରମ୍ଭ ହୋଇ ମାର୍ଚ୍ଚ ୩୦ ତାରିଖ ଯାଏଁ ଚାଲିବ। ସେହିପରି ଆଇଏସ୍‌ସି ବା ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଫେବୃଆରୀ ୧୨ ତାରିଖରୁ ଆରମ୍ଭ ହୋଇ ଏପ୍ରିଲ୍ ୬ ତାରିଖରେ ଶେଷ ହେବ। ଏନେଇ ସିଆଇଏସ୍‌ସିଇ ବୋର୍ଡ ପକ୍ଷରୁ ପରୀକ୍ଷା ସୂଚୀ ଘୋଷଣା କରାଯାଇଛି। ଦଶମ ଶ୍ରେଣୀରେ ପ୍ରାୟ ୨ଲକ୍ଷ ୬୦ ହଜାର ଛାତ୍ରଛାତ୍ରୀ ପରୀକ୍ଷା ଦେବେ। ସେହିପରି ଦ୍ୱାଦଶରେ ପ୍ରାୟ ୧ ଲକ୍ଷ ୫୦ ହଜାର ପିଲା ପରୀକ୍ଷା ଦେବେ। ପରୀକ୍ଷାର୍ଥୀଙ୍କ ସୁବିଧା ଦୃଷ୍ଟିରୁ ପରୀକ୍ଷା ସୂଚୀ ପ୍ରସ୍ତୁତ କରାଯାଇଥିବା ବୋର୍ଡର ସମ୍ପାଦକ ଡ. ଜୋସେଫ୍ ଇମାନୁଏଲ୍ କହିଛନ୍ତି।

### ସିଏସ୍‌ଆଇଆର୍-ଆଇଏମ୍‌ଏମ୍‌ଟିରେ "କୋହୋର୍ଟ କନେକ୍ଟ' ସମ୍ମିଳନୀ ଉଦ୍‌ଘାଟିତ

## ବିକଶିତ ଭାରତ ଲକ୍ଷ୍ୟ ହାସଲ ପାଇଁ ସ୍ୱାସ୍ଥ୍ୟ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ: କେନ୍ଦ୍ର ମନ୍ତ୍ରୀ

ଭୁବନେଶ୍ୱର,୧୩।୧୧(ସମିସ): ୨୦୪୭ ସୁଦ୍ଧା ବିକଶିତ ଭାରତ ଲକ୍ଷ୍ୟ ହାସଲ ଲାଗି ଭାରତର ନାଗରିକଙ୍କ ସ୍ୱାସ୍ଥ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ। ତେଣୁ ସ୍ୱାସ୍ଥ୍ୟ କ୍ଷେତ୍ରରେ ଭାରତକୁ ଏବେ ନିଦାନ ଆଧାରିତ ଦୀର୍ଘକାଳୀନ ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରିବାକୁ ହେବ ବୋଲି କେନ୍ଦ୍ର ବିଜ୍ଞାନ ଓ ପ୍ରଯୁକ୍ତି ରାଷ୍ଟ୍ରମନ୍ତ୍ରୀ ଡକ୍ଟର ଜିତେନ୍ଦ୍ର ସିଂ କହିଛନ୍ତି। ଗୁରୁବାର ଭୁବନେଶ୍ୱରସ୍ଥିତ ସିଏସ୍‌ଆଇଆର-ଆଇଏମ୍‌ଏମ୍‌ଟିରେ ଲଙ୍ଗିଟ୍ୟୁଡିନାଲ କୋହର୍ଟ ଷ୍ଟଡିଜ୍ ଉପରେ ଜାତୀୟ ସମ୍ମିଳନୀ- 'କୋହୋର୍ଟ କନେକ୍ଟ'କୁ ଉଦ୍‌ଘାଟନ କରି ମନ୍ତ୍ରୀ କହିଛନ୍ତି, ଭାରତୀୟ ରୋଗୀଙ୍କ ପାଇଁ ଭାରତୀୟ ଉପଚାର, ଭାରତୀୟ ବିଷୟ ଲାଗି ଭାରତୀୟ ନିରାକରଣ ରଣନୀତି, ଭାରତୀୟ ସମାଧାନ ଲାଗି ଭାରତୀୟ ତଥ୍ୟ ଆମର ମନ୍ତ୍ର ହେବା ଉଚିତ୍।

ସୂଚନାଯୋଗ୍ୟ, କୋହୋର୍ଟ ଷ୍ଟଡିଜ୍ ଏପରି ଏକ ଅଧ୍ୟୟନକୁ ବୁଝାଇଥାଏ, ଯେଉଁଥିରେ ସମାନ ବୈଶିଷ୍ଟ୍ୟ ଥିବା ଏକ ଗୋଷ୍ଠୀର ସ୍ୱାସ୍ଥ୍ୟାବସ୍ଥା ଓ ଜୀବନଶୈଳୀକୁ ଅନୁଧ୍ୟାନ କରାଯାଇଥାଏ। ଯାହାଫଳରେ ସେମାନଙ୍କ ଠାରେ ନିର୍ଦ୍ଦିଷ୍ଟ ସ୍ୱାସ୍ଥ୍ୟ ସମସ୍ୟାର ବିପଦ କାରକକୁ ଚିହ୍ନଟ କରାଯାଇପାରିବ।




ଆଜିର କାର୍ଯ୍ୟକ୍ରମରେ ଜାତୀୟ ସ୍ତରରେ କୋହୋର୍ଟ ପାଇଁ ରହିଥିବା ସୁଯୋଗ ଉପରେ ଆଲୋକପାତ କରି କେନ୍ଦ୍ର ମନ୍ତ୍ରୀ ଡକ୍ଟର ସିଂ କହିଛନ୍ତି, ଭାରତରେ ପାଚନକ୍ରିୟା ସହ ଜଡ଼ିତ ବିକାର ପ୍ରାୟତଃ ପରସ୍ପର ସହ ଯୋଡ଼ି ହୋଇ ରହିଥିବା ସ୍ଥିତି ରୂପରେ ସାମ୍ନାକୁ ଆସିଥାଏ। ଯକ୍ଷ୍ମା ଏବଂ ମଧୁମେହ ମଧ୍ୟରେ ପାରସ୍ପରିକ ସମ୍ପର୍କ ବିଷୟରେ ଉଲ୍ଲେଖ କରି, ସେ କହିଥିଲେ ଯେ ଭାରତକୁ ରୋଗ ମୁକାବିଲା କ୍ଷେତ୍ରରେ ସଂକୀର୍ଣ୍ଣ ଦୃଷ୍ଟିକୋଣ ଠାରୁ ଆଗକୁ ବଢ଼ିବାକୁ ପଡ଼ିବ। ଜିନୋମିକ୍ସ ଏବଂ ଜୈବ ଚିକିତ୍ସା ବିଜ୍ଞାନରେ ଭାରତର ବୃଦ୍ଧି ପାଉଥିବା ଶକ୍ତି ଉପରେ କେନ୍ଦ୍ର ମନ୍ତ୍ରୀ ଆଲୋକପାତ କରିଥିଲେ। ବଡ଼ ଧରଣର ଜିନୋମ୍ ସିକୋଏନ୍ସିଂ ଏବଂ ହିମୋଫିଲିଆ ପାଇଁ ଦେଶର ପ୍ରଥମ ସ୍ୱଦେଶୀ ନିଦାନଗତ ପରୀକ୍ଷଣ ଭଳି ମାଇଲଖୁଣ୍ଟ ବିଷୟରେ ମଧ୍ୟ ମନ୍ତ୍ରୀ ଉଲ୍ଲେଖ କରିଥିଲେ।

କାର୍ଯ୍ୟକ୍ରମରେ ପିଆଇ-ଚେକ୍ ପ୍ରଗତି, ମଲ୍ଟି-ଓମିକ୍ସ ଇଣ୍ଟିଗ୍ରେସନ୍, ଡିଜିଟାଲ୍ ସ୍ୱାସ୍ଥ୍ୟ ରେକର୍ଡ ପ୍ରଣାଳୀ, ବାର୍ଦ୍ଧକ୍ୟ ଏବଂ ଡିମେନ୍ସିଆ ଗବେଷଣା, ଜନଜାତି ସ୍ୱାସ୍ଥ୍ୟ କୋହୋର୍ଟ, ମାତୃ ଶିଶୁ ସ୍ୱାସ୍ଥ୍ୟ ପଦକ୍ଷେପ, କାର୍ଡିଓମେଟାବୋଲିକ୍ ଅଧ୍ୟୟନ, ଏକ୍ସପୋଜମ୍ ସାଇନ୍ସ ଏବଂ ଭାରତ ପାଇଁ ନିର୍ଦ୍ଦିଷ୍ଟ ବିପଦ ପୂର୍ବାନୁମାନ ମଡେଲ ଉପରେ ଅଧିବେଶନ ଆୟୋଜନ କରାଯାଇଛି। ଏହି ସମ୍ମିଳନୀରେ ସିଏସଆଇଆର-ଆଇଏମଏମଟି ନିର୍ଦ୍ଦେଶ ଡକ୍ଟର ରାମାନୁଜ ନାରାୟଣ ସିଏସଆଇଆର-ଆଇଜିଆଇବି ନିର୍ଦ୍ଦେଶ ଡକ୍ଟର ସୌଭିକ ମାଇତି ପ୍ରମୁଖଙ୍କ ସମେତ ଗୁରୁତ୍ୱପୂର୍ଣ୍ଣ ପ୍ରତିଷ୍ଠାନର ପଦାଧିକାରୀଙ୍କ ସମେତ ସିଏସଆଇଆର ମୁଖ୍ୟାଳୟ ଏବଂ ସହଭାଗୀ ପ୍ରତିଷ୍ଠାନର ବରିଷ୍ଠ ବୈଜ୍ଞାନିକ ଏବଂ ଅଧିକାରୀମାନେ ଉପସ୍ଥିତ ଥିଲେ।

## ଆଜିର ରାଶିଫଳ

**ମେଷ:** ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ନୂତନ ଜମି କ୍ରୟ କରିପାରନ୍ତି। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ।

**ବୃଷ:** ଯାତ୍ରା ଯୋଗ ଅଛି। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିପାରେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ହୋଇପାରେ। ଆୟ ଓ ବ୍ୟୟ ସମାନ ରହିବ।

**ମିଥୁନ:** ରାଜନେତାଙ୍କ ପାଇଁ ଦିନଟି ଭଲ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଦାନ ଧର୍ମ କରିବେ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଦେଖାଦେଇପାରେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**ସିଂହ:** ଚାକିରିରେ ସଫଳତା ମିଳିବ। କଠିନ ପରିଶ୍ରମ କରିବେ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଅଫିସ୍ କାମ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ପିତାମାତା ସନ୍ତାନଙ୍କ ଭିବଷ୍ୟତକୁ ନେଇ ଚିନ୍ତା କରିବେ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଅଚାନକ ଘରକୁ କୁଣିଆ ଆସିପାରନ୍ତି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଭାବିଚିନ୍ତି ନିବେଶ କରନ୍ତୁ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝମଣା ରହିବ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ।

## ଆଜିର ଇତିହାସ

- ୧୯୨୨- ବିବିସି, ବ୍ରିଟେନ୍‌ରେ ରେଡିଓ ସେବା ଆରମ୍ଭ କଲା।
- ୧୯୪୮ - ଯୁବରାଜ ଚାର୍ଲସ୍‌ଙ୍କ ଜନ୍ମ।
- ୧୯୫୫- କର୍ମଚାରୀ ରାଜ୍ୟ ବୀମା ନିଗମର ଉଦ୍‌ଘାଟନ।
- ୧୯୬୦- ଚେକ୍ ଗଣରାଜ୍ୟର ଦୁଇଟି ଟ୍ରେନ୍ ମୁହାଁମୁହିଁ ହେବାରୁ ଅତିକମ୍‌ରେ ୧୧୦ ଯାତ୍ରୀଙ୍କ ମୃତ୍ୟୁ।
- ୧୯୬୯ - ଆପୋଲୋ-୧୨କୁ ପ୍ରକ୍ଷେପଣ କରାଗଲା।
- ୨୦୦୨- ଚୀନ୍‌ର ରାଷ୍ଟ୍ରପତି ଜିଆଙ୍ଗ୍ ଜେମିନ୍ ନିଜ ପଦରୁ ଇସ୍ତଫା ଦେଲେ।

## ଶିଶୁଙ୍କ ପାଇଁ ଦିନଟିଏ



ଆଜି ୧୪ ନଭେମ୍ବର, ଶିଶୁ ଦିବସ। ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହରୁଙ୍କ ଜନ୍ମଦିନକୁ ଆମେ ଦେଶରେ ଶିଶୁ ଦିବସ ରୂପେ ପାଳନ କରାଯାଏ। ନେହରୁ ପିଲାମାନଙ୍କୁ ବହୁତ ଭଲ ପାଉଥିଲେ। ଏହି କାରଣରୁ ପିଲାମାନେ ତାଙ୍କୁ 'ଚାଚା ନେହରୁ' ବୋଲି ସମ୍ବୋଧନ କରୁଥିଲେ। ଶିଶୁଙ୍କୁ ଭଲ ପାଉଥିବା ପଣ୍ଡିତ ନେହରୁ ତାଙ୍କ ଜନ୍ମଦିନକୁ ଶିଶୁଙ୍କ ପାଇଁ ଉତ୍ସର୍ଗ କରି ଦେଇଥିଲେ। ଶିଶୁମାନେ ହିଁ ଦେଶର ଭିତ୍ତିଭୂମି ଏବଂ ସେମାନେ ହିଁ ଦେଶର ଭବିଷ୍ୟତ ବୋଲି ସେ ସର୍ବଦା କହୁଥିଲେ। ଦେଶର ଉନ୍ନତି, ପ୍ରଗତି ଦିଗରେ ଶିଶୁଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ନେହେରୁ ମତ ରଖିଥିଲେ। ଶିଶୁଙ୍କ ଅଧିକାର, ଦାୟିତ୍ୱ ଓ ଶିକ୍ଷା ବିଷୟରେ ସଚେତନ କରିବା ଉଦ୍ଦେଶ୍ୟରେ ସାରା ଦେଶରେ ପାଳିତ ହୋଇଥାଏ ଏହି ଦିବସ। ଜବାହରଲାଲ ନେହରୁ ଉତ୍ତର ପ୍ରଦେଶର ଆହ୍ଲାବାଦ ସହରରେ ଏକ କଶ୍ମୀର ପଣ୍ଡିତ ପରିବାରରେ ୧୮୮୯ ମସିହା ନଭେମ୍ବର ୧୪ ତାରିଖ ଦିନ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପିତାଙ୍କ ନାମ ମୋତିଲାଲ ନେହରୁ ଓ ମାତାଙ୍କ ନାମ ସ୍ୱରୂପାରାଣୀ ଥିଲା। ସେ ସ୍ୱାଧୀନ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ହୋଇଥିଲେ। ୧୯୬୪ ମସିହା ମଇ ମାସ ୨୭ ତାରିଖରେ ତାଙ୍କର ମୃତ୍ୟୁ ହୋଇଥିଲା। ନେହରୁଙ୍କ ଦେହାନ୍ତ ପରେ ପିଲାଙ୍କ ପ୍ରତି ତାଙ୍କ ଭଲ ପାଇବାକୁ ସମ୍ମାନ ଜଣାଇ ତାଙ୍କ ଜନ୍ମଦିବସକୁ ଶିଶୁ ଦିବସ ଭାବେ ପାଳନ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା। ଏ ସମ୍ପର୍କରେ ସଂସଦରେ ପ୍ରସ୍ତାବ ପାରିତ କରାଯାଇଥିଲା। ଏହାପରେ ପ୍ରଥମ ଥର ପାଇଁ ୧୯୬୫ରେ ଶିଶୁ ଦିବସ ପାଳନ କରାଯାଇଥିଲା। ୧୯୬୪ ପୂର୍ବରୁ ୨୦ ନଭେମ୍ବରକୁ ଶିଶୁ ଦିବସ ଭାବେ ପାଳନ କରାଯାଉଥିଲା। କାରଣ ମିଳିତ ଜାତିସଂଘ ଦ୍ୱାରା ୧୯୫୪ ମସିହାରେ ୨୦ ନଭେମ୍ବରକୁ ଶିଶୁ ଦିବସ ଭାବେ ପାଳନ କରିବା ପାଇଁ ଘୋଷଣା କରାଯାଇଥିଲା। ଦେଶର କୋଣଅନୁକୋଣରେ ପଲ୍ଲୀ ଠୁ ଦିଲ୍ଲୀ ସବୁଠି ଶିଶୁଦିବସକୁ ଆନନ୍ଦ ଉତ୍ସାହର ସହ ପାଳନ କରାଯାଏ। ଶିଶୁ ଦିବସ ଅବସରରେ ସ୍କୁଲଗୁଡ଼ିକରେ ନାଚ, ଗୀତ, ବକ୍ତୃତା, ଚିତ୍ରାଙ୍କନ ପ୍ରତିଯୋଗିତାର ଆୟୋଜନ କରାଯାଇଥାଏ। ଏହି ଦିନ ସ୍କୁଲ୍ ଏବଂ ବିଭିନ୍ନ ଶିକ୍ଷାନୁଷ୍ଠାନରେ ପିଲାମାନଙ୍କୁ ଚକଲେଟ୍, ମିଠା ଆଦି ବଣ୍ଟା ଯାଇଥାଏ।

## ରୋବଟିକ୍ ହ୍ୱିଲ୍ ଚେୟାର୍‌ରେ ପୃଥ୍ୱୀରାଜ



ଏସ୍.ଏସ୍ ରାଜମୌଳି ଓ ମହେଶ ବାବୁଙ୍କ ଫିଲ୍ମ 'ଏସ୍‌ଏସ୍‌ଏମ୍‌ବି ୨୯'କୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି। ନଭେମ୍ବର ୧୫ରେ ରାମୋଜୀ ଫିଲ୍ମ ସିଟିରେ ଏକ ଭବ୍ୟ ସମାରୋହରେ ଫିଲ୍ମର ଟାଇଟଲ ଘୋଷଣା କରାଯିବ। ଏହି ମେଗା ଇଭେଣ୍ଟ ପାଇଁ ଜୋରସୋରରେ ପ୍ରସ୍ତୁତି ଚାଲିଛି। ଇତିମଧ୍ୟରେ ଫିଲ୍ମ ନିର୍ମାତା ପୃଥ୍ୱୀରାଜ ସୁକୁମାରନ୍‌ଙ୍କ ଲୁକ୍ ସେୟାର୍ କରିଛନ୍ତି। ପ୍ରିୟଙ୍କା ଚୋପ୍ରା ତାଙ୍କର ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟର୍ ସେୟାର୍ କରିଛନ୍ତି। ଏଥିରେ ସୁକୁମାରନ୍ ରୋବଟ୍ ଭଳି ଦେଖାଯାଉଥିବା ଏକ ହ୍ୱିଲଚେୟାର୍‌ରେ ବସିଥିବାର ଦେଖାଯାଇଛନ୍ତି। ସେ କଳା ରଙ୍ଗର ସୁଟ୍ ପିନ୍ଧି କ୍ୟାମେରା ଆଡ଼କୁ ରାଗରେ ଅନାଇଥିବାର ଦେଖାଯାଇଛନ୍ତି। ତେବେ ସେ ଏଥିରେ ଜଣେ ପକ୍ଷାଘାତ ରୋଗୀ ଭଳି ଦେଖାଯାଉଛନ୍ତି। ପୃଥ୍ୱୀରାଜ ଏଥିରେ 'କୁମ୍ଭା' ଚରିତ୍ରରେ ଅଭିନୟ କରିବେ ବୋଲି ସ୍ପଷ୍ଟ ହୋଇଛି। କାରଣ ପ୍ରିୟଙ୍କା ଏହି ପୋଷ୍ଟରକୁ ସେୟାର୍ କରି ଲେଖିଛନ୍ତି- 'ଉଠନ୍ତୁ, କୁମ୍ଭାକୁ ଦେଖା କରନ୍ତୁ।' ପୃଥ୍ୱୀରାଜ ଏଥିରେ ଖଳନାୟକ ଭାବେ ଦେଖାଯିବେ ବୋଲି ପୋଷ୍ଟର୍‌ରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ଏଥିରେ ହିରୋଭାବେ ମହେଶବାବୁ ଏବଂ ତାଙ୍କ ବିପକ୍ଷରେ ପ୍ରିୟଙ୍କା ଚୋପ୍ରା ଦେଖାଯିବେ।

## ବିଶ୍ୱ ମଧୁମେହ ଦିବସ



ମଧୁମେହ ରୋଗ ବିଷୟରେ ସଚେତନା ସୃଷ୍ଟି ଉଦ୍ଦେଶ୍ୟରେ ପ୍ରତିବର୍ଷ ନଭେମ୍ବର ୧୪ ତାରିଖକୁ 'ବିଶ୍ୱ ମଧୁମେହ ଦିବସ' ଭାବେ ପାଳନ କରାଯାଏ। ଏହି ଦିବସର ମୁଖ୍ୟ ଲକ୍ଷ୍ୟ ହେଉଛି ସ୍ୱାସ୍ଥ୍ୟ ଶିବିର, ସ୍ୱାସ୍ଥ୍ୟ ସମ୍ବନ୍ଧିତ ବାର୍ତ୍ତା, ସଭା ସମିତି ତଥା ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ମଧୁମେହ ରୋଗ ପ୍ରତି ଜନସଚେତନତା ସୃଷ୍ଟି କରିବା। ଏହି ରୋଗର ସବୁଠାରୁ ବଡ଼ କାରଣ ହେଉଛି ଖରାପ ଏବଂ ପରିବର୍ତ୍ତିତ ଜୀବନଶୈଳୀ। ମଧୁମେହକୁ ନେଇ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ୧୯୯୧ ମସିହାରେ ଅନ୍ତର୍ଜାତୀୟ ମଧୁମେହ ଫେଡେରେସନ ଏବଂ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ବିଶ୍ୱ ମଧୁମେହ ଦିବସ ପାଳନ କରିବାକୁ ନିଷ୍ପତ୍ତି ନେଇଥିଲେ। ୨୦୦୬ ମସିହାରେ ଏହି ପ୍ରସ୍ତାବ ପାରିତ ହେବା ପରେ ନଭେମ୍ବର ୧୪ ତାରିଖକୁ ବିଶ୍ୱ ମଧୁମେହ ଦିବସ ପାଳନ କରିବା ଲାଗି ମିଳିତ ଜାତିସଂଘ ପକ୍ଷରୁ ଆନୁଷ୍ଠାନିକ ଭାବେ ଘୋଷଣା କରାଯାଇଥିଲା। ସାରା ବିଶ୍ୱରେ ମଧୁମେହ ରୋଗ ଏକ ମହାମାରୀର ରୂପ ନେବାକୁ ବସିଲାଣି। ଏହାକୁ ସ୍ଲୋ ପଏଜନ୍(ନିରବ ଘାତକ) ବୋଲି ମଧ୍ୟ କୁହାଯାଏ। ଘଣ୍ଟା ଘଣ୍ଟା ଧରି କମ୍ପ୍ୟୁଟର, ମୋବାଇଲ ଆଗରେ ବସି ରହିବା, ବିଳମ୍ବିତ ରାତି ପର୍ଯ୍ୟନ୍ତ କାମ କରିବା, ଦିନରେ ବିଳମ୍ବରେ ଉଠିବା, ବ୍ୟାୟାମ ନ କରିବା, ଅତ୍ୟଧିକ ତେଲ, ମସଲା ଖାଇବା ଦ୍ୱାରା ମଣିଷକୁ ଗ୍ରାସ କରୁଛି ଅନେକ ରୋଗ। ସେଥିମଧ୍ୟରୁ ସର୍ବାଧିକ ଲୋକଙ୍କୁ ଆକ୍ରାନ୍ତ କରୁଥିବା ରୋଗ ଭାବେ ପରିଚିତ ମଧୁମେହ। କେବଳ ବୟସ୍କ ନୁହନ୍ତି, ଯୁବପିଢ଼ି ଏପରିକି କମ୍ ବୟସର ପିଲା ବି ଏହି ରୋଗରେ କବଳିତ ହେଉଛନ୍ତି। ସେହିପରି ୧୮୯୧ ଆଜିର ଦିନ ହେଉଛି ଇନ୍‌ସୁଲିନ୍‌ର ସହ ଆବିଷ୍କାରକ ସାର୍ ଫ୍ରେଡରିକ୍ ବାଣ୍ଟିଙ୍ଗଙ୍କ ଜନ୍ମଦିନ। ମଣିଷ ଶରୀରରେ ଇନ୍‌ସୁଲିନ୍ ପ୍ରୟୋଗ କରିଥିବା ପ୍ରଥମ ବୈଜ୍ଞାନିକ ହେଲେ ବାଣ୍ଟିଙ୍ଗ୍। ରକ୍ତରେ ଗ୍ଲୁକୋଜ୍ ବା ଶର୍କରା ପରିମାଣ ନିର୍ଦ୍ଧାରିତ ସୀମାଠାରୁ ଅଧିକ ଥିଲେ ମଧୁମେହ ରୋଗ ହୋଇଥାଏ। ମଧୁମେହ ସାଧାରଣତଃ ୨ ପ୍ରକାରର। ଟାଇପ୍-୧ ଓ ଟାଇପ୍-୨ ଡାଇବେଟିସ୍। ଟାଇପ୍-୧ ଡାଇବେଟିସ୍ ଶୈଶବ, କିଶୋର ଓ ଆଦ୍ୟ ଯୌବନରେ ମୁଖ୍ୟତଃ ୨୫ ବର୍ଷରେ ହୋଇଥାଏ। ଏ କ୍ଷେତ୍ରରେ ହଠାତ୍ ରୋଗର ଲକ୍ଷଣ ଦେଖାଯାଏ। ସେହିଭଳି ଟାଇପ୍-୨ ଡାଇବେଟିସ୍ ସାଧାରଣତଃ ୪୦ ବର୍ଷ ପରେ ହୋଇଥାଏ। ମଧୁମେହ ବଂଶଗତ ରୋଗ ହୋଇଥିଲେ ହେଁ ଅନିୟମିତ ଜୀବନଶୈଳୀ ଏହି ରୋଗର ମୂଳ କାରଣ। ବଦଳୁଥିବା ଜୀବନ ଶୈଳୀ ଯୋଗୁଁ ଦିନକୁ ଦିନ ମଧୁମେହ ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ମଧୁମେହ ଦ୍ୱାରା ପୀଡ଼ିତ ଲୋକମାନଙ୍କର ରୋଗ ପ୍ରତିରୋଧକ ଶକ୍ତି କମିବାକୁ ଲାଗିଥାଏ, କେବଳ ସେତିକି ନୁହେଁ, ଶର୍କରାର ମାତ୍ରା ଅତ୍ୟଧିକ ବଢ଼ିଗଲେ ଏହା ମଣିଷକୁ ମୃତ୍ୟୁ ମୁଖକୁ ଟାଣି ନେଇଥାଏ। ମଧୁମେହ ରୋଗ ପାଇଁ ସର୍ତକତା ଅବଲମ୍ବନ କରିବା ନିତ୍ୟାନ୍ତ ଆବଶ୍ୟକ। ବିଶ୍ୱ ମଧୁମେହ ଦିବସ ପାଳନ ଦ୍ୱାରା ଲୋକମାନଙ୍କୁ ମଧୁମେହ ରୋଗକୁ ନିୟନ୍ତ୍ରଣ କରିବା ପାଇଁ ବାର୍ତ୍ତା ଦିଆଯାଇଥାଏ। ନିୟମିତ ଡାକ୍ତରଙ୍କ ପରାମର୍ଶ ନେବା ସହ ଉପଯୁକ୍ତ ଚିକିତ୍ସା ମଧୁମେହ ନିୟନ୍ତ୍ରଣରେ ସହାୟକ ହୋଇଥାଏ। ସନ୍ତୁଳିତ ଆହାର ସହ ନିୟମିତ ବ୍ୟାୟାମ, ଯୋଗ, ଚଲାବୁଲା ଆଦି ଉପରେ ଦୃଷ୍ଟି ଦେଲେ, ଏହାକୁ ନିୟନ୍ତ୍ରଣରେ ରଖାଯାଇପାରିବ। ଲୋକମାନଙ୍କୁ ଏହି ରୋଗ ବାବଦରେ ସଚେତନ କରାଇବା ପାଇଁ ପ୍ରତିବର୍ଷ ଏକ ଥିମ୍ ବା ବିଷୟବସ୍ତୁ ଆଧାରରେ ମଧୁମେହ ଦିବସ ପାଳନ କରାଯାଏ। ଚଳିତ ବର୍ଷ ଏହି ଦିବସର ବିଷୟବସ୍ତୁ ହେଉଛି ", "Diabetes and Well-being."

## ସଞ୍ଜୀବନୀ

### କେଶ ପ୍ରତିରୋପଣ ପରେ ଯତ୍ନ



**ବର୍ତ୍ତମାନ ଯୁବପିଢ଼ିଙ୍କ ମଧ୍ୟରେ କେଶ ଝଡ଼ିବା ଏକ ବଡ଼ ସମସ୍ୟା। ବଂଶାନୁଗତ, ପ୍ରଦୂଷଣ, ମାନସିକ ଚାପ ଆଦି ଯୋଗୁଁ ଏପରି ହୋଇଥାଏ। ଏନେଇ ଚର୍ମ ବିଶେଷଜ୍ଞଙ୍କ ଦ୍ୱାରା ସମସ୍ତ ଚିକିତ୍ସାର ସୁଫଳ ନ ମିଳିଲେ କେଶ ପ୍ରତିରୋପଣ (ହେୟାର ଟ୍ରାନ୍ସପ୍ଲାଣ୍ଟ) କରାଯାଇଥାଏ। ଏହି ଆଧୁନିକ ଚିକିତ୍ସା ପ୍ରକ୍ରିୟାରେ ସ୍ୱତନ୍ତ୍ର ବିଧିରେ ନୂଆ କେଶ ସୃଷ୍ଟି କରାଯାଇଥାଏ। ତେବେ କେଶ ପ୍ରତିରୋପଣ ପରେ କେଶର ସଠିକ୍ ଯତ୍ନ ନେବା ନିହାତି ଆବଶ୍ୟକ।**

- କେଶ ପ୍ରତିରୋପଣର ୪୮ ଘଣ୍ଟା ମଧ୍ୟରେ କେଶକୁ ଧୁଅନ୍ତୁନି। ତିନିଦିନ ଯାଏଁ ସାଲାଇନ୍ ଲଗାଇବା ଆବଶ୍ୟକ। ପ୍ରଥମ ୧୦ ଦିନ ପିଠିରେ ଆଉଜେଇ ଶୁଅନ୍ତୁ। ନିଜର ସ୍କିନ୍ ଟାଇପ୍ ଅନୁସାରେ ବିନା ସୁଗନ୍ଧିତ ସାମ୍ପୋରେ ହାଲୁକା ଭାବେ କେଶ ସଫା କରିପାରିବେ। କେଶକୁ ପ୍ରାକୃତିକ ଉପାୟରେ ଶୁଖାଇବାକୁ ଦିଅନ୍ତୁ।
- କେଶ ପ୍ରତିରୋପଣର କିଛି ଦିନ ଯାଏଁ ଢ଼ିଲା ପୋଷାକ ପିନ୍ଧନ୍ତୁ। କେଶରେ ହାତ ମାରନ୍ତୁନି। ସର୍ଜରୀ ସ୍ଥାନରେ ଚାପ ପକାଇବା ଅନୁଚିତ। କେଶକୁ ସିଧାସଳଖ ସୂର୍ଯ୍ୟ କିରଣ ସଂସ୍ପର୍ଶରେ ଆସିବାକୁ ଦିଅନ୍ତୁନି।
- କେଶ ପ୍ରତିରୋପଣ ପରେ କିଛି ସପ୍ତାହ କେଶ ଝଡ଼ିବା ସାଧାରଣ କଥା। ଏହାକୁ 'ଶକ ଲସ' କୁହାଯାଏ। ୩ରୁ ୪ ମାସ ପରେ ନୂଆ କେଶ ସୃଷ୍ଟି ହୋଇ ୧୨ରୁ ୧୮ ମାସରେ କେଶ ସ୍ପଷ୍ଟ ଦେଖାଯାଏ। ଏହାବାଦ୍ ଯଦି ଯନ୍ତ୍ରଣା କିମ୍ବା ସଂକ୍ରମଣ ହୁଏ, ଡାକ୍ତରଙ୍କ ସହ ଯୋଗାଯୋଗ କରନ୍ତୁ।

### ବିରଳ ଅସ୍ତ୍ରୋପଚାର



ଦାନ୍ତବିନ୍ଧା ବା ଦାନ୍ତ ପୋକ ଖାଇବା ତ ସାଧାରଣ କଥା। ହେଲେ ଆଖିର ତଳ ଭାଗରେ ଦାନ୍ତ ଉଠିବା ଅବିଶ୍ୱସନୀୟ। ଚିକିତ୍ସା କ୍ଷେତ୍ରରେ ଏହି ସ୍ଥିତିକୁ 'ଏକ୍ଟୋପିକ୍ ଟୁଥ୍' ବା ଭୁଲ୍ ସ୍ଥାନରେ ଦାନ୍ତ ଉଠିବା କୁହାଯାଏ। ଏବେ ସୁଦ୍ଧା ଖୁବ୍ କମ୍ ଲୋକଙ୍କ କ୍ଷେତ୍ରରେ ଏହି ମାମଲା ଦେଖିବାକୁ ମିଳିଛି। ଏହି କ୍ରମରେ ପାଟନା, ଇନ୍ଦିରା ଗାନ୍ଧୀ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମେଡିକାଲ ସାଇନ୍ସ (ଆଇଜିଆଇଏମ୍‌ଏସ୍)ର ଦନ୍ତ ବିଭାଗର ଡାକ୍ତରମାନେ ଏହି ଦୁର୍ଲଭ ରୋଗର ସଫଳ ଚିକିତ୍ସା କରି ଉଦାହରଣ ସୃଷ୍ଟି କରିଛନ୍ତି। ବିହାରର ୪୫ ବର୍ଷୀୟ ରବି କୁମାରଙ୍କ ଦାନ୍ତରୁ ରକ୍ତ ବାହାରୁଥିଲା। ମୁହଁ ଫୁଲିବା ସହିତ ଦୃଷ୍ଟି ଶକ୍ତି ହ୍ରାସ, ମୁଣ୍ଡ ବିନ୍ଧା ହୋଇଥିଲା। ସ୍ଥିତି ଜଟିଳ ହେବାରୁ ସେ ଦୈନନ୍ଦିକ କାମ କରିପାରିନଥିଲେ। ହସ୍‌ପିଟାଲରେ ତାଙ୍କର ସିବିସିଟି ସ୍ୱାସ୍ଥ୍ୟ ପରୀକ୍ଷା କରାଯିବାରୁ ତାଙ୍କ ଆଖି ତଳେ ଏକ ଦାନ୍ତ ମିଳିଥିଲା। ଦନ୍ତ ଚିକିତ୍ସା ବିଭାଗର ମୁଖ୍ୟ ଏବଂ ରେଡିଓଲୋଜି ବିଭାଗର ପ୍ରମୁଖ ଡାକ୍ତର ନିମ୍ମି ସିଂହଙ୍କ ତତ୍ତ୍ୱାବଧାନରେ ସ୍ୱତନ୍ତ୍ର ଡାକ୍ତରୀଦଳ ସାବଧାନ ସହିତ ଘଣ୍ଟା ଘଣ୍ଟା ଧରି ଅସ୍ତ୍ରୋପଚାର ଜରିଆରେ ଆଖି ତଳେ ଫସି ରହିଥିବା ଦାନ୍ତକୁ ବାହାରକୁ କାଢ଼ିଥିଲେ। ଅସ୍ତ୍ରୋପଚାର ପରେ ବ୍ୟକ୍ତିଙ୍କ ମୁହଁ ଫୁଲା କମ୍ ହେବା ସହିତ ଆଖିକୁ ସ୍ପଷ୍ଟ ଦେଖାଯାଇଥିଲା।

## ଚକ୍ଷୁରେ ମଧୁମେହର ପ୍ରଭାବ ଓ ପ୍ରତିକାର

**ଡା. ସଂଘମିତ୍ରା କାନୁନ୍‌ଗୋ**



ବର୍ତ୍ତମାନ ମଧୁମେହ ବହୁଳ ଭାବେ ଦେଖାଯାଉଛି। ଆନ୍ତର୍ଜାତୀୟ ଡାଇବେଟିସ୍ ଫେଡେରେସନ (୨୦୨୫) ର ନୂତନ ତଥ୍ୟ ଅନୁଯାୟୀ ୯ଜଣରୁ ଜଣେ ମଧୁମେହରେ ପୀଡ଼ିତ। ପ୍ରତି ୧୦ଜଣରୁ ୪ଜଣ ମଧୁମେହ ରୋଗୀ ଏହି ରୋଗରେ ପୀଡ଼ିତ ଥିବା ଜାଣି ନାହାଁନ୍ତି। ୨୦୨୪ ମସିହା ପର୍ଯ୍ୟନ୍ତ ବିଶ୍ୱବ୍ୟାପୀ ପ୍ରାୟତଃ ୫୮୯ ମିଲିୟନ୍ ବ୍ୟକ୍ତି ମଧୁମେହ ରୋଗରେ ପୀଡ଼ିତ ଅଛନ୍ତି, ୨୦୫୦ ମସିହା ସୁଦ୍ଧା ବିଶ୍ୱବ୍ୟାପୀ ୪୬% ବୃଦ୍ଧି ପାଇ ୮୫୩ ମିଲିୟନ ପର୍ଯ୍ୟନ୍ତ ପହଞ୍ଚିବ। ଚିନ୍ତାର ବିଷୟ, ପ୍ରତି ୫ ଜଣ ବୟସ୍କଙ୍କ ମଧ୍ୟରୁ ୪ ଜଣ ନିମ୍ନ ଏବଂ ମଧ୍ୟ ଆୟକାରୀ ଦେଶରେ ବାସ କରନ୍ତି। ଅଧିକାଂଶ ଲୋକଙ୍କର ରୋଗ ନିର୍ଣ୍ଣୟ କରାଯାଇନଥାଏ। ଭାରତରେ ମଧୁମେହ ଏକ ସଙ୍କଟ ଭାବେ ଉଭା ହୋଇଛି, ଯେଉଁଥିରେ ପ୍ରାୟ ୧୦୧ ନିୟୁତ ଲୋକ ପୀଡ଼ିତ ଅଛନ୍ତି ଏବଂ ୧୩୨ ନିୟୁତ ଲୋକ ପ୍ରି – ଡାଇବେଟିସ୍‌ରେ ପୀଡ଼ିତ। ମଧୁମେହ ସହିତ ଡାଇବେଟିକ୍ ରେଟିନୋପାଥି ବି ବୃଦ୍ଧି ପାଉଛି। ଡାଇବେଟିକ୍ ରେଟିନୋପାଥି ହେଉଛି ମଧୁମେହ ରୋଗର ଏକ ଅଣୁ ରକ୍ତକାରୀ ଜଟିଳତା। ଏହା ଆଖିର ରେଟିନାକୁ ପ୍ରଭାବିତ କରେ। ବିଶ୍ୱବ୍ୟାପୀ ବୟସ୍କଙ୍କ କ୍ଷେତ୍ରରେ ଏହା ନିବାରଣ ଯୋଗ୍ୟ ଦୃଷ୍ଟିହୀନର ମୂଳ କାରଣ। ଏହି ରୋଗ ଦୀର୍ଘକାଳୀନ ଉଚ୍ଚ ରକ୍ତ ଶର୍କରା ଦ୍ୱାରା ହୁଏ। ରେଟିନାର କ୍ୟାପିଲାରୀକୁ ଧୀରେ ଧୀରେ କ୍ଷତିଗ୍ରସ୍ତ କରେ। ବିଶ୍ୱର ପାଖାପାଖି ୪୫% ମଧୁମେହ ରୋଗୀଙ୍କୁ ଏହା ପ୍ରଭାବିତ କରେ। ମଧୁମେହର ଅବଧି, ରକ୍ତ ଶର୍କରା ଅନିୟନ୍ତ୍ରଣ, ଉଚ୍ଚ ରକ୍ତ ଚାପ, ଅସାଧାରଣ ଲିପିଡସ୍ତର ଓ ନେଫ୍ରୋ–ପାଥି ଏହି ରୋଗ ବଢ଼ାଇବାର ମୁଖ୍ୟ କାରଣ। ଟାଇପ୍ ୧ ଏବଂ ଟାଇପ୍ ୨ ମଧୁମେହ ରୋଗୀମାନେ ଏଥିରେ ପୀଡ଼ିତ ହୋଇଥାନ୍ତି। ଦୀର୍ଘ କାଳୀନ ରକ୍ତ ଶର୍କରା ଯୋଗୁ ରେଟିନାକୁ ଅମ୍ଳଜାନ ଯୋଗାଇବାରେ ବାଧା ସୃଷ୍ଟି କରେ। ଯାହା ଦ୍ୱାରା ନୂତନ ରକ୍ତ ନଳୀ ଗଠନ ହୋଇଥାଏ। ଏଥିରେ ରେଟିନାର ପୀତବିନ୍ଦୁ ଫୁଲିବା ଓ ରକ୍ତସ୍ରାବକୁ ବଢ଼ାଏ।

ମଧୁମେହ ରୋଗ ଯୋଗୁ ଆଖିର ପ୍ରଭାବକୁ ୨ ଭାଗରେ ବିଭକ୍ତ କରାଯାଇଛି। ପ୍ରଥମତଃ ନନ୍ ପ୍ରୋଲିଫେରେଟିଭ୍ ଡାଏବେଟିକ୍ ରେଟିନୋପାଥି ଏବଂ ଅନ୍ୟଟି ପ୍ରୋଲିଫେରେଟିଭ୍ ଡାଏବେଟିକ୍ ରେଟିନୋପାଥି।

ଏହି ରୋଗର ପ୍ରାରମ୍ଭିକ ଅବସ୍ଥାରେ କୌଣସି ବିଶେଷ ଲକ୍ଷଣ ଦେଖାଯାଏ ନାହିଁ। ପରବର୍ତ୍ତୀ ସମୟରେ ଝାପ୍‌ସା ଦିଶିବା, ଆଖି ସାମ୍ନାରେ କଳା ଛାଇ ଭାସି ଉଠିବା, ହଠାତ୍ ଦୃଷ୍ଟିଶକ୍ତି ଚାଲିଯିବା, ମଝିରେ ମଝିରେ ବିଜୁଳି ମାରିଲା ଭଳି ଲାଗିବା ଆଦି ଲକ୍ଷଣ ଦେଖାଯାଏ।

- ଏହି ରୋଗରେ ପୀଡ଼ିତ ବ୍ୟକ୍ତି ବର୍ଷରେ ଥରେ ଚକ୍ଷୁର ସ୍ୱାସ୍ଥ୍ୟ ପରୀକ୍ଷା କରିବା ଉଚିତ। ରକ୍ତଶର୍କରାକୁ ନିୟନ୍ତ୍ରଣ ରଖିବା, ରକ୍ତଚାପ, କୋଲେଷ୍ଟ୍ରଲ, ବୃକ୍‌କର କାର୍ଯ୍ୟକ୍ଷମତା ଅବସ୍ଥାକୁ ନିୟମିତ ପରୀକ୍ଷା କରିବା ଜରୁରି।
- ଗର୍ଭାବସ୍ଥାରେ ଏହି ରୋଗର ଗତି ବଢ଼ିଯାଉଥିବାରୁ କଡ଼ା ନିରୀକ୍ଷଣ ନିତାନ୍ତ ଆବଶ୍ୟକ। ସେହିପରି ଏଆଇ ଆଧାରିତ ରେଟିନା ସ୍କ୍ରିନିଂ ପ୍ରଣାଳୀ ବ୍ୟବହାର କରି ରୋଗର ଚିହ୍ନଟ କରିବା ଉଚିତ। ଡାଇବେଟିକ୍ ରେଟିନୋପାଥିର ଗତିକୁ ଧୀର କରିବା ତଥା ଦୃଷ୍ଟିଶକ୍ତି ନ ହରାଇବାକୁ ଶୀଘ୍ର ଚିହ୍ନଟ ଓ ଚିକିତ୍ସା ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ।
- ଦୃଷ୍ଟିର ଫଳାଫଳ କୋମାରବିଡିଟି ରୋଗର ନିୟନ୍ତ୍ରଣ ଏବଂ ରେଟିନାର ପ୍ରଭାବ ଉପରେ ନିର୍ଭର କରେ। ରୋଗର ଲକ୍ଷଣ ଦେଖାଯିବା ପୂର୍ବରୁ ନିୟମିତ ଚକ୍ଷୁ ପରୀକ୍ଷା କରିବା ଦରକାର।
- ଆଧୁନିକ ଚିକିତ୍ସା ପ୍ରଣାଳୀରେ ଓସିଟି, ଆଞ୍ଜିଓଗ୍ରାଫି କରିବା ଦରକାର। ଚକ୍ଷୁ ଭିତରେ ଷ୍ଟେରଏଡ ଇଞ୍ଜେକସନ୍ ଏବଂ ଆଣ୍ଟି ଭିଜିଏଫ୍ ଦେଇ ଚିକିତ୍ସା କରାଯାଏ।
- ଟେଲି ଅଫ୍‌ଥାଲମୋଲୋଜିରେ ରୋଗର ନିରୂପଣ ଏବଂ ଚିକିତ୍ସା ପାଇଁ ଉପଦେଶ ଦେଇହେବ।

କନ୍‌ସଲଟାଣ୍ଟ ଭିଟ୍ରିଓ ରେଟିନା
କର ଭିଜନ ଆଇ ହସ୍‌ପିଟାଲ୍, ଭୁବନେଶ୍ୱର

## ପ୍ରଦୂଷିତ ପରିବେଶରେ କେମିତି ନେବେ ଯତ୍ନ

**ଜଳବାୟୁ ପରିବର୍ତ୍ତନ, କଳକାରଖାନାରୁ ନିର୍ଗତ ଧୂଆଁ ଆଦି କାରଣରୁ ଦିନକୁ ଦିନ ବାୟୁ ପ୍ରଦୂଷଣ ବୃଦ୍ଧି ପାଉଛି। ଆଜ୍‌ମା ରୋଗୀ, ଶିଶୁଙ୍କ ଉପରେ ଏହାର ପ୍ରଭାବ ଅଧିକ ପଡ଼ୁଛି। ତେଣୁ ଏହି ସମୟରେ ସେମାନଙ୍କ ଯତ୍ନ କିପରି ନେବେ ଜାଣନ୍ତୁ।**

ପ୍ରଦୂଷିତ ବାୟୁରେ ଥିବା ଅତ୍ୟଧିକ ଛୋଟ କଣିକା ପିଏମ୍ ୨.୫ ମାତ୍ରା ବଢ଼ିଗଲେ, ଏହା ନାକ ବାଟେ ଛାତିକୁ ଯାଇ ରକ୍ତରେ ମିଶିଯାଇଥାଏ। ବୃକ୍‌କ, ହୃତ୍‌ପିଣ୍ଡ, ଯକୃତ, ଚର୍ମ ଉପରେ ପ୍ରଭାବ ପକାଇବା ସହ ଶ୍ୱାସସମ୍ବନ୍ଧୀୟ ସମସ୍ୟା ସୃଷ୍ଟି କରେ।

**ଆଜ୍‌ମା ପ୍ରତି ଯତ୍ନବାନ ଜରୁରି:** ଆଜ୍‌ମା ଏକ ଫୁସ୍‌ଫୁସ୍‌ଜନିତ ରୋଗ। ଏହି ରୋଗରେ ଫୁସ୍‌ଫୁସ୍‌ର କାର୍ଯ୍ୟଧାରା ପ୍ରଭାବିତ ହୁଏ। ନିଃଶ୍ୱାସ ପ୍ରଶ୍ୱାସ ନେବାରେ ସମସ୍ୟା ହୁଏ। ତେଣୁ ପ୍ରଦୂଷିତ ବାୟୁ ସଂସ୍ପର୍ଶରେ ଆସି ବାରମ୍ବାର ଛିଙ୍କିଲେ, ଶ୍ୱାସକ୍ରିୟାରେ ସମସ୍ୟା ହେଲେ ଡାକ୍ତରଙ୍କ ପରାମର୍ଶ ନେବା ସହ ଔଷଧ ସେବନ କରନ୍ତୁ। ସର୍ବଦା ପାଖରେ ଇନ୍‌ହେଲର ରଖନ୍ତୁ। ବାମ୍ଫ ନେଇପାରିବେ। ଏନ୍‌୯୫ ମାସ୍କ ପିନ୍ଧି ପାରିବେ।

**ପିଲାଙ୍କ ଯତ୍ନ:** ବାୟୁ ପ୍ରଦୂଷଣ ଯୋଗୁ ଶିଶୁଙ୍କ ଶାରିରୀକ ଓ ମାନସିକ ବିକାଶରେ ବାଧା ସୃଷ୍ଟି ହୁଏ। ଫୁସ୍‌ଫୁସ୍, ହୃଦ୍‌ପିଣ୍ଡ ଏବଂ ରୋପ୍ରତିରୋଧକ ଶକ୍ତି ପ୍ରଭାବିତ ହୁଏ। ପିଲାଙ୍କୁ ଆଜ୍‌ମା, ବ୍ରୋଙ୍କାଇଟିସ୍, ବାରମ୍ବାର ଥଣ୍ଡା, ଜ୍ୱର, ଚିନ୍ତା ଚିଡ଼ିଚିଡ଼ାପଣ ସୃଷ୍ଟି ହେବାର ଆଶଙ୍କା ଅଧିକ ରହିଥାଏ। ତେଣୁ ପ୍ରଦୂଷଣରୁ ଦୂରେଇ ରଖିବାକୁ ବାହାରକୁ ମାସ୍କ ପିନ୍ଧାଇ ଛାଡ଼ନ୍ତୁ। ପିଲାଙ୍କ ପାଖରେ ଧୂମପାନ ନ କରିବା ଆବଶ୍ୟକ। ପର୍ଯ୍ୟାପ୍ତ ମାତ୍ରାରେ ପାଣି, ପଇଡ଼, ସୁପ ଆଦି ତରଳ ପଦାର୍ଥ ଦେଇପାରିବେ। ଖାଦ୍ୟରେ ଭିଟାମିନ୍-ସି ଓ ଇ, ଫଳ, ସବୁଜ ପରିବା ଆଦି ସାମିଲ କରିପାରିବେ। ନିଃଶ୍ୱାସ ନେବାରେ ସମସ୍ୟା ହେଲେ, ଡାକ୍ତରଙ୍କୁ ଯୋଗାଯୋଗ କରନ୍ତୁ।



# ଏସୀୟ ତୀରନ୍ଦାଜୀ: ଜ୍ୟୋତିଙ୍କୁ ୨ ସ୍ୱର୍ଣ୍ଣ

ଢାକା, ୧୩।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ଏସୀୟ ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ଗୁରୁବାର



ଭାରତୀୟ ଦଳ ୪ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୩ଟି ସ୍ୱର୍ଣ୍ଣପଦକ ଓ ଗୋଟିଏ ରୌପ୍ୟ ପଦକ ରହିଛି। ମହିଳା କମ୍ପାଉଣ୍ଡ ବ୍ୟକ୍ତିଗତ ଫାଇନାଲରେ ଜ୍ୟୋତି ସୁରେଖା ୧୪୭-୧୪୫ ସ୍କୋରରେ ସାଥୀ ଭାରତୀୟ ତୀରନ୍ଦାଜ ପ୍ରୀତିକା ପ୍ରଦୀପଙ୍କୁ ପରାସ୍ତ କରି ସ୍ୱର୍ଣ୍ଣ ବିଜୟୀ ହୋଇଥିଲେ। ଏହାପରେ ପ୍ରଥମେଶ, ସାହିଲ ଯାଦବ ଓ ଅଭିଷେକ ବର୍ମାଙ୍କୁ ନେଇ ଗଠିତ ଭାରତୀୟ ଦଳ ପୁରୁଷ ଟିମ୍ ଇଭେଣ୍ଟର ଫାଇନାଲରେ କାଜାଖସ୍ତାନ ନିକଟରୁ ହାରି ରୌପ୍ୟ ପଦକ ପାଇଥିଲେ। ମହିଳା ଟିମ୍ ଇଭେଣ୍ଟ ଫାଇନାଲରେ ଭାରତ ୨୩୬-୨୩୪ ସ୍କୋରରେ କୋରିଆକୁ ହରାଇ ସ୍ୱର୍ଣ୍ଣ ପଦକ ବାଜିମାତ୍ କରିନେଇଥିଲା। ଜ୍ୟୋତି, ପ୍ରୀତିକା ଓ ଦୀପଶିଖା ଭାରତୀୟ ମହିଳା ଦଳର ସଦସ୍ୟା ରହିଥିଲେ। ଭାରତ ଏହାର ୩ୟ ସ୍ୱର୍ଣ୍ଣପଦକ ମିକ୍ସଡ ଟିମ୍ ଇଭେଣ୍ଟରେ ବିଜୟୀ ହୋଇଥିଲା। ଅଭିଷେକ ଓ ଦୀପଶିଖାଙ୍କ ଯୋଡ଼ି ୧୫୩-୧୫୧ ସ୍କୋରରେ ବାଂଲାଦେଶକୁ ହରାଇ ଚାମ୍ପିଅନ ହୋଇଥିଲା।

# ଓମ୍‌ଙ୍କ ଶତକ; ଝାଡ଼ଖଣ୍ଡକୁ ହରାଇଲା ଓଡ଼ିଶା

ଭୁବନେଶ୍ୱର, ୧୩।୧୧ (ସମିସ): ବିସିସିଆଇ ଆନୁକୂଲ୍ୟରେ ଚାଲିଥିବା ୨୩ ବର୍ଷରୁ କମ୍ ପୁରୁଷ ଷ୍ଟେଟ୍-ଏ



ଟ୍ରଫିରେ ଓଡ଼ିଶା ଦ୍ୱିତୀୟ ବିଜୟ ହାସଲ କରିଛି। ଗୁରୁବାର ଭଦୋଦରାର ଦର୍ଶନମ ଏକାଡେମୀରେ ଅନୁଷ୍ଠିତ ଏକ ମ୍ୟାଚରେ ଓଡ଼ିଶା ୪ ୱିକେଟ୍‌ରେ ଝାଡ଼ଖଣ୍ଡକୁ ପରାସ୍ତ କରିଛି। ଟସ୍ ଜିତି ବ୍ୟାଟିଂ କରିଥିବା ଝାଡ଼ଖଣ୍ଡ ଓପନର ବିଶେଷ ଦତ୍ତ (୯୪ ରନ) ଓ ଅଧିନାୟକ ରାଜନ ଦୀପ୍ (୪୯) ଙ୍କ ଉପଯୋଗୀ ବ୍ୟାଟିଂ ବଳରେ ୫୦ ଓଭରରେ ୮ ୱିକେଟ୍ ହରାଇ ୨୪୧ ରନ କରିଥିଲା। ଓଡ଼ିଶାର ସୌମ୍ୟରଞ୍ଜନ ଲେଙ୍କା ୩ ଓ ପାନକଳ ଶଶାଙ୍କ ୨ଟି ୱିକେଟ୍ ନେଇଥିଲେ।

**ଷ୍ଟେଟ୍-ଏ ଟ୍ରଫି**

ଜବାବରେ ଓଡ଼ିଶା ଇନିଂସର ପ୍ରଥମ ୩ଟି ବଲ୍‌ରେ ପାନକଳ ଓ ଆୟୁଷ ବାରିକଙ୍କ ୱିକେଟ୍ ହରାଇଥିଲା। ତେବେ ତଥା ଅଧିନାୟକ ଓମ୍ ଟି ମୁଣ୍ଡେଙ୍କ ଦମ୍‌ଦାର ଶତକୀୟ ଇନିଂସ ବଳରେ ଦଳ ୧୦ଟି ବଲ୍ ପୂର୍ବରୁ ୬ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଓମ୍ ୮ ଚୌକା ଓ ଗୋଟିଏ ଛକା ବଳରେ ୧୧୬ ବଲରୁ ୧୦୭ ରନ କରିଥିଲେ। ସୌମ୍ୟ ମଧ୍ୟ ୧୯ ବଲରେ ଅପରାଜିତ ୪୦ ରନର ଇନିଂସ ଖେଳି ଶ୍ରେଷ୍ଠ ଅଲ୍‌ରାଉଣ୍ଡ ପ୍ରଦର୍ଶନ କରିଥିଲେ।

## ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ

# ସ୍ପିନର ନେବେ ନିର୍ଣ୍ଣାୟକ ଭୂମିକା: ଗିଲ୍

କୋଲକାତା,୧୩ା୧୧(ଏଜେନ୍ସି):

ଘରୋଇ ଭାରତ ଓ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ମଧ୍ୟରେ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ଆସନ୍ତାକାଲିଠାରୁ ଆରମ୍ଭ ହେବ। କୋଲକାତାର ପ୍ରସିଦ୍ଧ ଇଡେନ୍ ଗାର୍ଡେନ୍ସରେ ଏହି ମୁକାବିଲା ଶୁକ୍ରବାରରୁ ଆରମ୍ଭ ହୋଇ ମଙ୍ଗଳବାର ଶେଷ ହେବ। ୱାର୍ଲ୍ଡ ଟେଷ୍ଟ ଚାମ୍ପିଅନସିପ୍ ଲାଗି ଏହି ସିରିଜ୍ ଉଭୟ ଦଳ ଲାଗି ଗୁରୁତ୍ୱପୂର୍ଣ୍ଣ। ଏବେ ଦକ୍ଷିଣ ଆଫ୍ରିକା ବିଶ୍ୱ ଟେଷ୍ଟ ଚାମ୍ପିଅନ ଭାବେ ଏହି ସିରିଜ୍ ଖେଳିବ। ଅନ୍ୟ ପକ୍ଷରେ ଘରୋଇ ମାଟିରେ ଅତ୍ୟନ୍ତ ପ୍ରଭାବୀ ପ୍ରଦର୍ଶନ କରିଥିବା ଭାରତ ଦକ୍ଷିଣ ଆଫ୍ରିକାକୁ ପୁଣିଥରେ ହରାଇ ସିରିଜ୍ କବଜା କରିବ ବୋଲି ଆଶା ରଖିଛି। ଭାରତରେ ୨୦୦୧ ପରଠାରୁ ଦକ୍ଷିଣ ଆଫ୍ରିକା ୫ଟି ସିରିଜ୍ ଖେଳିବାକୁ ଆସିଥିଲେ ମଧ୍ୟ ମାତ୍ର ୨ଟି ଟେଷ୍ଟରେ ବିଜୟୀ ହୋଇଛି। ଏହି ଦଳର କୋଚ୍ ଶୁକରି କନରାଡଙ୍କ ମତରେ ଆମେ ଏଥର ଇତିହାସ ସୃଷ୍ଟି କରିବୁ ବୋଲି କହିଛନ୍ତି। ଏହାର ଅର୍ଥ ବିଶ୍ୱଚାମ୍ପିଅନ ଦକ୍ଷିଣ ଆଫ୍ରିକା ୧୯୯୭-୯୮ ପରେ ପ୍ରଥମଥର ଭାରତରେ ଟେଷ୍ଟ ସିରିଜ୍ ଜିତିବ ବୋଲି କନରାଡ୍ ପରୋକ୍ଷାରେ ଚେତାବନୀ ଦେଇଛନ୍ତି। ଅନ୍ୟ ପକ୍ଷରେ ଏହି ମୁକାବିଲା ଲାଗି ଭାରତ ଜୋରଦାର ପ୍ରସ୍ତୁତି କରିଛି ଓ କୌଣସି ପରିସ୍ଥିତିରେ ସିରିଜ୍ ହାତଛଡ଼ା କରିବ ନାହିଁ ବୋଲି ଆଶା ରଖିଛି।

ଖେଳ ଆରମ୍ଭ ପୂର୍ବରୁ ଆଜି ହୋଇଥିବା ସାମ୍ବାଦିକ ସମ୍ମିଳନୀରେ ଭାରତୀୟ ଅଧିନାୟକ ଶୁବମନ ଗିଲ୍ କହିଛନ୍ତି, ଏହି ଟେଷ୍ଟର ଫଳାଫଳରେ ସ୍ପିନରମାନେ ନିର୍ଣ୍ଣାୟକ ଭୂମିକା ନେବେ। ଏହା ଅର୍ଥ ସ୍ପଷ୍ଟ ଯେ ଭାରତ ଏହି ମ୍ୟାଚ୍‌ରେ ୩ଜଣ ସ୍ପିନରଙ୍କୁ ଖେଳିବାର ସୁଯୋଗ ଦେବ। ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦରଙ୍କ ସହ କୁଲଦୀପ ଯାଦବ କିମ୍ବା ଅକ୍ଷର ପଟେଲ ଖେଳିବେ। ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଦକ୍ଷିଣ ଆଫ୍ରିକା-ଏ’ ସହ ଦିନିକିଆ ଖେଳିବାକୁ ଛାଡ଼ି ଦେଇଥିବାରୁ ଧ୍ରୁବ ଜୁରେଲଙ୍କୁ ଜଣେ ବ୍ୟାଟର ଭାବେ ଏହି ମ୍ୟାଚ୍ ଖେଳିବା ସ୍ପଷ୍ଟ ହୋଇଛି।



**ଖେଳ ଆରମ୍ଭ : ସକାଳ ୯.୩୦**
**ପ୍ରସାରଣ : ଷ୍ଟାରସ୍ପୋର୍ଟ୍ସ ନେଟ୍‌ୱର୍କ**
**ଲାଇଭ୍ ଷ୍ଟ୍ରିମିଂ : ଜିଓହଟ୍‌ଷ୍ଟାର**

ଅବଶ୍ୟ ସହକାରୀ କୋଚ୍ ର୍ୟାନ୍ ଟେନ୍ ଡୋଶ୍ଚେଟ ପୂର୍ବରୁ ଏହି ସୂଚନା ଦେଇଥିଲେ। ଯଶପ୍ରୀତ୍ ବୁମ୍‌ରା ଓ ମହମ୍ମଦ୍ ସିରାଜ ପେସ୍ ବୋଲରଭାବେ ଖେଳିବେ। ବ୍ୟାଟିଂରେ ଦଳ ଚୟନ ନେଇ କିଛି ଅସୁବିଧା ନାହିଁ। ଓପନର ଭାବେ ଯଶସ୍ୱୀ ଜୟସ୍ୱାଲ ଓ ଲୋକେଶ ରାହୁଲ, ନଂ-୩, ୪, ୫ ଓ ୬ରେ ଯଥାକ୍ରମେ ସାଇ ସୁଦର୍ଶନ, ଅଧିନାୟକ ଶୁବମନ ଗିଲ୍, ଦୁଇ ୱିକେଟରକ୍ଷକ ଋଷଭ ପନ୍ତ୍ ଓ ଧ୍ରୁବ ଜୁରେଲ ଖେଳିବେ।

ଅନ୍ୟପକ୍ଷରେ ଦକ୍ଷିଣ ଆଫ୍ରିକା ଏହି ସିରିଜ୍‌ରେ ଭଲ ଖେଳିବାକୁ ଦୃଢ଼ ଆଶା ପୋଷଣ କରିଛି। ଅଷ୍ଟ୍ରେଲିଆକୁ ହରାଇ ବିଶ୍ୱ ଚାମ୍ପିଅନ ହୋଇଥିବା ଏହି ଭ୍ରମଣକାରୀ ଦଳ ପାକିସ୍ତାନ ସହ ୧-୧ରେ ମ୍ୟାଚ୍ ଡ୍ର ରଖି ଲଢୁଆ ଖେଳିଛି। ଦଳରେ ୩ଜଣ ଭଲ ସ୍ପିନର କେଶବ ମହାରାଜ, ସେନୁରନ ମୁଥୁସ୍ୱାମୀ ଓ ସାଇମନ ହାର୍ମର ରହିଛନ୍ତି। ଏହି ଦଳରେ କେହି ନବାଗତ ଖେଳାଳି ନ ଥିଲେ ମଧ୍ୟ ସମସ୍ତେ ଅଭିଜ୍ଞ ହୋଇ ଏଠାରେ ଲଢ଼େଇ କରିବାକୁ ଆସିଛନ୍ତି। ଭାରତୀୟ ପିଚ୍ ଓ ଖେଳାଳିଙ୍କ ସମ୍ପର୍କରେ ଏହି ଦଳର ବେଶ ଭଲ ଅଭିଜ୍ଞତା ରହିଛି।

ଉଭୟ ଭାରତୀୟ ଅଧିନାୟକ ଶୁବମନ ଗିଲ୍ ଓ ଦକ୍ଷିଣ ଆଫ୍ରିକା କୋଚ୍ ଶୁକରି କନରାଡ ଏଠାରେ ସ୍ପିନରମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେବେ ଆଶା କରୁଛନ୍ତି। କିନ୍ତୁ ଏମାନେ ଖେଳର ତୃତୀୟ ଦିନରେ ପ୍ରଭାବ ପକାଇପାରିବେ। ପ୍ରଥମ ଦୁଇଦିନ କିନ୍ତୁ ପେସ୍ ବୋଲରଙ୍କ ଦବ୍‌ଦବା ରହିବ। ଭାରତରେ ଦକ୍ଷିଣ ଆଫ୍ରିକା ଗତ ୭ଟି ଟେଷ୍ଟରେ ଟସ୍ ଜିତିନାହିଁ। ଅଧିନାୟକ ଗିଲ୍ ୭ଟି ଟେଷ୍ଟରୁ ମାତ୍ର ଗୋଟିକରେ ଟସ୍ ଜିତିଛନ୍ତି। ଏଠାରେ ଟସ୍ ଗୁରୁତ୍ୱପୂର୍ଣ୍ଣ ହୋଇଥିବାରୁ ଏହା ଉପରେ ଦଳର ପ୍ରଦର୍ଶନରୁ ଫଳାଫଳ ବାହାରିବା ନିର୍ଭର କରୁଛି।

### ସମ୍ଭାବ୍ୟ ଦଳ

**ଭାରତ :** ଲୋକେଶ ରାହୁଲ, ଯଶସ୍ୱୀ ଜୟସ୍ୱାଲ, ସାଇ ସୁଦର୍ଶନ, ଶୁବମନ ଗିଲ୍ (ଅଧିନାୟକ), ଋଷଭ ପନ୍ତ୍ (ଉପଅଧିନାୟକ) ଓ ଧ୍ରୁବ ଜୁରେଲ, ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ଯଶପ୍ରୀତ୍ ବୁମ୍‌ରା, ମହମ୍ମଦ୍ ସିରାଜ।

ରିଜର୍ଭ- ଦେବଦତ୍ତ ପାଡିକଲ, ଅକ୍ଷର ପଟେଲ, ଆକାଶଦୀପ୍

**ଦକ୍ଷିଣ ଆଫ୍ରିକା :** ଆଇଡେନ୍ ମାରକ୍ରମ, ରିୟାନ ରିକେଟଲନ, ଟ୍ରିଷ୍ଟାନ ଷ୍ଟବ୍‌ସ, ଟୋନି ଡି ଜୋର୍ଜି, ତେମ୍ବା ବଭୂମା (ଅଧିନାୟକ), କାଏଲ ଭେରିନ (ଉଭୟ ୱିକେଟରକ୍ଷକ/ବ୍ୟାଟର), ମାର୍କୋ ଜାନସେନ୍, କାଗିସୋ ରାବାଡା, ସେନୁରନ ମୁଥୁସ୍ୱାମୀ, କେଶବ ମହାରାଜ, ସାଇମନ୍ ହାର୍ମର।

ରିଜର୍ଭ- ଡିୱାଲ୍ଡ ବ୍ରେଭିସ୍, ଜୁବେର ହାମ୍‌ଜା, କୋର୍ବିନ ବୋଶ୍, ୱିଆନ ମୁଲ୍ଡର

■ ଆଇପିଏଲ୍-୧୯

# ଡିସେମ୍ବର ୧୬ ଆବୁଧାବିରେ ନିଲାମ

ନୂଆଦିଲ୍ଲୀ, ୧୩।୧୧ (ଏଜେନ୍ସି): ଆଇପିଏଲର ଆଗାମୀ ୧୯ତମ ସଂସ୍କରଣ ଲାଗି ଖେଳାଳି ନିଲାମ ଡିସେମ୍ବର ୧୬ରେ ଆବୁଧାବିରେ ଅନୁଷ୍ଠିତ ହେବ ଓ ଏହା ଗୋଟିଏ ଦିନରେ ଶେଷ କରିବାକୁ ବିସିସିଆଇ ନିଷ୍ପତ୍ତି ନେଇଛି। ସମସ୍ତ ୧୦ଟି ଫ୍ରାଞ୍ଚାଇଜ ସେମାନଙ୍କ ଚୂଡ଼ାନ୍ତ ଟିମ୍ ଏହି ନିଲାମୀ ଜରିଆରେ ଫାଇନାଲ କରିବେ। ନଭେମ୍ବର ୧୫ ସୁଦ୍ଧା ସମସ୍ତ ଫ୍ରାଞ୍ଚାଇଜକୁ ସେମାନଙ୍କ ଚୂଡ଼ାନ୍ତ ରିଟେନସନ ତାଲିକା ପ୍ରଦାନ କରିବାକୁ କୁହାଯାଇଛି।

# ଭାରତ-ଏ ବିଜୟୀ

ରାଜକୋଟ, ୧୩।୧୧ (ଏଜେନ୍ସି): ଓପନର ଋତୁରାଜ ଗାଏକ୍ୱାଡଙ୍କ ୧୧୭ ସହାୟତାରେ ଏଠାରେ ଗୁରୁବାର ଅନୁଷ୍ଠିତ ପ୍ରଥମ ଅନ୍‌ଅଫିସିଆଲ୍ ଦିନିକିଆରେ ଭାରତ-ଏ’ ୪ ୱିକେଟ୍‌ରେ ଦ.ଆଫ୍ରିକା-ଏ’କୁ ପରାସ୍ତ କରିଛି। ରବିବାର ଦ୍ୱିତୀୟ ମ୍ୟାଚ୍ ଏଠାରେ ଖେଳାଯିବ।

# ଏମ୍‌ଆଇରେ ଶାର୍ଦ୍ଦୁଳ

ମୁମ୍ବଇ, ୧୩।୧୧ (ଏଜେନ୍ସି): ଆଇପିଏଲ୍‌ର ୧୯ତମ ସିଜନ ଲାଗି ଲକ୍ଷ୍ନୌ ସୁପର୍ ଜାଏଣ୍ଟ୍‌ସର ଶାର୍ଦ୍ଦୁଳ ଠାକୁରଙ୍କୁ ୨ କୋଟି ଓ ଗୁଜରାଟ ଟାଇଟାନ୍ସର ଶେରଫାନ ରଦରଫୋର୍ଡଙ୍କୁ ୨.୬ କୋଟି ଟଙ୍କା ବିନିମୟରେ ମୁମ୍ବଇ ଇଣ୍ଡିଆନ୍ସ (ଏମ୍‌ଆଇ) ଦଳରେ ଟ୍ରେଡ୍ ଡିଲ୍ ମାଧ୍ୟମରେ ସାମିଲ କରିଛି। ଏହା ମଧ୍ୟରେ ଲକ୍ଷ୍ନୌର ଶାର୍ଦ୍ଦୁଳ ଠାକୁରଙ୍କୁ ମୁମ୍ବଇ ଇଣ୍ଡିଆନ୍ସ ୨ କୋଟି ଟଙ୍କାରେ ଟ୍ରେଡ୍ ଡିଲ୍ ମାଧ୍ୟମରେ କିଣିନେଇଛି।

**ରାଜ୍ୟସ୍ତରୀୟ ଶବର କପ ଫୁଟବଲ**

# ସେମିରେ ବୌଦ୍ଧର ଗେହ୍ଲା କ୍ଲବ୍



ଯାଁଳା,୧୩।୧୧(ସମିସ): ବୌଦ୍ଧର ଗେହ୍ଲା କ୍ଲବ୍ ରାଧାଚରଣପୁର ଖେଳ ପଡିଆରେ ଚାଲିଥିବା ୨୭ତମ ରାଜ୍ୟସ୍ତରୀୟ ଶବର କପ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ଆସନ୍ତାକାଲି ଢେଙ୍କାନାଳର ପପୁଲାର କ୍ଲବ ଓ ଗେଲ୍ଲା କ୍ଲବ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ। ଗୁରୁବାର ଅନୁଷ୍ଠିତ କ୍ୱାର୍ଟର ଫାଇନାଲ ମୁକାବିଲାରେ ଗେଲ୍ଲା ୪-୧ ଟାଇବ୍ରେକର ଗୋଲରେ ଜଟଣୀର ଫ୍ରେଣ୍ଡସ୍ ପାଇଡାଇଜ କ୍ଲବ୍‌କୁ ପରାସ୍ତ କରି ଏହି ସଫଳତା ହାସଲ କରିଛି। ସଂଘର୍ଷ ପୂର୍ଣ୍ଣ ଏହି ମ୍ୟାଚର ପ୍ରଥମାର୍ଦ୍ଧରେ କୌଣସି ଦଳ କାହାରିକୁ ଗୋଲ ଦେଇ ପାରିନଥିଲେ। ଖେଳର ଦ୍ୱିତୀୟାର୍ଦ୍ଧର ୧୦ ମିନିଟ ସମୟରେ ଜଟଣୀ ଦଳ ଗୋଲ ଦେଇ ଦଳକୁ ୧-୦ ରେ ଅଗ୍ରଣୀ ସ୍ଥିତିରେ ରଖିଥିଲେ। ଖେଳର ୪୫ ମିନିଟ ସମୟରେ ଗେହ୍ଲା କ୍ଲବ୍ ଗୋଲକୁ ଶୁଝାଇ ଖେଳକୁ ସମାନ ସ୍ଥିତିକୁ ଆଣିଥିଲେ। ନିର୍ଦ୍ଧାରିତ ସମୟ ମଧ୍ୟରେ ଉଭୟ ଦଳ ପରସ୍ପରକୁ ୧-୧ ଗୋଲ ଦେଇ ବରାବର ସ୍ଥିତିରେ ରଖିବାରୁ ଫଏସଲା ପାଇଁ ଟାଇବେକର ପଦ୍ଧତି ଅନୁସରଣ କରାଯାଇଥିଲା। ଏଥିରେ ଗେଲ୍ଲା କ୍ଲବ ବୌଦ୍ଧ ୪-୧ ଗୋଲରେ ବ୍ୟବଧାନରେ ବିଜୟୀ ହୋଇଥିଲା।

# ଆଜିଠାରୁ ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍

ଭୁବନେଶ୍ୱର,୧୩ା୧୧(ସମିସ):

ଓଡ଼ିଶା ଚେସ୍ ଇତିହାସରେ ଆସନ୍ତାକାଲିଠାରୁ ଏକ ନୂଆ ଅଧ୍ୟାୟ ସୃଷ୍ଟି ହେବାକୁ ଯାଉଛି। ପେସାଦାର ଚେସ୍ ଖେଳରେ ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ପକ୍ଷରୁ କ୍ରିକେଟରେ ଆଇପିଏଲ୍ ଢ଼ାଞ୍ଚାରେ ଫ୍ରାଞ୍ଚାଇଜ୍ ଭିତ୍ତିକ ୧୨ଟି ଦଳକୁ ନେଇ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହେବ। ରାଜଧାନୀର ହୋଟେଲ ଲାଇଫ୍‌ରେ ଏହି ଟୁର୍ଣ୍ଣାମେଣ୍ଟ ନଭେମ୍ବର ୧୪ରୁ ଆରମ୍ଭ ହୋଇ ୧୬ରେ ଶେଷ ହେବ। ଟୁର୍ଣ୍ଣାମେଣ୍ଟରେ ମୋଟ ୧୦ ଲକ୍ଷ ଟଙ୍କାର ପୁରସ୍କାର ରଖାଯାଇଛି। ଏହା ମଧ୍ୟରୁ ଚାମ୍ପିଅନ ଦଳକୁ ୫ଲକ୍ଷ ଟଙ୍କା ଓ ଟ୍ରଫି, ପ୍ରଥମ ରନର୍ସଅପ୍ ଦଳକୁ ୩ ଲକ୍ଷ ଟଙ୍କା ଓ ଟ୍ରଫି ଏବଂ ଦ୍ୱିତୀୟ ରନର୍ସ ଅପ୍ ଦଳକୁ ୨ଲକ୍ଷ ଟଙ୍କା ଓ ଟ୍ରଫି ପ୍ରଦାନ କରାଯିବ। ରାଉଣ୍ଡ ରବିନ ଲିଗ୍ ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ଗୋଟିଏ ଦଳ ୧୧ଟି ମ୍ୟାଚ୍ ଖେଳିବାର କାର୍ଯ୍ୟକ୍ରମ ରହିଛି।

ଟୁର୍ଣ୍ଣାମେଣ୍ଟର ନିୟମ ଅନୁଯାୟୀ ୧୨ଟି ଫ୍ରାଞ୍ଚାଇଜ୍ ଭିତ୍ତିକ ଦଳ ନିଲାମ ମାଧ୍ୟମରେ ଚୟନ କରାଯାଇଛି। ସେଗୁଡିକ ହେଲା- ଚୋଲ ଚାମ୍ପିଅନ୍ସ, କଳିଙ୍ଗ ୱାରିୟର୍ସ, ରାଜଧାନୀ ଚ୍ୟାଲେଞ୍ଜର୍ସ, ଗୋଲକୁଣ୍ଡା ଗାଡିଆନ୍ସ, ମହାନଦୀ ଫାଲକନ୍ସ,




ବାରବାଟୀ ବ୍ୟାଟଲର୍ସ, ଭିକ୍ଟୋରିଆ ଭିକ୍ଟର୍ସ, ଅମ୍ବର ଆଭେଞ୍ଜର୍ସ, ନାଳନ୍ଦା ନାଇଟ୍‌ସ, ସାଞ୍ଚି ଷ୍ଟ୍ରାଟେଜିଷ୍ଟ୍‌ସ, କୋଣାର୍କ କିଙ୍ଗ୍‌ସ ଏବଂ ଏଲୋରା ଏଲାଇଟ୍ସ। ପ୍ରତ୍ୟେକ ଦଳରେ ସର୍ବାଧିକ ୮ଜଣ ଖେଳାଳିଙ୍କୁ ସ୍ଥାନ ମିଳିବ। ସେମାନଙ୍କ ମଧ୍ୟରୁ ଜଣେ ମହିଳାଙ୍କ ସମେତ ୪ଜଣ ଓଡ଼ିଆ ଖେଳାଳି ରହିବା ବାଧ୍ୟତାମୂଳକ ହୋଇଛି। ଏଥିରେ ଜଣେ ଗ୍ରାଣ୍ଡ ମାଷ୍ଟର ଦୀପ୍ତାୟନ ଘୋଷ (ରେଟିଂ-୨୫୭୩- ନାଳନ୍ଦା ନାଇଟ୍ସ) ଖେଳୁଛନ୍ତି। ତାଙ୍କ ବ୍ୟତୀତ ୧୪ ଜଣ ଆଇଏମ୍ ବା ଇଣ୍ଟରନ୍ୟାସନାଲ ମାଷ୍ଟର, ୧୬ ଜଣ ମହିଳା ଖେଳାଳି ଅଛନ୍ତି। ଜଣେ ଖେଳାଳିଙ୍କୁ ରଖିବା ବାଧ୍ୟତାମୂଳକ ହୋଇଥିଲାବେଳେ ଏଲୋରା ଲାଇଟ୍‌ସ ସର୍ବାଧିକ ୩ଜଣ, ଅମ୍ବର ଆଭେଞ୍ଜର୍ସ ଓ ନାଳନ୍ଦା ନାଇଟ୍‌ସରେ ୨ଜଣ ଲେଖାଏଁ ମହିଳା ଖେଳାଳିଙ୍କୁ ସ୍ଥାନ ମିଳିଛି। ଦଳରେ ମୋଟ ୮ଜଣ ଖେଳାଳି ଥିଲାବେଳେ ୬ଜଣ ଖେଳାଳିଙ୍କୁ ଖେଳିବାର ସୁଯୋଗ ମିଳିବ।

ଜିଏମ୍ ଦୀପ୍ତାୟନ ଘୋଷଙ୍କ ଫିଡେ ରେଟିଂ ସର୍ବାଧିକ ୨୫୭୩ ଥିଲାବେଳେ ୪ଜଣ ଖେଳାଳିଙ୍କ ରେଟିଂ ୨୪୦୦ରୁ ଅଧିକ ରହିଛି। ସେମାନେ ହେଲେ ରବି ତେଜା, ଆରାଧ ଗର୍ଗ, ମୟଙ୍କ ଚୌଧୁରୀ ଓ ନୀତୀଶ ବେଲୁରକାର। ଓଡ଼ିଶାର ଖେଳାଳିଙ୍କ ମଧ୍ୟରେ ଆଇଏମ୍ ସିଦ୍ଧାନ୍ତ ମହାପାତ୍ର (ରେଟିଂ ୨୩୯୪- ରାଜଧାନୀ ଚ୍ୟାଲେଞ୍ଜର୍ସ), ଆଇଏମ୍ ସମ୍ବିତ ପଣ୍ଡା (ରେଟିଂ ୨୩୬୪- ମହାନଦୀ ଫାଲକନ୍ସ), ପ୍ରିଂଶ ଦାସ (ରେଟିଂ-୨୩୧୨) ଓ ଏଫ୍‌ଏମ୍ ସୌମ୍ୟରଞ୍ଜନ ମିଶ୍ର (ଅମ୍ବର ଆଭେଞ୍ଜର୍ସ), ରାଜ୍ୟ ମହିଳା ଚେସ୍ ଚାମ୍ପିଅନ ଯଶିତା ରାଉତ (କୋଣାର୍କ କିଙ୍ଗ୍‌ସ) ଓ ସିଏମ୍ ଅପରାଜିତତା ଗୋଛିକାର (ଅମ୍ବର ଆଭେଞ୍ଜର୍ସ) ରହିଛନ୍ତି। ଟୁର୍ଣ୍ଣାମେଣ୍ଟର ହାରାହାରି ରେଟିଂ ୧୭୭୧ ଥିଲାବେଳେ ଚୋଲା ଚାମ୍ପିଅନ୍ସର ଟିମ୍ ରେଟିଂ ସର୍ବାଧିକ ୨୨୭୦ ରହିଛି। ଟୁର୍ଣ୍ଣାମେଣ୍ଟରେ ଭାଗ ନେଇଥିବା ଖେଳାଳିଙ୍କ ହାରହାରି ବୟସ ୨୧ ରହିଛି। ଏହି ଟୁର୍ଣ୍ଣାମେଣ୍ଟ ଓଡ଼ିଶାର ପେସାଦାର ଚେସ୍‌ରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବ ବୋଲି ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ କହିଛନ୍ତି। ଭଞ୍ଜ ଟୁର୍ଣ୍ଣାମେଣ୍ଟର ନିର୍ଦ୍ଦେଶକ ମଧ୍ୟ ରହିଛନ୍ତି। ଆଇଏ ସୁରେଶ ଚନ୍ଦ୍ର ସାହୁ ଚିଫ୍ ଆର୍ବିଟର ଓ ଆଇଏ ତାପସ କୁମାର ମହାନ୍ତି ଡେପୁଟି ଚିଫ୍ ଆର୍ବିଟର ଭାବେ ଏହି ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବେ।




PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS